

ବରୁଣଙ୍କ ନାୟିକା ମେଧା

▶ପୃଷ୍ଠା ୧୧ ଦେଖନ୍ତୁ...


RNI REGD NO: 42041/83
www.sakalaepaper.com
/sakalanews
/sakalanews
www.thesakala.in

# ସକାଳ
THE SAKALA


PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

◆VOLUME- 43 ◆ISSUE-38 ◆FRIDAY ◆1 AUG 2025 ◆PAGE-12 ◆₹ 6.00 | BHUBANESWAR | ◆ବର୍ଷ-୪୩ ◆ସଂଖ୍ୟା-୩୮ ◆ଶୁକ୍ରବାର ◆୧ ଅଗଷ୍ଟ ୨୦୨୫ ◆ପୃଷ୍ଠା-୧୨ ◆ଟ.୬.୦୦


## ଏମ୍ସ ନର୍ସଙ୍କ ଘରେ ପଶି ଦୁଇ ପିଲାଙ୍କୁ ଜାଳିଦେଲେ

■ **ପାଟନା, ୩୧।୭ (ଏଜେନ୍ସି):** ଚଳିତ ବର୍ଷ ଶେଷ ଆଡ଼କୁ ରାଜ୍ୟ ବିଧାନସଭା ନିର୍ବାଚନ ହେବାକୁ ଯାଉଥିବା ବିହାରରେ ଅପରାଧୀଙ୍କ ଉତ୍ପାତ ବଢ଼ି ଚାଲିଛି। ରାଜଧାନୀ ପାଟନାରେ ଅପରାଧୀମାନେ ଯୋଜନାବଦ୍ଧ ଭାବେ ଗୋଟିଏ ପରେ ଗୋଟିଏ ହତ୍ୟାକାଣ୍ଡ ଘଟାଉଛନ୍ତି। ପାଟନାର ଜାନିପୁର ଥାନାର ନଗଓାଁ ଗାଁରେ ଦୁର୍ବୃତ୍ତମାନେ ଅଲ ଇଣ୍ଡିଆ ଇନ୍‌ଷ୍ଟିଚ୍ୟୁଟ ଅଫ୍ ମେଡିକାଲ ସାଇନ୍ସ (ଏମ୍ସ)ର ଜଣେ ନର୍ସଙ୍କ ଘରେ ପଶି ଦୁଇ ନୀରିହ ପିଲାଙ୍କୁ ଜିଅନ୍ତା ଜାଳି ଦେଇଛନ୍ତି। ନର୍ସ ଜଣକ ହେଉଛନ୍ତି ଜାନିପୁରରେ ରହୁଥିବା ଶୋଭା

ବିହାରରେ ପୁଣି ଆତଙ୍କ



ଦେବୀ ଓ ତାଙ୍କ ଦୁଇ ପିଲା ହେଲେ ସନ୍ତାନ ୧୪ ବର୍ଷୀୟା ଅଞ୍ଜଳି କୁମାରୀ ଓ ୧୨ ବର୍ଷୀୟ ଅଂଶ। ଦୁଇ ପିଲା ସ୍କୁଲରୁ ଘରକୁ ଫେରିବା ପରେ ଏହି ଘଟଣା ଘଟିଥିଲା। ବିଛଣା ଉପରେ ଦୁଇଜଣଙ୍କ ମୃତଦେହ ମିଳିଥିଲା। ଦିନ ଦ୍ୱିପହରେ କେହି ପିଲାଙ୍କୁ ହତ୍ୟା କରିଛନ୍ତି ବୋଲି ସେ କହିଛନ୍ତି। ନର୍ସଙ୍କ ସ୍ୱାମୀ ଲଲନ ଗୁପ୍ତା ନିର୍ବାଚନ କମିଶନ କାର୍ଯ୍ୟାଳୟରେ କିରାଣୀ ଭାବେ କାର୍ଯ୍ୟ କରନ୍ତି। ସୂଚନା ପାଇବା ପରେ ପୁଲିସ ଘଟଣାସ୍ଥଳରେ ପହଞ୍ଚି ତଦନ୍ତ ଆରମ୍ଭ କରିଛି। ଘଟଣାର ପ୍ରକୃତ କାରଣ ଏପର୍ଯ୍ୟନ୍ତ ଜଣାପଡ଼ିନାହିଁ।

## ଉପରିସ୍ଥ ଅଧିକାରୀଙ୍କୁ ପରିସ୍ରା ପିଆଇଲେ ପିଅନ

■ **ମୋହନା, ୩୧।୭ (ସମିସ):** ଯନ୍ତ୍ରୀଙ୍କୁ ପରିସ୍ରା ପିଆଇଲେ ପିଅନ। ଗଜପତି ଜିଲ୍ଲା ଆର୍.ଉଦୟଗିରି ଆରଡବ୍ଲୁଏସ୍ଏସ୍ କାର୍ଯ୍ୟାଳୟର ଯନ୍ତ୍ରୀ ସଚ୍ଚିନ ଗୌଡ଼ଙ୍କ ସହ ଏପରି ଅମାନବୀୟ ଘଟଣା ଘଟିଛି। ଏ ସଂପର୍କରେ ସେ ଆର୍.ଉଦୟଗିରି ଥାନାରେ ଅଭିଯୋଗ କରିଛନ୍ତି। ଥାନାରେ ସେ କରିଥିବା ଅଭିଯୋଗ ଅନୁସାରେ, ଗତ ୨୨ ତାରିଖ ଦିନ ଆର୍.ଉଦୟଗିରି ଆରଡବ୍ଲୁଏସ୍ଏସ୍ ଅଫିସ୍‌ରେ କାର୍ଯ୍ୟରେ ଯୋଗ ଦେଇଥିଲେ। ୨୩ ତାରିଖ ରାତିରେ ଅଫିସ୍‌ର ପିଅନ ଶିବ ନାରାୟଣ ନାୟକ ତାଙ୍କୁ ତାଙ୍କ ବାସଭବନରେ ଖାଇବାକୁ ଦେଇଥିଲେ। ଖାଇସାରିବା ପରେ ସେ ଆଣିଥିବା ଷ୍ଟିଲ୍ ବୋତଲରେ ଥିବା



ପାଣି ପିଇଥିଲେ ଯନ୍ତ୍ରୀ। ତେବେ ପିଇବା ପରେ ସେ ତାହା ପରିସ୍ରା ବୋଲି ଜାଣିବାକୁ ପାଇଥିଲେ। ସେ ନିଜେ ଏହାର ଲ୍ୟାବ୍ ଟେଷ୍ଟ ପାଇଁ ପଠାଇଥିଲେ। ପରୀକ୍ଷା ପରେ ଉକ୍ତ ପାଣିରେ ଆମୋନିଆ ଏବଂ ୟୁରିଆର ପରିମାଣ ଅଧିକ ଥିବା ଜଣାପଡ଼ିଥିଲା। ଏନେଇ ତଦନ୍ତ ପାଇଁ ଯନ୍ତ୍ରୀଜଣଙ୍କ ତାଙ୍କ ଉପରିସ୍ଥ ଅଧିକାରୀଙ୍କୁ ଜଣାଇଥିଲେ। କିନ୍ତୁ କୌଣସି ପଦକ୍ଷେପ ନ ନିଆଯିବାରୁ ଏ ସଂପର୍କରେ ସେ ଆର୍.ଉଦୟଗିରି ଥାନାରେ ଅଭିଯୋଗ କରିଛନ୍ତି। ଅପରପକ୍ଷେ, ପିଅନ ଶିବନାରାୟଣ ନାୟକ ତାଙ୍କ ଉପରେ ଆସିଥିବା ସମସ୍ତ ଅଭିଯୋଗକୁ ଖଣ୍ଡନ କରିଛନ୍ତି। ପୁଲିସ ଘଟଣାର ତଦନ୍ତ କରୁଛି।

**ଟ୍ରମ୍ପଙ୍କ କଟାକ୍ଷ**

# ରୁଷ ସହ ବୁଡ଼ିବ ଭାରତ

## ଭାରତ ଏକ ମୃତ ଅର୍ଥନୀତି

■ **ୱାଶିଂଟନ୍/ନୂଆଦିଲ୍ଲୀ, ୩୧।୭ (ଏଜେନ୍ସି):** ଶୁଳ୍କ ପ୍ରସଙ୍ଗରେ ଭାରତ ଓ ଆମେରିକା ମଧ୍ୟରେ ୫ଟି ପର୍ଯ୍ୟାୟ କଥାବାର୍ତ୍ତା ନିଷ୍ଫଳ ହୋଇଛି। ଭାରତ ଉପରେ ଆମେରିକୀୟ ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ୨୫% ଶୁଳ୍କ ଲଗାଇଛନ୍ତି ଓ ଆସନ୍ତାକାଲିଠାରୁ ଏହା କାର୍ଯ୍ୟକାରୀ ହେବ। ରୁଷ ସହ ଭାରତର ସମ୍ପର୍କ ଓ ରୁଷରୁ ଅଶୋଧିତ ତୈଳ କ୍ରୟ ଯୋଗୁଁ କ୍ରୋଧାନ୍ୱିତ ଟ୍ରମ୍ପ ଭାରତ ଉପରେ ରାଗ ଶୁଝାଇଛନ୍ତି। କେବଳ ସେତିକି ନୁହେଁ, ଭାରତର ପାରମ୍ପରିକ ଶତ୍ରୁ ପାକିସ୍ତାନକୁ ପ୍ରୋତ୍ସାହିତ କରିବା ପରି ପଦକ୍ଷେପ ନେଉଛନ୍ତି। ଯାହାଫଳରେ ଭାରତର ଅର୍ଥନୀତି ଗଭୀର ପ୍ରଭାବିତ ହେବାର ଆଶଙ୍କା ସୃଷ୍ଟି ହୋଇଛି। ଟ୍ରମ୍ପଙ୍କ ଘୋଷଣା ପରେ ଟଙ୍କା ମୂଲ୍ୟ୦.୨% ହ୍ରାସ ପାଇଛି ଓ ଆଜି ଡଲାର ସହ ଟଙ୍କାର ବିନିମୟ ମୂଲ୍ୟ ୮୭.୫୮ ଟଙ୍କାରେ ପହଞ୍ଚିଛି। ଡଲାର ତୁଳନା ।।ରେ ଟଙ୍କାର ବିନିମୟ ମୂଲ୍ୟ ୯୦ ଟଙ୍କାକୁ ଖସିଯାଇପାରେ ବୋଲି ଭାରତୀୟ ଅର୍ଥଶାସ୍ତ୍ରୀମାନେ ଆକଳନ କରୁଛନ୍ତି।

**୯୦ ଟଙ୍କା ପର୍ଯ୍ୟନ୍ତ ଖସିବ ଟଙ୍କାମୂଲ୍ୟ**



ବିଡ଼ମ୍ବନା ହେଉଛି ଯେ ଯେତେବେଳେ ଆମେରିକୀୟ ବ୍ୟବସାୟିକ ପ୍ରତିନିଧିଦଳ ଭାରତ ଗସ୍ତରେ ଦ୍ୱିପାକ୍ଷିକ ବାଣିଜ୍ୟ ସଂକ୍ରାନ୍ତରେ ଆଲୋଚନା କରୁଛନ୍ତି, ଠିକ୍ ସେହି ସମୟରେ ଟ୍ରମ୍ପ ଭାରତ ଉପରେ ଟିକସ ଲଗାଇଛନ୍ତି। ଗତ ମାର୍ଚ୍ଚ ମାସରୁ ଦୁଇ ଦେଶ ପାରସ୍ପରିକ ବ୍ୟବସାୟିକ ସହଯୋଗ ସଂକ୍ରାନ୍ତରେ ଆଲୋଚନା କରି ଆସିଛନ୍ତି। ଦୁଇ ଦେଶ ମଧ୍ୟରେ ସମ୍ପ୍ରତି ୧୯୧ ଆରବ ଡଲାର ▶ପୃଷ୍ଠା-୭

### ପ୍ରଭାବିତ ହେବ ଓଡ଼ିଶା

ଟ୍ରମ୍ପଙ୍କ ଶୁଳ୍କ ବୃଦ୍ଧି ଯୋଗୁଁ ଦେଶର ଅର୍ଥନୀତି ସହ ଓଡ଼ିଶାର ଅର୍ଥନୀତି ମଧ୍ୟ ଗଭୀର ପ୍ରଭାବିତ ହେବ ବୋଲି ଆଶଙ୍କା ପ୍ରକାଶ ପାଇଛି। ଓଡ଼ିଶାରୁ ବିପୁଳ ପରିମାଣର ସାମୁଦ୍ରିକ ଖାଦ୍ୟ ଆମେରିକାକୁ ରପ୍ତାନୀ ହୋଇଥାଏ। ଏକ ଆକଳନ ଯୋଗୁଁ ସାରା ଦେଶରୁ ଗତ ଆର୍ଥିକ ବର୍ଷରେ ୪.୮୮ ବିଲିଅନ ଡ଼ଲାରର ସାମୁଦ୍ରିକ ଖାଦ୍ୟ ବିଦେଶକୁ ରପ୍ତାନୀ ହୋଇଛି ଏବଂ ଏହାର ସିଂହଭାଗ ଆମେରିକା ଓ ଚୀନକୁ ପଠାଯାଇଛି। ମୋଟ ସାମୁଦ୍ରିକ ଖାଦ୍ୟର ୬୬% ଚିଙ୍ଗୁଡ଼ି ଭାରତରୁ ରପ୍ତାନୀ କରାଯାଇଛି। ସାରା ଦେଶରୁ ଆମେରିକାକୁ ରପ୍ତାନୀ ହୋଇଥିବା ଚିଙ୍ଗୁଡ଼ିର ପ୍ରାୟ ୩୦% ଓଡ଼ିଶାରୁ ପଠାଯାଇଛି। ତେଣୁ ଆମେରିକାର ଶୁଳ୍କ ଯୋଗୁଁ ଓଡ଼ିଶାରୁ ଚିଙ୍ଗୁଡ଼ି ରପ୍ତାନୀ ବାଧାପ୍ରାପ୍ତ ହୋଇପାରେ ବୋଲି କୁହାଯାଉଛି।

### କ୍ଷତି ସହିବେ ରପ୍ତାନୀକାରୀ

ଟ୍ରମ୍ପଙ୍କ ଶୁଳ୍କ ଛାଟ ଯାଗୁଁ ଭାରତରୁ ରପ୍ତାନୀ ହେଉଥିବା ଇସ୍ପାତ, ଅଟୋ ଯନ୍ତ୍ରାଂଶ, ଇଲେକଟ୍ରୋନିକ୍ସ ସାମଗ୍ରୀ, ଔଷଧ ଏବଂ ବୟନ ଶିଳ୍ପ ଭଳି କ୍ଷେତ୍ର ପ୍ରଭାବିତ ହେବେ। ବଜାର ବିଶେଷଜ୍ଞ ଅଜୟ ବାଗା କହିଛନ୍ତି, ଟ୍ରମ୍ପ ଶୁଳ୍କ ଭାରତୀୟ ବଜାରରେ ଅସ୍ଥିରତା ବୃଦ୍ଧି କରିବ ଓ ନିବେଶକଙ୍କ ବିଶ୍ୱାସକୁ ଦୁର୍ବଳ କରିପାରେ। ଆମେରିକୀୟ ବଜାର ଉପରେ ନିର୍ଭରଶୀଳ ଭାରତୀୟ ଅଟୋ, ବୟନ, ଫାର୍ମା ଏବଂ ଇସ୍ପାତ କ୍ଷେତ୍ରର କମ୍ପାନୀ କ୍ଷତିଗ୍ରସ୍ତ ହେବେ।

### ୬ ଭାରତୀୟ କମ୍ପାନୀ ଉପରେ କଟକଣା

■ **ନୂଆଦିଲ୍ଲୀ, ୩୧।୭ (ଏଜେନ୍ସି):** ଇରାନ ସହ ପେଟ୍ରୋକେମିକାଲ୍ ଉତ୍ପାଦ ବ୍ୟବସାୟରେ ଜଡ଼ିତ ୬ ଭାରତୀୟ କମ୍ପାନୀ ଆଲକେମିକାଲ୍ ସଲ୍ୟୁସନ୍ସ ପ୍ରାଇଭେଟ୍ ଲିମିଟେଡ୍, ଗ୍ଲୋବାଲ୍ ଇଣ୍ଡଷ୍ଟ୍ରିଆଲ୍ କେମିକାଲ୍ସ ଲିମିଟେଡ, ଜୁପିଟର୍ ଡାଏ କେମ ପ୍ରାଇଭେଟ୍ ଲିମିଟେଡ୍, ରମଣୀକଲାଲ୍ ଏସ୍ ଗୋସାଲିଆ ଆଣ୍ଡ କୋ, ପର୍ସିଷ୍ଟେଣ୍ଟ୍ ପେଟ୍ରୋକେମ ପ୍ରାଇଭେଟ୍ ଲିମିଟେଡ୍ ଏବଂ କାଞ୍ଚନ ପଲିମର୍ସ। ଉପରେ କଟକଣା ଲଗାଇଛି ଆମେରିକା। ଭାରତୀୟ କମ୍ପାନୀଗୁଡ଼ିକ ଇରାନ ପେଟ୍ରୋଲିୟମ୍ ଉତ୍ପାଦ କ୍ରୟ ଏବଂ ବିପଣନ ପାଇଁ ଜାଣିଶୁଣି କାରବାର ବୃଦ୍ଧି କରିଥିବା ଅଭିଯୋଗରେ ଏହି କଟକଣା ଜାରି କରାଯାଇଛି।

### ଦିନକ ପରେ ଟ୍ରିବ୍ୟୁନାଲରେ ମହାନଦୀ ଶୁଣାଣି

# ସରକାରଙ୍କ ଆଭିମୁଖ୍ୟକୁ ନେଇ ସଂଶୟ

■ **ଭୁବନେଶ୍ୱର, ୩୧।୭ (ସମିସ):** ଆସନ୍ତା ଶନିବାର ହେବ ମହାନଦୀ ଜଳବିବାଦ ଟ୍ରିବ୍ୟୁନାଲରେ ୪୪ତମ ଶୁଣାଣି। ଏହି ଶୁଣାଣି ସମୟରେ ଓଡ଼ିଶାର ଆଭିମୁଖ୍ୟ କଣ ରହିବ, ତାହା ଜାଣିବା ପାଇଁ ବିଶେଷଜ୍ଞଙ୍କଠାରୁ ଆରମ୍ଭ କରି ସାଧାରଣ ଜନତା ପର୍ଯ୍ୟନ୍ତ ସମସ୍ତେ ଉଦ୍‌ବିଗ୍ନ। ଗତ ଶୁଣାଣି ସମୟରେ ଆଡଭୋକେଟ ଜେନେରାଲ ପୀତାମ୍ବର ଆଚାର୍ଯ୍ୟ ବିବାଦର ସମାଧାନ ପାଇଁ ଦୁଇରାଜ୍ୟ ମଧ୍ୟରେ ଆପୋସ ଆଲୋଚନା ଜାରି ରହିଥିବା ଟ୍ରିବ୍ୟୁନାଲ ଅଧ୍ୟକ୍ଷଙ୍କୁ ଜଣାଇଥିଲେ। ଏଥିପାଇଁ ଶ୍ରୀ ଆଚାର୍ଯ୍ୟ ଅଧିକ ସମୟ ମାଗିଥିଲେ ଓ ଟ୍ରିବ୍ୟୁନାଲ ପରବର୍ତ୍ତୀ ଶୁଣାଣି ତାରିଖ ଅଗଷ୍ଟ ୨ ତାରିଖକୁ ଧାର୍ଯ୍ୟ କରିଥିଲେ। ଶୁଣାଣି ପାଇଁ ରାଜ୍ୟ ସରକାରଙ୍କ ହାତରେ ଦିନଟିଏ ଥିବାବେଳେ ଉଭୟ

▶▶ **ଆଇନଗତ ଲଢ଼େଇ ସମ୍ପର୍କରେ ନିରବ**

▶▶ **ବୁଝାମଣା ସ୍ୱରୂପ ସ୍ପଷ୍ଟ କରିବାକୁ ଦାବି**

ରାଜ୍ୟ ମଧ୍ୟରେ ବିବାଦର ସମାଧାନ ପାଇଁ କେଉଁ ପ୍ରକାର ଆଲୋଚନା ହୋଇଛି, ସେ ସମ୍ପର୍କରେ ସରକାର ନିରବ। କିଛିଦିନ ତଳେ ବିରୋଧୀ ଦଳ ନେତା ନବୀନ ପଟ୍ଟନାୟକ ଏ ସଂକ୍ରାନ୍ତରେ କ୍ଷୋଭ ପ୍ରକାଶ କରିବା ସହ ଦୁଇ ରାଜ୍ୟ ମଧ୍ୟରେ ଆପୋସ ଆଲୋଚନା କଣ ହୋଇଛି ଏବଂ ଓଡ଼ିଶା ଆଇନଗତ ଲଢ଼େଇରୁ ଓହରି ଯିବ ନା ଜାରି ରଖିବ ସେନେଇ ସ୍ପଷ୍ଟୀକରଣ ଲୋଡ଼ିଥିଲେ ହେଁ ସରକାର ଏ ସମ୍ପର୍କରେ ତୁଣ୍ଡ ଖୋଲି ନାହାନ୍ତି। ଏହି ସମୟରେ ଦିନକ ପରେ ▶ପୃଷ୍ଠା-୭

# ‘ଉତ୍କଳ’କୁ ସଂକଟ ସଂଗତୀକରଣ

## କମିବ ୧୭ ପ୍ରାଧ୍ୟାପକ ଓ ୨୪ ସହଯୋଗୀ ପ୍ରାଧ୍ୟାପକ ପଦ

■ **ଭୁବନେଶ୍ୱର, ୩୧।୭ (ସମିସ):** ଶ୍ରୀ ହରାଇବ ରାଜ୍ୟର ପ୍ରଥମ ତଥା ସର୍ବପୁରାତନ ବିଶ୍ୱବିଦ୍ୟାଳୟ ‘ଉତ୍କଳ’। ଶୈକ୍ଷିକ ପ୍ରକ୍ରିୟା ଗୁରୁତର ପ୍ରଭାବିତ ହେବ। ଏପରିକି, ଗବେଷଣା ମଧ୍ୟ ବାଟବଣା ହେବାର ଆଶଙ୍କା ପାଇଛି। କାରଣ ଅଧାରୁ ଅଧିକ ଅଧ୍ୟାପକ ପଦ ଖାଲି ପଡ଼ିଥିବା ବେଳେ ସଂଗତୀକରଣ (ରେସନାଲାଇଜେସନ୍) ନାମରେ ଆହୁରି ପ୍ରାଧ୍ୟାପକ ଓ ସହଯୋଗୀ ପ୍ରାଧ୍ୟାପକ ପଦ ହରାଇବାକୁ ଯାଉଛି ଏହି ଐତିହ୍ୟସଂପନ୍ନ



**ଖାଲିପଡ଼ିଛି ଅର୍ଦ୍ଧାଧିକ ଅଧ୍ୟାପକ ପଦ**

**ବାଧାପ୍ରାପ୍ତ ହେବ ଗୁଣାତ୍ମକ ଶିକ୍ଷା**

ବିଶ୍ୱବିଦ୍ୟାଳୟ। ୧୭ଟି ପ୍ରାଧ୍ୟାପକ ସମେତ ୨୪ଟି ସହଯୋଗୀ ପ୍ରାଧ୍ୟାପକ ପଦ କାଟିବାକୁ ଷଡ଼୍‌ଯନ୍ତ୍ର ହେଉଥିବା ଅଭିଯୋଗ ହୋଇଛି।

ବିଶ୍ୱବିଦ୍ୟାଳୟଗୁଡ଼ିକରେ ସ୍କୁଲ ବ୍ୟବସ୍ଥା ଲାଗୁ କରିବା ପାଇଁ ଉଚ୍ଚଶିକ୍ଷା ବିଭାଗ ପକ୍ଷରୁ ବିଜ୍ଞପ୍ତି ପ୍ରକାଶ ପାଇଛି। ଏହାଦ୍ୱାରା ସବୁ ବିଶ୍ୱବିଦ୍ୟାଳୟରୁ କିଛି ପଦ ଉଚ୍ଛେଦ କରି ଅନ୍ୟ ବିଶ୍ୱବିଦ୍ୟାଳୟରେ ପୂରଣ କରାଯିବ। ଏଥିପାଇଁ ଉଚ୍ଚଶିକ୍ଷା ପରିଷଦ ୪ଜଣ କୁଳପତିଙ୍କୁ ନେଇ ଏକ କମିଟି ▶ପୃଷ୍ଠା-୭

**ସୁନ୍ଦରଗଡ଼ରେ ଲଜ୍ଜା!**

## ଚଉଦ ଦିନ ଧରି ନାବାଳିକାକୁ ଦୁଷ୍କର୍ମ

■ **ରାଉରକେଲା, ୩୧।୭ (ସମିସ):** ସୁନ୍ଦରଗଡ଼ ଜିଲ୍ଲା ଅଧୀନ ତଳସରା ଥାନା ଅଞ୍ଚଳରେ ଜଣେ ୧୭ବର୍ଷୀୟା ନାବାଳିକାକୁ ତାର ପୁରୁଷ ବନ୍ଧୁ ଏକ ବନ୍ଦ କୋଠରୀରେ ଦୀର୍ଘ ୧୪ ଦିନ ଧରି ଦୁଷ୍କର୍ମ କରିଥିବା ଅଭିଯୋଗ ହୋଇଛି। ପୁଲିସ୍ ପୀଡ଼ିତାକୁ ଉଦ୍ଧାର କରିବା ସହ ତାର ପୁରୁଷ ବନ୍ଧୁକୁ ଧରି ଥାନାରେ ଅଟକ ରଖି ପଚରାଉଚରା କରୁଛି।



ସୂଚନା ମୁତାବକ, ଗତ ୧୬ ତାରିଖରେ ସମ୍ପୃକ୍ତ ନାବାଳିକାକୁ ତାର ପୁରୁଷବନ୍ଧୁ ବୁଲିବାକୁ କହି ଡାକି ନେଇଥିଲା। ତଳସରା ସୀମାନ୍ତବର୍ତ୍ତୀ ଏକ ଭଡ଼ା ଘରେ ସେ ନାବାଳିକାକୁ ରଖି ଦୁଷ୍କର୍ମ କରିଥିଲା। ଦିନେ କି ଦୁଇ ଦିନ ନୁହେଁ, ଦୀର୍ଘ ୧୪ ଦିନ ରଖି ଦୁଷ୍କର୍ମ କରିଚାଲିଥିଲା। ସେପଟେ ନାବାଳିକା ଘରକୁ ନଫେରିବାରୁ ପରିବାରଲୋକେ ଚାରିଆଡ଼େ ଖୋଜାଖୋଜି କରିଥିଲେ। ନାବାଳିକାର ମୋବାଇଲ ଫୋନ ବନ୍ଦ ଥିବାରୁ ପରିବାର ଲୋକ ତା’ ବିଷୟରେ କିଛି ଜାଣିପାରି ନଥିଲେ। ପରେ ୨୦ ତାରିଖରେ ପରିବାର ପକ୍ଷରୁ ତଳସରା ଥାନାରେ ଝିଅ ନିଖୋଜ ହୋଇଥିବା ନେଇ ରିପୋର୍ଟ ଦିଆଯିବା ପରେ ପୁଲିସ ତନାଘନା ଆରମ୍ଭ କରିଥିଲା।

ବୁଧବାର ସୁନ୍ଦରଗଡ଼ ସଦର ଏସ୍‌ଡିପିଓ ନିର୍ମଳ କୁମାର ମହାପାତ୍ରଙ୍କ ତତ୍ତ୍ୱାବଧାନରେ ତଳସରା ଥାନା ପୁଲିସ ଖବର ପାଇ ବନ୍ଦ ଘରୁ ନାବାଳିରାକୁ ଉଦ୍ଧାର କରିବା ସହ ଅଭିଯୁକ୍ତ ପୁରୁଷ ବନ୍ଧୁକୁ ଗିରଫ କରିଥିଲା। ଗୁରୁବାର ଉଭୟଙ୍କ ଡାକ୍ତରୀମାଇନା କରାଯାଇଥିବା ବେଳେ ଆସନ୍ତାକାଲି ଅଭିଯୁକ୍ତକୁ କୋର୍ଟଚାଲାଣ କରାଯିବ ବୋଲି ସୂଚନା ମିଳିଛି। ଏନେଇ ପୁଲିସ ଏକ ମାମଲା ରୁଜୁ କରି ଘଟଣାର ତଦନ୍ତ ଚଳାଇଛି।

# ଟ୍ୱିନ୍ ସିଟିରୁ କୋଟିଏ ଟଙ୍କାର କଫ୍ ସିରପ୍ ଜବତ

■ **ଭୁବନେଶ୍ୱର/କଟକ, ୩୧।୭ (ସମିସ):** ଟ୍ୱିନ୍ ସିଟିରେ ବେଆଇନ୍ ଭାବେ ବିକ୍ରି କରାଯାଉଥିବା ବିପୁଳ ପରିମାଣର କଫ୍ ସିରପ୍‌କୁ ଜବତ କରିଛି ଏସ୍‌ଟିଏଫ ଏବଂ ଡ୍ରଗ୍ସ କଣ୍ଟ୍ରୋଲ ବିଭାଗ। କଟକ ବାଦାମବାଡ଼ି ନିୟୁ ଏଲ୍ଆଇସି କଲୋନୀରୁ ଟ୍ରାକନ୍ କୋରିୟର ସଂସ୍ଥାରେ ଚାଲିଥିଲା ଏହି କାରବାର। ଖବର ପାଇ ଏସ୍‌ଟିଏଫ ଏବଂ ଡ୍ରଗ୍ସ କଣ୍ଟ୍ରୋଲ ବିଭାଗ ଚଢ଼ଉ କରି ପ୍ରାୟ କୋଟିଏ ଟଙ୍କା ମୂଲ୍ୟର ୫୬ ପେଟିରୁ ଅଧିକ କଫ୍ ସିରପ୍ ଜବତ କରିଛି। ଏହି ବେଆଇନ୍ କାରବାର କରୁଥିବା ସଂସ୍ଥାର ୪ଜଣ କର୍ମଚାରୀ ଏବଂ ମାଲିକଙ୍କୁ ଏସ୍‌ଟିଏଫ ପଚରାଉଚରା କରୁଛି।

ସୂଚନା ଅନୁସାରେ, ଏହି ଟ୍ରାକନ କୋରିୟର ସଂସ୍ଥା ବେଆଇନ୍ ଭାବେ କଫ୍ ସିରପ୍ ଆଣି ବିଭିନ୍ନ ଜିଲ୍ଲାକୁ କୋରିୟର ମାଧ୍ୟମରେ



**ଏକାଧିକ ସ୍ଥାନରେ ଚଢ଼ଉ କରିଥିଲା ଏସ୍‌ଟିଏଫ, ଡ୍ରଗ୍ସ କଣ୍ଟ୍ରୋଲ୍ ବିଭାଗ**

**କୋରିୟର ସଂସ୍ଥାର ୪ଜଣ କର୍ମଚାରୀ ଅଟକ, ଚାଲିଛି ପଚରାଉଚରା**


ପଠାଉଥିଲା। ବିଶେଷକରି ପଶ୍ଚିମ ଓଡ଼ିଶାକୁ କୋରିୟର ମାଧ୍ୟମରେ ଏହି କଫ୍‌ସିରପ୍ ଚାଲାଣ କରାଯାଉଥିବା ଏସ୍‌ଟିଏଫ୍‌କୁ ସୂଚନା ମିଳିଥିଲା। ଖବର ପାଇବା ପରେ ଆଜି ଅପରାହ୍ନରେ ଏସ୍‌ଟିଏଫ ଏବଂ ଡ୍ରଗ୍ସ କଣ୍ଟ୍ରୋଲ ବିଭାଗ ଅଧିକାରୀ ମିଳିତ ଭାବେ ଚଢ଼ଉ କରିଥିଲେ। ଏହି ଲିଙ୍କ୍‌ରେ ମଧ୍ୟ ଭୁବନେଶ୍ୱରର ଏକାଧିକ ସ୍ଥାନରେ ଚଢ଼ଉ କରାଯାଇଥିଲା। ରାଜଧାନୀର ବରମୁଣ୍ଡା ଏବଂ ଅନ୍ୟ ୨ଟି ସ୍ଥାନରେ ଚଢ଼ଉ କରାଯାଇଥିବାର ସୂଚନା ମିଳିଛି।

ଏସ୍‌ଟିଏଫ ପକ୍ଷରୁ ମିଳିଥିବା ସୂଚନା ଅନୁସାରେ, ଟ୍ୱିନ୍ ସିଟିରୁ ଟ୍ରେନ୍ ଏବଂ କୋରିୟର ମାଧ୍ୟମରେ କଫ୍ ସିରପ୍ ଚାଲାଣ କରାଯାଉଛି। ଏବେ ସେଠାରୁ ଟ୍ୱିନ୍ ସିଟିକୁ ଗଞ୍ଜେଇ ଚାଲାଣ କରାଯାଉଛି। ତେଣୁ ଏହା ଉପରେ ରୋକ ଲଗାଇବା ପାଇଁ ଅଭିଯାନ ଆରମ୍ଭ କରାଯାଉଛି। ଶସ୍ତାରେ କଫ୍ ସିରପ୍ ମିଳୁଥିବାରୁ ଏହାକୁ ଏକାଧିକ ବ୍ୟକ୍ତି କିଣି ନେଇ ▶ପୃଷ୍ଠା-୭

**ପୁରୀ ରଥଯାତ୍ରା ଦଳାଚକଟା ଘଟଣା**

## ମୁଖ୍ୟମନ୍ତ୍ରୀଙ୍କୁ ତଦନ୍ତ ରିପୋର୍ଟ ଦେଲେ ଉନ୍ନୟନ କମିସନର

■ **ଭୁବନେଶ୍ୱର, ୩୧।୭ (ସମିସ):** ରଥଯାତ୍ରା ସମୟରେ ପୁରୀ ଶରଧାବାଲିରେ ଦଳାଚକଟା ଘଟଣାରେ ଗୁରୁବାର ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀଙ୍କୁ ତଦନ୍ତ ରିପୋର୍ଟ ପ୍ରଦାନ କରିଛନ୍ତି ଉନ୍ନୟନ କମିସନର ଅନୁ ଗର୍ଗ। ଲୋକସେବା ଭବନରେ ମୁଖ୍ୟମନ୍ତ୍ରୀଙ୍କୁ ଭେଟି ସେ ଏହି ରିପୋର୍ଟ ଦାଖଲ କରିଛନ୍ତି। ତଦନ୍ତ ରିପୋର୍ଟ ମିଳିଥିବା ବେଳେ ଏହା ଉପରେ ସରକାର କ’ଣ କାର୍ଯ୍ୟାନୁଷ୍ଠାନ ନେବେ ସେନେଇ ସାଧାରଣରେ ଉତ୍କଣ୍ଠା ପ୍ରକାଶ ପାଇଛି। ସୂଚନାଯୋଗ୍ୟ ଯେ ଗତ



ଜୁନ ୨୯ ତାରିଖ ଭୋର ଶ୍ରୀଗୁଣ୍ଡିଚା ମନ୍ଦିର ସମ୍ମୁଖ ଶରଧାବାଲିରେ ଦଳାଚକଟା ହୋଇଥିଲା। ଏହି ଅପ୍ରୀତିକର ଘଟଣାରେ ମୋଟ ୩ ଜଣ ଶ୍ରଦ୍ଧାଳୁଙ୍କର ▶ପୃଷ୍ଠା-୭

**ସରକାର ଉଦାସୀନ; ଚାଷୀ ହନ୍ତସନ୍ତ**

# ଆଖୁ ଚାଷର ଆଖି ବନ୍ଦ

■ **ଭୁବନେଶ୍ୱର, ୩୧।୭ (ସମିସ):** ରାଜ୍ୟରେ ଚିନି, ଗୁଡ଼ ଓ ଆଖୁ ଉତ୍ପାଦର ଆବଶ୍ୟକତା ପ୍ରତିବର୍ଷ ବଢ଼ୁଛି; ମାତ୍ର ଆଖୁ ଚାଷ ପ୍ରତିବର୍ଷ କମି କମି ଚାଲିଛି। ଗୋଟିଏପଟେ ଚିନିର ଆବଶ୍ୟକତା ବୃଦ୍ଧି ପାଉଥିବାବେଳେ ଆଖୁ ଚାଷ କମିବା ଯୋଗୁଁ ଅନ୍ୟ ରାଜ୍ୟ ଉପରେ ଓଡ଼ିଶା ଅଧିକ ନିର୍ଭରଶୀଳ ହେଉଛି। ରାଜ୍ୟରେ ଆଖୁ ଚାଷ ହ୍ରାସ ହେବା ସହ ଚିନି କଳ ବନ୍ଦ ହେବାରେ ଲାଗିଛି ଓ ଆଖୁ ଚାଷୀଙ୍କ ଆର୍ଥିକ ସ୍ଥିତି ଖରାପ ହେବାରେ ଲାଗିଛି। ଏ ସମ୍ପର୍କରେ ରାଜ୍ୟସ୍ତରୀୟ କମିଟି, ବିଧାନସଭାରେ କୃଷି ବିଭାଗ ଷ୍ଟାଣ୍ଡିଂ କମିଟି ବିଭିନ୍ନ ସମୟରେ ଦେଇଥିବା ରିପୋର୍ଟକୁ କାର୍ଯ୍ୟକାରୀ କରାଯାଉ ନାହିଁ କିମ୍ବା ଆଖୁ ଚାଷକୁ ପ୍ରୋତ୍ସାହିତ କରିବା ପରି କାର୍ଯ୍ୟକ୍ରମ ହାତକୁ ନିଆଯାଉ



**କ୍ରମାଗତ ଭାବେ କମୁଛି ଉତ୍ପାଦନ**

**ବନ୍ଦ ହେବାରେ ଲାଗିଛି ଚିନି କଳ**

ନାହିଁ। ମାତ୍ର ସରକାର ଆଖୁ ଚାଷ ପ୍ରତି ଆଖି ବୁଜି ଦେଇଛନ୍ତି। ବିଜେପି ସରକାର କୃଷି କ୍ଷେତ୍ରକୁ ପ୍ରୋତ୍ସାହନ ଦେଉଥିବା ଡିଣ୍ଡିମ ପିଟୁଥିଲେ ବି ବର୍ତ୍ତମାନ ସୁଦ୍ଧା ରାଜ୍ୟରେ କୌଣସି ଚାଷରେ ସଂସ୍କାର ଆସିପାରୁନାହିଁ।

ପରିସଂଖ୍ୟାନ ଅନୁସାରେ ଓଡ଼ିଶାରେ ଚିନିର ଆବଶ୍ୟକତା ବାର୍ଷିକ ପ୍ରାୟ ୪ଲକ୍ଷ ଟନ୍। ମାତ୍ର ରାଜ୍ୟରେ ଗୋଟିଏ ପରେ ଗୋଟିଏ ଚିନିକଳ ବନ୍ଦ ହେବାରେ ଲାଗିଛି। ଏହାଦ୍ୱାରା ଆମକୁ ବାହାର ରାଜ୍ୟରେ ଉତ୍ପାଦିତ ଚିନି ଉପରେ ନିର୍ଭରଶୀଳ ହେବାକୁ ପଡୁଛି। ବର୍ତ୍ତମାନ ସମୟରେ ଆସିକା ଚିନି କଳ ଦୟନୀୟ ସ୍ଥିତିରେ ଚାଲୁଥିବା ବେଳେ ନୟାଗଡ, ବଡମ୍ବା, ବରଗଡ, ବଲାଙ୍ଗିରର ତୋରା ଆଦି ଚିନି କାରଖାନା ▶ପୃଷ୍ଠା-୭

## ହାତୀ ଆକ୍ରମଣରେ ୩ ମୃତ

■ **ଢେଙ୍କାନାଳ, ୩୧।୭ (ସମିସ):** ଢେଙ୍କାନାଳ ବନଖଣ୍ଡ ହିନ୍ଦୋଳ ବନାଞ୍ଚଳ ରାସୋଳ ସେକ୍ସନ୍ ଅନ୍ତର୍ଗତ ବାଘଧରିଆ ଗ୍ରାମରେ ଆଜି ଏକ ହାତୀ ଆକ୍ରମଣରେ ୩ ଜଣଙ୍କ ମୃତ୍ୟୁ ଘଟିଛି। ମୃତକମାନେ ହେଲେ, ଗ୍ରାମର ଶଶି ସାହୁ (୬୪), କରୁଣାକର ଦେହୁରୀ (୬୬) ଓ ଝୁଲଣ ଦେହୁରୀ (୫୪)। ଆଜି ସକାଳେ ଶଶି ଗାଁ ପୋଖରୀକୁ ଶୌଚ ପାଇଁ ଯାଇଥିବା ବେଳେ ୩ ଟିକିଆ ହାତୀପଲ ମଧ୍ୟରୁ ଗୋଟିଏ ଦନ୍ତାହାତୀ ଆସି ତାଙ୍କୁ ଆକ୍ରମଣ କରିଥିଲା। ଏଥିରେ ସେ ଗୁରୁତର ଆହତ ହୋଇଥିଲେ। ତାଙ୍କୁ ହିନ୍ଦୋଳ ମେଡିକାଲରେ ଭର୍ତ୍ତି କରାଯାଇଥିଲେ ମଧ୍ୟ ସେଠାରେ ତାଙ୍କର ମୃତ୍ୟୁ ଘଟିଥିଲା। ସେହିପରି, କରୁଣାକର ଦେହୁରୀ ହାତୀପଲକୁ ଦେଖି ଗାଁ ଆଡ଼କୁ ଦୌଡ଼ି ପଳାଉଥିବା ▶ପୃଷ୍ଠା-୭

**ଶବ ରଖି ପୁରୁଣା କଟକ-ସମ୍ବଲପୁର ରାସ୍ତା ଅବରୋଧ**

**କାର୍ଯ୍ୟରେ ଅବହେଳା ପାଇଁ ୩ ନିଲମ୍ବିତ**

## ରୁଷ୍‌ରେ କ୍ରମାଗତ ଦ୍ୱିତୀୟ ଦିନରେ ମଧ୍ୟ ଭୂକମ୍ପନ

ଭ୍ଲାଡିଭୋଷ୍ଟିକ୍, ୩୧।୭(ଏଜେନ୍ସି): ରୁଷିଆରେ କ୍ରମାଗତ ଦ୍ୱିତୀୟ ଦିନ ପାଇଁ ମଧ୍ୟ ଭୂକମ୍ପ ଆସିଛି। ରୁଷିଆର ପୂର୍ବାଞ୍ଚଳରେ ଥିବା କୁରିଲ ଦୀପରେ ଗୁରବାର ସକାଳେ ଆସିଥିବା ଭୂକମ୍ପର ତୀବ୍ରତା ୬.୫ ଥିଲା। ନ୍ୟାସନାଲ ସେଣ୍ଟର ଫର ସିସ୍‌ମୋଲୋଜି (ଏନ୍‌ସିଏସ୍) ମୁତାବକ ଏହି ଭୂକମ୍ପ ଭାରତୀୟ ସମୟ ଅନୁସାରେ ସକାଳ ୧୦.୫୭ରେ ଆସିଥିଲା ଓ ଏହାର ଗଭୀରତା ୧୦ କିମି ଥିଲା। ପୂର୍ବରୁ ବୁଧବାର କୁରିଲ ଦୀପ ନିକଟସ୍ଥ ସମୁଦ୍ରରେ ୮.୮ ତୀବ୍ରତାର ଭୂକମ୍ପ ଆସିଥିଲା। ଏହାକୁ ବିଶ୍ୱର ଷଷ୍ଠ ସର୍ବବୃହତ ଭୂକମ୍ପ ଥିଲା। କିନ୍ତୁ ଏଥରେ ଏପର୍ଯ୍ୟନ୍ତ ମୃତାହତର କୌଣସି ଖବର ଆସିନାହିଁ। ଏହି ଭୂକମ୍ପ ପରେ ରୁଷ, ଜାପାନ, ଚୀନ୍ ସମେତ ଏପରି ଆମେରିକା ପର୍ଯ୍ୟନ୍ତ ସୁନାମୀର ଲହଡି ପହଞ୍ଚିଥିଲା। ରୁଷରେ ଏହି ସୁନାମୀର ଉଚ୍ଚତା ୪ ମି ଥିବା ବେଳେ ଆମେରିକାରେ ଏହା ୧ ମି ଉଚ୍ଚତା ବିଶିଷ୍ଟ ଥିଲା। କୁରିଲରେ ଗତକାଲି ମଧ୍ୟ ୬.୩ ତୀବ୍ରତା ବିଶିଷ୍ଟ ଭୂକମ୍ପର ଝଟ୍‌କା ଅନୁଭୂତ ହୋଇଥିଲା। ଏହାକୁ ବାଦ୍ ଦେଲେ କାମଚଟକାରେ ମଧ୍ୟ ଭୂକମ୍ପ ପରେ ଆଗ୍ନେୟଗିରିରେ ବିସ୍ଫୋରଣ ହୋଇଥିଲା। ୮.୮ ତୀବ୍ରତା ବିଶିଷ୍ଟ ଭୂକମ୍ପ ଆସିବା ପରେ ଗତ ୧୬ ଘଣ୍ଟା ମଧ୍ୟରେ ରୁଷ ଓ ତା'ର ଆଖପାଖ ଅଞ୍ଚଳରେ ୧୨୫ଟି ଭୂକମ୍ପ ପରବର୍ତ୍ତୀ ଝଟ୍‌କା (ଆଫ୍ଟରସକ) ଅନୁଭୂତ ହୋଇଥିଲା ବୋଲି ଆମେରିକାର ଜିଓଲୋଜିକାଲ ସର୍ଭେ ତରଫରୁ ସୂଚନା ଦିଆଯାଇଛି। ଏହି ଆଫ୍ଟରସକ୍‌ର ତୀବ୍ରତା ୪.୪ କିମ୍ବା ତା'ଠାରୁ ଅଧିକ ଥିଲା। ଏଗୁଡିକ ମଧ୍ୟରେ ୩ଟି ଝଟ୍‌କା ୬.୦ରୁ ଅଧିକ ଥିଲା ଓ ସବୁଠାରୁ ବଡ଼ ଝଟକାର ତୀବ୍ରତା ୬.୯ ଥିଲା। ପୁଣି ବୁଧବାର ମୁଖ୍ୟ ଭୂକମ୍ପ କେନ୍ଦ୍ରର ଦକ୍ଷିଣ- ପଶ୍ଚିମ ଦିଗରେ ୨୦୦ ମାଇଲ ଦୂରରେ ୬.୪ ତୀବ୍ରତା ବିଶିଷ୍ଟ ଆଉଏକ ଝଟକା ଅନୁଭୂତ ହୋଇଥିଲା।

## ମୁମ୍ବଇ ବିମାନ ବନ୍ଦରରେ ୮ କୋଟିର ଡ୍ରଗ୍ସ ଜବତ

ମୁମ୍ବଇ, ୩୧।୭(ଏଜେନ୍ସି): ମୁମ୍ବଇର ଛତ୍ରପତି ଶିବାଜୀ ମହାରାଜ ଅନ୍ତର୍ଜାତୀୟ ବିମାନ ବନ୍ଦରରେ ୮ କୋଟି ଟଙ୍କା ଡ୍ରଗ୍ସ ଜବତ ହୋଇଛି। ବ୍ୟାଙ୍କକରୁ ଆସିଥିବା ଦୁଇଟି ବିମାନରୁ ଗଞ୍ଜେଇ ଜବତ କରାଯାଇଛି। ମୁମ୍ବଇ କଷ୍ଟମ ଡିପାର୍ଟମେଣ୍ଟର ଆଭିଏସନ ଅଧିକାରୀମାନେ ଜୁଲାଇ ୨୯ ଓ ୩୦ ତାରିଖରେ ଏହି ଡ୍ରଗ୍ସ ଜବତ କରିଛନ୍ତି। ଏହି ମାମଲାରେ ୪ ଜଣଙ୍କୁ ଗିରଫ କରାଯାଇଛି। ବ୍ୟାଙ୍କକ୍‌ରୁ ଅବତରଣ କରିଥିବା ବିଜି ୭୬୦ ବିମାନରୁ ୩ ଜର ସଂଦିଗ୍ଧଙ୍କୁ ଅଟକ ରଖାଯାଇଥିଲା। ଏମାନଙ୍କଠାରୁ ଯାଞ୍ଚ କରାଯିବା ପରେ ୧.୯ ୯୦ କେଜି ଗଞ୍ଜେଇ ମିଳିଥିଲା। ବଜାରେ ଏହାର ମୂଲ୍ୟ ପାଖାପାଖି ୨ କୋଟି ଟଙ୍କା ବୋଲି କୁହାଯାଇଛି। ସେହିପରି ବ୍ୟାଙ୍କକରୁ ଆସିଥିବା ୬ଇ ୧୦୬୦ ବିମାନରେ ଜଣେ ଯାତ୍ରୀଙ୍କ ପାଖରୁ ୬.୨୨ କେଜି ଗଞ୍ଜେଇ ଜବତ କରାଯାଥିଲା ଓ ଏହାର ମୂଲ୍ୟ ୬ କୋଟି ଟଙ୍କା ବୋଲି କୁହାଯାଇଛି। ଏହି ଦୁଇଟି ମାମଲାରେ ଆଭିଏସନ ଅଧିକାରୀମାନେ ମୋଟ ଉପରେ ୮ କେଜି ଟଙ୍କାର ଡ୍ରଗ୍ସ ଜବତ କରିଛନ୍ତି। ଏହି ୪ ଜଣ ଅଭିଯୁକ୍ତଙ୍କ ବିରୋଧରେ ମାମଲା ରୁଜୁ କରାଯାଇଛି। ପୂର୍ବରୁ ପାଖାପାଖି ୪ ମାସ ତଳେ ଗୁଜରାଟ୍‌ରେ ଇଣ୍ଡିଆନ କୋଷ୍ଟ ଗାର୍ଡ (ଆଇସିଜି) ୩୦୦ କେଜି ଡ୍ରଗ୍ସ ଜବତ କରିଥିଲା ଓ ଏହାର ମୂଲ୍ୟ ପାଖାପାଖି ୧, ୮୦୦ କୋଟି ଟଙ୍କା ବୋଲି କୁହାଯାଇଥିଲା।

## ପାଲେଷ୍ଟାଇନ୍‌କୁ ମାନ୍ୟତା ଦେବ କାନାଡ଼ା

ଓଟାୱା, ୩୧।୭(ଏଜେନ୍ସି): ପାଲେଷ୍ଟାଇନ୍‌କୁ ମାନ୍ୟତା ଦେବା ପାଇଁ ପାଶ୍ଚାତ୍ୟ ଦେଶଗୁଡିକରେ ଏକ ପ୍ରକାର ପ୍ରତିଯୋଗିତା ଆରମ୍ଭ ହୋଇଛି। ଫ୍ରାନ୍ସ ଓ ବ୍ରିଟେନ ପରେ କାନାଡା ପାଲେଷ୍ଟାଇନ୍‌କୁ ଏକ ସ୍ୱତନ୍ତ୍ର ରାଷ୍ଟ୍ର ଭାବେ ମାନ୍ୟତା ଦେବାକୁ ଅଣ୍ଟା ଭିଡିଛି। କାନାଡ଼ା ପ୍ରଧାନମନ୍ତ୍ରୀ ମାର୍କ କାର୍ଣ୍ଣି ଏ ନେଇ ଘୋଷଣା କରିଛନ୍ତି। ଆଗାମୀ ସେପ୍ଟେମ୍ବରରେ ଜାତିସଂଘରେ ଆୟୋଜନ ହେବାକୁ ଥିବା ସାଧାରଣ ସଭାରେ ପାଲେଷ୍ଟାଇନ୍‌କୁ ଔପଚାରିକ ଭାବେ ଏକ ସ୍ୱତନ୍ତ୍ର ରାଷ୍ଟ୍ରର ମାନ୍ୟତା ଦିଆଯିବାର କାର୍ଯ୍ୟକ୍ରମ ରହିଛି। ଏଥିସହ ଜି-୭ର ତୃତୀୟ ରାଷ୍ଟ୍ର ଭାବେ କାନାଡା ପାଲେଷ୍ଟାଇନ୍‌କୁ ମାନ୍ୟତା ଦେବାକୁ ଘୋଷଣା କରିଛି। ଗାଜା ପଟିରେ ଗତ ଦୁଇ ବର୍ଷ ହେବ ଇସ୍ରାଏଲ ଓ ହମାଦ ମଧ୍ୟରେ ଯୁଦ୍ଧ ଚାଲିଛି। ଏଠାରେ ଖାଦ୍ୟ ଓ ଜଳ ସଂକଟ ଦେଖାଦେଇଛି। ଏଥିପାଇଁ ବିଶ୍ୱରେ ଇସ୍ରାଏଲ ଉପରେ ଚାପ ବୃଦ୍ଧି ପାଇବାରେ ଲାଗିଛି। ଅବଶ୍ୟ ପାଲେଷ୍ଟାଇନକୁ ମାନ୍ୟତା ଦେବାରେ ଇସ୍ରାଏଲ କୋଟୋଟି ସର୍ତ୍ତ ରଖିଛି। ଏଥିସହ କାର୍ଣ୍ଣି ପାଲେଷ୍ଟାଇନ୍‌କୁ ୬୩ କୋଟି ଟଙ୍କାର ଆର୍ଥିକ ସାହାଯ୍ୟ ଦେବାକୁ ମଧ୍ୟ ଘୋଷଣା କରିଛି।

## ହରିଦ୍ୱାରରେ ୪୮ କ୍ରସର ୟୁନିଟ୍ ବନ୍ଦ କରିବାକୁ ନିର୍ଦ୍ଦେଶ

ନୈନିତାଲ, ୩୧।୭(ଏଜେନ୍ସି): ହରିଦ୍ୱାର ଅଞ୍ଚଳରେ ଚାଲୁଥିବା ୪୮ଟି ଷ୍ଟୋନ କ୍ରସରକୁ ବନ୍ଦ କରିବାକୁ ଉତ୍ତରାଖଣ୍ଡ ହାଇକୋର୍ଟ ନିର୍ଦ୍ଦେଶ ଦେଇଛନ୍ତି। ଏହି କ୍ରସରଗୁଡିକଠାରୁ ବିଦ୍ୟୁତ ସଂଯୋଗ କାଟିବା ସହ ଜଳ ଯୋଗାଣକୁ ତୁରନ୍ତ ବନ୍ଦ କରବାକୁ କୋର୍ଟ ନିର୍ଦ୍ଦେଶ ଦେଇଛନ୍ତି। ପୁଣି ଗୋଟିଏ ସପ୍ତାହ ମଧ୍ୟରେ ଏ ନେଇ କି ପଦକ୍ଷେପ ନିଆଯାଇଛି ସେ ସେ ନେଇ ରିପୋର୍ଟ ଦେବାକୁ କହିଛନ୍ତି। ଏହି ମାମଲାର ପରବର୍ତ୍ତୀ ଶୁଣାଣି ସେପ୍ଟେମ୍ବରରେ ୧୨ରେ ହେବ। ହରିଦ୍ୱାର ମାତୃ ସଦନ ଏହି ମାମଲାରେ ପିଆଇଏଲ୍ ଦାଏର କରିଥିଲା। ହରିଦ୍ୱାର ନିକଟରେ ଗଙ୍ଗନଦୀ କୂଳରେ ଅବୈଧ ଖନନ୍ ନେଇ ଓ ଗଙ୍ଗାନଦୀ ଅସ୍ତିତ୍ୱ ନେଇ ଚିନ୍ତା ଜାହିର କରାଯାଇଥିଲା। ପୁଣି ଗଙ୍ଗା ନଦୀରେ ଚାଲିଥିବା ଅବୈଧ ଖନନକୁ ରୋକିବା ପାଇଁ ଆବେଦନରେ ଉଲ୍ଲେଖ କରାଯାଇଥିଲା। ଏବେ କୁମ୍ଭ କ୍ଷେତ୍ରରେ ଖନନ କରାଯାଉଥିବାରୁ ଗଙ୍ଗା ନଦୀର ଅସ୍ତିତ୍ୱ ନେଇ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି ବୋଲି କୁହାଯାଇଛି।

## ଚୀନ୍‌ରେ ବନ୍ୟା ଓ ଭୂସ୍ଖଳନ; ୩୪ ମୃତ

ବେଜିଂ, ୩୧।୭(ଏଜେନ୍ସି): ଚୀନ୍‌ରେ ବନ୍ୟା କାରଣରୁ ଭୟଙ୍କର ସ୍ଥିତି ସୃଷ୍ଟି ହୋଇଛି। ବନ୍ୟା ଓ ଭୁସ୍ଖଳନ ଯୋଗୁଁ ୩୪ ଲୋକ ମୃତ୍ୟୁବରଣ କରିଛନ୍ତି। ବେଜିଂ ଓ ତା'ର ଆଖପାଖ ଅଞ୍ଚଳରେ ୮୦ ହଜାର ଲୋକଙ୍କୁ ଉଦ୍ଧାର କରାଯାଇଛି। ବେଜିଂରେ ଏ ନେଇ ହାଇ ଆଲର୍ଟ ଜାରି କରାଯାଇଛି ଓ ସବୁ ପ୍ରକାର ନିର୍ମାଣ କାର୍ଯ୍ୟକୁ ବନ୍ଦ ରଖାଯାଇଛି। ଉଦ୍ଧାରକାର୍ଯ୍ୟକୁ ତ୍ୱରାନ୍ୱିତ କରିବାକୁ ରାଷ୍ଟ୍ରପତି ସି ଜିନପିଙ୍ଗ୍ ନିର୍ଦ୍ଦେଶ ଦେଇଛନ୍ତି।

## ଅଷ୍ଟ୍ରେଲିଆରେ ୧୬ ବର୍ଷରୁ କମ୍ ପିଲା ୟୁଟ୍ୟୁବରେ ଆକାଉଣ୍ଟ ଖୋଲିପାରିବେନି




କାନବେରା, ୩୧।୭(ଏଜେନ୍ସି): ଅଷ୍ଟ୍ରେଲିଆରେ ୧୬ ବର୍ଷରୁ କମ୍ ବୟସ୍କ ପିଲା ସୋସିଆଲ ମିଡିଆ ୟୁଟ୍ୟୁବରେ ଆକାଉଣ୍ଟ ଖୋଲିପାରିବେ ନାହିଁ। ଅଗାମୀ ଡିସେମ୍ବର ୧୦ରୁ ଏହି ନୂଆ ନିୟମ ଲାଗୁ ହେବ ବୋଲି ଅଷ୍ଟ୍ରେଲିଆ ଟେଲିକମ୍ୟୁନିକେସନ ମନ୍ତ୍ରୀ ଅନିକା ବେଲ୍ସ କହିଛନ୍ତି। ତେବେ ପିଲାମାନେ ୟୁଟ୍ୟୁବ ବ୍ୟବହାର କରି ଭିଡିଓ ଦେଖିପାରିବେ ବୋଲି କୁହାଯାଇଛି। ଗତବର୍ଷ ନଭେମ୍ବରରେ ଅଷ୍ଟ୍ରେଲିଆ ୧୬ ବର୍ଷରୁ କମ୍ ବୟସ୍କ ପିଲାଙ୍କ ପାଇଁ ସୋସିଆଲ ମିଡିଆ ବ୍ୟାନ କରିବାକୁ ସଂସଦରେ ବିଲ ପାସ୍ ହୋଇଥିଲା। ଏଥିରେ ଫେସବୁକ୍, ଇନଷ୍ଟାଗ୍ରାମ, ସ୍ନାପ୍ ଚାଟ, ଟିକଟକ ଓ ଏକ୍ସ ଭଳି ପ୍ଲାଟଫର୍ମ ସାମିଲ ରହିଥିଲା। ସେତେବେଳେ ଏଥିରେ ୟୁଟ୍ୟୁବ୍‌କୁ ସାମିଲ କରାଯାଇ ନଥିଲା। ଏଥିସହ ବିଶ୍ୱର ପ୍ରଥମ ଦେଶ ଭାବେ ଅଷ୍ଟ୍ରେଲିଆ ସୋସିଆଲ ମିଡିଆକୁ ୧୬ ବର୍ଷରୁ କମ୍ ପିଲାଙ୍କ ପାଇଁ ବ୍ୟାନ କରି ଏକ ଦୃଷ୍ଟାନ୍ତମୂଳକ ପ୍ରଦକ୍ଷେପ ନେଇଛି। ଏହି ଆଇନ୍ ଅନୁସାରେ ପିତାମାତାଙ୍କ ସହମତି କିମ୍ବା ପୂର୍ବରୁ ଖୋଲାଯାଇଥିବା ଆକାଉଣ୍ଟକୁ ଅନୁମତି ଦିଆଯାଇନାହିଁ। ଅଗାମୀ ଗୋଟିଏ ବର୍ଷ ମଧ୍ୟରେ ଏହି ଆଇନ କାର୍ଯ୍ୟକାରୀ ହେବ। ତେବେ ଗେମିଂ ଓ ମେସେଜିଂ ଆପ୍ ଉପରେ କୌଣସି ନିଷେଧାଦେଶ ଜାରି କରାଯାଇନାହିଁ।

## କାର୍ ସହ ଜିଅନ୍ତା ଜଳିଗଲେ ଯୁବକଯୁବତୀ



ଅମୃତସର, ୩୧।୭(ଏଜେନ୍ସି): ପଞ୍ଜାବର ଅମୃତସରରେ ଗୁରୁବାର ଅପରାହ୍ଣରେ ଏକ କାର୍ ସହ ଯୁବକ ଓ ଯୁବତୀ ଜିଅନ୍ତା ଜଳିଯାଇଛନ୍ତି। ପେଟ୍ରୋଲ ନେଇ ଏକ ଟ୍ୟାଙ୍କର ଯାଉଥିବା ବେଳେ ଟାୟାର ଫାଟି ଯାଇଥିଲା। ଫଳରେ ନିୟନ୍ତ୍ରଣ ହରାଇ ଟ୍ୟାଙ୍କର ଏକ କାର୍‌କୁ ଧକ୍କା ଦେଇଥିଲା। ଟ୍ୟାଙ୍କର ଏତେ ଜୋରରେ ଧକ୍କା ଦେଇଥିଲା ଯେ, କାର୍‌ରେ ନିଆଁ ଲାଗି ଯାଇଥିଲା। ଫଳରେ କାରରେ ବସିଥିବା ଯୁବକ ଓ ଯୁବତୀ ଜିଅନ୍ତା ଜଳି ଯାଇଥିଲେ ଓ ଘଟଣାସ୍ଥଳରେ ହିଁ ଦୁହେଁ ମୃତ୍ୟୁବରଣ କରିଥିଲେ। ଧକ୍କା ଖାଇବା ପରେ କାର ରେଲିଂରେ ବାଡେଇ ହେବା ପରେ ନିଆଁ ଲାଗିଯାଇଥିଲା ବୋଲି ପ୍ରତ୍ୟେକ୍ଷଦର୍ଶୀ କହିଛନ୍ତି। ଘଟଣା ପରେ ଟ୍ୟାଙ୍କର ଡ୍ରାଇଭର ଘଟଣାସ୍ଥଳରୁ ଫେରାର ହୋଇଯାଇଥିଲେ। ଅଧଘଣ୍ଟା ପରେ ଦମକଳ ଆସିଥିଲା। ଏହାପରେ ସେନାର ଟିମ ଆସି କାରକୁ କାଟି ମୃତଦେହ ବାହର କରିଥିଲା। ମୃତଦେହକୁ ଚିହ୍ନଟ କରାଯାଇନାହିଁ। କିନ୍ତୁ କାରରେ ଦିଲ୍ଲୀର ନମ୍ବର ପ୍ଲେଟ ରହିଛି। ଟ୍ୟାଙ୍କର ଜଳନ୍ଧରରୁ ପେଟ୍ରୋଲ ନେଇ ଆସୁଥିଲା।

### ମାଲେଗାଁଓ ବିସ୍ଫୋରଣ

## ପ୍ରଜ୍ଞା, ପୁରୋହିତ ଦୋଷମୁକ୍ତ

ମୁମ୍ବଇ, ୩୧।୭(ଏଜେନ୍ସି): ମହାରାଷ୍ଟ୍ରର ମଲେଗାଁଓ ବିସ୍ଫୋରଣରେ ସାଧ୍ୱୀ ପ୍ରଜ୍ଞା ଓ କର୍ଣ୍ଣଲ ପୁରୋହିତଙ୍କ ସମେତ ୭ ଜଣ ଅଭିଯୁକ୍ତ ଖଲାସ ହୋଇଛନ୍ତି। ଏନ୍‌ଆଇଏର ସ୍ୱତନ୍ତ୍ର କୋର୍ଟ ୭ ଜଣ ଅଭିଯୁକ୍ତଙ୍କୁ ପ୍ରମାଣ ଅଭାବରୁ ଖଲାସ କରିଛନ୍ତି। ବିଜେପିର ପୂର୍ବତନ ସାଂସଦ ସାଧ୍ୱୀ ପ୍ରଜ୍ଞ ଠାକୁର, କର୍ଣ୍ଣଲ ପ୍ରସାଦ ପୁରୋହିତ, ରମେଶ ଉପାଧ୍ୟାୟ, ଅଜୟ ରହିରକର, ସୁଧାକର ଜତୁର୍ବେଦୀ, ସମୀର କୁଲକର୍ଣ୍ଣୀ ଓ ସୁଧାକର ଧର ଦ୍ୱିବେଦୀ ଏହି ବିସ୍ଫୋଣରେ ମୁଖ୍ୟ ଅଭିଯୁକ୍ତ ଥିଲେ। ପୀଡିତଙ୍କ ଓକିଲ ସହୀଦ ନବୀନ ଅନସାରୀ ଏନ୍‌ଆଇଏ କୋର୍ଟର ଏହି ରାୟକୁ ହାଇକୋର୍ଟରେ ଚ୍ୟାଲେଞ୍ଜ କରିବେ ବୋଲି କହିଛନ୍ତି। ଏହି ମାମଲାରେ ଯାଞ୍ଚ ଏଜନ୍ସି ଓ ସରକାର ବିଫଳ ହୋଇଛନ୍ତି।

ମାଲେଗାଁଓରେ ୨୦୦୮ରେ ସେପ୍ଟେମ୍ବର ୨୯ରେ ବୋମା ବିସ୍ଫୋରଣ ହୋଇଥିଲା। ଏଥିରେ ୬ଜଣ ଲୋକ ପ୍ରାଣ ହରାଇଥିଲେ ଓ ପାଖାପାଖି ୧୦୦ ଲୋକ ଆହତ ହୋଇଥିଲେ। ପାଖାପାଖି ୧୭ ବର୍ଷ ପରେ ଆସିଥିବା ଏହି ରାୟ ନେଇ ବିଚାରପତି ଏକେ ଲାହୋଟି କହିଛନ୍ତି ଯେ, ଯାଞ୍ଚ ଏଜେନ୍ସି ଏହି ବହୁ ଚର୍ଚ୍ଚିତ ମାମଲାରେ ଅଭିଯୋଗ ପ୍ରମାଣ କରିବାରେ ବିଫଳ ହୋଇଛନ୍ତି। ଏପରି ସ୍ଥଳେ




ଅଭିଯୁକ୍ତଙ୍କୁ ଦୋଷୀ ସାବ୍ୟସ୍ତ କରାଯାଇପାରିବ ନାହିଁ ବୋଲି ସେ କହିଛନ୍ତି। ବିସ୍ଫୋରଣ ହୋଇଥିଲା। କିନ୍ତୁ ବମ୍ ମଟରସାଇକଲରେ ରଖାଯାଇଥିଲା ବୋଲି କୌଣସି ପ୍ରମାଣ ମିଳିନାହିଁ ବୋଲି ଜଜ୍ ଲାହୋଟି କହିଛନ୍ତି। ପୁଣି ଏହି ମୋଟରସାଇକଲ ସାଧ୍ୱୀ ପ୍ରଜ୍ଞାଙ୍କ ନାମରେ ରହିଛ ବୋଲି ତାହା ମଧ୍ୟ ପ୍ରମାଣିତ ହୋଇନାହିଁ। ସେହିପରି କର୍ଣ୍ଣଲ ପୁରୋହିତ ବମ୍ ବନାଇଥିଲେ ବୋଲି ତାହା ମଧ୍ୟ ପ୍ରମାଣିତ ହୋଇନାହିଁ। ଏହ ମାମଲାର ରାୟ ୨୦୨୫ ମେ ୮ରେ ଆସିବାରଥିଲା। କିନ୍ତୁ କୋର୍ଟ ପୁଣି ରାୟକୁ ଜୁଲାଇ ୩୧ ପର୍ଯ୍ୟନ୍ତ ସୁରକ୍ଷିତ ରଖିଥିଲେ। ମାଲେଗାଁଓ ବିସ୍ଫୋରଣ ମାମଲା ନେଇ ମହାରାଷ୍ଟ୍ର ଏଟିଏସ୍ ପ୍ରାରମ୍ଭ ଯାଞ୍ଚ କରିଥିଲା। ୨୦୧୧ରେ ଏହି ମାମଲାକୁ ଏନ୍‌ଆଇଏକୁ ଯାଞ୍ଚ ପାଇଁ ସମର୍ପିତ କରାଯାଇଥିଲା। ୨୦୧୬ରେ ଏନ୍‌ଆଇଏ ଚାର୍ଜସିଟ୍ ଦାଖଲ କରିଥିଲା। ଏହି ମାମଲାରେ ୩ ଯାଞ୍ଚ ଏଜେନ୍ସି ଓ ୪ଜଣ ବିଚାରପତି ବଦଳି ହୋଇଛନ୍ତି। ଏହି ବିସ୍ଫୋରଣରେ ପ୍ରଥମେ ହିନ୍ଦୁ ସଂଗଠନକୁ ଦାୟୀ କରାଯାଇଥିଲା। ୨୦୧୭ରେ ଏହି ମାମଲାରେ ପ୍ରଜ୍ଞା ଠାକୁରଙ୍କୁ ଜାମିନ ମିଳିଥିଲା। ୨୦୧୯ରେ ପ୍ରଜ୍ଞା ଲୋକସଭା ସାଂସଦ ଭାବେ ନିର୍ବାଚିତ ହୋଇଥିଲେ। ଏବେ ଏ ନେଇ ରାଜନୀତି ଆରମ୍ଭ ହୋଇଛି। ବିଭିନ୍ନ ରାଜନୈତିକ ଦଳ ଓ ନେତାମାନେ କୋର୍ଟଙ୍କର ଏହି ରାୟ ନେଇ ମତ ଦେଇଛନ୍ତି।

## ଏନ୍‌ଡିଏରୁ ଅଲଗାହେଲେ ପନିର୍‌ସେଲଭମ୍



ଚେନ୍ନଇ, ୩୧।୭(ଏଜେନ୍ସି): ତାମିଲନାଡୁରେ ଆସନ୍ତାବର୍ଷ ବିଧାନସଭା ନିର୍ବାଚନ ଆୟୋଜନ ହେବାକୁ ଯାଉଥିବା ବେଳେ ପୂର୍ବତନ ମୁଖ୍ୟମନ୍ତ୍ରୀ ଓ ପନିର୍‌ସେଲଭମ୍ ସମସ୍ତଙ୍କୁ ଚକିତ କରି ବିଜେପି ନେତୃତ୍ୱାଧୀନ ଏନ୍‌ଡିଏଠାରୁ ଅଲଗା ହୋଇଛନ୍ତି। ଫଳରେ ତାମିଲନାଡୁ ରାଜନୈତିକ ସମୀକରଣରେ ଏକ ବଡ଼ ପରିବର୍ତ୍ତନ ହେବ ବୋଲି ଅନୁମାନ କରାଯାଉଛି। ପୂର୍ବରୁ ତାଙ୍କୁ ଏଆଇଏଡିଏମ୍‌କେ ପାର୍ଟିରୁମ ମଧ୍ୟ ବହିସ୍କାର କରାଯାଇଥିଲା। ମୁଖ୍ୟମନ୍ତ୍ରୀ ଏମ୍‌କେ ଷ୍ଟାଲିନ୍‌ଙ୍କୁ ପ୍ରାତଃ ଭ୍ରମଣ ଅବସରରେ ଭେଟିବା ପରେ ସେ ଏହି ନିଷ୍ପତ୍ତି ନେଇଛନ୍ତି। ଫଳରେ ଓପିଏସ୍ ନାମରେ ପରିଚିତ ପନିର୍‌ସେଲଭମ୍ ଡିଏମ୍‌କେରେ ମିଶିବେ ବୋଲି ଆଶା କରାଯାଉଛି। କିନ୍ତୁ ସେ ତାମିଲ ଅଭିନେତା ବିଜୟଙ୍କ ପାର୍ଟି 'ତାମିଲାଗା ଭେଟ୍ରି କାଜଘମ୍' ପାର୍ଟିରେ ଯୋଗ ଦେବେ ବୋଲି ସେ ସୂଚନା ଦେଇଛନ୍ତି। ସେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଚିଠି ଲେଖି ଭେଟିବାକୁ ଇଚ୍ଛା ଜାହିର କରିଥିଲେ। କିନ୍ତୁ ତାଙ୍କୁ ଅନୁମତି ଦିଆଯାଇ ନଥିଲା ଓ ଏଥିରେ ନୈରାଶ୍ୟ ଜାହିର କରିଥିଲେ। ପୁଣି ସର୍ବ ଶିକ୍ଷା ଅଭିଯାନ (ଏସ୍‌ଏସ୍‌ଏ)ରେ ପାଣ୍ଠି ବିତରଣରେ ବିଳମ୍ବ ହେବାରୁ ସାମାଜିକ ଗଣମାଧ୍ୟମରେ ସେ କେନ୍ଦ୍ର ସରକାରଙ୍କୁ ଟାର୍ଗେଟ କରି ସିଧାସଳଖ ସମାଲୋଚନା କରିଥିଲେ। ଖାସ୍ ଏହି କାରଣରୁ ଏନ୍‌ଡିଏ ସହ ତାଙ୍କର ସମ୍ପର୍କ ଖରାପ ହୋଇଥିଲା ଓ ଏବେ ସେ ଏନ୍‌ଡିଏଠାରୁ ନିଜକୁ ଅଲଗା କରିଛନ୍ତି ବୋଲି କୁହାଯାଉଛି। ଉଲ୍ଲେଖଥାଉ କି, ଏଆଏଡିଏମ୍‌କେଠାରୁ ଅଲଗା ହେବା ପରେ ସେ ନିଜର ସଂଗଠନ ଗଠନ କରିଥିଲେ। ୨୦୨୬ରେ ତାମିଲନାଡୁ ବିଧାନସଭା ନିର୍ବାଚନ ଆୟୋଜନ ହେବ।





## ଜର୍ମାନୀ ଟିକ୍‌ଟକର୍ ବେଙ୍ଗାଲୁରୁରେ ଅଟକ

ବେଙ୍ଗାଲୁରୁ, ୩୧।୭(ଏଜେନ୍ସି): ଜର୍ମାନୀ ଟିକ୍‌ଟକର ନୋଏଲ ରବିନସନଙ୍କୁ ବେଙ୍ଗାଲୁରୁ ପୁଲିସ ଅଟକ ରଖିଛି। ଷ୍ଟ୍ରିଟ୍ ଡ୍ୟାନ୍ସ ଭିଡିଓ ବନାଇ ପ୍ରସିଦ୍ଧି ଲାଭ କରିଥିବା ନୋଏଲ୍ ରାସ୍ତା ଉପରେ ପାରମ୍ପରିକ ଭାରତୀୟ ପୋଷାକ ପରିଧାନ କରି ଏକ ଭିଡିଓ ବନାଉଥିଲେ। ଏହାକୁ ଦେଖିବା ପାଇଁ ବହୁ ସଂଖ୍ୟାରେ ଲୋକ ଏକାଠି ହୋଇଥିଲେ। ଫଳରେ ସାର୍ବଜନୀନ ସୁରକ୍ଷା ନେଇ ସମସ୍ୟା ସୃଷ୍ଟି ହୋଇଥିଲା। ନୋଏଲ୍‌ଙ୍କୁ ପୁଲିସ ଥାନକୁ ନେଇ ୧୫ ମିନିଟ ଅଟକ ରଖିଥିଲା। ବିନା ଅନୁମତିରେ ରାସ୍ତା ଉପରେ ଭିଡିଓ ବନାଉଥିବାରୁ ତାଙ୍କ ଉପରେ ଜରିମାନ ଧାର୍ଯ୍ୟ କରାଯାଇଥିଲା। ସମ୍ପୂର୍ଣ୍ଣ ଭାବେ ଠିକ ଅଛି ବୋଲି ନୋଏଲ ଇନଷ୍ଟାଗ୍ରାମରେ ପୋଷ୍ଟ କରି ଅବଗତ କରାଇଛନ୍ତି। ପ୍ରଥମଥର ପାଇଁ ମୋତେ ଥାନାକୁ ନିଆଯାଇଥିଲା ବୋଲି ସେ ଉଲ୍ଲେଖ କରିଛନ୍ତି। ମୋତେ ଜେଲକୁ ପଠାଇ ଦିଆଯିବ ବୋଲି ଆଶଙ୍କା କରୁଥିଲି। କିନ୍ତୁ ସୌଭାଗ୍ୟବଶତଃ ଏପରି ହୋଇ ନଥିଲା। ମୁଁ ଠିକ୍ ଅଛି ଓ ଭାରତକୁ ବହୁତ ଭଲ ପାଉଛି ବୋଲି ସେ ଉଲ୍ଲେଖ କରିଛନ୍ତି। ପୂର୍ବରୁ ୟୁନେସ ଜାରୋଉ ନାମକ ଆଉ ଜଣେ ଜର୍ମାନୀ ଟିକଟକରଙ୍କୁ ମଧ୍ୟ ବେଙ୍ଗାଲୁରୁ ପୁଲିସ ଚର୍ଚ୍ଚ ଷ୍ଟ୍ରିଟ୍ ଏରିଆରେ ଅଟକ ରଖିଥିଲା। ନୋଏଲ ରବିନସନ ଜଣେ କନଟେଣ୍ଟ କ୍ରିଏଟର ଓ ଡ୍ୟାନ୍ସର ଭାବେ ସୋସିଆଲ ମିଡିଆରେ ବେଶ ସକ୍ରିୟ ଅଛନ୍ତି। ତାଙ୍କର ଜବରଦସ୍ତ ସଂଖ୍ୟରେ ଫଲୋଅର୍ସ ରହିଛନ୍ତି।

### ୧୦ ବିଆରଏସ୍ ବିଧାୟକଙ୍କ ଦଳବଦଳ ମାମଲା

## ତେଲଙ୍ଗାନା ବାଚସ୍ପତିଙ୍କ ଉପରେ ସୁପ୍ରିମକୋର୍ଟ କ୍ଷୁବ୍ଧ

ନୂଆଦିଲ୍ଲୀ, ୩୧।୭(ଏଜେନ୍ସି): ତେଲଙ୍ଗାନାରେ ବିଆର୍‌ଏସ୍‌ର ୧୦ ଜଣ ବିଧାୟକ ଶାସକ କଂଗ୍ରେସରେ ଯୋଗଦେବା ପରେ ସେମାନଙ୍କ ବିରୋଧରେ ଆଗତ ପିଟିସନ ଉପରେ ବାଚସ୍ପତି ନିଷ୍ପତ୍ତି ନେବାରେ ବିଳମ୍ବ କରୁଥିବାରୁ ସୁପ୍ରିମ କୋର୍ଟ ବିରକ୍ତି ପ୍ରକାଶ କରିଛନ୍ତି। ସେମାନଙ୍କୁ ଅଯୋଗ୍ୟ ଘୋଷଣା କରିବା ଲାଗି ହୋଇଥିବା ପିଟିସନ ଉପରେ ତିନି ମାସ ମଧ୍ୟରେ ନିଷ୍ପତ୍ତି ନେବାଲାଗି ସୁପ୍ରିମ କୋର୍ଟ ନିର୍ଦ୍ଦେଶ ଦେଇଛନ୍ତି।

ଆଜି ଏହି ମାମଲାର ଶୁଣାଣି ବେଳେ ସର୍ବୋଚ୍ଚ ଅଦାଲତ କହିଛନ୍ତି ଯେ 'ଅସ୍ତ୍ରୋପଚାର ସଫଳ, ରୋଗୀ ମୃତ' ଭଳି ପରିସ୍ଥିତି ସୃଷ୍ଟି ହେବାକୁ ଦିଆଯାଇବ ନାହିଁ। ବାଚସ୍ପତି ତାଙ୍କର ନିଷ୍ପତ୍ତି ନେବାରେ ବିଳମ୍ବ କରୁଥିବାରୁ ଦଳବଦଳ କରିଥିବା ବିଧାୟକମାନେ ଫାଇଦା ଉଠାଉଛନ୍ତି। ପ୍ରଧାନ ବିଚାରପତି ଜଷ୍ଟିସ ଗଭାଇ ଏବଂ ଜଷ୍ଟିସ ମନିଶଙ୍କୁ ନେଇ ଗଠିତ ଖଣ୍ଡପୀଠ ମାମଲାର ଶୁଣାଣି କରି କହିଛନ୍ତି ଯେ ଉପରୋକ୍ତ ୧୦ ଜଣ ବିଧାୟକଙ୍କ ବିରୋଧରେ ମାର୍ଚ୍ଚ ୨୦୨୪ରେ ପିଟିସନ ଆଗତ ହୋଇଥିବା ବେଳେ ଏହାଉପରେ ନୋଟିସ ଜାରି କରିବା ଲାଗି ବାଚସ୍ପତିଙ୍କୁ ୭ ମାସ

**ତିନି ମାସ ମଧ୍ୟରେ ନିଷ୍ପତ୍ତି ପାଇଁ ନିର୍ଦ୍ଦେଶ**



ଲାଗିଗଲା। ତାହାମଧ୍ୟ ଏହି ଅଦାଲତରେ ମାମଲାର ଶୁଣାଣି ହେବାର ଗୋଟିଏ ଦିନ ପୂର୍ବରୁ ନୋଟିସ ଜାରି କରାଯାଇଥିଲା। ନୋଟିସ ଜାରି କରିବାକୁ ବାଚସ୍ପତିଙ୍କୁ ଏତେମାସ କାହିଁକି ଲାଗିଲା ବୋଲି ପ୍ରଶ୍ନ ଉଠାଇ କୋର୍ଟ କହିଲେ ଯେ ସାଂସଦ/ବିଧାୟକମାନଙ୍କ ଦଳବଦଳ ଏକ ଚିନ୍ତାଜନକ ବିଷୟ। ଏହାକୁ ରୋକାନଗଲେ ଗଣତନ୍ତ୍ର ପ୍ରତି ବିପଦ ସୃଷ୍ଟି ହେବ। ତେଣୁ ବାଚସ୍ପତିଙ୍କୁ ତିନି ମାସ ମଧ୍ୟରେ ନିଷ୍ପତ୍ତି ନେବାଲାଗି କୁହାଯାଉଛି। ଜଣେ ଅଭିଯୁକ୍ତ ବିଧାୟକ ଲୋକସଭା ନିର୍ବାଚନରେ କଂଗ୍ରେସ ଟିକଟରେ ଲଢ଼ିଥିଲେ। ହାରିଯିବା ପରେ ସେ ବିଧାୟକ ପଦରେ ରହିଲେ। ବାଚସ୍ପତିଙ୍କ ଏଭଳି ଆଭିମୁଖ୍ୟ ବିରୋଧରେ ବିଆରଏସ୍ ପକ୍ଷରୁ ଆଗତ ପିଟିସନ ଉପରେ ଶୁଣାଣି କରି ସର୍ବୋଚ୍ଚ ଅଦାଲତ ଏହି ନି।।ର୍ଦ୍ଦେଶ ଦେଇଛନ୍ତି। ଏହାସହିତ କୋର୍ଟ ସ୍ପଷ୍ଟ କରିଦେଇଛନ୍ତି ବାଚସ୍ପତିଙ୍କ ପଦକ୍ଷେପ ଉପରେ କୋର୍ଟ ହସ୍ତକ୍ଷେପ କରିପାରିବେ।

## କର୍ଣ୍ଣାଟକରେ ନୂଆ ବ୍ଲଡ୍ ଗ୍ରୁପ୍ 'ସିଆରଆଇବି'




ବେଙ୍ଗାଲୁରୁ, ୩୧।୭(ଏଜେନ୍ସି): କର୍ଣ୍ଣାଟକର କୋଲାର ଜିଲ୍ଲାରେ ଜଣେ ୩୮ ବର୍ଷୀୟା ମହିଳାଙ୍କଠାରେ ଡାକ୍ତରମାନେ ଏକ ନୂଆ ବ୍ଲଡ୍ ଗ୍ରୁପ୍ ପାଇଛନ୍ତି। ଏଭଳି ବ୍ଲଡ ଗ୍ରୁପ୍ ବିଶ୍ୱରେ କେଉଁଠାରେ ଦେଖିବାକୁ ମିଳିନାହିଁ। ଏହି ବ୍ଲଡ ଗ୍ରୁପ୍‌କୁ 'ସିଆରଆଇବି'ର ନାମ ଦିଆଯାଇଛି। ଏପର୍ଯ୍ୟନ୍ତ ବିଶ୍ୱରେ ଏହି ବ୍ଲଡ୍ ଗ୍ରୁପ୍ କେବଳ ୧୦ ଜଣ ଲୋକଙ୍କର ରହିଛି। ମହିଳାଙ୍କର ହାର୍ଟ ସର୍ଜରୀ କରିବାକୁ ହସ୍ପିଟାଲରେ ଭର୍ତ୍ତି କରାଯିବା ପରେ ଏହା ଜଣା ପଡ଼ିଥିଲା। ମହିଳାଙ୍କ ବ୍ଲଡ୍ ଗ୍ରୁପ୍ ଓଆରଏଚ୍+ ଥିଲା ଓ ଏକ ସାଧାରଣ ବ୍ଲଡ୍ ଗ୍ରୁପ୍ ବୋଲି ଧରାଯାଇଥାଏ। କିନ୍ତୁ ଯେତେବେଳେ ଅସ୍ତ୍ରୋପଚାର ପାଇଁ ରକ୍ତ ଯୋଗାଡ କରାଗଲା, ସେତେବେଳେ କୌଣସି ଓ+ ୟୁନିଟ୍ ତାଙ୍କ ସହ ମେଳ ଖାଇ ନଥିଲା। ମାମଲା ଗମ୍ଭୀର ବୋଲି ଡାକ୍ତରମାନେ ହୃଦୟଙ୍ଗମ କରିବା ପରେ ତାଙ୍କ ରକ୍ତ ନମୁନାକୁ ରୋଟାରୀ ବେଙ୍ଗାଲୁରୁ ଟିଟିକ ବ୍ଲଡ୍ ସେଣ୍ଟରର ଆଡଭାନ୍ସ ଲାବ୍‌କୁ ପଠାଯାଇଥିଲା। ମହିଳାଙ୍କ ୨୦ ଜଣ ସମ୍ପର୍କୀୟଙ୍କ ରକ୍ତ ନମୁନାକୁ ଯାଞ୍ଚ କରାଯାଇଥିଲା। କିନ୍ତୁ କାହା ସହ ତାଙ୍କର ମେଳ ଖାଇ ନଥିଲା। ଫଳ ରକ୍ତ ନ ନେଇ ତାଙ୍କର ଅସ୍ତ୍ରୋପଚାର କରାଯାଇଥିଲା ଓ ଏହା ସଫଳ ହୋଇଥିଲା। କିନ୍ତୁ ତାଙ୍କ ରକ୍ତ ନମୁନାକୁ ବ୍ରିଟେନର ବ୍ରିଷ୍ଟଲ ସ୍ଥିତ ଇଣ୍ଟରନ୍ୟାସନାଲ ବ୍ଲଡ୍ ଗ୍ରୁପ୍ ରେଫରେନ୍ସ ଲାବ (ଆଇବିଜିଆରଏଲ)କୁ ପଠାଯାଇଥିଲା। ବହୁ ରିସର୍ଚ୍ଚ ଓ ପରୀକ୍ଷା ପରେ ମହିଳାଙ୍କର ଏକ ନୂଆ ବ୍ଲଡ ଗ୍ରୁପ୍ ଆଣ୍ଟିଜେନ ଖୋଜି ପାଇଥିଲେ।

## ପାକିସ୍ତାନକୁ ଝଟ୍‌କା; କଶ୍ମୀରରେ ହେବ ଦେଶର ସର୍ବବୃହତ୍ ହାଇଡ୍ରୋ ପ୍ରକଳ୍ପ

ଶ୍ରୀନଗର, ୩୧।୭(ଏଜେନ୍ସି): ଜମ୍ମୁ-କଶ୍ମୀରର ଚେନାବ ନଦୀ ଉପରେ ସର୍ବବୃହତ ହାଇଡ୍ରୋ ପ୍ରୋଜେକ୍ଟ ନିର୍ମାଣ କରିବାକୁ ଭାରତ ଯୋଜାନ କରୁଛି। ପାକିସ୍ତାନର ସହ ସିନ୍ଧୁ ନଦୀ ଚୁକ୍ତିରୁ ଓହରିଯିବା ପରେ ଭାରତ ଏହି ଯୋଜନା ଉପରେ କାର୍ଯ୍ୟ କରିବା ଆରମ୍ଭ କରିଛି। ଏହା ୧୮୫୬-ମେଗାୱାଟ କ୍ଷମତା ବିଶିଷ୍ଟ ଏହି ହାଇଡ୍ରୋ ପ୍ରୋଜେକ୍ଟ ପାକିସ୍ତାନର ଆପତ୍ତି ସତ୍ତ୍ୱେ ନିର୍ମାଣ କରାଯିବ। କେନ୍ଦ୍ର ଗୃହମନ୍ତ୍ରୀ ଅମିତ ଶାହା ବୁଧବାର ଅପରେସନ ସିନ୍ଦୂର ନେଇ ଚର୍ଚ୍ଚା ଅବସରରେ ଏକ ପ୍ରଶ୍ନର ଉତ୍ତର ଦେଇ ଏହି ବିଷୟରେ ସୂଚନା ଦେଇଛନ୍ତି। ଏ ନେଇ ନ୍ୟାସନାଲ ହାଇଡ୍ରୋଇଲେକଟ୍ରିକ୍ ପାୱାର କର୍ପୋରେସନ (ଏନ୍‌ଏଚ୍‌ପିସି) ଏହି ସାୱାଲକୋଟ ହାଇଡ୍ରୋ ପ୍ରୋଜକ୍ଟ ପାଇଁ ଟେଣ୍ଡର ପ୍ରକ୍ରିୟା ଆରମ୍ଭ କରିଛି। ଏନ୍‌ଏଚ୍‌ପିସି ଔପଚାରିକ ଭାବେ ଏକ ଅନ୍ତର୍ଜାତୀୟ କମ୍ପିଟେଟିଭ ବିଡିଂ (ଆଇସିବି) ସ୍ତରରେ ବିଡ୍ ଆହ୍ୱାନ କରିଛି। ସେପ୍ଟେମ୍ବର ୧୦କୁ ବିଡ୍ ଦାଖଲ କରିବାର ଶେଷ ତାରିଖ ଭାବେ ଧାର୍ଯ୍ୟ କରାଯାଇଛି। ଏହି ମହତ୍ତ୍ୱାକାଂକ୍ଷୀ ପ୍ରୋଜେକ୍ଟ ଏନ୍‌ଟିପିସି ଓ ଜମ୍ମୁ-କାଶ୍ମୀର ପାୱାର ଡେଭଲପମେଣ୍ଟ କର୍ପୋରେସନ ମିଳିତ ଉଦ୍ୟମରେ ନିର୍ମାଣ ହେବ। ୧୯୮୦ରେ ଏହି ଯୋଜନାର ପରିକଳ୍ପନା କରାଯାଇଥିଲା। କିନ୍ତୁ କେତୋଟି ଅନ୍ୟ ପ୍ରୋଜେକ୍ଟ ସହ ଏହାକୁ କାର୍ଯ୍ୟକାରୀ କରାଯାଇ ନଥିଲା। ୨୨, ୭୦୪ କୋଟି ଟଙ୍କା ବିନିମୟରେ ଏହି ମେଗା ପ୍ରୋଜେକ୍ଟ ଦୁଇଟି ପର୍ଯ୍ୟାୟରେ ନିର୍ମାଣ ହେବ। ସିନ୍ଧୁ ଚୁକ୍ତିରୁ ଓହରିବା ପରେ ସରକାର ଏହି ପରକଳ୍ପନା ସହ ଅନ୍ୟ ୬ଟି ପ୍ରୋଜେକ୍ଟର ନିର୍ମାଣ କାର୍ଯ୍ୟ ଆଗେଇ ନେବାକୁ ଯୋଜନା ଆରମ୍ଭ କରିଛି। ଉଲ୍ଲେଖଥାଉ କି, ଏପ୍ରିଲ ୨୨ରେ ପହଲଗାମରେ ଆତଙ୍କବାଦୀ ଆକ୍ରମଣ ପରେ ସିନ୍ଧୁ ଜଳ ବଣ୍ଟନ ଚୁକ୍ତିରୁ ଭାରତ ଓହରିଯିବାକୁ ଘୋଷଣା କରିଥିଲା। ଆତଙ୍କବାଦୀମାନେ ଧର୍ମ ପଚାରି ୨୬ ଜଣଙ୍କୁ ଗୁଳିକରି ହତ୍ୟା କରିଥିଲେ।



# ଯୁବକଙ୍କୁ ପିଟିପିଟି ହତ୍ୟା



**ଦମ୍ପତି ଅଟକ**

**ତୁରୁମୁଙ୍ଗା, ୩୧।୭ (ସମିସ):** କେନ୍ଦୁଝର ଜିଲ୍ଲା ପାଟଣା ଥାନା ଅଙ୍କୁରା ଗ୍ରାମରେ ଜଣେ ଯୁବକଙ୍କୁ ପିଟିପିଟି ହତ୍ୟା କରାଯାଇଥିବା ନେଇ ଅଭିଯୋଗ ହୋଇଛି। ମୃତକ ହେଲେ, ଅଙ୍କୁରା ନାଏକସାହିର ଭକ୍ତବନ୍ଧୁ ନାଏକଙ୍କ ପୁଅ ଗଙ୍ଗାଧର (୨୮)। ଗଙ୍ଗାଧର ବୁଧବାର ସନ୍ଧ୍ୟାରେ ଗାଁ ନିକଟ ଝପାସାହିକୁ ଯାଇଥିବା ବେଳେ ସେଠାରେ କିଛି ଲୋକ ସଂଗଠିତ ଭାବେ ଆକ୍ରମଣ କରିଥିଲେ। ଏଥିରେ ତାଙ୍କର ମୃତ୍ୟୁ ହୋଇଯାଇଥିଲା। ପୁଲିସ୍ ଶବକୁ ବ୍ୟବଚ୍ଛେଦ କରାଇ ପରିବାରଲୋକଙ୍କୁ ହସ୍ତାନ୍ତର କରିବା ସହ ମୃତକଙ୍କ ମା' ପାଳଙ୍ଗ ନାଏକଙ୍କ ଅଭିଯୋଗ ଆଧାରରେ ଏକ ହତ୍ୟା ମାମଲା ରୁଜୁ କରି ତଦନ୍ତ ଆରମ୍ଭ କରିଛି। ସେହିପରି ଏହି ଘଟଣାରେ ପୁଲିସ ଝପାସାହିର ଦାମବନ୍ଧୁ ପାତ୍ର ଏବଂ ତା' ସ୍ତ୍ରୀଙ୍କୁ ଥାନାକୁ ଆଣି ପଚରାଉଚରା କରୁଛି। ଅପରପକ୍ଷେ, ସାଇଣ୍ଟିଫିକ୍ ଟିମ୍ ସହାୟତାରେ ଘଟଣାର ଏସ୍‌ଡିପିଓ ବିଜୟକୃଷ୍ଣ ମହାପାତ୍ର, ପାଟଣା ଥାନାଧିକାରୀ ମାନସ ମହାକୁଡ଼, ଏସ୍ଆଇ ଲକ୍ଷଣ ମାଝୀ ପ୍ରମୁଖ ଘଟଣାସ୍ଥଳରେ ପହଞ୍ଚି ତଦନ୍ତ କରିଛନ୍ତି।

■ ଖରିଫ ଚାଷୀଙ୍କୁ ଧାନ ବିକ୍ରି ଚିନ୍ତା

# ଜଟିଳ ପ୍ରକ୍ରିୟା ଯୋଗୁଁ କମୁଛି ପଞ୍ଜୀକରଣ

**ଭୁବନେଶ୍ୱର, ୩୧।୭ (ସମିସ):** ରାଜ୍ୟରେ ବର୍ତ୍ତମାନ ସୁଦ୍ଧା ଖରିଫ ଚାଷ ପାଇଁ ୩ ଲକ୍ଷ ୩୮ ହଜାର ୭୩୫ ଜଣ ଚାଷୀ ପଞ୍ଜୀକରଣ କରିଛନ୍ତି। ଗତବର୍ଷ ଏହି ସମୟ ମଧ୍ୟରେ ଅଧିକ ୧୦ ହଜାର ଚାଷୀ ପଞ୍ଜିକୃତ ହୋଇଥିଲେ। ଏଥର ସରକାରଙ୍କ ଜଟିଳ ପ୍ରକ୍ରିୟା ଯୋଗୁଁ ପଞ୍ଜୀକରଣରେ ଶିଥିଳତା ଦେଖାଦେଉଥିବା ଅଭିଯୋଗ ହେଉଛି। ବିଶେଷକରି ପଞ୍ଜୀକରଣ ସମୟରେ ଇ-କେୱାଇସି କରିବା, ରାଜସ୍ୱ ନିରୀକ୍ଷକ(ଆରଆଇ)ଙ୍କଠାରୁ ଜମିମାମଲା(ଅଧିକାରିକ)ଙ୍କ ଆଣିବା ପ୍ରମୁଖ ସମସ୍ୟା ଭାବେ ଉଭା ହୋଇଛି। ଏହାସହ ଉପାନ୍ତ ଅଞ୍ଚଳ ପାକ୍ସଗୁଡ଼ିକରେ ଇଣ୍ଟରନେଟ୍ ସମସ୍ୟା ଯୋଗୁଁ ମଧ୍ୟ ପଞ୍ଜୀକରଣରେ ଧୀମା ହେଉଥିବା ଜଣାପଡ଼ିଛି। ସରକାର ଏସବୁ ସମସ୍ୟା ପ୍ରତି ଦୃଷ୍ଟି ଦେବାକୁ ବାରମ୍ବାର ଚାଷୀମାନେ ଦାବି କରୁଥିଲେ ହେଁ ସରକାର କର୍ଣ୍ଣପାତ କରୁନାହାନ୍ତି। ଅନ୍ୟପକ୍ଷରେ ଯୋଗାଣ ମନ୍ତ୍ରୀ କୃଷ୍ଣଚନ୍ଦ୍ର ପାତ୍ର ଗଣମାଧ୍ୟମକୁ ସଫେଇ ଦେଇ କହିଛନ୍ତି, ପଞ୍ଜୀକରଣ ୪ ଦିନ ବିଳମ୍ବରେ ଆରମ୍ଭ ହୋଇଥିବାରୁ ଚାଷୀଙ୍କ ସଂଖ୍ୟା କମିଛି। ପଞ୍ଜୀକରଣରେ ମାତ୍ର ୧୦ ହଜାର ବ୍ୟବଧାନ ରହିଛି। ଚାଷୀ କେବଳ ଗୋଟିଏ ସେଲ୍ଫ ଡିକ୍ଲାରେସନ୍ ଫର୍ମରେ ଦସ୍ତଖତ କରିବେ। ବାପା କିମ୍ବା ଭାଇଙ୍କ ନାମରେ ରେକର୍ଡ ଥିଲେ କେବଳ ଲିଖିତ ଆକାରେ ଦେବେ। ସେଥିପାଇଁ ଫର୍ମ ଇସ୍ୟୁ ହୋଇଯାଇଛି। ଅସୁବିଧା ଥିଲେ ଦିଆଯାଇଥିବା ଫୋନ୍ ନମ୍ବରରେ ଫୋନ୍ କରିବାକୁ ସେ କହିଛନ୍ତି।

■ ଗୁଣିଗାରେଡି ସନ୍ଦେହରେ ହତ୍ୟା ମାମଲା

# ୫ ହତ୍ୟାକାରୀଙ୍କୁ ଆଜୀବନ

**ମାଲକାନଗିରି, ୩୧।୭ (ସମିସ):** ୨୦୨୦ ମସିହାରେ ମାଲକାନଗିରି ଜିଲ୍ଲା ମୋଟୁ ଥାନା ଅଞ୍ଚଳରେ ସଂଘଟିତ ଏକ ହତ୍ୟା ମାମଲାର ଶୁଣାଣି କରି ଜିଲ୍ଲା ଦୌରାଜଜ୍ ଡ. ପ୍ରସନ୍ନ କୁମାର ପଣ୍ଡା ଆଜି ୫ ଅଭିଯୁକ୍ତଙ୍କୁ ଦୋଷୀ ସାବ୍ୟସ୍ତ କରିବା ସହ ଆଜୀବନ କାରାଦଣ୍ଡରେ ଦଣ୍ଡିତ କରିଛନ୍ତି। ସେମାନେ ହେଲେ, ଲବକୁଶ କନ୍ତେରି, ସୋମନାଥ ଜାଲା, ସୁକୁ ଜାଲା, ଶଙ୍କର ମାଝୀ ଓ ମଙ୍ଗୁ ମାଝି। ୧୦ଜଣ ସାକ୍ଷ୍ୟ ପ୍ରମାଣ ଓ ପୁଲିସ୍ ତଦନ୍ତକୁ ଭିତ୍ତି କରି କୋର୍ଟ ଏହି ରାୟ ଶୁଣାଇଛନ୍ତି। ସୂଚନାନୁଯାୟୀ, ୨୦୨୦ ଫେବ୍ରୁଆରି ମାସରେ ମୋଟୁ ଥାନା ଅନ୍ତର୍ଗତ ଗୁଣ୍ଡାବେଡ଼ା ଗ୍ରାମର ମୁକୁନ୍ଦ କନ୍ତେରିଙ୍କୁ ତାଙ୍କ ପତ୍ନୀ ମଙ୍ଗୁଳିଙ୍କ ସମ୍ମୁଖରେ ଅତି ନିର୍ମମ ଭାବେ ହତ୍ୟା କରାଯାଇଥିଲା। ମୁକୁନ୍ଦ ଗୁଣିଗାରେଡ଼ି କରୁଥିବା ସନ୍ଦେହରେ ଗ୍ରାମର ୫ଜଣ ତାଙ୍କୁ ହତ୍ୟା କରିବା ପରେ ଶବକୁ ପୋଡ଼ି ଦେଇଥିଲେ। ଏନେଇ ମୋଟୁ ଥାନାରେ ଅଭିଯୋଗ ହେବା ପରେ ପୁଲିସ୍ ଅଭିଯୁକ୍ତମାନଙ୍କୁ ଗିରଫ କରି କୋର୍ଟଚାଲାଣ କରିଥିଲା। ପିପି ଯୋଗେନ୍ଦ୍ର ରାଇକା ଏହି ମାମଲା ପରିଚାଳନା କରୁଥିଲେ।

# ଜେଲରୁ ବାହାରିଲେ ଧୀମାନ ଚକ୍‌ମା

**ଭବାନୀପାଟଣା, ୩୧।୭ (ସମିସ):** ଲାଞ୍ଚ ନେଇ ଜେଲ୍ ଯାଇଥିବା ଧର୍ମଗଡ଼ ଉପଜିଲ୍ଲାପାଳ ଧୀମାନ ଚକମା (ଆଇଏଏସ) ଶେଷରେ ମୁକୁଳିଛନ୍ତି। ଗୁରୁବାର ସନ୍ଧ୍ୟା ପ୍ରାୟ ୭ଟାରେ ସେ ଜେଲରୁ ବାହାରିଛନ୍ତି। ଗତ ୨୪ ତାରିଖରେ ଉଚ୍ଚ ନ୍ୟାୟାଳୟ ଏହି ମାମଲାର ଶୁଣାଣି କରି ତାଙ୍କ ଜାମିନ ମଞ୍ଜୁର କରିଥିଲେ। ତେବେ ଚକମାଙ୍କ ପାସପୋର୍ଟ କଟକ ଭିଜିଲାନ୍ସ ଜବତ କରି ନେଇଯାଇଥିଲା। ପାସପୋର୍ଟ ଭବାନୀପାଟଣାରେ ପହଞ୍ଚିବା ପରେ ଚକମା ଜେଲରୁ ମୁକୁଳିଛନ୍ତି। ଜଣେ ବ୍ୟବସାୟୀଙ୍କଠାରୁ ୧୦ଲକ୍ଷ ଟଙ୍କା ଲାଞ୍ଚ ନେବା ବେଳେ ସେ ଗତମାସ ୮ତାରିଖରେ ଭିଜିଲାନ୍ସ ହାତରେ ଧରାପଡ଼ିଥିଲେ। ୯ ତାରିଖରେ ଜେଲ ଯାଇଥିଲେ। ପ୍ରଥମେ ଭବାନୀପାଟଣା ଭିଜିଲାନ୍ସ କୋର୍ଟରେ ଗତମାସ ୧୭ ତାରିଖରେ ଜାମିନ ଲାଗି ଆବେଦନ କରାଯାଇଥିଲା। ବିଚାରପତି କିନ୍ତୁ ନାମଞ୍ଜୁର କରିଦେଇଥିଲେ। ପରେ ତାଙ୍କ ଓକିଲ ହାଇକୋର୍ଟର ଦ୍ୱାରସ୍ଥ ହୋଇଥିଲେ। ୫ ଲକ୍ଷ ଟଙ୍କା ଓ ଜଣେ ଜାମିନଦାରଙ୍କ ବଦଳରେ ଏବେ ସେ ଜାମିନ ପାଇଛନ୍ତି। ତେବେ ଚକମା ଜେଲରୁ ବାହାରିବା ସମୟରେ ଜେଲ୍ ସମ୍ମୁଖରେ ପ୍ରବଳ ଭିଡ ଜମି ରହିଥିଲା। ତେବେ ତଦନ୍ତକାରୀ ଅଧିକାରୀଙ୍କ ନିକଟରେ ଆବଶ୍ୟକସ୍ଥଳେ ସେ ଉପସ୍ଥିତ ରହିବେ। କୋର୍ଟ କାର୍ଯ୍ୟ ଚାଲିଥିବା ବେଳେ ଉପସ୍ଥିତ ରହିବା ଜରୁରୀ। କୋର୍ଟର ବିନା ଅନୁମତିରେ ଦେଶ ବାହାରକୁ ଯାଇପାରିବେ ନାହିଁ। ତଦନ୍ତକାରୀ ଅଧିକାରୀ ଏବଂ ଅଦାଲତର ଅଜାଣତରେ ଚକମା ନିଜ ମୋବାଇଲ ନମ୍ବର ଓ ଠିକଣା ପରିବର୍ତ୍ତନ କରିପାରିବେ ନାହିଁ। ଶେଷରେ ପାସପୋର୍ଟ ଭିଜିଲାନ୍ସ କୋର୍ଟରେ ଦାଖଲ କରିବାକୁ ଜାମିନ ବେଳେ ସର୍ତ୍ତ ରହିଥିବା ଚକମାଙ୍କ ଓକିଲ ଦିଲ୍ଲୀପ ସା ପ୍ରକାଶ କରିଛନ୍ତି।

# ରାଜ୍ୟସଭାରେ ଉଠିଲା ଓଡ଼ିଶାରେ ମହିଳା ଓ ଶିଶୁ ନିର୍ଯାତନା

## ବିଜେଡି ସାଂସଦଙ୍କ ହଟ୍ଟଗୋଳ, ଗୃହ ମୁଲତବୀ

**ଭୁବନେଶ୍ୱର, ୩୧।୭ (ସମିସ):** ଓଡ଼ିଶାରେ ବଢ଼ୁଥିବା ମହିଳା ଓ ଶିଶୁ କନ୍ୟାଙ୍କ ବଢ଼ୁଥିବା ଜଘନ୍ୟ ଅପରାଧକୁ ନେଇ ଗୁରୁବାର ରାଜ୍ୟସଭାରେ ଆଲୋଚନା ପାଇଁ ନୋଟିସ ଦେଇଥିଲା ବିଜେଡି। ଏପରି ସ୍ପର୍ଶକାତର ପ୍ରସଙ୍ଗରେ ସଂସଦର ଉଚ୍ଚ ସଦନରେ ଆଲୋଚନା ହୋଇଥିଲେ କେନ୍ଦ୍ର ସରକାର ଓଡ଼ିଶାରେ ଘଟିଥିବା ସ୍ପର୍ଶକାତର ଓ ଉଦବେଗଜନକ ଘଟଣାବଳୀ ସମ୍ପର୍କରେ ଅବଗତ ହୋଇ ପାରିଥାନ୍ତେ। ରାଜ୍ୟରେ ମହିଳା ସୁରକ୍ଷା ନେଇ କୌଣସି ନିର୍ଯାସ ବାହାରି ପାରିଥାନ୍ତା। ମାତ୍ର ରାଜ୍ୟସଭା ଉପାଧ୍ୟକ୍ଷ ହରିବଂଶ ନାରାୟଣ ସିଂହ ବିଜେଡିର ଏହି ନୋଟିସକୁ ଖାରଜ କରି ଦେଇଥିଲେ। ଯାହାକୁ ନେଇ ଗୃହରେ ପ୍ରବଳ ପ୍ରତିବାଦ କରିଛି ବିଜେଡି। ଦଳର ସମସ୍ତ ୭ ଜଣ ସାଂସଦ ନିଜ ନିଜ ଆସନରେ ଛିଡ଼ା ହୋଇ ପ୍ରବଳ ନାରାବାଜି କରିବା ସହ ଆଲୋଚନା ପାଇଁ ଦାବି କରିଥିଲେ। ଫଳରେ ଗୃହ କାର୍ଯ୍ୟ ସମ୍ଭବ ହୋଇ ନ ଥିଲା ଓ ରାଜ୍ୟସଭା ଉପାଧ୍ୟକ୍ଷ ଗୃହକୁ ମୁଲତବୀ ଘୋଷଣା କରିଥିଲେ।

ଆଜି ବିଜେଡି ପକ୍ଷରୁ ଗୃହରେ ରାଜ୍ୟସଭାର ପ୍ରକ୍ରିୟା ଏବଂ କାର୍ଯ୍ୟ ସଞ୍ଚାଳନ ନିୟମ ଅନ୍ତର୍ଗତ ରୁଲ ୨୬୭ ଅଧିନରେ ଏହି ନୋଟିସ ଅଣାଯାଇଥିଲା। ଏହି ନୋଟିସ ଅନୁଯାୟୀ ଓଡ଼ିଶାରେ ମହିଳା ଓ ଶିଶୁ ବିରୋଧୀ ଜଘନ୍ୟ ଅପରାଧ ଉପରମୁହାଁ ହୋଇଥିବା ବେଳେ ଏହା ରାଜ୍ୟବାସୀଙ୍କ ମନରେ ଭୟ, କ୍ରୋଧ ଏବଂ ବ୍ୟାପକ ମାତ୍ରାରେ ଅଶାନ୍ତି ସୃଷ୍ଟି କରିଛି। ବିଗତ କିଛି ମାସ ଗୁଡ଼ିକ ମଧ୍ୟରେ ଓଡ଼ିଶାରେ ମହିଳା ଏବଂ ନାବାଳିକାଙ୍କ ବିରୋଧରେ ବହୁ ନୃଶଂସ ଓ ଜଘନ୍ୟ ଅପରାଧ ଦେଖାଦେଇଛି। ଯାହା ରାଜ୍ୟର ବିଗୁଡ଼ୁଥିବା ଆଇନ ଶୃଙ୍ଖଳା ପରିସ୍ଥିତିକୁ ପ୍ରତିଫଳିତ କରୁଛି। ବହୁ ମାମଲାରେ, ପୀଡ଼ିତା ଏବଂ ସେମାନଙ୍କ ପରିବାର ସଦସ୍ୟ ନ୍ୟାୟ ପାଇଁ ସଂଗ୍ରାମ କରୁଥିବା ବେଳେ ଅପରାଧୀ ଖୋଲାଖୋଲି ବାହାରେ ବୁଲୁଛନ୍ତି। ଏପିରିକି ଏପରି ଘଟଣାରେ କେନ୍ଦ୍ର ସରକାରଙ୍କ ହସ୍ତକ୍ଷେପ ପାଇଁ ପାଇଁ ବାରମ୍ବାର ଅନୁରୋଧ କରାଯାଇଥିଲେ ହେଁ, କେନ୍ଦ୍ର ସରକାର ଏନେଇ ହସ୍ତକ୍ଷେପ ନକରିବା ସଂକଟକୁ ବୃଦ୍ଧି କରିଛି। ସମ୍ବିଧାନର ଅନୁଚ୍ଛେଦ ୧୪, ୧୫, ୨୧, ପକ୍ସୋ ଆଇନ ଏବଂ ଅପରାଧିକ ଆଇନରେ ମହିଳା ଓ ଶିଶୁଙ୍କ ସୁରକ୍ଷା ଓ ସମ୍ମାନ ପାଇଁ ବ୍ୟାପକ ବ୍ୟବସ୍ଥା ଥିଲେ ହେଁ, ତାହା ବର୍ତ୍ତମାନ ବିପଦରେ ବୋଲି ନୋଟିସରେ ଉଲ୍ଲେଖ କରାଯାଇଥିଲା। ଏହା କେବଳ ଓଡ଼ିଶାର ମହିଳାଙ୍କ ସୁରକ୍ଷା ଓ ନ୍ୟାୟର ପ୍ରସଙ୍ଗ ନୁହେଁ, ବରଂ ଦେଶବ୍ୟାପୀ ମହିଳା ଓ ଶିଶୁଙ୍କ ସୁରକ୍ଷା ନେଇ ସାମ୍ବିଧାନିକ ଗ୍ୟାରେଣ୍ଟି ବଜାୟ ରଖିବା ପାଇଁ ଗୃହ ଏହା ଉପରେ ତୁରନ୍ତ ଧ୍ୟାନ ଦେବା ଆବଶ୍ୟକ ବୋଲି ବିଜେଡି ପକ୍ଷରୁ ଅପିଲ କରାଯାଇଥିଲା। ଏପରି ଜଘନ୍ୟ ଅପରାଧର ନିରାକରଣ ପାଇଁ ସଂସଦରେ ପ୍ରତିଷେଧକ ରଣନୀତି, କେନ୍ଦ୍ର ଓ ରାଜ୍ୟ ମଧ୍ୟରେ ସମନ୍ୱୟ ଏବଂ ନ୍ୟାୟିକ ପ୍ରତିକ୍ରିୟା ତନ୍ତ୍ର ଏବଂ ପୀଡ଼ିତାଙ୍କୁ କିପରି ସହଯୋଗ ବ୍ୟବସ୍ଥାର ସୁଦୃଢ଼ୀକରଣ କରାଯୌଇପାରିବ, ସେନେଇ ଆଲୋଚନା ଜରୁରୀ ବୋଲି ନୋଟିସରେ ବିଜେଡିର ସମସ୍ତ ସାଂସଦ ଦାବି କରିଥିଲେ।

ମାତ୍ର ରାଜ୍ୟସଭା ଉପାଧ୍ୟକ୍ଷ ଏହି ନୋଟିସକୁ ଗ୍ରହଣ ନ କରି ଖାରଜ କରି ଦେଇଥିଲେ। ଦେଶର ଏକ ବଡ଼ ସମ୍ବେଦନଶୀଳ ପ୍ରସଙ୍ଗକୁ ଏପରି ସିଧାସଳଖ ଖାରଜ କରି ଦିଆଯିବାକୁ ବିଜେଡି ସାଂସଦମାନେ ନିଜ ଆସନରେ ଠିଆ ହୋଇ ତୀବ୍ର ପ୍ରତିବାଦ କରିଥିଲେ।

# ୧୫ଦିନ ବିରତି ନେବ ମୌସୁମୀ

**ଭୁବନେଶ୍ୱର, ୩୧।୭ (ସମିସ):** ପଛକୁ ପଛ ଲଘୁଚାପ ଯୋଗୁଁ ସକ୍ରିୟ ରହିଥିବା ମୌସୁମୀ କିଛି ସମୟ ପାଇଁ ବିରତି ନେବ। ଏହି ବିରତି ଅଗଷ୍ଟ ଦ୍ୱିତୀୟ ସପ୍ତାହ ଅର୍ଥାତ୍ ପ୍ରାୟ ୧୨ ତାରିଖ ଯାଏଁ ଜାରି ରହିବ। ଏହି ସମୟରେ ମୌସୁମୀ ବାୟୁ ନିଷ୍କ୍ରିୟ ହେବା ଫଳରେ ରାଜ୍ୟରେ ବର୍ଷା କମିବ ଓ ପାଗ ଶୁଖିଲା ରହିବ। ଗଲା କିଛି ବର୍ଷ ହେବ ମୌସୁମୀ ଓଡ଼ିଶା ଛୁଇଁବାର ମାସେରୁ ଦେଢ଼ ମାସ ପରେ ଏହି ସ୍ଥିତି ଅର୍ଥାତ୍ 'ମୌସୁମୀ ବ୍ରେକ୍' ହେଉଥିବା ବେଳେ ଚଳିତ ବର୍ଷ ଆରମ୍ଭରୁ ଦେଢ଼ ସପ୍ତାହ ମୌସୁମୀ ବ୍ରେକ୍ ଲାଗିଥିଲା। ପୁଣି ଏହି ସ୍ଥିତି ସହ ଚଳିତ ବର୍ଷ ଦ୍ୱିତୀୟ ବିରତି ଆରମ୍ଭ ହେବାକୁ ଯାଉଛି। ସାଧାରଣତଃ ମୌସୁମୀ ବିରତି ସମୟରେ ଆକାଶ ନିର୍ମଳ ରହିଥାଏ ଓ ସୂର୍ଯ୍ୟକିରଣ ସିଧା ପୃଥିବୀ ଉପରେ ପଡ଼ିଥାଏ। ଏଥିପାଇଁ ତାପମାତ୍ରା ବଢ଼ିବା ସହ ମୌସୁମୀ ସମୟରେ ବାୟୁମଣ୍ଡଳରେ ପ୍ରଚୁର ଜଳୀୟବାଷ୍ପ ରହୁଥିବାରୁ ଏହା ବିଜୁଳି ଘଡ଼ିଘଡ଼ି ପାଇଁ ମଧ୍ୟ ସ୍ଥିତି ଅନୁକୂଳ କରିଥାଏ। ଯେହେତୁ ରାଜ୍ୟରେ ଗଲା କିଛି ଦିନ ମଧ୍ୟରେ ଭଲ ବର୍ଷା ହୋଇଛି, ତେଣୁ ଚାଷ କାମ ପାଇଁ ଚାଷୀମାନେ କ୍ଷେତରେ ରହିବାର ସମ୍ଭାବନା ରହିଛି। ତେଣୁ ଏହି ସମୟରେ ଚାଷୀଙ୍କ ପାଇଁ ବଜ୍ରପାତର ଅଧିକ ବିପଦ ଆଶଙ୍କା ସୃଷ୍ଟି ହୋଇଛି। ସୂଚନା ଥାଉ କି ମୌସୁମୀ ସହ ଜଡ଼ିତ ନିମ୍ନଚାପରେଖା ଉତ୍ତରମୁହାଁ ହେଲେ ଓଡ଼ିଶା ସମେତ କେନ୍ଦ୍ରୀୟ ଭାରତରେ ବର୍ଷା କମିଥାଏ। ନିମ୍ନଚାପ ରେଖା ଏହି ସମୟରେ ଉତ୍ତର ମୁହାଁ ହୋଇ ହିମାଳୟ ପାଦଦେଶରେ ସକ୍ରିୟ ରହିବା ସହ ସେଠାରେ ବର୍ଷା କରାଏ। ସେହିପରି ମୌସୁମୀ ବିରତି ସମୟରେ ପଶ୍ଚିମାଝଡ଼ର ପ୍ରଭାବ ରହିଲେ ଏହି ବିରତି ଅବଧି ବୃଦ୍ଧି ହେବାକୁ ସହାୟକ ହୋଇଥାଏ। ପାଣିପାଗ କେନ୍ଦ୍ରର ସୂଚନା ଅନୁଯାୟୀ ଜୁଲାଇ ୩୦ ତାରିଖ ସୁଦ୍ଧା ରାଜ୍ୟରେ ୬୧୩.୯ ମିମି ବର୍ଷା ହୋଇ ସାରିଛି। ଯାହାକି ସାରା ରାଜ୍ୟରେ ସ୍ୱାଭାବିକ ବର୍ଷା ୫୫୦.୭ ମିମି ତୁଳନାରେ ୧୧ ପ୍ରତିଶତ ଅଧିକ ରହିଛି।

ଅନ୍ୟପଟେ ମୌସୁମୀ ବିରତି ଯୋଗୁଁ ଦୁଇ ସପ୍ତାହ ସ୍ୱାଭାବିକଠାରୁ କମ୍ ବର୍ଷା ହେବ। ସାରା ରାଜ୍ୟରେ ଅଗଷ୍ଟରେ ବର୍ଷାର ପରିମାଣ ସ୍ୱାଭାବିକ ତୁଳନାରେ କମ୍ ରହିବ ବୋଲି ଭାରତୀୟ ପାଣିପାଗ ବିଭାଗ (ଆଇଏମ୍‌ଡି) କହିଛି। ଅଗଷ୍ଟ ମାସ ପାଇଁ ମୌସୁମୀ ବର୍ଷାଜନିତ ଆକଳନ କରି ଆଇଏମ୍‌ଡି କହିଛି, ରାଜ୍ୟର କାଁ ଭାଁ ସ୍ଥାନକୁ ଛାଡ଼ିଦେଲେ ଅବଶିଷ୍ଟ ସଅଞ୍ଚଳରେ ଅଗଷ୍ଟ ମାସରେ ମୌସୁମୀ ବର୍ଷା ସ୍ୱାଭାବିକ ତୁଳନାରେ କମ୍ ରହିବ। ଦୁଇ ତଳେ ପଶ୍ଚିମବଙ୍ଗର ଗାଙ୍ଗେୟ ଉପତ୍ୟକାରେ ଏକ ଘୂର୍ଣ୍ଣିବଳୟ ସକ୍ରିୟ ରହିଥିଲା। ଏହା ପ୍ରଭାବରେ ଗୁରୁବାର ରାଜ୍ୟର କିଛି ଜିଲ୍ଲାରେ ବର୍ଷା ହୋଇଥିବା ବେଳେ ଶୁକ୍ରବାର ମଧ୍ୟ କେବଳ ଉତ୍ତର ଓଡ଼ିଶାର କିଛି ଜିଲ୍ଲାରେ ହାଲୁକାରୁ ମଧ୍ୟମ ଧରଣର ବର୍ଷା ସମ୍ଭାବନା ରହିଛି। ମାତ୍ର ଶନିବାରଠାରୁ ବର୍ଷାର ପରିମାଣ ମାତ୍ରାଧିକ ହ୍ରାସ ପାଇବା ସହ ସାରା ଓଡ଼ିଶାରେ ଶୁଖିଲା ପାଗ ରହିବାର ସମ୍ଭାବନା ରହିଛି।

# ୧୨ ଘଣ୍ଟାରେ ହୀରାକୁଦର ୮ ଗେଟ୍ ବନ୍ଦ

**ସମ୍ବଲପୁର, ୩୧।୭ (ସମିସ):** ଉପରମୁଣ୍ଡରେ ବର୍ଷା କମିବା ଯୋଗୁଁ ହୀରାକୁଦ ଜଳଭଣ୍ଡାର ଗତ ୧୨ ଘଣ୍ଟା ମଧ୍ୟରେ ପର୍ଯ୍ୟାୟକ୍ରମେ ୮ଟି ଗେଟ୍ ବନ୍ଦ କରିଛି। ଆଜି ସକାଳ ୬ଟା ବେଳେ ୧୨ଟି ଗେଟ୍ ଖୋଲା ଥିବା ବେଳେ ସନ୍ଧ୍ୟା ୬ଟା ବେଳକୁ ମାତ୍ର ୪ ଗେଟ୍ ଖୋଲା ରହିଛି। ସଂଧ୍ୟା ୬ଟା ବେଳକୁ ହୀରାକୁଦର ଜଳସ୍ତର ୬୧୦.୧୦ ଫୁଟ୍‌ରେ ରହିଥିବା ସୂଚନା ମିଳିଛି। ବର୍ତ୍ତମାନ ୪ଟି ଗେଟ୍ ଦେଇ ବନ୍ୟାଜଳ ନିଷ୍କାସିତ ହେଉଛି। ନଦୀବନ୍ଧର ବାମପଟର ୩ଟି ଓ ଡାହାଣ ପଟର ଗୋଟିଏ ସ୍ଲୁଇସ ଗେଟ୍ ଖୋଲା ରହିଛି। ଉଲ୍ଲେଖଯୋଗ୍ୟ, ଗତବର୍ଷ ଆଜିର ଦିନରେ ହୀରାକୁଦ ଜଳସ୍ତର ୬୧୧.୬୦ ଫୁଟ୍ ରହିଥିଲା।

# ଝାଡ଼ାବାନ୍ତିରେ ୪ ମୃତ

## ଗାଁରେ ପହଞ୍ଚିଲେ ଡାକ୍ତରୀ ଟିମ୍

**କୋରାପୁଟ, ୩୧।୭ (ସମିସ):** ଗତ କିଛି ଦିନ ମଧ୍ୟରେ ବୋରିଗୁମ୍ମା ବ୍ଲକ୍ ମାଳଦା ଗ୍ରାମରେ ୪ ଜଣଙ୍କ ମୃତ୍ୟୁ ହୋଇଛି। ବୋରିଗୁମ୍ମା ବ୍ଲକ ମାଳଦା ଗ୍ରାମରେ ଏବେ ଝାଡ଼ାବାନ୍ତି ବ୍ୟାପିବାରୁ ଲୋକେ ଆତଙ୍କିତ ଅବସ୍ଥାରେ ରହିଛନ୍ତି। ଝାଡ଼ାବାନ୍ତି ସୂଚନା ପାଇବା ପରେ ମେଡ଼ିକାଲ ଟିମ୍ ଗାଁରେ ପହଞ୍ଚି ସ୍ଥିତି ଅନୁଧ୍ୟାନ କରୁଥିବା ଜଣାପଡ଼ିଛି।

ଗୁରୁବାର ବୋରିଗୁମ୍ମା ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ର ଅଧିକାରୀ, ବୋରିଗୁମ୍ମା ବ୍ଲକ କର୍ମଚାରୀ ,ଏଏନଏମ ଏବଂ ଅନ୍ୟ କର୍ମଚାରୀ ଗାଁରେ ପହଞ୍ଚି ଘରକୁ ଘର ବୁଲି ଲୋକଙ୍କ ସହ ଆଲୋଚନା କରିଥିଲେ। ଡାକ୍ତରୀ ଦଳ ଗ୍ରାମବାସୀ ବ୍ୟବହାର କରୁଥିବା ନଳକୂପ, ଗଭୀର କୂପ ଏବଂ ପାଇପ୍ ଲାଇନ୍ ପାଣି ସାମ୍ପୁଲ ପରୀକ୍ଷା କରିଥିଲେ। ଲୋକଙ୍କୁ ସଚେତନ କରି ଖାଇବା ପୂର୍ବରୁ ହାତ ସଫା କରିବା, ବାସି ଖାଦ୍ୟ ନ ଖାଇବା, ପାଣିକୁ ଫୁଟାଇ ସେଥିରେ ହାଲୋଜେନ ଟାବଲେଟ୍ ପକାଇ ପିଇବା ପାଇଁ ପରାମର୍ଶ ଦେଇଥିଲେ। ଗାଁରେ ନାଳନର୍ଦ୍ଦମା ସଫା ସୁତୁରା ରଖିବା ପାଇଁ ମଧ୍ୟ କହିଛନ୍ତି। ଗାଁରେ ମେଡ଼ିକାଲ କ୍ୟାମ୍ପ କରି ସପ୍ତାହେ ଯାଏ ୨୪ ଘଣ୍ଟା ସେବା ଯୋଗାଇ ଦେବାକୁ ମେଡ଼ିକାଲ ଅଫିସର କର୍ମଚାରୀମାନଙ୍କୁ ନିର୍ଦ୍ଦେଶ ଦେଇଛନ୍ତି।

କୋଟପାଡ଼ ବିଧାୟକ ରୁପୁ ଭତ୍ରା ସ୍ଥିତି ଅନୁଧ୍ୟାନ କରିବା ପାଇଁ ମାଳଦା ଗାଁକୁ ଯାଇ ଲୋକଙ୍କ ସହ ଆଲୋଚନା କରିବା ସହ ମେଡ଼ିକାଲ ଟିମ ସହ ଆଲୋଚନା କରିଥିଲେ। ଲୋକେ ଦୂଷିତ ପାଣି ବ୍ୟବହାର ନ କରିବା ପାଇଁ ପରାମର୍ଶ ଦେଇଥିଲେ ଏବଂ କିଛି ଦିନ ଟ୍ୟାଙ୍କର ସାହାଯ୍ୟରେ ପିଇବା ପାଣି ଯୋଗାଇ ଦେବେ ବୋଲି କହିଛନ୍ତି। ବୋରିଗୁମ୍ମା ବିଡ଼ିଓ ମଧ୍ୟ ଗାଁରେ ପହଞ୍ଚି ସ୍ଥିତି ଅନୁଧ୍ୟାନ କରିଛନ୍ତି। ତେବେ ୪ଜଣଙ୍କ ମୃତ୍ୟୁ ଝାଡ଼ାବାନ୍ତି ନା ଅନ୍ୟ କାରଣରୁ ହୋଇଛି ତାହା ସ୍ପଷ୍ଟ ହୋଇପାରିନାହିଁ।

# ପୁଲିସ୍ ଏସ୍ଆଇ ନିଯୁକ୍ତି ପାଇଁ ସାନି ବିଜ୍ଞପ୍ତି

**ଭୁବନେଶ୍ୱର, ୩୧।୭ (ସମିସ):** ପୁଲିସ୍ ଏସ୍ଆଇ ନିଯୁକ୍ତି ପରୀକ୍ଷା ପାଇଁ ବୟସ ସୀମା ୩ବର୍ଷ ବଢ଼ିବା ପରେ ସାନି ବିଜ୍ଞପ୍ତି ପ୍ରକାଶ ପାଇଛି। ଆବେଦନ ପାଇଁ ସର୍ବନିମ୍ନ ବୟସ ୨୧ ବର୍ଷ ଧାର୍ଯ୍ୟ କରାଯାଇଛି। ସାଧାରଣ ବର୍ଗଙ୍କ ପାଇଁ ସର୍ବୋଚ୍ଚ ବୟସସୀମା ୨୦୨୪ ଜାନୁଆରୀ ପହିଲା ସୁଦ୍ଧା ୨୮ ବର୍ଷ ଧାର୍ଯ୍ୟ ହୋଇଥିବାବେଳେ ଏସ୍ଇବିସି, ଅନୁସୂଚିତ ଜାତି, ଅନୁସୂଚିତ ଜନଜାତି ଏବଂ ସମସ୍ତ ବର୍ଗର ମହିଳା ପ୍ରାର୍ଥୀଙ୍କ ପାଇଁ ୩୩ ବର୍ଷ ରଖାଯାଇଛି। ଆସନ୍ତା ୬ ତାରିଖରୁ ଆବେଦନ ଆରମ୍ଭ ହେବ। ୧୦ଦିନ ପର୍ଯ୍ୟନ୍ତ ଅର୍ଥାତ୍ ଅଗଷ୍ଟ ୧୫ ତାରିଖ ପର୍ଯ୍ୟନ୍ତ ଆଶାୟୀମାନେ ଆବେଦନ କରିପାରିବେ।

**ଦଣ୍ଡାସାହିରେ ବ୍ୟାପୁଛି ଜଣ୍ଡିସ୍**

# ୭ ଆକ୍ରାନ୍ତ ଚିହ୍ନଟ

**ଜଗତସିଂହପୁର, ୩୧।୭ (ସମିସ):** ଜଗତସିଂହପୁର ଜିଲ୍ଲାର ବିରିଡି ବ୍ଲକ୍ ଅନ୍ତର୍ଗତ ପୂରଣ ପଞ୍ଚାୟତ ଦଣ୍ଡାସାହି ଗ୍ରାମରେ ଜଣ୍ଡିସ୍ ବ୍ୟାପୁଛି। ଏହାକୁ ନେଇ ସ୍ଥାନୀୟ ଲୋକେ ଭୟଭୀତ ହୋଇପଡ଼ିଛନ୍ତି। ଜଣ୍ଡିସ ଲକ୍ଷଣ ଜାଣିବା ପରେ ସ୍ଥାନୀୟ ଜନପ୍ରତିନିଧି ସ୍ୱାସ୍ଥ୍ୟ ବିଭାଗକୁ



ଅବଗତ କରାଇଥିଲେ। ଖବର ପାଇ ଜଣ୍ଡିସ୍ ଲକ୍ଷଣ ଥିବା ଲୋକଙ୍କଠାରୁ ଜିଲ୍ଲା ସ୍ୱାସ୍ଥ୍ୟ ବିଭାଗ ଓ ବିରିଡି ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ର ପକ୍ଷରୁ ରକ୍ତ ନମୁନା ସଂଗ୍ରହ କରି ପରୀକ୍ଷା କରାଯାଇଥିଲା। ଗତକାଲି ୧୨ଜଣଙ୍କ ରକ୍ତ ନମୁନା ପରୀକ୍ଷା ହୋଇଥିଲା। ଏଥିରୁ ୭ଜଣଙ୍କ ଜଣ୍ଡିସ ଥିବା ରିପୋର୍ଟ ଆସିଥିବା ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର ଅତିରିକ୍ତ ଜିଲ୍ଲା ଚିକିତ୍ସାଧିକାରୀ ଡା. ଶତ୍ରୁଘ୍ନ ଦାସ ସୂଚନା ଦେଇଛନ୍ତି। ଦୂଷିତ ପାଣି ଯୋଗୁଁ ଏହି ରୋଗ ବ୍ୟାପିଥିବା ପ୍ରାଥମିକ ଆକଳନ କରାଯାଇଛି। ସ୍ୱାସ୍ଥ୍ୟ ବିଭାଗ ପକ୍ଷରୁ ଏକ ଡାକ୍ତରୀ ଟିମ୍ ଉପସ୍ଥିତ ରହି ଆବଶ୍ୟକ ଚିକିତ୍ସା କରୁଥିବା ଡା. ଦାସ ସୂଚନା ଦେଇଛନ୍ତି। ଜିଲ୍ଲା ସ୍ୱାସ୍ଥ୍ୟ ବିଭାଗ ନିର୍ଦ୍ଦେଶରେ ତୁରନ୍ତ ପଦକ୍ଷେପ ଗ୍ରହଣ କରାଯିବା ସହ ଆବଶ୍ୟକ ଚିକିତ୍ସା ପ୍ରଦାନ କରାଯାଇଛି। ଲୋକଙ୍କ ଘରେ ଥିବା କୂଅ ଓ ନଳକୂଅକୁ ବିଶୋଧନ କରାଯାଇଛି। କୌଣସି ପରିସ୍ଥିତିରେ ଭୟଭୀତ ନ ହେବାକୁ ଅତିରିକ୍ତ ଜିଲ୍ଲା ଚିକିତ୍ସା ଅଧିକାରୀ ଡା. ଦାସ ପରାମର୍ଶ ଦେଇଛନ୍ତି। ସେହିପରି ତିର୍ତ୍ତୋଲ ବିଧାୟକ ରମାକାନ୍ତ ଭୋଇ, ବ୍ଲକ ଅଧ୍ୟକ୍ଷା ମମତା ପାତ୍ର, ଜିଲ୍ଲା ପରିଷଦ ସଭ୍ୟ ଚନ୍ଦ୍ରଶେଖର ଦାଶ ଓ ସ୍ଥାନୀୟ ଲୋକ ପ୍ରତିନିଧି ଦଣ୍ଡାଶାହିରେ ପହଞ୍ଚି ରୋଗୀଙ୍କୁ ଭେଟିବା ସହ ସ୍ଥିତି ଅନୁଧ୍ୟାନ କରିଥିବା ଜଣାପଡ଼ିଛି।

**ଟିକସ ବାକି ରଖି ଗଡୁଥିଲା ବସ୍**

# ୧୦ ଲକ୍ଷ ଜରିମାନା ଗଣିଲେ ମାଲିକ

**କଟକ, ୩୧।୭ (ସମିସ):** ଏକ ଯାତ୍ରୀବାହୀ ଘରୋଇ ବସକୁ ୧୦ଲକ୍ଷ ଟଙ୍କାର ଜରିମାନା କରାଯାଇଥିବା ବେଳେ ଜରିମାନା ପଇଠ ପରେ ଜବତ ହୋଇଥିବା ବସକୁ ଗାଡି ମାଲିକଙ୍କୁ ହସ୍ତାନ୍ତର କରିଛି କଟକ ଆଞ୍ଚଳିକ ପରିବହନ ବିଭାଗ। ବେଆଇନ ଭାବେ ଟିକସ ଫାଙ୍କି ଚାଲୁଥିବା ଉକ୍ତ ବସ (ଓଡି୦୫ ଏଭି ୫୪୬୫)କୁ କଟକ ଆରଟିଓ ପକ୍ଷରୁ ଜବତ କରାଯାଇ ୧୦ ଲକ୍ଷ ଟଙ୍କା ଜରିମାନା ଧାର୍ଯ୍ୟ କରାଯାଇଥିଲା। ପରମିଟ୍, ବୀମା ଏବଂ ଅନ୍ୟାନ୍ୟ ନିୟମ ପାଳନ ନ କରିବା ପାଇଁ ଏହି ଜରିମାନା ଲାଗୁ କରାଯାଇଥିଲା। ଯାହା ମୋଟ ୧୦ ଲକ୍ଷ ୧୯ ହଜାର ୭୫୬ ଟଙ୍କା ହୋଇଥିଲା। ଫିଟନେସ୍ ଅଭାବ ପାଇଁ ୫ହଜାର ଟଙ୍କା, ପ୍ରଦୂଷଣ ନିୟନ୍ତ୍ରଣ ପ୍ରମାଣପତ୍ର ନଥିବାରୁ ୧୦ହଜାର ଟଙ୍କା, ପରମିଟ୍ ୧୦ ହଜାର ବୀମା ପାଇଁ ୨ହଜାର ଓ ଟିକସ ବାବଦରେ ୩ ଲକ୍ଷ ୭ ହଜାର ୬୬୪ ଟଙ୍କା ସହ ଜରିମାନା ୬ଲକ୍ଷ ୮୫ହଜାର ୯୨ଟଙ୍କା ଏହିପରି ମୋଟ ଜରିମାନା ୧୦ଲକ୍ଷ ୧୯ହଜାର ୭୫୬ଟଙ୍କା ଆଦାୟ କରାଯାଇଥିଲା।

**୨୦୦ଗାଡି ମାଲିକଙ୍କୁ ପଠାଗଲା ନୋଟିସ**

ସେହିଭଳି ରାଜ୍ୟରେ ୨୯ଲକ୍ଷ ଇ-ଚାଲାଣ ପଡ଼ିରହିଥିବା ବେଳେ ଏହି ବାବଦ ଅର୍ଥ ଆଦାୟ କରାଯାଇପାରିନାହିଁ। ତେବେ ବଡ଼ ଗାଡ଼ିଗୁଡ଼ିକ କ୍ଷେତ୍ରରେ ମଧ୍ୟ ଅଧିକ ଚାଲାଣ ରହିଥିବା ଜଣାପଡ଼ିଛି। ଏଣୁ ପରିବହନ ବିଭାଗ ପକ୍ଷରୁ ଏହି ଗାଡି ଗୁଡ଼ିକର ମାଲିକ ମାନଙ୍କୁ ନୋଟିସ ପଠାଯାଇଛି। ବିଶେଷକରି ୫ରୁ ଅଧିକ ଚାଲାଣ ଥିବା ବଡ ଗାଡିକୁ ଜରିମାନା ପଇଠ ପାଇଁ ନୋଟିସ ପ୍ରଥମ ପର୍ଯ୍ୟାୟରେ ୨୦୦ଗାଡି ମାଲିକଙ୍କୁ ନୋଟିସ ହୋଇଛି। ଆସନ୍ତା ୧୫ଦିନ ମଧ୍ୟରେ ଚାଲାଣ ବାବଦ ଜରିମାନା ଅର୍ଥ ପଇଠ କରିବାକୁ ନିର୍ଦ୍ଦେଶ ଦେଇଛନ୍ତି ପରିବହନ ବିଭାଗ। ଏଥିସହ ଫିଟନେସ ଓ ଅନ୍ୟ କାଗଜପତ୍ରକୁ ଠିକ କରିବାକୁ ପଡ଼ିବ। ଏହା ନକଲେ କଠୋର କାର୍ଯ୍ୟାନୁଷ୍ଠାନ ପାଇଁ ଚେତାବନୀ ଦିଆଯାଇଛି। ପରିବହନ ବିଭାଗ ଅଧିକାରୀଙ୍କ କହିବାନୁସାରେ ଏଭଳି ୧୦ ହଜାର ଗାଡ଼ି ଚିହ୍ନଟ ହୋଇଛି। ପର୍ଯ୍ୟାୟକ୍ରମେ ସମସ୍ତ ଗାଡ଼ି ମାଲିକଙ୍କୁ ନୋଟିସ ହେବ। ଟୋଲ ଗେଟରେ ଗଡି ଗୁଡିକ ଅତିକ୍ରମ କଲା ବେଳେ ଖିଲାପି ଗାଡ଼ିଗୁଡ଼ିକୁ ସ୍ୱୟଂକ୍ରିୟ ଚାଲାଣ କଟାଯାଉଛି।

**ଚିନ୍ତାରେ ଚାଷୀ**

# ଗଜା ହେଉନି ସରକାରୀ ବିହନ

**ଭୁବନେଶ୍ୱର, ୩୧।୭ (ସମିସ):** ଚଳିତ ବର୍ଷ ଅନୁକୂଳ ମୌସୁମୀ ଯୋଗୁଁ ରାଜ୍ୟର ଅନେକ ଜିଲ୍ଲାରେ ଚାଷକାମ ଆରମ୍ଭ ହୋଇସାରିଛି। ରାଜ୍ୟରେ ବର୍ତ୍ତମାନ ସୁଦ୍ଧା ୨୬.୭୫ ଲକ୍ଷ ହେକ୍ଟରରୁ ଅଧିକ ଜମିରେ ଚାଷ କାର୍ଯ୍ୟ ଆରମ୍ଭ ହୋଇ ସାରିଥିବା ବେଳେ ଅନେକ ଜିଲ୍ଲାରେ ସରକାରୀ ବିହନ ଶତକଡ଼ା ଅଧାରୁ ଅଧିକ ପ୍ରତିଶତ ଗଜା ହେଉ ନ ଥିବା ଅଭିଯୋଗ ହୋଇଛି। ଏଥିପାଇଁ ଚାଷୀମାନଙ୍କ ମଧ୍ୟରେ ଘୋର ଅସନ୍ତୋଷ ଓ ଅନିଶ୍ଚିତତାର ବାତାବରଣ ସୃଷ୍ଟି ହୋଇଛି। ଏବେ ଯାହାବି ଧାନ ତଳି ରହିଛି, ସେଥିପାଇଁ ଆବଶ୍ୟକ ସାର ମଧ୍ୟ ମିଳିବା ସମ୍ଭବ ହେଉନାହିଁ। ରାଜ୍ୟର କୃଷିବହୁଳ ଜିଲ୍ଲାଗୁଡ଼ିକୁ ଗସ୍ତ କରି କୃଷିକ୍ଷେତ୍ର ଓ କୃଷକମାନଙ୍କର ଏହି ବାସ୍ତବ ସ୍ଥିତି ଦେଖିବା ପରେ ରାଜ୍ୟ କିଷାନ କଂଗ୍ରେସ ଗଭୀର ଉଦ୍‌ବେଗ ପ୍ରକାଶ କରିଛି।

ଯାହାର ଆଶୁ ପ୍ରତିକାର ଦାବି କରିବା ସହ ବେଳହୁଁ ସାବଧାନ ନ ହେଲେ ରାଜ୍ୟରେ କୃଷି ବ୍ୟବସ୍ଥା, କୃଷି ଅର୍ଥନୀତି ତଥା ଚାଷୀ ଓ ଚାଷର ଅବସ୍ଥା ଅତ୍ୟନ୍ତ ଶୋଚନୀୟ ହୋଇପଡ଼ିବାର ସମ୍ଭାବନା ରହିଛି ବୋଲି ରାଜ୍ୟ କିଷାନ କଂଗ୍ରେସ କହିଛି।

ଗୁରୁବାର ରାଜ୍ୟ କିଷାନ କଂଗ୍ରେସ ପକ୍ଷରୁ ଏକ ସାମ୍ବାଦିକ ସମ୍ମିଳନୀରେ କୁହାଯାଇଛି ଯେ ଏକ ପ୍ରତିନିଧି ଦଳ ପଶ୍ଚିମ ଓଡ଼ିଶା ଏବଂ ରାଜ୍ୟର କୃଷିବହୁଳ ଅନ୍ୟ କିଛି ଜିଲ୍ଲାକୁ ଗସ୍ତକରି ଚାଷୀ, ଚାଷ ଓ ଚାଷୀ ପରିବାରର ଅବସ୍ଥା ଦେଖିଛନ୍ତି। ଏହି ସମୟରେ ସେମାନେ ଚାଷୀଙ୍କ

■ ଇ-କେୱାଇସି ଗୋଲକଧନ୍ଦା ବଢ଼ାଇଛି ସମସ୍ୟା


■ ଗ୍ୟାରେଣ୍ଟିଯୁକ୍ତ ଭଲ ଫସଲ ଅମଳ ସୁନିଶ୍ଚିତ ଦାବି

ଠାରୁ ବିହନ ଗଜା ନ ହେବାଠାରୁ ଆରମ୍ଭ କରି ଅନେକ ସମସ୍ୟା ବିଷୟରେ ଅବଗତ ହୋଇଛନ୍ତି। ବିଶେଷକରି ଭଦ୍ରକ, ବାଲେଶ୍ୱର, ଢେଙ୍କାନାଳ, ଅନୁଗୁଳ, ଦେବଗଡ଼, ସୁନ୍ଦରଗଡ଼, ବରଗଡ଼, ବଲାଙ୍ଗିର, କଳାହାଣ୍ଡି, ନୂଆପଡ଼ା ଓ ସୋନପୁର ଜିଲ୍ଲାର ଚାଷୀମାନେ ଏବେ ଆତଙ୍କରେ ସମୟ ବିତାଉଛନ୍ତି। ବାଲେଶ୍ୱର ଜିଲ୍ଲାରେ ସୁବର୍ଣ୍ଣରେଖା, ଜଳକା, ବୁଢ଼ାବଳଙ୍ଗ ଆଦି ନଦୀରେ ଲଗାତର ବନ୍ୟା ଆସିବା ଫଳରେ ଧାନତଳି ପଚିଯାଇଛି। ତଳି ଅଭାବ ଯୋଗୁଁ ରୁଆ ବେଉଷଣ କାର୍ଯ୍ୟ ଆଗେଇ ପାରୁ ନ ଥିବା ବେଳେ ନୂଆପଡ଼ା ଓ ବଲାଙ୍ଗିର ଜିଲ୍ଲାର କିଛି ଅଂଶରେ ଅନାବୃଷ୍ଟି କାରଣରୁ ଚାଷକାର୍ଯ୍ୟ ପଛାଇ ଯାଇଛି। ଅବଶିଷ୍ଟ ଜିଲ୍ଲାମାନଙ୍କରେ ଚାଷକାର୍ଯ୍ୟ ଆଗେଇ ଚାଲିଥିବା ବେଳେ ସରକାରୀ ବିହନ ଅଧାରୁ ଅଧିକ ପ୍ରତିଶତ ଗଜା ନ ହେବା କାରଣରୁ ଚାଷୀମାନଙ୍କ ମଧ୍ୟରେ ଅସନ୍ତୋଷ ବଢ଼ିବାରେ ଲାଗିଛି। ଚାଷ ଆରମ୍ଭ ସମୟରେ ଏକ ଗ୍ୟାରେଣ୍ଟିଯୁକ୍ତ ଭଲ ଫସଲ ଅମଳକୁ ଦୃଷ୍ଟିରେ ରଖି ସରକାର ଏବେଠୁ ଚାଷୀ ଓ ଚାଷକୁ ସମସ୍ତ ପ୍ରକାର ସୁବିଧା ସୁଯୋଗ ପ୍ରଦାନ ସହିତ ସବୁ ପ୍ରକାର ସହାୟତା ଦେବା ପାଇଁ କିଷାନ କଂଗ୍ରେସ ଦାବି କରିଛି। ଆବଶ୍ୟକ ପଡ଼ିଲେ ବିନା ସୁଧ ଓ ସର୍ତ୍ତରେ ଋଣ ଯୋଗାଇଦେବା ସହିତ କୀଟନାଶକ, ସାର ଓ ବିହନ ଆଦି ରିହାତି ଦରରେ ଯୁଦ୍ଧକାଳୀନ ଭିତ୍ତିରେ ଯୋଗାଇଦେବାକୁ କିଷାନ କଂଗ୍ରେସ ଦାବି କରିଛି।

ସେହିପରି ଟୋକନପ୍ରାପ୍ତି ଓ ପଞ୍ଜୀକରଣ ପାଇଁ ସମ୍ପ୍ରତି ଇ-କେୱାଇସି ଓ ବଂଶାବଳୀ ନିରୂପଣ ବ୍ୟବସ୍ଥା କରାଯାଇଛି। ଇ-କେୱାଇସି ନ ହେଲେ ଚାଷୀ ସରକାରୀ ଖାତାରେ ଚାଷୀ ଭାବେ ଗଣାହୋଇ ପାରିବ ନାହିଁ ଏବଂ ତା'ର ଧାନକୁ ଧାନମଣ୍ଡିରେ ଗ୍ରହଣ କରାଯିବ ନାହିଁ। ମାତ୍ର ଏହି ପ୍ରକ୍ରିୟା ବହୁ ଜଟିଳ କରାଯାଇଥିବାରୁ ଚାଷୀମାନେ ନାହିଁ ନ ଥିବା ସମସ୍ୟା ଭୋଗୁଛନ୍ତି। କର୍ପୋରେଟ ସଂସ୍ଥା ଓ ମିଲ୍ ମାଲିକମାନଙ୍କ ଚକ୍ରାନ୍ତରେ ନ ପଡ଼ି ରାଜ୍ୟ ଓ କେନ୍ଦ୍ର ସରକାର ତୁରନ୍ତ ସତର୍କ ନ ହେଲେ, ଚାଷୀକୁଳ ରାଜରାସ୍ତାକୁ ବାହାରି ସରକାରୀକଳ ଅଚଳ କରିଦେବେ ବୋଲି କିଷାନ କଂଗ୍ରେସ ଚେତାବନୀ ଦେଇଛି। ଆଜିର ସାମ୍ବାଦିକ ସମ୍ମିଳନୀରେ କିଷାନ କଂଗ୍ରେସର ରାଜ୍ୟ ଅଧ୍ୟକ୍ଷ ଅଭୟ ସାହୁ, ଦଳର ମୁଖପାତ୍ର ପ୍ରାକ୍ତନ ବିଧାୟକ ଦେବାଶିଷ ନାୟକ, କିଷାନ କଂଗ୍ରେସ ରାଜ୍ୟ ସଂଯୋଜକ ଅରୁଣ ଜେନା, ମୁଖପାତ୍ର ହିମାଂଶୁ ଲେଙ୍କା, ଚାଷୀ ନେତା ଶିତିକଣ୍ଠ ମହାନ୍ତି ଓ ରତନ ନାୟକ ପ୍ରମୁଖ ଉପସ୍ଥିତ ଥିଲେ।

# ଆଜିଠୁ ଖୋଲିବ ଭିତରକନିକା

**ରାଜନଗର, ୩୧।୭ (ସମିସ):** ବିଶ୍ୱପ୍ରସିଦ୍ଧ ଭିତରକନିକା ଜାତୀୟ ଉଦ୍ୟାନ ଆସନ୍ତାକାଲିଠାରୁ ଦେଶବିଦେଶର ପର୍ଯ୍ୟଟକଙ୍କ ପାଇଁ ଖୋଲିବ। ବଉଳା କୁମ୍ଭୀରଙ୍କ ପ୍ରଜନନ ଋତୁ ପାଇଁ ପ୍ରତିବର୍ଷ ମେ' ୧ରୁ ଜୁଲାଇ ୩୧, ଦୀର୍ଘ ୩ ମାସ ଧରି ଭିତରକନିକା ବନ୍ଦ ରହିଥାଏ। ପର୍ଯ୍ୟଟକଙ୍କ ଭିତରକନିକାରେ ପ୍ରବେଶ ଉପରେ କଟକଣା ଥାଏ। ଆଜି ଏହି ଅବଧି ସରିଯାଉଥିବାରୁ ଆସନ୍ତାକାଲିଠାରୁ ଏହି ଜାତୀୟ ଉଦ୍ୟାନକୁ ଖୋଲାଯିବ। ଏଥିପାଇଁ ବନବିଭାଗ ପକ୍ଷରୁ ସମସ୍ତ ପ୍ରସ୍ତୁତି ଶେଷ ହୋଇଛି। ଭିତରକନିକା ମଧ୍ୟକୁ




ପ୍ରବେଶ କରିବାକୁ ପର୍ଯ୍ୟଟକଙ୍କ ପାଇଁ ପରିଚୟପତ୍ରକୁ ବାଧ୍ୟତାମୂଳକ କରାଯାଇଛି। ପର୍ଯ୍ୟଟକ ଗୁପ୍ତି, ଚାନ୍ଦବାଲି, ଖୋଳା ଓ ଡାଙ୍ଗମାଳ ପ୍ରଭୃତି ୪ଟି ପ୍ରବେଶ ପଥ ଦେଇ ଭିତରକନିକାକୁ ପ୍ରବେଶ କରିପାରିବେ। ପର୍ଯ୍ୟଟକମାନେ ଜଳପଥରେ ବଉଳା କୁମ୍ଭୀର, ଦେଶୀ ଓ ବିଦେଶୀ ପକ୍ଷୀ, ହରିଣ, ବାର୍‌ହା, ସମ୍ବର, ଝିଙ୍କ ଆଦି ନାନା ପଶୁପକ୍ଷୀ ଓ ମ୍ୟୁଜିୟମ ଦେଖିବା ସହ ବନବିଭାଗ ପକ୍ଷରୁ ନିର୍ମାଣ ହୋଇଥିବା ପ୍ରଥମ ସ୍କାଏ ୱାକ୍ ବ୍ରିଜ, ୱାଚ୍ ଟାୱାର, ସେଲ୍‌ଫି ପଏଣ୍ଟ, ମ୍ୟାନଗ୍ରୁଭ ମେଟା ନର୍ସରୀ, ବୋଟ ଲାଇବ୍ରେରୀ, ସହିଦ ସ୍ତମ୍ଭ, କୁମ୍ଭୀର ପ୍ରଜନନ କେନ୍ଦ୍ର ଆଦି ଦେଖିପାରିବେ। ଯନ୍ତ୍ରଚାଳିତ ବୋଟ୍ ସହ ବନବିଭାଗ ପକ୍ଷରୁ ଡାଙ୍ଗମାଳ ଓ ଗୁପ୍ତିଠାରେ ଥିବା ଫାଇବର୍ ବୋଟ୍‌ରେ ମଧ୍ୟ ପର୍ଯ୍ୟଟକ ବୁଲି ଭିତରକନିକାର ନୈସର୍ଗିକ ଶୋଭା ଉପଭୋଗ କରିପାରିବେ। ଚଳିତବର୍ଷ ଭିତରକନିକାକୁ ସମ୍ପୂର୍ଣ୍ଣ ଭାବେ ପଲିଥିନ୍‌ମୁକ୍ତ କରାଯାଇଛି। ପର୍ଯ୍ୟଟକ ପଲିଥିନ୍ ଓ ପ୍ଲାଷ୍ଟିକ୍ ସାମଗ୍ରୀ ଜାତୀୟ ଉଦ୍ୟାନ ମଧ୍ୟକୁ ନ ଆଣିବା ପାଇଁ ବନ ବିଭାଗ ପକ୍ଷରୁ ନିବେଦନ କରାଯାଇଛି।

## ଶତାୟୁ ମାଗୁଣି ପ୍ରଧାନଙ୍କ ପରଲୋକ

ସାକ୍ଷୀଗୋପାଳ,୩୧।୭ (ସମିସ): ସତ୍ୟବାଦୀ ବ୍ଲକ୍ ଅନ୍ତର୍ଗତ ଅଳଗୁମ ପଞ୍ଚାୟତର ବାଟୁଲି ପଡ଼ା ଗ୍ରାମର ଶତାୟୁ ବରିଷ୍ଠ ନାଗରିକ ମାଗୁଣି ପ୍ରଧାନଙ୍କ ପରଲୋକ ହୋଇଯାଇଛି। ମୃତ୍ୟୁବେଳକୁ ତାଙ୍କୁ ୧୦୬ ବର୍ଷ ବୟସ ହୋଇଥିଲା। ସ୍ୱର୍ଗତ ପ୍ରଧାନ ଅଞ୍ଚଳରେ ଜଣେ ପ୍ରକୃତିପ୍ରେମୀ ଭାବେ ଜଣାଶୁଣା। ଜଙ୍ଗଲ ଅବକ୍ଷୟକୁ ରୋକିବା ନିମନ୍ତେ ସେ ଅଞ୍ଚଳର ଅନେକ ଅନୁଷ୍ଠାନ ଓ ରାସ୍ତା ପାଶ୍ୱର୍ ସମେତ ଅନ୍ୟ ସ୍ଥାନରେ ବୃକ୍ଷରୋପଣ କରିବାରେ ସମାଜ ପାଇଁ ଉଦାହରଣ ସୃଷ୍ଟି କରିଛନ୍ତି। ଶେଷ ସମୟ ପର୍ଯ୍ୟନ୍ତ ସେ ବେଶ୍ ଚଳଚଞ୍ଚଳ ଥିଲେ ମଧ୍ୟ କିଛିଦିନ ହେବ ବାର୍ଦ୍ଧକ୍ୟଜନିତ କାରଣରୁ ଅସୁସ୍ଥ ହେବାରୁ ତାଙ୍କୁ ପୁରୀର ଏକ ଡାକ୍ତରଖାନାରେ ଭର୍ତ୍ତି କରାଯାଇଥିଲା। ସେଠାରେ ଚିକିତ୍ସାଧୀନ ଅବସ୍ଥାରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ। ତାଙ୍କ ବିୟୋଗରେ ତାଙ୍କ ଗ୍ରାମ ବାଟୁଲିପଡ଼ା ସମେତ ଆଖପାଖ ଅଞ୍ଚଳରେ ଶୋକପ୍ରକଶ ପାଇଥିଲା। ଜଣେ ମେଳାପୀ, ମିଷ୍ଟଭାଷୀ, ପରୋପକାରୀ, ଧାର୍ମିକ ବ୍ୟକ୍ତି ଓ ଅଞ୍ଚଳର ଅନେକ ସାଂସ୍କୃତିକ ସଂଗଠନ ସହ ଜଡ଼ିତ ଥିଲେ। ପୁରୀ ସ୍ୱର୍ଗଦ୍ୱାରରେ ତାଙ୍କର ଅନ୍ତିମ ସଂସ୍କାର କରାଯାଇଥିଲା।

### ହଜିଯିବ ନାରିକେଳ ରାଜଧାନୀ ସାକ୍ଷୀଗୋପାଳର ପରିଚୟ

# ଗବେଷଣା କେନ୍ଦ୍ର ଜମିକୁ ଘରୋଇ ଉଦ୍ୟୋଗୀଙ୍କୁ ଦେବାର ମସୁଧା

ସାକ୍ଷୀଗୋପାଳ,୩୧।୭ (ସମିସ): ଓଡ଼ିଶାର ନାରିକେଳ ରାଜଧାନୀ ରୂପେ ସାକ୍ଷୀଗୋପାଳ ପରିଚିତ। ସାକ୍ଷୀଗୋପାଳ ଅଞ୍ଚଳର ନଡ଼ିଆ ରାଜ୍ୟ ତଥା ଦେଶରେ ବେଶ୍ ପରିଚିତ। ସାକ୍ଷୀଗୋପାଳ ଅଞ୍ଚଳର ନଡ଼ିଆ ରାଜ୍ୟ ଓ ଦେଶ ସାରା ବିକ୍ରୟ ହୁଏ। ଏହି ଅଞ୍ଚଳରେ ଉନ୍ନତମାନର ନଡ଼ିଆ ଉତ୍ପାଦନ ଓ ନଡ଼ିଆ ଚାଷକୁ ପ୍ରୋତ୍ସାହନ ଦେବା ନିମନ୍ତେ ୧୯୬୪ରେ ତତ୍କାଳୀନ ରାଜ୍ୟ ସରକାର ଅବିଭକ୍ତ ପୁରୀ ଉପ ଉଦ୍ୟାନ କୃଷି ନିର୍ଦ୍ଦେଶକଙ୍କ କାର୍ଯ୍ୟାଳୟ ପ୍ରତିଷ୍ଠା କରିଥିଲେ। ସେହିପରି ତତ୍କାଳୀନ କେନ୍ଦ୍ର ସରକାର ଆଞ୍ଚଳିକ ନାରିକେଳ ଗବେଷଣା କେନ୍ଦ୍ର ପ୍ରତିଷ୍ଠା କରିଥିଲେ। ପୁରୀ ଜିଲ୍ଲା ସତ୍ୟବାଦୀ ବ୍ଲକ୍ ଅନ୍ତର୍ଗତ ପୁରୀ-ଭୁବନେଶ୍ୱର ଜାତୀୟ ରାଜପଥ ପାଶ୍ୱର୍ରେ ୧୨୪ ଏକର ଜମି ଉପରେ ଏହି କାର୍ଯ୍ୟାଳୟଦ୍ୱୟ ପ୍ରତିଷ୍ଠା ହୋଇଥିଲା। ଦେଶର ବିଭିନ୍ନ ରାଜ୍ୟର ନଡ଼ିଆ ଅଣାଯାଇ ଏଠାରେ ଗବେଷଣା କରାଯାଉଥିଲା। ପ୍ରାୟ ୫୦୦୦ ନଡ଼ିଆ ଗଛ ଲଗାଯାଇ ଉନ୍ନତମାନର ନଡ଼ିଆ ଉତ୍ପାଦନ କରାଯାଇଥିଲା। ଗବେଷଣା କେନ୍ଦ୍ରରେ ପରଭୋଜି କୀଟ ପ୍ରଜନନ ଗବେଷଣା କେନ୍ଦ୍ରରେ କୀଟ ପ୍ରସ୍ତୁତ କରାଯାଇ ନଡ଼ିଆ ଗଛରେ ଛଡ଼ା ଯାଇଥିଲା। ଗବେଷଣାଗାରରେ ପ୍ରସ୍ତୁତ




ଏହି କୀଟ ନଡ଼ିଆ ଗଛକୁ ବାହ୍ୟ କୀଟ ଆକ୍ରମଣରୁ ସୁରକ୍ଷା ପ୍ରଦାନ କରୁଥିଲା। ପର୍ଯ୍ୟାୟ କ୍ରମେ ଏହି କାର୍ଯ୍ୟକ୍ରମ ଶିଥିଳ ହୋଇଯାଇଥିଲା। ହଠାତ୍ ୨୦୧୨ରେ ଉପ ଉଦ୍ୟାନ କୃଷି ନିର୍ଦ୍ଦେଶକଙ୍କ କାର୍ଯ୍ୟାଳୟ ବାଲିଗୁଆଲି, ପୁରୀକୁ ସ୍ଥାନାନ୍ତର ନିମନ୍ତେ ଉଦ୍ୟମ ହୋଇଥିଲା। ସ୍ଥାନୀୟ ଜନସାଧାରଣଙ୍କ ଦୃଢ଼ ବିରୋଧ ଫଳରେ ଏହି କାର୍ଯ୍ୟାଳୟ ସ୍ଥାନାନ୍ତର ପ୍ରକ୍ରିୟା ବନ୍ଦ ହୋଇଯାଇଥିଲା। ପରବର୍ତ୍ତୀ ସମୟରେ ଏହି ଜମିରୁ ଓଡ଼ିଶା କୃଷି ଓ ବୈଷୟିକ ବିଶ୍ୱବିଦ୍ୟାଳୟକୁ ୪୨ ଏକର, କୃଷି ବିଭାଗକୁ ୮ ଏକର ଓ ଆଦର୍ଶ ବିଦ୍ୟାଳୟକୁ ୧୦ ଏକର ଜମି ପ୍ରଦାନ କରାଯାଇଛି। ଅବଶିଷ୍ଟ ୬୪ ଏକର ଜମିକୁ ଏଗ୍ରିଟେକ୍ ସ୍ମାର୍ଟ ଫାର୍ମ କରିବା ପାଇଁ ଘରୋଇ ସଂସ୍ଥାକୁ ଦିଆଯିବ ବୋଲି ଜଣାପଡ଼ିଛି। ଏହି ଘରୋଇ ସଂସ୍ଥା ଏଠାରେ ନଡ଼ିଆ ତେଲ ପ୍ରସ୍ତୁତି, ପୁଷ୍କରିଣୀର ବିକାଶ ଓ ଆଗ୍ରୋ ଇକୋ ଟୁରିଜିମ୍ କେନ୍ଦ୍ର ସମେତ ଅନ୍ୟାନ୍ୟ ଉଦ୍ୟୋଗ କରାଯିବ। କୃଷି ବିଭାଗ ଓ ଉଦ୍ୟାନ କୃଷି ବିଭାଗର ଯୋଜନା ଅଧିକାରୀଦ୍ୱୟ ପର୍ଯ୍ୟାୟ କ୍ରମେ ୪ଟି ଘରୋଇ ଉଦ୍ୟୋଗୀଙ୍କୁ ଫାର୍ମ ପରିସରରେ ବୁଲାଇବା ପରେ ଏହି ଘଟଣା ସାଧାରଣରେ ଜଣାପଡ଼ିଥିଲା।

ଏ ସମ୍ପର୍କରେ ଉପ ଉଦ୍ୟାନ କୃଷି ଅଧିକାରୀ ମଞ୍ଜୁଳା ତ୍ରିପାଠୀଙ୍କ ସହିତ ଯୋଗାଯୋଗ କରିବାରୁ ସେ କହିଥିଲେ, ଏ ସମ୍ପର୍କରେ ଆମ କାର୍ଯ୍ୟାଳୟକୁ କୌଣସି ଚିଠି ଆସିନାହିଁ। ମାତ୍ର ବିଶ୍ୱସ୍ତ ସୂତ୍ରରୁ ଜଣାପଡ଼ିଛି, ୨୯.୬ ହେକ୍ଟର ଜମି ଲିଜ୍ ଦିଆଯିବ। ପ୍ରାୟ ୫ ହେକ୍ଟର ଜମି ଉପରେ ପ୍ରତିଷ୍ଠିତ ବିଭାଗୀୟ କାର୍ଯ୍ୟାଳୟ ଓ ବାୟୋ କଣ୍ଟ୍ରୋଲ ଟେଷ୍ଟିଂ ଲାବୋରେଟୋରୀ ଅଞ୍ଚଳକୁ ଏହି ପ୍ରକ୍ରିୟାରୁ ବାଦ୍ ଦେବା ନିମନ୍ତେ ବିଭାଗ ତରଫରୁ ଉଦ୍ୟାନ କୃଷି ନିର୍ଦ୍ଦେଶକଙ୍କ କାର୍ଯ୍ୟାଳୟକୁ ଏକ ଚିଠି ପ୍ରେରଣ ହୋଇଛି। ଗୁରୁବାର ସତ୍ୟବାଦୀ ବ୍ଲକ୍ ଅଧ୍ୟକ୍ଷ ସୁନୀଲ କୁମାର ପଣ୍ଡା ଉପ ଉଦ୍ୟାନ କୃଷି ନିର୍ଦ୍ଦେଶକ ଓ ଆଞ୍ଚଳିକ ନାରିକେଳ ଗବେଷଣା କେନ୍ଦ୍ର ଜମିକୁ ଘରୋଇ ଉଦ୍ୟୋଗୀଙ୍କୁ ପ୍ରଦାନ କରିବା ବିରୋଧରେ ଏକ ଅଭିଯୋଗ ପତ୍ର ମୁଖ୍ୟମନ୍ତ୍ରୀ, ରାଜ୍ୟ ମୁଖ୍ୟ ଶାସନ ସଚିବ, କୃଷି ବିଭାଗ, ନିର୍ଦ୍ଦେଶକ ଉଦ୍ୟାନ ବିଭାଗ ଓଡ଼ିଶା, ଉପ ନିର୍ଦ୍ଦେଶକ ପୁରୀ ଜିଲ୍ଲା ଉଦ୍ୟାନ ବିଭାଗଙ୍କୁ ପ୍ରଦାନ କରିଛନ୍ତି। ଏହି ଖବର ଯଦି ସତ୍ୟ ହୋଇଥାଏ, ତେବେ ହଜାର ହଜାର ସଂଖ୍ୟାରେ ସାକ୍ଷୀଗୋପାଳ ସହିତ ପୁରୀ ଜିଲ୍ଲାର ନଡ଼ିଆ ଚାଷୀ ଏକାଠି ହୋଇ ରାଜରାସ୍ତାକୁ ଓହ୍ଲାଇ ଆନ୍ଦୋଳନକୁ ଜୋର୍‌ଦାର୍

### ଦୃଢ଼ ବିରୋଧ କରାଯିବ: ବ୍ଲକ୍ ଅଧ୍ୟକ୍ଷ

କରିବେ ବୋଲି ଶ୍ରୀ ପଣ୍ଡା ଚେତାବନୀ ଦେଇଛନ୍ତି। ଏ ଜମି କୌଣସି ଘରୋଇ ସଂସ୍ଥା ଲିଜ୍ ଆକାରରେ ନେଇ କିଛି ବି କାର୍ଯ୍ୟକ୍ରମ କରନ୍ତି, ତେବେ ବଗିଚା ଭିତରେ ଥିବା ୨୫୦୦ରୁ ଊର୍ଦ୍ଧ୍ୱ ନଡ଼ିଆ ଗଛ କଟାଯିବାର ସମ୍ଭାବନା ରହିଛି।

ବିଶ୍ୱସ୍ତ ସୂତ୍ରରୁ ଜଣାପଡ଼ିଛି, କୃଷି ନିର୍ଦ୍ଦେଶକ ପ୍ରେମ ଚନ୍ଦ୍ର ଚୌଧାରୀ ଏହି ଫାର୍ମର ଘରୋଇକରଣ ନିମନ୍ତେ ଫାଇଲ୍ ପ୍ରୋସେସିଂ କରିଥିଲେ। ତାଙ୍କର ବଦଳି ହୋଇଯିବା ପରେ ଗତ ମାର୍ଚ୍ଚ ୨୬ ତାରିଖରେ ଅନୁଷ୍ଠିତ ବୈଠକରେ ଉଦ୍ୟାନ କୃଷି ନିର୍ଦ୍ଦେଶକ ପବନ କଲ୍ୟାଣ ଯୋଗଦେଇଥିଲେ। ସେହିଦିନ ଏହି ଘଟଣା ସାକ୍ଷୀଗୋପାଳ କାର୍ଯ୍ୟାଳୟ ଅଧିକାରୀମାନେ ଅବଗତ ହୋଇଥିଲେ। ମାତ୍ର କେହି କୌଣସି ସୂଚନା ପ୍ରଦାନ କରି ନ ଥିଲେ। ପୂର୍ବରୁ ସତ୍ୟବାଦୀରେ ଜେଏମ୍‌ଏଫ୍‌ସି କୋର୍ଟ ସ୍ଥାପନ ନିମନ୍ତେ ସତ୍ୟବାଦୀ ତହସିଲ୍ କାର୍ଯ୍ୟାଳୟ ତରଫରୁ ସତ୍ୟବାଦୀ ତହସିଲ୍‌ଦାର ସନ୍ତୋଷ କୁମାର ପାଣିଗ୍ରାହୀ ଗତ ମେ' ମାସ ୩ ତାରିଖରେ ଚିଠି ନମ୍ବର ୧୯୦୦ରେ ଉପ ଉଦ୍ୟାନ କୃଷି ନିର୍ଦ୍ଦେଶକଙ୍କ କାର୍ଯ୍ୟାଳୟ, ସାକ୍ଷୀଗୋପାଳଙ୍କୁ ଚିଠି କରିଥିଲେ। ଉପ ଉଦ୍ୟାନ କୃଷି ନିର୍ଦ୍ଦେଶକ ମଞ୍ଜୁଳା ତ୍ରିପାଠୀ ସେହିଦିନ ଚିଠି ନମ୍ବର ୧୫୦୮ରେ ଆଞ୍ଚଳିକ ନାରିକେଳ ଗବେଷଣା କେନ୍ଦ୍ର, ସାକ୍ଷୀଗୋପାଳ ପରିସରରେ ଖାଲି ଜମି ନ ଥିବା ସହିତ ଏହି ଫାର୍ମ ପରିସରରେ ୬୮.୬୧ ଏକର ଜମିରେ ଏଗ୍ରି ଟେକ୍ ସ୍ମାର୍ଟ ଫାର୍ମ ୨୦୨୫/୨୬ ବର୍ଷରେ ପିପିପି ମୋଡ୍‌ରେ ସ୍ଥାପନ କରିବା ନିମନ୍ତେ ରାଜ୍ୟ ସରକାରଙ୍କ ପ୍ରସ୍ତାବ ରହିଛି ବୋଲି ଜଣାଇଥିଲେ। ଓଲଟି ପ୍ରସ୍ତାବିତ ଜେଏମ୍‌ଏଫ୍‌ସି କୋର୍ଟ ଅନ୍ୟତ୍ର ସ୍ଥାନାନ୍ତର ନିମନ୍ତେ ପ୍ରସ୍ତାବ ଦେଇଥିଲେ।

**● ବିପଦ ସଙ୍କେତ ତଳେ ଦୟାନଦୀ**

## ୩ଟି ଗ୍ରାମ ପଞ୍ଚାୟତ ଜଳାର୍ଣ୍ଣବ



କଣାସ,୩୧।୭ (ସମିସ): କଣାସ ବ୍ଲକ୍‌ରେ ପ୍ରବାହିତ ହେଉଥିବା ଦୟାନଦୀ ଓ ତାହାର ଶାଖା ନଦୀ ରାଜୁଆ ଓ ମକରା ନଦୀରେ ପ୍ରବାହିତ ହେଉଥିବା ବନ୍ୟାଜଳ ବିପଦ ସଙ୍କେତ ତଳେ ଥିବାବେଳେ ୩ଟି ଗ୍ରାମ ପଞ୍ଚାୟତ ଦୋକନ୍ଦା, ବଡାସ, ଗଡ଼ବଳଭଦ୍ରପୁର ଗ୍ରାମ ପଞ୍ଚାୟତ ଦୋକନ୍ଦା, କଦଳୀଦଣ୍ଡା, ବାଲିପାଟଣା, ତରପଡ଼ା, ବଡାସ, ବୈଦ୍ୟନାଥପାଟଣା, କଖାରୁବସ୍ତ, ସବଳଙ୍ଗ, ଗଡ଼ବଳଭଦ୍ରପୁର, ଅଠରବାଟିଆ ଗ୍ରାମର ଧାନଜମି ଉପରେ ବନ୍ୟାଜଳ ୫ ଫୁଟ୍‌ରୁ ଊର୍ଦ୍ଧ୍ୱ ପ୍ରବାହିତ ହେଉଛି। ପ୍ରଥମ ବନ୍ୟାରେ ଉକ୍ତ ଗ୍ରାମପଞ୍ଚାୟତର ହେଉଥିବା ପରିବା ଫସଲ ପୋଟଳ, କଲରା, ବାଇଗଣ, ଭେଣ୍ଡି, ଲଙ୍କା, ଜହ୍ନି, କଖାରୁ, ପୋଇ ସବୁ ପଚି ନଷ୍ଟ ହୋଇଯାଇଥିଲା। କ୍ରମାଗତ ଭାବେ ୮ରୁ ୧୦ ଦିନ ହେଲା ବନ୍ୟାଜଳ ପ୍ରବାହିତ ହେଉଥିବାରୁ ଗାଈଗୋରୁମାନେ ବାହାରକୁ ଚରିବାକୁ ଯାଇ ନ ପାରି ଗୁହାଳରେ ବନ୍ଧା ହୋଇ ରହିଛନ୍ତି। କଣାସଠାରେ ଦୟାନଦୀର ବିପଦ ସଙ୍କେତ ୩.୯୯ ମି.ମି. ଥିବାବେଳେ ବର୍ତ୍ତମାନ ୩.୮୮ ମି.ମି. ଜଳ ପ୍ରବାହିତ ହେଉଛି।

## ଦୁଇ ଶିକ୍ଷକଙ୍କ ବିଦାୟକାଳୀନ ସମ୍ବର୍ଦ୍ଧନା ସଭା



ଡେଲାଙ୍ଗ,୩୧।୭ (ସମିସ): ଡେଲାଙ୍ଗ ବ୍ଲକ୍ ଅଧୀନ ଘୋରଡ଼ିଆସ୍ଥିତ ରାଧାମୋହନ ଦେବ ଉଚ୍ଚ ବିଦ୍ୟାପୀଠ ପରିସରରେ ପ୍ରଧାନଶିକ୍ଷକ ସଞ୍ଜୟ କୁମାର ଦାସ ଓ ବରିଷ୍ଠ ବିଜ୍ଞାନ ଶିକ୍ଷକ ଲଡୁକିଶୋର ସାମନ୍ତସିଂହାରଙ୍କ ବିଦାୟକାଳୀନ ସମ୍ବର୍ଦ୍ଧନା ସଭା ଅନୁଷ୍ଠିତ ହୋଇଯାଇଛି। ବିଦ୍ୟାଳୟର ସହକାରୀ ଶିକ୍ଷକ ବିନୋଦ ବେହେରାଙ୍କ ସଭାପତିତ୍ୱରେ ଆୟୋଜିତ ସମାବେଶରେ ଅବସରପ୍ରାପ୍ତ ପ୍ରଧାନଶିକ୍ଷକ ସତ୍ୟବାଦୀ ଦାଶ, ଜଗଦୀଶ ଚନ୍ଦ୍ର ତ୍ରିପାଠୀ, ପ୍ରଶାନ୍ତ କୁମାର ବିଶ୍ୱାଳ, ବରିଷ୍ଠ ସାମ୍ବାଦିକ ପ୍ରସନ୍ନ ତ୍ରିପାଠୀ, ବିଦ୍ୟାଳୟର ଅବସରପ୍ରାପ୍ତ ଶିକ୍ଷକ ଲକ୍ଷ୍ମୀଧର ଜେନା, ପ୍ରଫୁଲ୍ଲ ଚନ୍ଦ୍ର ଜେନା, ଅନୀଲ ପାଇକରାୟ, ପରିଚାଳନା କମିଟି ସଭ୍ୟ ବିଧାନ ପାତ୍ର ପ୍ରମୁଖ ଯୋଗଦେଇଥିଲେ। ନିଷ୍ଠା ଓ ଏକାଗ୍ରତାର ସହିତ ବିଦ୍ୟା ଆହରଣ କଲେ ଜୀବନରେ ନିଶ୍ଚୟ ସଫଳତା ମିଳିବ ବୋଲି ବିଦାୟୀ ପ୍ରଧାନଶିକ୍ଷକ ଶ୍ରୀ ଦାସ ଛାତ୍ରଛାତ୍ରୀମାନଙ୍କୁ ଉଦ୍‌ବୋଧନ ଦେଇଥିଲେ। ସେହିପରି ଦୀର୍ଘ ୬ବର୍ଷ ଧରି ବିଦ୍ୟାଳୟରେ ପ୍ରଧାନଶିକ୍ଷକ ଭାବେ କାର୍ଯ୍ୟଭାର ତୁଲାଇ ଆସୁଥିବା ବିଦାୟୀ ପ୍ରଧାନଶିକ୍ଷକଙ୍କ ନିଜ କର୍ମ ପ୍ରତି ନିଷ୍ଠା, ତ୍ୟାଗ, ସାଧନା, ବିଦ୍ୟାଳୟର ଉନ୍ନତି ଦିଗରେ ବିଭିନ୍ନ କାର୍ଯ୍ୟକ୍ରମ ଓ ଛାତ୍ରଛାତ୍ରୀମାନଙ୍କ ପାଇଁ ସ୍ନେହ ମମତା ତଥା ମାର୍ଗଦର୍ଶନ ସମ୍ପର୍କରେ ଉପସ୍ଥିତ ଅତିଥିମାନେ ମତବ୍ୟକ୍ତ କରିଥିଲେ। ଏହି ପରିପ୍ରେକ୍ଷୀରେ ବିଦାୟୀ ଶିକ୍ଷକମାନଙ୍କୁ ବିଦ୍ୟାଳୟ ଓ ସହ କର୍ମଚାରୀମାନଙ୍କ ପକ୍ଷରୁ ଉତ୍ତରୀୟ, ପୁଷ୍ପଗୁଚ୍ଛ, ମାନପତ୍ର ପ୍ରଦାନପୂର୍ବକ ସମ୍ବର୍ଦ୍ଧିତ କରାଯାଇଥିଲା। ଶିକ୍ଷୟିତ୍ରୀ ଲକ୍ଷ୍ମୀପ୍ରିୟା ପ୍ରଧାନ ମଞ୍ଚ ପରିଚାଳନା ଓ ଅତିଥି ପରିଚୟ ପ୍ରଦାନ କରିଥିଲେ। ଶିକ୍ଷକ ରବିନ୍ଦ୍ର ଖାଟୋଇ, ଦିଗ୍‌ବିଜୟ ଭାସ୍କୋଡାଗାମା, ରବିନାରାୟଣ ନାୟକ, ଶିକ୍ଷୟିତ୍ରୀ ସ୍ତୁତିସନ୍ଧ୍ୟା ମହାରଣା, ବିଷ୍ଣୁପ୍ରିୟା ସାହୁ, ଲିପିକା ଭୋଇ, ସୁପ୍ରିୟା ସାସମଲ ପ୍ରମୁଖ କାର୍ଯ୍ୟକ୍ରମ ପରିଚାଳନାରେ ସହଯୋଗ କରିଥିଲେ।

## ଅସ୍ତରଙ୍ଗ ସାମ୍ବାଦିକ ସଂଘର ସାଂଗଠନିକ ବୈଠକ

**ଅସ୍ତରଙ୍ଗ,୩୧।୭ (ସମିସ):** ଗୁରୁବାର ଅସ୍ତରଙ୍ଗ ସାମ୍ବାଦିକ ସଙ୍ଘର ସାଂଗଠନିକ ବୈଠକ ଅସ୍ତରଙ୍ଗ ଘଣ୍ଟିକଣସ୍ଥିତ ବାଲିଆପାଟ ରାଧାଗୋବିନ୍ଦ ମଠ ପ୍ରାଙ୍ଗଣରେ ଅନୁଷ୍ଠିତ ହୋଇଯାଇଛି। ସାମ୍ବାଦିକମାନଙ୍କ ସୁରକ୍ଷା, ପ୍ରଶାସନ କ୍ଷେତ୍ରରେ ଅନେକ ସମୟରେ ସାମ୍ବାଦିକମାନଙ୍କୁ ଅଣଦେଖା ଓ ଆସନ୍ତା ସ୍ୱାଧୀନତା ଦିବସ ପାଳନ ପାଇଁ ସାମ୍ବାଦିକତା ପାଇଁ ନିଷ୍ପତ୍ତି ନିଆଯାଇଛି। ଆଗାମୀ ସ୍ୱାଧୀନତା ଦିବସ ପାଳନ ପାଇଁ ବିଭିନ୍ନ କାର୍ଯ୍ୟକ୍ରମ ହାତକୁ ନିଆଯିବ ବୋଲି ନିଷ୍ପତ୍ତି ହୋଇଛି। ଏହି ବୈଠକରେ ସଭାପତି ବିଶ୍ୱରଞ୍ଜନ ବିଶ୍ୱଶ୍ରୀ, ସମ୍ପାଦକ ଲୋକନାଥ ସ୍ୱାଇଁ, ପରାମର୍ଶଦାତା ନିରଞ୍ଜନ ଦାସ, ପ୍ରଶାନ୍ତ ବାରିକ, ବରିଷ୍ଠ ସାମ୍ବାଦିକ ଦୁଃଶାସନ ନାୟକ, କୋଷାଧ୍ୟକ୍ଷ ସମୀର କୁମାର



ଏହି ବୈଠକରେ ଗୁରୁତ୍ୱପୂର୍ଣ୍ଣ ଆଲୋଚନା ହୋଇଛି। ଏହି ବୈଠକରେ ସାମ୍ବାଦିକ ସୁରକ୍ଷା ଆଇନ ପ୍ରଣୟନ ପାଇଁ ଆଗାମୀ ଦିନରେ ମୁଖ୍ୟମନ୍ତ୍ରୀଙ୍କ ଉଦ୍ଦେଶ୍ୟରେ ସ୍ଥାନୀୟ ତହସିଲ୍‌ଦାରଙ୍କୁ ଦାବିପତ୍ର ଦିଆଯିବା ସହିତ ସମାଜ କଲ୍ୟାଣ ଓ ନିରପେକ୍ଷ କର, ଉପସଭାପତି ସମୀର ବେହୁରା, ସାଂସ୍କୃତିକ ସମ୍ପାଦକ ମନୋଜ ବିଶ୍ୱାଳ, ସଭ୍ୟ ସୁଧୀର କର, ଆଦିତ୍ୟ ବିଶ୍ୱାଳ, ଆର୍ତ୍ତତ୍ରାଣ ମହାନ୍ତି ଉପସ୍ଥିତ ଥିଲେ। ସମସ୍ତ କାର୍ଯ୍ୟକୁ ସଂଘର କାର୍ଯ୍ୟକାରୀ ସଭାପତି ଆର୍ଯ୍ୟ ବିଶ୍ୱାଳ ପରିଚାଳନା କରିଥିଲେ।

## ଫାର୍ମାସିଷ୍ଟଙ୍କୁ ଅବସରକାଳୀନ ସମ୍ବର୍ଦ୍ଧନା



ସାକ୍ଷୀଗୋପାଳ,୩୧।୭ (ସମିସ): ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ର, ସାକ୍ଷୀଗୋପାଳରେ କାର୍ଯ୍ୟରତ ଫାର୍ମାସିଷ୍ଟ ଅଫିସର ସୁରେଶ ଚନ୍ଦ୍ର ନନ୍ଦ ଗୁରୁବାର କାର୍ଯ୍ୟରୁ ଅବସର ଗ୍ରହଣ କରିଛନ୍ତି। ଏହି ଅବସରରେ ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ର, ସାକ୍ଷୀଗୋପାଳ ସମ୍ମିଳନୀ କକ୍ଷରେ ସମ୍ବର୍ଦ୍ଧନା ଉତ୍ସବ ଅନୁଷ୍ଠିତ ହୋଇଥିଲା। ଡାକ୍ତରଖାନା ସୁପରିଣ୍ଟେଣ୍ଡେଣ୍ଟ ଡାକ୍ତର ଦେବାଶିଷ ନାୟକଙ୍କ ସଭାପତିତ୍ୱରେ ଅନୁଷ୍ଠିତ ଏହି ସମାରୋହରେ ଡାକ୍ତର ବାସନ୍ତୀ ଦେବୀ ମୁଖ୍ୟ ଅତିଥି, ଡାକ୍ତର ଜୟଶ୍ରୀ ଖୁଣ୍ଟିଆ, ବିପିଏମ୍ ଜ୍ୟୋତି ରଞ୍ଜନ ଶତପଥୀ, ବିଏଏମ୍ ନରେନ୍ଦ୍ର ବେହେରା, ସୁଶାନ୍ତ ବେହେରା, ନର୍ସିଂ ଅଫିସର କୁନି ସେଠୀ ଓ ରଶ୍ମିତା ସାହୁ ପ୍ରମୁଖ ସମ୍ମାନିତ ଅତିଥି ରୂପେ ଯୋଗଦେଇଥିଲେ। ଏହି ଅବସରରେ ଫାର୍ମାସିଷ୍ଟ ଶ୍ରୀ ନନ୍ଦଙ୍କୁ ମାନପତ୍ର, ଉତ୍ତରୀୟ ଓ ଉପଢୌକନ ପ୍ରଦାନ କରି ସମ୍ବର୍ଦ୍ଧନା ପ୍ରଦାନ କରାଯାଇଥିଲା। ଏହି ଅବସର ଗ୍ରହଣ ପରେ ଫାର୍ମାସିଷ୍ଟ ଶ୍ରୀ ନନ୍ଦଙ୍କୁ ପୁନଃନିଯୁକ୍ତି ଦେବା ନିମନ୍ତେ ଉପସ୍ଥିତ ସତ୍ୟବାଦୀ ଜନସାଧାରଣ ଦାବି କରିଥିଲେ।

## ପାଇପ୍ ବିଛାଇବା ପାଇଁ ଖୋଳିଦେଲେ କଂକ୍ରିଟ୍ ରାସ୍ତା

କଣାସ,୩୧।୭ (ସମିସ): କଣାସ ବ୍ଲକ୍‌ର ୨୮ଟି ଗ୍ରାମପଞ୍ଚାୟତର ୧୩୯ଟି ରାଜସ୍ୱ ଗ୍ରାମ ଓ ୧୦୮ଟି ପଡ଼ାଗ୍ରାମ ଏବଂ ସତ୍ୟବାଦୀ ବ୍ଲକ୍‌ର ୪ଟି ଗ୍ରାମପଞ୍ଚାୟତକୁ ପାନୀୟଜଳ ଯୋଗାଇଦେବା ପାଇଁ କଣାସ ବ୍ଲକ୍ ଚୁପୁରିଙ୍ଗି ଗ୍ରାମପଞ୍ଚାୟତ ନିକଟରେ ଏକ ପାନୀୟଜଳ ମେଗା ପ୍ରକଳ୍ପ ୨୦୧୮ ମସିହାଠାରୁ ଆରମ୍ଭ ହୋଇଥିଲେ ମଧ୍ୟ ଅଦ୍ୟାବଧି କାର୍ଯ୍ୟ ସମ୍ପୂର୍ଣ୍ଣ ହୋଇନାହିଁ। ପାଇପ୍ ଯୋଗେ ପ୍ରତି ଗ୍ରାମ ଓ ବଜାରରେ ପିଇବା ପାଣି ଯୋଗାଇବା ପାଇଁ ରାସ୍ତାର ଦୁଇପାଶ୍ୱର୍ରେ ସରକାରୀ ଜମି ଥିଲେ ମଧ୍ୟ ତାହା ଖୋଳା ନ ଯାଇ ଗ୍ରାମ୍ୟ ରାସ୍ତାର ମଝିରେ ରାସ୍ତା ଖନନ କରାଯାଇ ପାଇପ୍ ବିଛାଯାଉଛି। ସେହିପରି ମୁଖ୍ୟ ରାସ୍ତାମାନଙ୍କରେ ରାସ୍ତାକଡ଼ରେ ସରକାରୀ ଜମି ଥିଲେ ମଧ୍ୟ କଂକ୍ରିଟ୍ ରୋଡ୍‌ଗୁଡ଼ିକୁ ଖୋଳି ଦିଆଯାଉଛି। ପାଇପ୍ ପକାଇ ଦିଆଯିବା ପରେ ମଧ୍ୟ ଖୋଳାଯାଇଥିବା ରାସ୍ତା ମରାମତି ନ ହୋଇଥିବାରୁ ବାରମ୍ବାର ଦୁର୍ଘଟଣାମାନ ଘଟୁଛି। ଏ ସମ୍ପର୍କରେ ଗ୍ରାମ୍ୟ ଜଳଯୋଗାଣ ସହାକାରୀ ଯନ୍ତ୍ରୀ ରଞ୍ଜନ କୁମାର ସାମନ୍ତରାୟଙ୍କୁ ପଚାରିବାରୁ ସେ କୁହନ୍ତି, ଖନନ କରାଯାଉଥିବା ରାସ୍ତା ଶୀଘ୍ର ମରାମତି କରାଯିବ।

## ଅବସରକାଳୀନ ସମ୍ବର୍ଦ୍ଧନା ଉତ୍ସବ



**ବାଙ୍ଗୁରିଗାଁ,୩୧।୭ (ସମିସ):** କାକଟପୁର ବ୍ଲକ୍ ଅନ୍ତର୍ଗତ ବାଙ୍ଗୁରିଗାଁ ଗ୍ରାମ ପଞ୍ଚାୟତ ଅଧୀନସ୍ଥ ସରକାରୀ ପ୍ରକଳ୍ପ ଉଚ୍ଚ ପ୍ରାଥମିକ ବିଦ୍ୟାଳୟ, ଗଣିପୁର ପ୍ରଧାନଶିକ୍ଷକ ରଞ୍ଜିତ କୁମାର ସାହୁଙ୍କର ଅବସରକାଳୀନ ସମ୍ବର୍ଦ୍ଧନା ସଭା ବିଦ୍ୟାଳୟ ପ୍ରାଙ୍ଗଣରେ ପୁରାତନ ଛାତ୍ରଛାତ୍ରୀ, ଅଭିଭାବକ, ଗ୍ରାମବାସୀ ଓ ଅତିଥିମାନଙ୍କ ଗହଣରେ ଆଡ଼ମ୍ବର ସହ ପାଳିତ ହୋଇଯାଇଛି। ସ୍କୁଲର ସହକାରୀ ଶିକ୍ଷକ ଆଲୋକ କୁମାର ପରିଡ଼ାଙ୍କ ସଭାପତିତ୍ୱରେ ଆୟୋଜିତ କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥି ଶ୍ରୀଧର ନାୟକ ଅଧ୍ୟକ୍ଷ କାକଟପୁର ପଞ୍ଚାୟତ ସମିତି, ମୁଖ୍ୟବକ୍ତା କୈଳାଶ ଚନ୍ଦ୍ର ନାୟକ ସାଂସଦ ପ୍ରତିନିଧି କାକଟପୁର ବ୍ଲକ୍, ପାର୍ଥ ବେହେରା ସରପଞ୍ଚ ବାଙ୍ଗୁରିଗାଁ, ରବୀନ୍ଦ୍ର ନାଥ ନନ୍ଦ ମଣ୍ଡଳ ଶିକ୍ଷାଧିକାରୀ, ମଲିକ ଜାକିର ହୁସେନ ଭାରପ୍ରାପ୍ତ ମଣ୍ଡଳ ସହ ଶିକ୍ଷାଧିକାରୀ, ଭୋଳାନାଥ ରାଉତ ଅବସରପ୍ରାପ୍ତ ଶିକ୍ଷକ, ଅକ୍ଷୟ ଜେନା ପ୍ରଧାନଶିକ୍ଷକ ବୀରଭଦ୍ର ନୋଡାଲ ବିଦ୍ୟାପୀଠ, ଜ୍ୟୋତି ରଞ୍ଜନ ସାହୁ ପ୍ରଧାନ ଶିକ୍ଷକ ସରକାରୀ ଉଚ୍ଚ ବାଳିକା ବିଦ୍ୟାଳୟ ବାଙ୍ଗୁରିଗାଁ, ଗୋପାଳ କୃଷ୍ଣ ବାରିକ ପ୍ରଧାନଶିକ୍ଷକ ସରସ୍ୱତୀ ଏକାଡେମୀ ଉଚ୍ଚ ବିଦ୍ୟାଳୟ, ମିଟୁ ଡାଲୁଆ ପ୍ରମୁଖ ଯୋଗଦେଇଥିଲେ। ବିଦାୟୀ ଶିକ୍ଷକଙ୍କୁ ସମସ୍ତେ ବିରାଟ ଶୋଭାଯାତ୍ରାରେ ନେଇ ଘର ପାଖରେ ଛାଡ଼ିଥିଲେ। ସେଠାରେ ଏକ ଶୋକାକୁଳ ପରିବେଶ ସୃଷ୍ଟି ହୋଇଥିଲା।

## ଅଧ୍ୟାପକଙ୍କୁ ବିଦାୟକାଳୀନ ସମ୍ବର୍ଦ୍ଧନା

ବଳଙ୍ଗା,୩୧।୭ (ସମିସ): ବଳଙ୍ଗା ମହାବିଦ୍ୟାଳୟର ମନୋବିଜ୍ଞାନ ଅଧ୍ୟାପକ ଅଶୋକ କୁମାର ସୁବୁଦ୍ଧି ଅବସର ଗ୍ରହଣ କରିଛନ୍ତି। ଏହି ସଭାରେ ସଭାପତିତ୍ୱ କରିଥିଲେ ଅଧ୍ୟାପକ ବଳଭଦ୍ର ରଥ। ମୁଖ୍ୟ ଅତିଥି ଭାବରେ ଅଧ୍ୟକ୍ଷ ପ୍ରଭାତ କୁମାର ସାହୁ, ସମ୍ମାନିତ ଅତିଥି ଭାବରେ ରବିନାରାୟଣ ହୋତା ଯୋଗଦେଇଥିଲେ। ଅତିଥିମାନେ ଶ୍ରୀ ସୁବୁଦ୍ଧିଙ୍କର ବହୁମୁଖୀ ପ୍ରତିଭାର ଗୁଣଗାନ କରିଥିଲେ। ମଞ୍ଚାସିନ ଅତିଥିମାନଙ୍କ ଦ୍ୱାରା ତାଙ୍କୁ ପୁଷ୍ପଗୁଚ୍ଛ, ମାନପତ୍ର, ଉତ୍ତରୀୟ ପ୍ରଦାନ କରାଯାଇ ସମ୍ବର୍ଦ୍ଧିତ କରାଯାଇଥିଲା। ଅଧ୍ୟାପକ ପ୍ରଦୋଷ କୁମାର ପତି, ବ୍ରଜବନ୍ଧୁ ପ୍ରଧାନ, ମିଥୁନ ମଲ୍ଲିକ, ରାମକୃଷ୍ଣ ପତି, ଆର୍ତ୍ତତ୍ରାଣ ଦାଶ, ସୁବାସ ଶତପଥି ଓ ସମସ୍ତ ଅଧ୍ୟାପକ ଅଧ୍ୟାପିକା, କର୍ମଚାରୀ, ଛାତ୍ରଛାତ୍ରୀ ଶ୍ରୀ ସୁବୁଦ୍ଧିଙ୍କର ଦୀର୍ଘ ଜୀବନ କାମନା ସହିତ ବିଦାୟ ଦେଇଥିଲେ। ସର୍ବଶେଷରେ ପ୍ରଶାନ୍ତ କୁମାର ମିଶ୍ର ଧନ୍ୟବାଦ ଅର୍ପଣ କରିଥିଲେ।



# ଚାଷୀ ପଞ୍ଜୀକରଣରେ ବାଧା ବଂଶାନୁକ୍ରମ ସାର୍ଟିଫିକେଟ୍

**ପିପିଲି,୩୧।୭ (ସମିସ):** ଏଥର ଚାଷୀଙ୍କଠାରୁ ଧାନ କିଣିବା ପାଇଁ ସରକାର ଆଣିଛନ୍ତି ନୂଆ ନିୟମ। ନିୟମରେ ଛନ୍ଦି ହୋଇ ଚାଷୀ କଲବଲ ହେଉଥିବାବେଳେ ନିକଟସ୍ଥ ତହସିଲ୍ ଓ ଆର୍‌ଆଇ ଅଫିସ ଦୌଡ଼ି ଦୌଡ଼ି ନିରାଶ ହେଉଛନ୍ତି। ପୂର୍ବରୁ ସରକାର ଚାଷୀଙ୍କ ପାଇଁ ସମବାୟ ସମିତିରେ ପଞ୍ଜୀକରଣ ସରଳୀକରଣ କରିଥିବାବେଳେ ଏବେ ସରକାର ନୂଆ ଗାଇଡ୍‌ଲାଇନ୍ ଆଣି ଚାଷୀମାନଙ୍କ ପାଇଁ ବଡ଼ ସମସ୍ୟା ସୃଷ୍ଟି କରିଛନ୍ତି। ବଂଶାନୁକ୍ରମ ସାର୍ଟିଫିକେଟ ଦାଖଲ କଲେ ଚାଷୀଙ୍କଠାରୁ ଧାନ କିଣିପାରିବେ ସରକାର। ଚାଷୀ ପଞ୍ଜୀକରଣ ସମୟରେ ଏହି ସାର୍ଟିଫିକେଟ ଦାଖଲ ବାଧ୍ୟତାମୂଳକ ରହିଥିବାବେଳେ ନିର୍ଦ୍ଧାରିତ ସମୟରେ ଚାଷୀ ବଂଶାନୁକ୍ରମ ସାର୍ଟିଫିକେଟ ନ ଦେଲେ ସମବାୟରେ ଧାନ ବିକ୍ରି କରିପାରିବେ ନାହିଁ ବୋଲି ସରକାରଙ୍କ ପକ୍ଷରୁ ନିର୍ଦ୍ଦେଶନାମା ଜାରି ହୋଇଛି। ଯାହାକୁ ନେଇ ଚାଷୀମାନଙ୍କ ମଧ୍ୟରେ ତୀବ୍ର ଅସନ୍ତୋଷ ପ୍ରକାଶ ପାଇଛି। ସରକାର ଚାଷୀଙ୍କଠାରୁ ଧାନ ନ କିଣିବା ପାଇଁ ଏଭଳି ନୂଆ ବାହାନା କରି



### ନୂଆ ନିୟମରେ ଛନ୍ଦି ହୋଇ କଲବଲ ହେଉଛନ୍ତି ଚାଷୀ

ନିୟମ ପରିବର୍ତ୍ତନ କରିଛନ୍ତି ବୋଲି ଚାଷୀମାନେ ଅଭିଯୋଗ କରିଛନ୍ତି। ତେବେ ଚାଷୀମାନଙ୍କ ପ୍ରତି ରାଜ୍ୟ ସରକାରଙ୍କ ଏଭଳି ଆଭିମୁଖ୍ୟକୁ ଘୋର୍ ନିନ୍ଦା କରିଛନ୍ତି ପିପିଲି ତେଇଶିପୁର ସମବାୟ ସମିତିର ସଭାପତି ତଥା ଜିଲ୍ଲା ପରିଷଦ ସଭ୍ୟ ଧରଣୀଧର ସାହୁ। ଗତ ଜୁଲାଇ ୧୯ ତାରିଖରୁ ଚାଷୀଙ୍କ ପଞ୍ଜୀକରଣ ବ୍ୟବସ୍ଥା ଆରମ୍ଭ ହୋଇଛି। ମାତ୍ର ସରକାରଙ୍କ ନୂଆ ନିୟମ ପାଇଁ ଖରିଫ୍ ପଞ୍ଜୀକରଣରେ ଆସୁଛି ବଡ଼ ସମସ୍ୟା। ଜମିର ଉତ୍ତରାଧିକାରୀ ପ୍ରମାଣପତ୍ର ଓ ବଂଶାବଳୀ ପ୍ରମାଣପତ୍ର ନ ଥିଲେ ଚାଷୀମାନେ ସମବାୟ ସମିତିରେ ଖରିଫ ଚାଷ ପଞ୍ଜୀକରଣ କରିପାରୁ ନାହାନ୍ତି ଏବଂ ଆର୍‌ଆଇ ଅଫିସ, ତହସିଲକୁ ଦୌଡ଼ି ଦୌଡ଼ି ଶେଷରେ ନିରାଶ ହେଉଛନ୍ତି ବୋଲି ଚାଷୀ ଅଭିଯୋଗ କରିଛନ୍ତି। ବିଶେଷକରି ପୁରୀ ଜିଲ୍ଲା ପିପିଲି ବ୍ଲକ୍‌ରେ ୧୭ଟି ଓ ଡେଲାଙ୍ଗ ବ୍ଲକ୍‌ରେ ୨୧ଟି କୃଷି ସେବା ସମବାୟ ସମିତିରେ ଖରିଫ ଧାନ ପଞ୍ଜୀକରଣ ବ୍ୟବସ୍ଥାରେ ସରକାରଙ୍କ ନୂଆ ନିୟମ ପାଇଁ ଚାଷୀମାନେ ନାହିଁ ନ ଥିବା ସମସ୍ୟାର ସମ୍ମୁଖୀନ ହେଉଛନ୍ତି। ବଂଶାନୁକ୍ରମ ସାର୍ଟିଫିକେଟ୍ ଓ ଭାଗଚାଷୀଙ୍କ ସହମତି ପ୍ରମାଣପତ୍ର ପାଇଁ ପଞ୍ଜୀକରଣରେ ସମସ୍ୟା ସୃଷ୍ଟି ହେଉଥିବା ନେଇ ପିପିଲିରେ ପଞ୍ଜୀକରଣକୁ ନେଇ ଚାଷୀମାନଙ୍କ ଅସନ୍ତୋଷ ଦେଖିବାକୁ ମିଳିଛି। ଏପଟେ ସରକାର ପଞ୍ଜୀକରଣ ଅବଧି ଅଗଷ୍ଟ ୨୦ ତାରିଖ ପର୍ଯ୍ୟନ୍ତ ରଖିଥିବାବେଳେ ସରକାରଙ୍କ ନୂଆ ଗାଇଡ୍‌ଲାଇନ୍ ପଞ୍ଜୀକରଣରେ ସମସ୍ୟା ସୃଷ୍ଟି କରୁଛି ବୋଲି ଚାଷୀମାନେ ଅଭିଯୋଗ କରିଛନ୍ତି। ତେବେ ରାଜ୍ୟ ସରକାର ଚାଷୀମାନଙ୍କ ପାଇଁ ରେଜିଷ୍ଟ୍ରେସନ ସରଳୀକରଣ ବ୍ୟବସ୍ଥା କରନ୍ତୁ ବୋଲି ତେଇଶିପୁର ସେବା ସମବାୟ ସମିତି ସଭାପତି ଶ୍ରୀ ସାହୁ ଦାବି କରିଛନ୍ତି। ଚାଷୀଙ୍କ ପଞ୍ଜୀକରଣ ବ୍ୟବସ୍ଥା ସୁବିଧାରେ କରାନଗଲେ ଚାଷୀମାନେ ବାଧ୍ୟ ହୋଇ ରାଜରାସ୍ତାକୁ ଓହ୍ଲାଇ ପ୍ରତିବାଦ କରାଯିବ ବୋଲି ସେ ଚେତାବନୀ ଦେଇଛନ୍ତି।

## ଆକାଶରେ ବର୍ଷା ନାହିଁ କେନାଲରେ ପାଣି ନାହିଁ; ଚାଷ କାର୍ଯ୍ୟ ବାଧା

ନୟାହାଟ,୩୧।୭ (ସମିସ): ଜଳବାୟୁ ପରିବର୍ତ୍ତନ ଯୋଗୁଁ ଶ୍ରାବଣ ମାସରେ ଝଡ଼ି ବର୍ଷା ହେବା ପରିବର୍ତ୍ତେ ଟାଣ ଖରା ଅସହ୍ୟ ଗରମ ଯୋଗୁଁ ଆକାଶରେ ବର୍ଷା ନ ଥିବାବେଳେ କେନାଲରେ ଚାଷ ପାଇଁ ଆବଶ୍ୟକ ପାଣି ଆସୁ ନ ଥିବାରୁ ଚାଷ କାର୍ଯ୍ୟ ଆଗେଇପାରୁ ନାହିଁ। ଝିପିଝିପି ବର୍ଷା କିଛି ସମୟ ହେବା ପରେ ପୁଣି ଟାଣ ଖରା ଚାଷୀଙ୍କ ପାଇଁ କାଳ ସାଜିଛି। ନୟାହାଟ ଅଞ୍ଚଳରେ ପ୍ରଚଣ୍ଡ ଖରା ଓ ଲୋକମାନେ ଅସ୍ତବ୍ୟସ୍ତ ହେଉଥିବାବେଳେ ଶ୍ରାବଣ ସରିବାକୁ କିଛି ଦିନ ବାକି ରହିଛି। ବର୍ଷା ଉପରେ ନିର୍ଭର କରି ଚାଷୀମାନେ ଖରିଫ୍ ଫସଲ ଚାଷ କରିଥାନ୍ତି। ଚଳିତ ବର୍ଷ ପାଣି ପାଇଁ ବର୍ଷାର ଆବଶ୍ୟକତା ଥିବାବେଳେ ପ୍ରଚଣ୍ଡ ଖରା ହେଉଥିବାରୁ ଚାଷୀମାନେ ବିଲରେ ବୁଣିଥିବା ଧାନ ତଳି ଓପାଡ଼ି ପାରୁନାହାନ୍ତି କି ରୋଇପାରୁ ନାହାନ୍ତି। କେତେକ ଚାଷୀ ପାଣି ପମ୍ପ୍ ଦ୍ୱାରା ବିଲକୁ ପାଣି ମଡ଼ାଇ କାଦୁଅ କରୁଛନ୍ତି। କୁଣ୍ଢେଇ ଓ ତା'ର ଶାଖା କେନାଲରେ ଆବଶ୍ୟକ ପରିମାଣରେ ପାଣି ନ ଥିବାରୁ ଚାଷ କାର୍ଯ୍ୟ ବାଧାପ୍ରାପ୍ତ ହେଉଛି। ଏ ସମ୍ପର୍କରେ ଜଳସେଚନ ବିଭାଗର ସହକାରୀ ଯନ୍ତ୍ରୀ ତପନ କୁମାର ନାୟକଙ୍କୁ ପଚାରିବାରେ ସେ କହିଲେ ଯେ, ବନ୍ୟା ଯୋଗୁଁ ନଦୀମାନଙ୍କରେ ବନ୍ୟା ପାଣି ଆସିଥିବାରୁ ସେଥିପାଇଁ ଅଧିକ ପାଣି କେନାଲକୁ ଛଡ଼ାଯାଉନି। ବନ୍ୟା କମିଲେ ପାଣି ଛଡ଼ାଯିବ ବୋଲି ଶ୍ରୀ ନାୟକ ପ୍ରକାଶ କରିଛନ୍ତି।

ଦ୍ୱାଦଶ କର୍ମ ଉପଲକ୍ଷେ ଅଶ୍ରୁଳ ଶ୍ରଦ୍ଧାଞ୍ଜଳି



ସ୍ୱର୍ଗତ ସୁଧାଙ୍ଗନା ପତି
ଗ୍ରାମ- ସୋଧ, ଦୋବଲ, ଧାମନଗର
ଆବିର୍ଭାବ-୧୭/୮/୧୯୫୩
ତିରୋଧାନ-୨୧/୭/୨୦୨୫

ତୁମ ଅବର୍ତ୍ତମାନରେ ଚାହୁଁ ଚାହୁଁ ଆଜିକୁ ବାର ଦିନ ହୋଇଗଲା। ତୁମର ଅନୁପସ୍ଥିତି ପ୍ରତି ମୁହୂର୍ତ୍ତ ରେ ଆମ୍ଭେମାନେ ଅନୁଭବ କରୁଛୁ। ତୁମର ସ୍ନେହ, ଶ୍ରଦ୍ଧା, ଭଲ ପାଇବା ସବୁ ସମୟରେ ମନେପଡ଼ୁଛି। ମହାପ୍ରଭୁ ଜଗନ୍ନାଥଙ୍କ ନିକଟରେ ସଦାସର୍ବଦା ପ୍ରାର୍ଥନା କରୁଛୁ ତୁମ ଅମର ଆତ୍ମାର ସଦଗତି ହେଉ।


ଶୋକସନ୍ତପ୍ତ: ରମାକାନ୍ତ ପତି
ବନ୍ଧୁ ବାନ୍ଧବ ଆତ୍ମୀୟ ସ୍ୱଜନ ଓ ପତି ପରିବାର ବର୍ଗ

# ଶ୍ରୀକ୍ଷେତ୍ର ସିଟି

୩୧/୭/୨୦୨୫ (ଗୁରୁବାର) ଶ୍ରୀଜଗନ୍ନାଥଙ୍କ ହୁଣ୍ଡିରେ ସମର୍ପଣ

ଟ. ୩,୮୪,୧୮୦/- ସୁନା: ୦୧.୧୦୦ ଗ୍ରାମ୍ ରୁପା: ୨୧.୨୦୦ ଗ୍ରାମ୍






■ ଅଭୟାରଣ୍ୟ ଭିତରେ ପେଭର ବ୍ଲକ୍ ରାସ୍ତା

## ତଦନ୍ତ କରି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ

### ଟୁଇଟ୍‌ର ଉତ୍ତର ଦେଲା ବନ ବିଭାଗ

ପୁରୀ, ୩୧।୭ (ସମିସ): ବାଲୁଖଣ୍ଡ ଅଭୟାରଣ୍ୟ ଭିତରେ ତିଆରି ହୋଇଛି ପେଭର ବ୍ଲକ୍ ରାସ୍ତା। ପୁଣି ଫାର୍ମ ହାଉସ ତିଆରି ଚାଲିଛି। ତେବେ ଜଙ୍ଗଲ ଭିତରେ କିଏ ଏହି ରାସ୍ତା ନିର୍ମାଣ କରିଛି। ଏହି ରାସ୍ତା ନିର୍ମାଣ କରିବା ପଛର ଉଦ୍ଦେଶ୍ୟ କ'ଣ? ଏ ନେଇ କୌଣସି ସ୍ୱଷ୍ଟତା ଆସି ନ ଥିବାବେଳେ ଏ ସଂକ୍ରାନ୍ତରେ ଅଭିଯୋଗ କରିଥିଲେ ପୁରୀ ଜିଲ୍ଲା ଆପ୍ ସଭାପତି ସଞ୍ଜୀବ କୁମାର ମହାନ୍ତି। ଅଭୟାରଣ୍ୟ ଭିତରେ ଏଭଳି ରାସ୍ତା ଦେଖି ସେ ଆଶ୍ଚର୍ଯ୍ୟ ପ୍ରକଟ କରିଥିଲେ। ଏ ସଂକ୍ରାନ୍ତରେ ଗୁରୁବାର 'ସକାଳ'ରେ 'ଅଭୟାରଣ୍ୟ ଭିତରେ ପେଭର ବ୍ଲକ୍ ରାସ୍ତା କରିଛି କିଏ' ଶୀର୍ଷକ ଏକ ଖବର ପ୍ରକାଶ ପାଇଥିଲା। ଖବରକୁ ସୂଚନା ଅଧିକାର କର୍ମୀ ସନ୍ତୋଷ କୁମାର ମହାନ୍ତି ରାଜ୍ୟ ସରକାର ଏବଂ ବିଭାଗୀୟ ଅଧିକାରୀଙ୍କୁ ଟୁଇଟ୍ କରିଥିଲେ। ଓଡ଼ିଶା ବନ ବିଭାଗ ଏହି ଟୁଇଟ୍‌କୁ ଗୁରୁତ୍ୱର ସହ ଗ୍ରହଣ କରିଛି। ଏହାର ତଦନ୍ତ କରାଯାଇ ଆଇନଗତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ ବୋଲି ସନ୍ତୋଷଙ୍କ ଟୁଇଟ୍‌ର ଉତ୍ତର ଦେଇଛି।




# ମାଫିଆଙ୍କ ଟାର୍ଗେଟରେ ମହାପ୍ରଭୁଙ୍କ ଜମି

### ଭାରତୀପୁର ମୌଜାରେ ଜମି କେଲେଙ୍କାରୀ

### ନୋଟାରୀ ପବ୍ଲିକ ରେଜିଷ୍ଟ୍ରେସନରେ ବିକ୍ରି କରୁଛନ୍ତି

ପୁରୀ,୩୧।୭ (ସମିସ)

ଜମି ମାଫିଆଙ୍କ ଟାର୍ଗେଟରେ ମହାପ୍ରଭୁଙ୍କ ଜମି। ସରକାରୀ ଅଥବା ବ୍ୟକ୍ତିଗତ ଜମିକୁ ଜବରଦଖଲ କଲେ ବିରୋଧର ସମ୍ମୁଖୀନ ହେବାର ସମ୍ଭାବନା ରହିଛି। କିନ୍ତୁ ମହାପ୍ରଭୁଙ୍କ ଜମି ହାତେଇଲେ ଧରପଗଡ଼ ହେବାର ସମ୍ଭାବନା ପ୍ରାୟତ ନାହିଁ। ଏମିତି ଭାବନା ରଖିଥିବା ମାଫିଆମାନେ ଠାକୁରଙ୍କ ଜମିକୁ ଜବରଦଖଲ କରି ବେଆଇନ ଭାବେ ବିକ୍ରି କରୁଛନ୍ତି। ଏହିଭଳି ମହାପ୍ରଭୁଙ୍କ ସମ୍ପତ୍ତି ହଡ଼ପ ଯୋଗୁ ବିପୁଳ ପରିମାଣର ରାଜସ୍ୱ ହରାଉଛି ଶ୍ରୀମନ୍ଦିର ପ୍ରଶାସନ। ଏବେ ଜମି ମାଫିଆଙ୍କ ଲୋଲୁପ ଦୃଷ୍ଟି ପଡ଼ିଛି ପୁରୀ ସଦର ଉପକଣ୍ଠ ଭାରତୀପୁର ମୌଜାରେ ଥିବା ଭୂସମ୍ପତ୍ତି ଉପରେ। ମହାପ୍ରଭୁଙ୍କ ସମ୍ପତ୍ତି ତଞ୍ଚକତାପୂର୍ଣ୍ଣ ଉପାୟରେ କବ୍‌ଜା କରି ମାଫିଆମାନେ ବିକ୍ରି କରୁଛନ୍ତି। ଏ ଦିଗରେ ପ୍ରଶାସନ ନୀରବଦ୍ରଷ୍ଟା ସାଜିବା ସଚେତନ ମହଲରେ ବିସ୍ମୟ ସୃଷ୍ଟି କରିଛି। ନୋଟାରୀ ପବ୍ଲିକରେ ଏଗ୍ରିମେଣ୍ଟ ମାଧ୍ୟମରେ ଗୋଟିଏ ଡେସିମିଲ ୨ରୁ ୩ ଲକ୍ଷ ଟଙ୍କାରେ ବିକ୍ରି କରାଯାଉଛି। ମୁଖ୍ୟତଃ ବିଭିନ୍ନ ନିର୍ମାଣ କାର୍ଯ୍ୟ ପାଇଁ ପଶ୍ଚିମବଙ୍ଗରୁ ପୁରୀ ଆସୁଥିବା ରାଜମିସ୍ତ୍ରି, ମାର୍ବଲ ମିସ୍ତ୍ରି, ନିର୍ମାଣ ଶ୍ରମିକମାନେ ମାଫିଆଙ୍କର ଶିକାର ହେଉଛନ୍ତି। ଜମିର ମାଲିକାନା ଯାଞ୍ଚ ନ କରି ନିରୀହ ଲୋକମାନେ ଜମି କିଣି ପକାଉଛନ୍ତି। ତେଣୁ ଆଗାମୀ ଦିନରେ ସହର ଉପକଣ୍ଠରେ ଥିବା ହୁଲୁହୁଲିଆ ପୋଲ ଅଞ୍ଚଳରେ ଏକ ବଡ଼ ବେଆଇନ ବସ୍ତି ଗଢ଼ି ଉଠିବା ଆଶଙ୍କା ଦେଖାଦେଇଛି।

ସୂଚନା ଅନୁଯାୟୀ, ଭାରତୀପୁର ମୌଜାରେ ଗୋପାଳ ତୀର୍ଥ ମଠ ବାଲିସାହି ନାମରେ ୨୪ ଏକର ୯୧ ଡେସିମିଲ ଜମିର ପଟ୍ଟା ବାହାରିଥିଲା। ଏହି ଜମି ମଧ୍ୟରୁ ୧୯୯୪ରେ ମହନ୍ତ ଦେବୋତ୍ତର କମିଶନରଙ୍କଠାରୁ ୧୯ ଧାରରେ ଅନୁମତି ଆଣି ପୁରୀ କୋଣାର୍କ ଆଞ୍ଚଳିକ ଉନ୍ନୟନ ସଂସ୍ଥା(ପିକେଡିଏ) ସଂସ୍ଥାକୁ ୧୨ ଏକର ୮୧ ଡେସିମିଲ ଜମି ହସ୍ତାନ୍ତର କରିଥିଲେ। ଏହି ଜମି ବାବଦ ମୂଲ୍ୟ ଯଥାବିଧି ପୈଠ କରାଯାଇଥିଲା। ଜମିର ବିଧିବଦ୍ଧ ହସ୍ତାନ୍ତର ପରେ ପିକେଡିଏ ୮୦୦ ମିଟରର ରାସ୍ତା ନିର୍ମାଣ କରି ଜମି ପ୍ଲଟିଂ ପାଇଁ ବିଜ୍ଞାପନ ପ୍ରକାଶ କରିଥିଲା। ଏ ସଂକ୍ରାନ୍ତରେ ଓଡ଼ିଶା ସରକାରଙ୍କ ପକ୍ଷରୁ ଗେଜେଟରେ ଆପତ୍ତି ଆହ୍ୱାନ କରାଯାଇଥିଲା। ପିକେଡିଏ ଆଗ୍ରହୀ କ୍ରେତାମାନଙ୍କଠାରୁ ଇଏମ୍‌ଡି ଗ୍ରହଣ କରୁଥିବାବେଳେ ଜମିକୁ ନେଇ ବିବାଦ ଉପୁଜିଥିଲା। ୧୯ ଧାରରେ ଅନୁମତି ନିଆ ନ ଯାଇ ପିକେଡିଏକୁ ଜମି ବିକ୍ରୀ କରାଯାଇଥିବା ଏବଂ ଜମି ବିକ୍ରି ଲବ୍ଧ ଅର୍ଥ ମଠ ଆକାଉଣ୍ଟକୁ ଆସି ନଥିବା ଦର୍ଶାଇ ଓଡିଶା ହାଇକୋର୍ଟରେ ମାମଲା ଦାଏର ହୋଇଥିଲା। ଏହି ମାମଲା ଏବେ ବିଚାରାଧୀନ ଅଛି। ଅନ୍ୟପକ୍ଷରେ ସବୁ ମଠ ସମ୍ପତ୍ତି ଶ୍ରୀମନ୍ଦିରର ବୋଲି ୨୦୧୫ରେ ସୁପ୍ରିମକୋର୍ଟଙ୍କ ରାୟ ପରେ ଏହି ଜମି ତ୍ରିଶଙ୍କୁ ଅବସ୍ଥାକୁ ଚାଲିଯାଇଛି। ପିକେଡିଏ ଆଶାୟୀ କ୍ରେତାଙ୍କଠାରୁ ଗ୍ରହଣ କରିଥିବା ଅର୍ଥ ଫେରାଇ ଦେଇଥିବା ବେଳେ ପିକେଡିଏ ଏହି ଅର୍ଥ ମଠଠାରୁ ଏ ପର୍ଯ୍ୟନ୍ତ ଫେରିପାଇନାହିଁ। ଏଭଳି ବିବାଦୀୟ ପରିସ୍ଥିତି ଲାଗି ରହିଥିବାବେଳେ ମହାପ୍ରଭୁଙ୍କ ଜମିକୁ ନୋଟାରୀ ପବ୍ଲିକ ରେଜିଷ୍ଟ୍ରେସନ ମାଧ୍ୟମରେ ବେଆଇନ ଭାବେ ବିକ୍ରି କରାଯାଉଥିବା ଅଭିଯୋଗ କରିଛନ୍ତି ଆପ୍ ପୁରୀ ଜିଲ୍ଲା ସଭାପତି ସଞ୍ଜୀବ କୁମାର ମହାନ୍ତି।

ବେଆଇନ ଭାବେ ଏହି ଜମି ବିକ୍ରିକୁ କେତେଜଣ ଶ୍ରୀମନ୍ଦିର କାର୍ଯ୍ୟାଳୟ ଏବଂ ପୁଲିସ ବିଭାଗର ତଳିଆ କର୍ମଚାରୀ ପ୍ରୋତ୍ସାହନ ଦେଉଥିବା ଅଭିଯୋଗ ହୋଇଛି। ମହାପ୍ରଭୁଙ୍କ ଜମି ଏଭଳି ଭାବେ ହସ୍ତାନ୍ତର ହେଉଥିବା ଯୋଗୁଁ ସଚେତନ ମହଲରେ ଉଦ୍‌ବେଗ ପ୍ରକାଶ ପାଇଛି। ଆଗାମୀ ଦିନରେ ସମ୍ପୃକ୍ତ ଅଞ୍ଚଳରେ ବସ୍ତି ଗଢ଼ି ଉଠିଲେ ତାହାକୁ ଉଚ୍ଛେଦ କରିବାକୁ ସରକାରଙ୍କୁ ନାକେଦମ୍ ହେବାକୁ ପଡିବ। ଏ ସମ୍ପର୍କରେ ଆପ୍ ପୁରୀ ଜିଲ୍ଲା ସଭାପତି ସଞ୍ଜୀବ କୁମାର ମହାନ୍ତି କହିଛନ୍ତି, ଭାରତୀପୁର ମୌଜାରେ ମହାପ୍ରଭୁଙ୍କର ୧୨ ଏକରରୁ ଊର୍ଦ୍ଧ୍ୱ ଜମିକୁ ବେଆଇନ ଭାବେ ବିକ୍ରି କରାଯାଉଥିବା ବେଳେ ଶ୍ରୀମନ୍ଦିର ପ୍ରଶାସନ ତୁରନ୍ତ ଏଥିରେ ହସ୍ତକ୍ଷେପ କରୁ। ମନ୍ଦିର ପ୍ରଶାସନ ଏମିତି ନୀରବ ରହିଲେ ମହାପ୍ରଭୁଙ୍କ ଜମିକୁ ମାଫିଆମାନେ ମାଡ଼ିବସି ବିକ୍ରି କରିବା ପାଇଁ ପ୍ରୋତ୍ସାହନ ପାଇବେ।


ସୂଚନାଥାଉ କି, ଓଡ଼ିଶା ସମେତ ୭ଟି ରାଜ୍ୟରେ ମହାପ୍ରଭୁଙ୍କର ମୋଟ ୬୦ ହଜାର ୪୨୬ ଏକର ଜମି ବିଭିନ୍ନ ଅବସ୍ଥାରେ ରହିଛି। ସେଥିମଧ୍ୟରୁ ୩୪,୮୦୩ ଏକର ଜମିର ସ୍ୱତ୍ତାଧିକାରୀ ଶ୍ରୀମନ୍ଦିର ପ୍ରଶାସନକୁ ମିଳିଛି। ଶ୍ରୀଜଗନ୍ନାଥ ମହାପ୍ରଭୁ ବିଜେ ପୁରୀ ମାର୍ଫତ ଶ୍ରୀମନ୍ଦିର ପରିଚାଳନା କମିଟି ନାଁରେ ଏହି ଜମିର ରେକର୍ଡ ଚୂଡ଼ାନ୍ତ ହୋଇଛି। ବାକି ୨୫ ହଜାର ୬୨୩ ଏକର ୯୩୦ ଡେସିମିଲ ଜମି ଜବରଦଖଲ ରହିଛି। ଜବରଦଖଲ ଜମି ମୁକ୍ତ ଲାଗି ପୂର୍ବରୁ ବେଆଇନ ଦଖଲ ମାମଲା ଚାଲିଥିଲା। ତାହାର ଷ୍ଟାଟସ କ'ଣ ଏବେ ସ୍ପଷ୍ଟ ଜଣାପଡ଼ିନାହିଁ। ଅନ୍ୟପକ୍ଷରେ ଜମି ମାଫିଆମାନେ ମହାପ୍ରଭୁଙ୍କ ମୂଲ୍ୟବାନ ସମ୍ପତ୍ତି ହାତେଇ ଏହାକୁ ବେଆଇନ ଭାବେ ବିକ୍ରି କରିବାରେ ଲାଗିପଡ଼ିଛନ୍ତି।

## ପ୍ରଧାନଶିକ୍ଷକଙ୍କୁ ଅବସରକାଳୀନ ସମ୍ବର୍ଦ୍ଧନା

**ପୁରୀ,୩୧।୭ (ସମିସ):** ଭୋଳାନାଥ ବିଦ୍ୟାପୀଠର ପ୍ରଧାନଶିକ୍ଷକ ପ୍ରସନ୍ନ କୁମାର ମାନ୍ଧାତାଙ୍କୁ ଗୁରୁବାର ବିଦ୍ୟାଳୟ ପରିସରରେ ଅବସରକାଳୀନ ସମ୍ବର୍ଦ୍ଧନା ଦିଆଯାଇଛି। ସଭା ପ୍ରାରମ୍ଭରେ ଛାତ୍ରଛାତ୍ରୀମାନେ ବିଦାୟକାଳୀନ ସଙ୍ଗୀତ ପରିବେଷଣ କରିଥିଲେ। ଏଥିରେ ଭୋଳାନାଥ ବିଦ୍ୟାପୀଠର ପୁରାତନ ଛାତ୍ର ସଂସଦ ସଭାପତି ଡ. ତ୍ରିଲୋଚନ ବରାଳ ମୁଖ୍ୟଅତିଥି ଏବଂ ପୂର୍ବତନ ନଗରପାଳ ସୁରେନ୍ଦ୍ର ନାଥ ଦାସ ମୁଖ୍ୟବକ୍ତା ଭାବେ ଯୋଗଦେଇଥିଲେ। ବିଦ୍ୟାଳୟ ପରିଚାଳନା କମିଟି ସଭାପତି ନାରାୟଣ ଗୋଛିକାର ସମ୍ମାନିତ ଅତିଥି ଭାବେ ଉପସ୍ଥିତ ଥିଲେ। ଶ୍ରୀ ମାନ୍ଧାତା ପ୍ରଧାନଶିକ୍ଷକ ଭାବେ ଯୋଗଦେବା ପରେ ବିଦ୍ୟାଳୟର ଭିତ୍ତିଭୂମି ବିକାଶ, ପରିଷ୍କାର ପରିଚ୍ଛନ୍ନତା ଓ ଶିକ୍ଷକଶିକ୍ଷୟିତ୍ରୀଙ୍କ ସହଯୋଗରେ ଉନ୍ନତମାନର ଶିକ୍ଷାଦାନକୁ ବୃଦ୍ଧି କରିବାରେ ତାଙ୍କର ଭୂମିକା ଅତୁଳନୀୟ ରହିଛି ବୋଲି ଅତିଥିମାନେ କହିଥିଲେ। ସହକାରୀ ଶିକ୍ଷକ ଓ ଛାତ୍ରଛାତ୍ରୀମାନେ ଭାଷଣ ଓ ଗୀତ ମାଧ୍ୟମରେ ପ୍ରଧାନଶିକ୍ଷକଙ୍କ ସୁକର୍ମ ଉପରେ ଆଲୋକପାତ କରିଥିଲେ। କାର୍ଯ୍ୟକ୍ରମରେ ଶିକ୍ଷକ ପ୍ରବୀଣ କୁମାର ମହାନ୍ତି, ନିରଞ୍ଜନ ମିଶ୍ର, ଭାସ୍କର ବିଶ୍ୱାଳ, ବାମନ ଚରଣ ସାହୁ, ପବିତ୍ର ରାଉଳ, ବିଚିତ୍ର ବାରିକ, କାର୍ତ୍ତିକ ମହାପାତ୍ରଙ୍କ ସହିତ ଅନ୍ୟାନ୍ୟ ସହକର୍ମୀ ଉପସ୍ଥିତ ଥିଲେ।

## ଅଣସଂକ୍ରାମକ ରୋଗ ଚିହ୍ନଟ ଶିବିର

**ପୁରୀ,୩୧।୭ (ସମିସ):** କମଳାଦେବୀ ମାତୃ ମଙ୍ଗଳ (କେଡିଏମ୍‌ଏମ୍) ହୋମ୍ ସହରାଞ୍ଚଳ ପ୍ରାଥମିକ ସ୍ୱାସ୍ଥ୍ୟ କେନ୍ଦ୍ର ପକ୍ଷରୁ ଗୁରୁବାର ସ୍ଥାନୀୟ ଜାଲିସାହି ଅଙ୍ଗନବାଡ଼ି କେନ୍ଦ୍ରରେ ଅଣସଂକ୍ରାମକ ରୋଗ ଚିହ୍ନଟ ଶିବିର ଅନୁଷ୍ଠିତ ହୋଇଯାଇଛି। ଏହି କାର୍ଯ୍ୟକ୍ରମକୁ ଚିକିତ୍ସାଧିକାରୀ ଡା. ଅବିନାଶ ମହାରଣା ଉଦ୍‌ଘାଟନ କରିଥିଲେ। ଏଥିରେ ଫାର୍ମାସିଷ୍ଟ ଆଶୁତୋଷ ନାୟକ, ଲାବୋରେଟୋରୀ ଟେକ୍ନିସିଆନ୍ ରୋଜାଲିନ ଦାସ୍, ମହିଳା ସ୍ୱାସ୍ଥ୍ୟ କର୍ମୀ ବିଜୟଲକ୍ଷ୍ମୀ ଆଚାର୍ଯ୍ୟ, ଯୋଗ ଶିକ୍ଷକ ଦେବଦର୍ଶିନୀ ମହାନ୍ତି, ଫିଜିଓଥେରାପିଷ୍ଟ ଶୁଭଶ୍ରୀ ମହାପାତ୍ର, ଆଶାକର୍ମୀ ସରୋଜିନୀ ବାରିକ୍ ଓ ଜୟନ୍ତୀ ଦାସଙ୍କ ସମେତ ଅନ୍ୟାନ୍ୟ କର୍ମଚାରୀ ଉପସ୍ଥିତ ରହି ସେବା ପ୍ରଦାନ କରିଥିଲେ। ସ୍ଥାନୀୟ ଅଞ୍ଚଳରେ ୫୮ ଜଣ ରୋଗୀଙ୍କ ସ୍ୱାସ୍ଥ୍ୟ ପରୀକ୍ଷା କରାଯାଇ ଔଷଧ ବିତରଣ କରାଯାଇଥିଲା। ଉଚ୍ଚ ରକ୍ତଚାପ, ମଧୁମେହ, ମୁଖଗହ୍ୱର କର୍କଟ ସମ୍ବନ୍ଧୀୟ ରୋଗର ଚିକିତ୍ସା ପ୍ରଦାନ କରାଯାଇଥିଲା। ତତ୍‌ସହିତ ଲୋକମାନଙ୍କୁ ସୁସ୍ଥ ଜୀବନ ନିମନ୍ତେ ରୋଗର ଗୁରୁତ୍ୱ ବିଷୟରେ ବାର୍ତ୍ତା ପ୍ରେରଣ କରାଯାଇଥିଲା। କାର୍ଯ୍ୟକ୍ରମକୁ ଜନ ସ୍ୱାସ୍ଥ୍ୟ ପରିଚାଳକ ପ୍ରଦୀପ କୁମାର ବରାଳ ପରିଚାଳନା କରିଥିଲେ। ଏଥି ସହିତ ଆକାଉଣ୍ଟାଣ୍ଟ ଆଶୁତୋଷ ପଟ୍ଟନାୟକ ଏବଂ ଏମ୍‌ଆର୍‌ଏ ଶ୍ରୀଦେବ ନିରଞ୍ଜନ ସିଂହ ସହଯୋଗ କରିଥିଲେ।



ସୂର୍ଯ୍ୟାସ୍ତ ପରର ସୁନେଲୀ ଶ୍ରୀକ୍ଷେତ୍ର

ଗୁଣାତ୍ମକ ପ୍ରମାଣପତ୍ର ଉପରେ ବିକ୍ରେତା ଅଭିଯାନ

## ନୂତନ ଉଦ୍ୟୋଗପତି ସୃଷ୍ଟି ଉପରେ ଗୁରୁତ୍ୱ

**ପୁରୀ,୩୧।୭ (ସମିସ):** ଅଣୁ, କ୍ଷୁଦ୍ର ଓ ମଧ୍ୟମ ଉଦ୍ୟୋଗ ମାଧ୍ୟମରେ ଉଦ୍ୟୋଗପତିମାନେ ରାଜ୍ୟ ଓ ଦେଶର ଅର୍ଥନୀତିକୁ ସୁଦୃଢ଼ କରିଥା'ନ୍ତି। ତେଣୁ ଏହିଭଳି କର୍ମଶାଳା ମାଧ୍ୟମରେ ସେମାନଙ୍କ ମନରେ ଥିବା ବିଭିନ୍ନ ସଂଶୟ ଓ ସନ୍ଦେହକୁ ବିଶେଷଜ୍ଞମାନଙ୍କ ଦ୍ୱାରା ଦୂର କରାଯାଇପାରିବ ବୋଲି କହିଛନ୍ତି ଅତିରିକ୍ତ ଜିଲ୍ଲାପାଳ (ପ୍ରଶାସନ) ଶରତ ଚନ୍ଦ୍ର ବେହେରା। ଗୁରୁବାର ସଦ୍‌ଭାବନା ସଭାଗୃହଠାରେ ଅଣୁ, କ୍ଷୁଦ୍ର ଓ ମଧ୍ୟମ ଉଦ୍ୟୋଗ ବିଭାଗ ପକ୍ଷରୁ ଗୁଣାତ୍ମକ ପ୍ରମାଣପତ୍ର ଉପରେ ବିକ୍ରେତା ସଂଗ୍ରହ ଅଭିଯାନ ଅନୁଷ୍ଠିତ ହୋଇଥିଲା। ଏଥିରେ ମୁଖ୍ୟଅତିଥି ଭାବେ ଯୋଗଦେଇ ଅତିରିକ୍ତ ଜିଲ୍ଲାପାଳ ଶ୍ରୀ ବେହେରା ପିଲାମାନେ ଶିକ୍ଷାଲାଭ ପରେ ଚାକିରି ପଛରେ ଧାଉଁଥିଲେ। କିନ୍ତୁ ବର୍ତ୍ତମାନ ଅନେକ ପିଲା ଉଦ୍ୟୋଗୀ ହୋଇ ନିଜକୁ ପ୍ରତିଷ୍ଠିତ କରିବା ସହ ଅନେକଙ୍କୁ ନିଯୁକ୍ତି ଦେବାରେ ସକ୍ଷମ ହେଉଛନ୍ତି। ତେଣୁ ଉଦ୍ୟୋଗପତିମାନେ ଯେପରି ଆହୁରି ସଫଳ ହେବେ ଓ ନୂତନ ଉଦ୍ୟୋଗପତି ସୃଷ୍ଟି ହେବେ, ସେମାନଙ୍କ ସମସ୍ୟାର ସମାଧାନ ଏହି ଅଭିଯାନର ଲକ୍ଷ୍ୟ। ଏଥିରେ ଉପସ୍ଥିତ ଉଦ୍ୟୋଗୀମାନେ ଏହାଦ୍ୱାରା ଉଦ୍‌ବୁଦ୍ଧ ହୋଇ ପାରିଛନ୍ତି ବୋଲି ସେ ମତ ଦେଇଥିଲେ। ଜିଲ୍ଲା ଶିଳ୍ପକେନ୍ଦ୍ରର ମହାପ୍ରବନ୍ଧକ ମାନସ କୁମାର ବାରିକଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଏହି ଅଭିଯାନରେ ସୂଚନା ଓ ଲୋକ ସମ୍ପର୍କ ଉପନିର୍ଦ୍ଦେଶକ ସନ୍ତୋଷ କୁମାର ସେଠୀ ଉପସ୍ଥିତ ଥିଲେ। ଭାରତୀୟ ଗୁଣାତ୍ମକ ପରିଷଦ ଓ ଜାତୀୟ ଉତ୍ପାଦକତାର ବିଶେଷଜ୍ଞ ବା ଏକ୍ସପର୍ଟ ଭାବେ ଶ୍ୟାମ ପ୍ରସାଦ, ଦେବନ ଦାସମହାପାତ୍ର ପ୍ରମୁଖ ଯୋଗଦେଇ ପ୍ରମାଣପତ୍ର ପ୍ରକ୍ରିୟା ଉପରେ ମାର୍ଗଦର୍ଶନ ପ୍ରଦାନ କରିଥିଲେ।



ବ୍ୟାବସାୟିକ କାର୍ଯ୍ୟ ସହ ଏହି ଗୁଣାତ୍ମକମାନଗୁଡ଼ିକୁ ସମନ୍ୱିତ ପଦକ୍ଷେପ ଓ ଦୃଶ୍ୟମାନ ଲାଭ ସମ୍ପର୍କରେ ଆଲୋକପାତ କରିଥିଲେ। ଆଇଏସ୍‌ଓ, ଲିନ ଏବଂ ଜେଡ୍ ପ୍ରମାଣପତ୍ରର ପରିବର୍ତ୍ତନକାରୀ ସମ୍ଭାବନା ଉପରେ ସୂଚନା ଦିଆଯାଇଥିଲା। ଏହି କର୍ମଶାଳାରେ ଜିଲ୍ଲାର ବିଭିନ୍ନ ଉଦ୍ୟୋଗପତି ଯୋଗଦେଇ ଆଲୋଚନାରେ ଅଂଶଗ୍ରହଣ କରିଥିଲେ।

## କର୍ମଚାରୀଙ୍କୁ ଅବସରକାଳୀନ ସମ୍ବର୍ଦ୍ଧନା

**ପୁରୀ,୩୧।୭ (ସମିସ):** ଜିଲ୍ଲାପାଳଙ୍କ କାର୍ଯ୍ୟାଳୟର ସାଧାରଣ ବିବିଧ ବିଭାଗରେ କାର୍ଯ୍ୟରତ ବରିଷ୍ଠ ରାଜସ୍ୱ ସହାୟକ ଝରାଶ୍ରୀ ମହାନ୍ତିଙ୍କୁ ଗୁରୁବାର ଅବସରକାଳୀନ ସମ୍ବର୍ଦ୍ଧନା ଦିଆଯାଇଛି। ଏହି ଉପଲକ୍ଷେ ଅତିରିକ୍ତ ଜିଲ୍ଲାପାଳ (ରାଜସ୍ୱ)ଙ୍କ କାର୍ଯ୍ୟାଳୟ ପ୍ରକୋଷ୍ଠରେ ସମ୍ବର୍ଦ୍ଧନା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। ଏଥିରେ ଅଧ୍ୟକ୍ଷତା କରି ଅତିରିକ୍ତ ଜିଲ୍ଲାପାଳ (ରାଜସ୍ୱ) ଡ. ଶରତ ଚନ୍ଦ୍ର ମହାପାତ୍ର ଝରାଶ୍ରୀଙ୍କ କାର୍ଯ୍ୟଦକ୍ଷତା, ବିଶ୍ୱସନିୟତା, ସମୟାନୁବର୍ତ୍ତିତା ସମସ୍ତଙ୍କ ପାଇଁ ଅନୁକରଣୀୟ ବୋଲି କହିଥିଲେ। ଅତିରିକ୍ତ ଜିଲ୍ଲାପାଳ (ପ୍ରଶାସନ) ଶରତ ଚନ୍ଦ୍ର ବେହେରା ଝରାଶ୍ରୀ ଜଣେ ନିଷ୍ଠାପର ଓ ସମର୍ପିତ କର୍ମଚାରୀ ଥିଲେ। ବର୍ତ୍ତମାନ ଓ ଆଗାମୀ ପିଢ଼ିର କର୍ମଚାରୀଙ୍କ ପାଇଁ ସେ ପ୍ରେରଣାର ଉତ୍ସ ବୋଲି କହିଥିଲେ। ଡେପୁଟି କଲେକ୍ଟର ପ୍ରିୟଦର୍ଶିନୀ ମଲ୍ଲିକ, ପ୍ରଶାନ୍ତ ଜେନା, ସୂଚନା ଓ ଲୋକ ସମ୍ପର୍କ ଉପନିର୍ଦ୍ଦେଶକ ସନ୍ତୋଷ କୁମାର ସେଠୀ, ଟିଆର୍‌ଓ ସୌମ୍ୟାଶ୍ରୀ ଦାଶ ପ୍ରମୁଖ ଝରାଶ୍ରୀଙ୍କ କର୍ମତତ୍ପରତା, ସୁନ୍ଦର ବ୍ୟବହାର ଓ ଅନ୍ୟମାନଙ୍କ ପ୍ରତି ଭଲ ପାଇବା ସମ୍ପର୍କରେ ଆଲୋକପାତ କରିଥିଲେ। ସମସ୍ତେ ତାଙ୍କର ଅବସର ପରବର୍ତ୍ତୀ ଜୀବନ ସୁସ୍ଥ ଓ ଶାନ୍ତିପ୍ରଦ ହେଉ ବୋଲି କାମନା କରିଥିଲେ। ନିଜ ପ୍ରତିକ୍ରିୟାରେ ଶ୍ରୀମତୀ ମହାନ୍ତି ତାଙ୍କର ଚାକିରି ଜୀବନରେ ସେ ସବୁବେଳେ ଶିଖିବାକୁ ଚେଷ୍ଟା କରିଛନ୍ତି। ବିଭାଗର କାର୍ଯ୍ୟକୁ ସଠିକ୍ ପରିଚାଳନା କରିଛନ୍ତି ଓ ନିଜ କାର୍ଯ୍ୟକୁ ଉପଭୋଗ କରିଛନ୍ତି, ଯାହା ତାଙ୍କୁ ଆନନ୍ଦ ଓ ସନ୍ତୁଷ୍ଟି ଦେଇଛି ବୋଲି କହିଥିଲେ। ଶ୍ରୀମତୀ ମହାନ୍ତିଙ୍କୁ ବିଦାୟ ସମ୍ବର୍ଦ୍ଧନା ସହ ପେନସନ ପେପର ମଧ୍ୟ ପ୍ରଦାନ କରାଯାଇଥିଲା।

## ଖଣ୍ଡା ଦେଖାଇ ଦାଦାବଟି ଆଦାୟ ; ୨ ଗିରଫ

**ପୁରୀ,୩୧।୭ (ସମିସ):** ଖଣ୍ଡା ଦେଖାଇ ଦୋକାନୀଙ୍କଠାରୁ ଦାଦାବଟି ଆଦାୟ କରିବା ୨ ଯୁବକଙ୍କୁ ମହଙ୍ଗା ପଡିଛି। କୁମ୍ଭାରପଡ଼ା ଥାନା ପୁଲିସ ଚଢ଼ଉ କରି ଉଭୟଙ୍କୁ ଗିରଫ କରିବା ସହ କୋର୍ଟଚାଲାଣ କରିଛି। ଅଭିଯୁକ୍ତଦ୍ୱୟ ହେଲେ ବାଲିଉପର ରାମଚଣ୍ଡୀ ସାହିର ହରମୋହନ ଜେନା (୩୮) ଓ ସର୍ବୋଦୟ ନଗରର ଶିବଶଙ୍କର ମହାପାତ୍ର (୩୩)। ଅଭଯୋଗ ଅନୁଯାୟୀ, ଗୁରୁବାର ବଡ଼ଶଙ୍ଖ ବଜାର ନିକଟରେ ଦୁଇଜଣ ଯୁବକ ଖଣ୍ଡା ଦେଖାଇ ଦୋକାନୀମାନଙ୍କୁ ଭୟଭୀତ କରିବା ସହ ଦାଦାବଟି ଆଦାୟ କରୁଥିବା କୁମ୍ଭାରପଡ଼ା ପୁଲିସ ପାଖରେ ଖବର ପହଞ୍ଚିଥିଲା। ଏହି ସମୟରେ ପାଟ୍ରୋଲିଂ କରୁଥିବା ପୁଲିସ କର୍ମଚାରୀ ଘଟଣାସ୍ଥଳରେ ପହଞ୍ଚି ଦୁଇଜଣଙ୍କୁ କାବୁ କରିଥିଲେ। ସେମାନଙ୍କଠାରୁ ଗୋଟିଏ ଖଣ୍ଡା ମଧ୍ୟ ଜବତ ହୋଇଥିଲା। ଏ ନେଇ ଥାନାରେ ଏକ ମାମଲା (ନଂ.୩୪୯/୨୫) ରୁଜୁ କରାଯାଇ ଉଭୟଙ୍କୁ କୋର୍ଟଚାଲାଣ କରାଯାଇଛି। ଅଭିଯୁକ୍ତ ଦୁଇଜଣ ଦୁର୍ଦ୍ଦାନ୍ତ ଅପରାଧୀ। ତାଙ୍କ ନାଁରେ ଏକାଧିକ ମାମଲା ରହିଥିବା ପୁଲିସ କହିଛି।

## ୧୨ ଲକ୍ଷର ବ୍ରାଉନ୍‌ସୁଗର ଜବତ

**ପୁରୀ,୩୧।୭ (ସମିସ):** ପୁରୀ ଜିଲ୍ଲାରେ ବେଆଇନ ନିଶା କାରବାର ବଢୁଛି। କମ୍ ସମୟ ମଧ୍ୟରେ ଅଧିକ ଲାଭ ଆଶାରେ ଅସାମାଜିକ ବ୍ୟକ୍ତି ଏହି କାରବାର ଚଳାଇଛନ୍ତି। ବିଭିନ୍ନ ସମୟରେ ପୁଲିସ ଏବଂ ଅବକାରୀ ବିଭାଗ ପକ୍ଷରୁ ଚଢ଼ଉ କରାଯାଇ ବ୍ରାଉନ୍‌ସୁଗର ଜବତ କରାଯାଉଛି। ଏହି କ୍ରମରେ ସତ୍ୟବାଦୀ ଥାନା ଅଞ୍ଚଳରୁ ୧୨ ଲକ୍ଷ ଟଙ୍କାର ବ୍ରାଉନ୍‌ସୁଗର ଜବତ ହୋଇଛି। ବରାଳ ଗ୍ରାମ ନିକଟରେ ଥିବା ବରାଳ ବାଲୁଙ୍କେଶ୍ୱର ମନ୍ଦିର ନିକଟରୁ ୧୨୨ ଗ୍ରାମ୍‌ର ବ୍ରାଉନ୍‌ସୁଗର ଜବତ କରିଛି ଅବକାରୀ ବିଭାଗ। ଏଥିସହିତ ଜଣଙ୍କୁ ଗିରଫ କରାଯାଇଛି। ଗିରଫ ଅଭିଯୁକ୍ତ ହେଉଛନ୍ତି ବରାଳ ଗ୍ରାମର ସୂର୍ଯ୍ୟକାନ୍ତ ମହାପାତ୍ର। ଅବକାରୀ ବିଭାଗ ତାଙ୍କୁ କୋର୍ଟଚାଲାଣ କରିଛି। ସୂଚନା ଅନୁଯାୟୀ, ସୂର୍ଯ୍ୟକାନ୍ତ ବ୍ରାଉନ୍‌ସୁଗରକୁ ପୁଡ଼ିଆ କରି ଅଣ୍ଟାରେ ରଖି ବ୍ୟବସାୟ କରୁଥିବାବେଳେ ଅବକାରୀ ବିଭାଗ ତାଙ୍କୁ ଧରିବାରେ ସକ୍ଷମ ହୋଇଥିଲା। ଅଭିଯୁକ୍ତଠାରୁ ୧୨୨ ଗ୍ରାମ୍ ଜବତ ହୋଇଥିବାବେଳେ ଏହାର ଆନୁମାନିକ ବଜାର ମୂଲ୍ୟ ୧୨ ଲକ୍ଷ ଟଙ୍କା ହେବ ବୋଲି ଅବକାରୀ ବିଭାଗ ପକ୍ଷରୁ ସୂଚନା ମିଳିଛି।

## ଅବସରକାଳୀନ ସମ୍ବର୍ଦ୍ଧନା ସଭା

**ପୁରୀ,୩୧।୭ (ସମିସ):** ଲୋକନାଥ ରୋଡ୍‌ସ୍ଥିତ ସାରସ୍ୱତ ବିଦ୍ୟାନିକେତନ ଓ ସାରସ୍ୱତ ସେକେଣ୍ଡାରୀ ସ୍କୁଲରେ ଅବସରପ୍ରାପ୍ତ ଗୁରୁଜୀ ଓ ଗୁରୁମା'ଙ୍କ ବିଦାୟକାଳୀନ ସମ୍ବର୍ଦ୍ଧନା ସଭା ଅନୁଷ୍ଠିତ ହୋଇଯାଇଛି। ଏଥିରେ ଆଶ୍ରମ ଅଧ୍ୟକ୍ଷ ତଥା ବିଦ୍ୟାଳୟ ପରିଚାଳନା କମିଟି ସଭାପତି ଶ୍ରୀମଦ ସ୍ୱାମୀ ଡ. ଶଙ୍କରାନନ୍ଦ ସରସ୍ୱତୀ ମହାରାଜାଙ୍କ ସଭାପତିତ୍ୱରେ ସଭା ପରିଚାଳିତ ହୋଇଥିଲା। ମୁଖ୍ୟ ଅତିଥି ବିଦ୍ୟାଳୟ ପରିଚାଳନା କମିଟିର ସମ୍ପାଦକ ପ୍ରଫେସର ଡ. ଉମାକାନ୍ତ ସୁବୁଦ୍ଧି ଉଭୟ ଗୁରୁଜୀ ଓ ଗୁରୁମା ବିରକିଶୋର ମହାପାତ୍ର ଓ ବିଜୟଲକ୍ଷ୍ମୀ ତ୍ରିପାଠୀଙ୍କ ନିରାମୟ ଜୀବନଯାପନ କାମନା କରିଥିଲେ। ସଭାପତି ଉଭୟଙ୍କର ଉତ୍ତରୋତ୍ତର ଉନ୍ନତି ଓ ଉଜ୍ଜ୍ୱଳ ଭବିଷ୍ୟତ କାମନା କରିଥିଲେ। ପ୍ରଧାନ ଶିକ୍ଷୟିତ୍ରୀ ସୁଜାତା ମହାପାତ୍ର, ସହ ପ୍ରଧାନ ଶିକ୍ଷକ ମିଲନ କିଶୋର ବିଶୋଇ, ଅର୍ପିତା ମିଶ୍ର ପ୍ରମୁଖ ଉଭୟଙ୍କ ବିଦ୍ୟାଳୟ ପ୍ରତି ଅବଦାନ ଓ ଶିକ୍ଷାଦାନ ସମ୍ବନ୍ଧରେ ଆଲୋକପାତ କରିଥିଲେ। କଳ୍ପନା ପଟ୍ଟନାୟକଙ୍କ ନିର୍ଦ୍ଦେଶନାରେ ଛାତ୍ରଛାତ୍ରୀ ସଙ୍ଗୀତ ଗାନ କରିଥିଲେ।

ଧାନ ମାଣ ରଖି ଚାଷୀଙ୍କ ଅଭିନବ ପ୍ରତିବାଦ

# ସରକାର ଧାନ ନ ନେଲେ ବିଷ ପିଇବେ ଚାଷୀ

ପୁରୀ,୩୧।୭ (ସମିସ)

ଧାନ ମାଣ ରଖି ମା' ଲକ୍ଷ୍ମୀଙ୍କ ପୂଜା କରିଛନ୍ତି ଚାଷୀ। ଗୁରୁବାର ଏଭଳି ଅଭିନବ ପ୍ରତିବାଦ ଦେଖିବାକୁ ମିଳିଛି ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ପରିସରରେ। ବ୍ରହ୍ମଗିରି ନିର୍ବାଚନମଣ୍ଡଳୀ ଅନ୍ତର୍ଗତ ରାହାଡ଼ମଲ୍ଲ, କାଣ୍ଡଗୋଦା ଓ ରାମଚନ୍ଦ୍ରପୁର ପ୍ରାଥମିକ ସେବା ସମବାୟ ସମିତି ଅନ୍ତର୍ଗତ ଚାଷୀମାନେ ରବି ଋତୁରେ ଧାନ ବିକ୍ରି କରି ନ ପାରି ଶେଷରେ ଏଭଳି ଅଭିନବ ଉପାୟରେ ପ୍ରତିବାଦ ଜଣାଇଛନ୍ତି। ତୁରନ୍ତ ଟୋକନ୍ ପାଇଥିବା ଚାଷୀ ଧାନ ବିକ୍ରି କରି ନ ପାରିଲେ ପ୍ରାଥମିକ ସେବା ସମବାୟ ସମିତି ସମ୍ମୁଖରେ ବିଷପିଇ ଆତ୍ମହତ୍ୟା କରିବେ ବୋଲି ଚରମ ଚେତାବନୀ ଦେଇଛନ୍ତି। ଓଡ଼ିଶା କୃଷକ ସଭା ନେତୃତ୍ୱରେ ଏହି ଆନ୍ଦୋଳନ କରାଯାଇଛି।



ଚାଷୀମାନେ ଅଭିଯୋଗ କରିଛନ୍ତି ଯେ ଦୀର୍ଘ ୪ ମାସ ହେବ ସେମାନେ ଟୋକନ ପାଇଥିଲେ ମଧ୍ୟ ଧାନ ବିକ୍ରି କରିପାରି ନାହାନ୍ତି। ପ୍ରାଥମିକ ସେବା ସମବାୟ ସମିତି ଓ ମିଲରଙ୍କ ମଧ୍ୟରେ ସଲାସୁତରା ଯୋଗୁଁ ଯୋଗ୍ୟ ଚାଷୀ ଟୋକନ ପାଇ ମଧ୍ୟ ଧାନ ମଣ୍ଡିରେ ବିକ୍ରି କରି ପାରୁନାହାନ୍ତି। ମହାଜନ ତଥା ବିଭିନ୍ନ ସୂତ୍ରରୁ ଋଣ ଆଣି ରବି ଋତୁରେ ଧାନ ଅମଳ କରିଥିବା ଚାଷୀ ଆଶା କରିଥିଲା ମଣ୍ଡିରେ ଧାନ ବିକ୍ରି କରି ସେମାନେ ସର୍ବନିମ୍ନ ସହାୟକ ମୂଲ୍ୟ ପାଇବେ। କିନ୍ତୁ ବ୍ରହ୍ମଗିରି ନିର୍ବାଚନମଣ୍ଡଳୀ ଅନ୍ତର୍ଗତ ରାହାଡ଼ମଲ୍ଲ, କାଣ୍ଡଗୋଦା ଓ ରାମଚନ୍ଦ୍ରପୁର ଚାଷୀଙ୍କ ଧାନ ଦୀର୍ଘଦିନ ହେବ ବିକ୍ରି ନ ହୋଇ ନଷ୍ଟ ହେବାକୁ ବସିଲାଣି। ଫଳରେ ଧାନର ଅଭାବି ବିକ୍ରି ସହ ଚାଷୀ ମୁଣ୍ଡରେ ଏବେ ଚଡ଼କ ପଡ଼ିଛି। ତେଣୁ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟରେ ଧାନ ମାଣ ରଖି ମା' ଲକ୍ଷ୍ମୀଙ୍କ ପୂଜା କରି ପ୍ରତିବାଦ କରିଛନ୍ତି ଚାଷୀ। ଜିଲ୍ଲାପାଳଙ୍କୁ ୭ ଦିନ ସମୟ ଦିଆଯାଇଛି।


ଏହା ଭିତରେ ସରକାର ତାଙ୍କ ଧାନ ନ କିଣିଲେ ଚାଷୀ ବାଧ୍ୟ ହୋଇ ପ୍ରାଥମିକ ସମବାୟ ସମିତି ଅଚଳ କରିବା ସହ ବିଷପିଇବେ ବୋଲି ଚେତାବନୀ ଦେଇଛନ୍ତି।

କୃଷି ବିଜ୍ଞାନ କେନ୍ଦ୍ର, ମୟୂରଭଞ୍ଜ-୧

ପିଏମ କିଶାନର ୨୦ତମ କିସ୍ତି ଆସନ୍ତା ୨ ଅଗଷ୍ଟ ୨୦୨୫ ରେ ମାନନୀୟ ଯଶସ୍ୱୀ ପ୍ରଧାନମନ୍ତ୍ରୀଙ୍କ ଦ୍ୱାରା ଆଭାସି ମାଧ୍ୟମରେ ପ୍ରଦାନ କରାଯିବ। ଏହାର ଜିଲ୍ଲାସ୍ତରୀୟ କାର୍ଯ୍ୟକ୍ରମ କୃଷି ବିଜ୍ଞାନ କେନ୍ଦ୍ର ଏବଂ କୃଷି ଓ କୃଷକ ସଶକ୍ତିକରଣ ବିଭାଗର ମିଳିତ ଆନୁକୂଲ୍ୟରେ ଅନୁଷ୍ଠିତ ହେବ ଏବଂ ସିଧା ପ୍ରସାରଣ ର ସୁବିଧା କୃଷି ବିଜ୍ଞାନ କେନ୍ଦ୍ର ପରିସରରେ କରାଯାଇଅଛି।

ସକାଳ
THE SAKALA

# ସମ୍ପାଦକୀୟ



ଯାହା କହି ହୁଏ ନାହିଁ କି ନ କହି ରହି ହୁଏ ନାହିଁ, ତାହା ସଙ୍ଗୀତ ମାଧ୍ୟମରେ ପରିପ୍ରକାଶ କରାଯାଇପାରେ।
-ଭିକ୍ଟର ହ୍ୟୁଗୋ

## ଇନ୍ଧନ-କୂଟ

ଦ୍ୱିତୀୟ ବିଶ୍ୱଯୁଦ୍ଧ ପରବର୍ତ୍ତୀ ବିଶ୍ୱ ବାଣିଜ୍ୟ ଏବଂ ଭୂ-ରାଜନୀତିର କେନ୍ଦ୍ରରେ ଆଧିପତ୍ୟ ବିସ୍ତାର କରି ଚାଲିଛି ଜୀବାଶ୍ମ ଇନ୍ଧନ। ଏଥିପାଇଁ ଉପସାଗରୀୟ ଉତ୍ତେଜନା ଓ ଅସ୍ଥିରତା ଲାଗି ରହିଛି ଏବଂ ଏକାଧିକ ଗୋଳାବାରୁଦ ଯୁଦ୍ଧ ମଧ୍ୟ ସଂଘଟିତ ହୋଇଛି। ଏହି ପୃଷ୍ଠଭୂମିରେ ରୁଷରୁ ସର୍ବାଧିକ ତୈଳ ଆମଦାନୀକାରୀ ରାଷ୍ଟ୍ର ଭାରତ ଉପରେ ଟ୍ରମ୍ପଙ୍କ ଆକ୍ରୋଶରେ ପଛରେ ଅଧିକ କାରଣ ଖୋଜିବାର ଆବଶ୍ୟକତା ନାହିଁ। ଯଦି ବିଶ୍ୱରେ ନିକଟ ଭବିଷ୍ୟତରେ କୌଣସି ବଡ଼ ଧରଣର ଯୁଦ୍ଧ ସଂଘଟିତ ହୁଏ ତେବେ ଜୀବାଶ୍ମ ଇନ୍ଧନ ପ୍ରମୁଖ କାରକ ହେବ ଏବଂ ଏଥିରେ ଆମେରିକାର ହିଁ ବଡ଼ ଭୂମିକା ରହିବ, ଏହାକୁ ଅସ୍ୱୀକାର କରିହେବ ନାହିଁ। ବିଗତ ଶତାବ୍ଦୀର ନବେଦଶକରୁ ଆରମ୍ଭ ହୋଇଥିବା ଆମେରିକାର ଇନ୍ଧନ-କୂଟ ଇରାକ୍ ଉପରେ ଗୁଳିଗୋଳା ଓ କ୍ଷେପଣାସ୍ତ୍ର ଆକ୍ରମଣର ରୂପ ନେଇଥିବା ବେଳେ ଚଳିତ ଶତାବ୍ଦୀରେ ତାରିଫ୍-ଯୁଦ୍ଧରେ ପରିବର୍ତ୍ତିତ ହୋଇଛି। ଡୋନାଲ୍ଡ ଟ୍ରମ୍ପ ଆମେରିକାର ରାଷ୍ଟ୍ରପତି ରୂପେ ଦ୍ୱିତୀୟ ଥର କ୍ଷମତାସୀନ ହେବା ପରେ ଆମେରିକାର ଇନ୍ଧନ-କୂଟ ଆହୁରି ଆକ୍ରମଣାତ୍ମକ ଓ ନିର୍ଣ୍ଣାୟକ ହେଉଥିବା ଦେଖାଯାଉଛି।

ସୋଭିଏତ୍ ସଂଘର ପତନ ପରେ ଆମେରିକା ବିଶ୍ୱର ସର୍ବଶକ୍ତିମାନ ଅପ୍ରତିଦ୍ୱନ୍ଦ୍ୱୀ ରାଷ୍ଟ୍ର ହେବାର ସ୍ୱପ୍ନ ଦେଖିଥିଲା। କିନ୍ତୁ ଭ୍ଲାଦିମାର ପୁଟିନ୍‌ଙ୍କ ନେତୃତ୍ୱରେ ରୁଷ୍ ପୁଣି ନିଜକୁ ବିଶ୍ୱ ମହାଶକ୍ତି ରୂପେ ପ୍ରତିଷ୍ଠିତ କରିବା ସହିତ ଆମେରିକାର ସ୍ୱପ୍ନ ଅଧୁରା ରହିଗଲା। କୂଟନୈତିକ ପରାଜୟ ପରେ ଆମେରିକା ଏବେ ଅର୍ଥନୈତିକ କଟକଣା କୌଶଳ ରୁଷ୍ ବିରୋଧରେ ପ୍ରୟୋଗ କରି ଭୂରାଜନୀତିକୁ ପ୍ରଭାବିତ କରିବାକୁ ଚାହୁଁଛି। ଆମେରିକାର ଏହି ପରିବର୍ତ୍ତିତ ରୁଷ୍ ବିରୋଧୀ ରଣକୌଶଳରେ ୟୁକ୍ରେନ୍ ଅଜାଣତରେ ମୋହରା ହୋଇସାରିଛି। କିନ୍ତୁ ରୁଷ୍‌ର ଅର୍ଥନୀତି ଉପରେ ଏହାର ବିଶେଷ ପ୍ରଭାବ ପଡ଼ି ନଥିବା ଅନୁମାନ କରିବା ପରେ ଆମେରିକା ଇନ୍ଧନ-କୂଟ ପାଞ୍ଚିଛି ଏବଂ ରୁଷ୍‌ରୁ ଇନ୍ଧନ ନ କିଣିବା ପାଇଁ ଭାରତ, ଚୀନ୍, ୟୁରୋପ ସମେତ ଅନ୍ୟାନ୍ୟ ରାଷ୍ଟ୍ରଙ୍କୁ ଉଚ୍ଚା ତାରିଫ୍ ଚେତାବନୀ ଦେଇଛି।

ରୁଷ-ୟୁକ୍ରେନ୍ ଯୁଦ୍ଧ ପୂର୍ବରୁ ରୁଷ୍‌ରୁ ଭାରତର ତୈଳ ଆମଦାନୀ ସେତେ ଅଧିକ ନଥିଲା। ରୁଷ ଉପରେ ଆମେରିକା ଓ ୟୁରୋପୀୟ ରାଷ୍ଟ୍ରସଂଘର କଟକଣା ପରେ ରୁଷ୍ ତୈଳ ରପ୍ତାନୀରେ ଯେଉଁ ରିହାତି ଘୋଷଣା କଲା ତାହାର ସବୁଠାରୁ ବଡ଼ ହିତାଧିକାରୀ ହେଲା ଚିରବନ୍ଧୁ ରାଷ୍ଟ୍ର ଭାରତ। ଏବେ ରୁଷ୍‌ର ମୋଟ ଇନ୍ଧନ ରପ୍ତାନୀର ସର୍ବାଧିକ ଅଂଶ ଭାରତକୁ ଯାଉଥିବା ବେଳେ ଭାରତର ମୋଟ ଇନ୍ଧନ ଚାହିଦାର ୪୦% ରୁଷ୍‌ରୁ ଆସୁଛି। ସେହିପରି ରୁଷ୍ ପ୍ରାକୃତିକ ବାଷ୍ପର ସବୁଠାରୁ ବଡ଼ ବଜାର କିଛିମାସ ପୂର୍ବରୁ ଥିଲା ୟୁରୋପୀୟ ରାଷ୍ଟ୍ର ସଂଘ। କିନ୍ତୁ ଟ୍ରମ୍ପ ଦ୍ୱିତୀୟ ବାର କ୍ଷମତାକୁ ଆସିବାର ପ୍ରଥମ ଦିନ ହିଁ ଆମେରିକାରେ ଜୀବାଶ୍ମ ତୈଳ ଓ ପ୍ରାକୃତିକ ବାଷ୍ପ ଉତ୍ତୋଳନରେ ଥିବା କଟକଣାକୁ ହଟାଇଦେଲେ। ପ୍ୟାରିସ୍ ରାଜିନାମାରୁ ଓହରି ଆସିଥିବାରୁ ଆମେରିକା ପାଇଁ ଏ କ୍ଷେତ୍ରରେ ଆଉ କୌଣସି ଅଙ୍କୁଶ ରହିଲା ନାହିଁ। ଏହାପଛରେ ଟ୍ରମ୍ପଙ୍କ ଏକମାତ୍ର ଉଦ୍ଦେଶ୍ୟ ଥିଲା ରୁଷ୍‌ର ବିଶ୍ୱ ତୈଳ ବଜାର ଅଂଶକୁ ଦଖଲ କରି ତା'ର ଅର୍ଥନୀତିକୁ ଦୁର୍ବଳ କରିବା।

ପ୍ରାଥମିକ ପର୍ଯ୍ୟାୟରେ ୟୁକ୍ରେନ୍ ଦେଇ ୟୁରୋପକୁ ଯାଇଥିବା ରୁଷ୍‌ର ପ୍ରାକୃତିକ ବାଷ୍ପ ଯୋଗାଣ ପାଇପ୍‌ଲାଇନ୍‌କୁ ବନ୍ଦ କରିବା ପାଇଁ ୟୁକ୍ରେନ୍ ଉପରେ ଟ୍ରମ୍ପ ଚାପ ସୃଷ୍ଟି କରି ସଫଳ ହେବା ପରେ ରୁଷ୍‌ରୁ ତୈଳ ଆମଦାନୀ କରୁଥିବା ୟୁରୋପୀୟ ରାଷ୍ଟ୍ରମାନଙ୍କୁ ତାରିଫ୍ ଧମକ ଦେଲେ। ଇତିମଧ୍ୟରେ ୟୁରୋପୀୟ ରାଷ୍ଟ୍ରସଂଘକୁ ରୁଷ୍‌ର ପ୍ରାକୃତିକ ବାଷ୍ପ ରପ୍ତାନୀରେ ୮୦% ହ୍ରାସ ଘଟିଥିବା ବେଳେ ବ୍ରିଟେନ୍ ସମେତ ୟୁରୋପୀୟ ରାଷ୍ଟ୍ରସଂଘର ଇନ୍ଧନ ବଜାର ସିଧାସଳଖ ଆମେରିକା ହାତକୁ ଚାଲିଯାଇଛି। ଆମେରିକା ଚାପରେ ଆଉ କେତେକ ଅଣ-ୟୁରୋପୀୟ ରାଷ୍ଟ୍ର ମଧ୍ୟ ରୁଷ୍‌ରୁ ତୈଳ ଆମଦାନୀ କାଣ୍ଟଛାଣ୍ଟ କରିଛନ୍ତି। କିନ୍ତୁ କଟକଣା ଚେତାବନୀ ଚୀନ୍ ଓ ଭାରତ ଉପରେ କୌଣସି ପ୍ରଭାବ ପକାଇ ପାରୁ ନଥିବା ଉପଲବ୍ଧି କରିବା ପରେ ଟ୍ରମ୍ପ ଏହି ଦୁଇ ରାଷ୍ଟ୍ର ବିରୋଧରେ ୨୦୦ ପ୍ରତିଶତ ପର୍ଯ୍ୟନ୍ତ ତାରିଫ୍ ଲାଗୁ କରିବାକୁ ଘୋଷଣା ମଧ୍ୟ କରିଥିଲେ। ପରିବର୍ତ୍ତିତ ପରିସ୍ଥିତିରେ ଟ୍ରମ୍ପ ଚୀନ୍ ସହିତ ସାଲିସ୍ କରିଥିବା ବେଳେ ଭାରତ ବିରୋଧରେ ମାତ୍ରାଧିକ ପ୍ରତିଶୋଧ ପରାୟଣ ହୋଇପଡ଼ିଛନ୍ତି।

ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କ ଆମେରିକା ଗସ୍ତ ବେଳେ 'ମେକ୍ ଆମେରିକା ଗ୍ରେଟ୍ ଏଗେନ୍(ମାଗା)' ନୀତି ଆଳରେ ରୁଷ୍ ବଦଳରେ ଆମେରିକାରୁ ପ୍ରତିରକ୍ଷା ଉପକରଣ ଓ ଇନ୍ଧନ କିଣିବା ପାଇଁ ଟ୍ରମ୍ପ ଭାରତ ଉପରେ ଏକପ୍ରକାର ଚାପ ସୃଷ୍ଟି କରିଥିଲେ। କିନ୍ତୁ ଏଥିରେ ଭାରତ ବିଶେଷ ପ୍ରଭାବିତ ହୋଇନଥିବା ଏବଂ ରୁଷ୍‌ରୁ ଭାରତର ତୈଳ ଆମଦାନୀ ହ୍ରାସ ପାଇନଥିବା ଲକ୍ଷ୍ୟ କରିବା ପରେ ଟ୍ରମ୍ପ ମାତ୍ରାଧିକ ପ୍ରତିକ୍ରିୟାଶୀଳ ହୋଇ ନିର୍ଦ୍ଧାରିତ ରାଜିନାମା ତାରିଖ ପୂର୍ବରୁ ହିଁ ଏକତରଫା ଭାବେ ବର୍ଦ୍ଧିତ ଶୁଳ୍କ ଲାଗୁ କରିବା ସହିତ ଅତିରିକ୍ତ ଜୋରିମାନା କଷିବାକୁ ଘୋଷଣା କରିଛନ୍ତି। ଟ୍ରମ୍ପଙ୍କ ଇନ୍ଧନ-କୂଟରେ ଏବେ ଭାରତର ଚିରଶତ୍ରୁ ପାକିସ୍ତାନ ଆଉ ଏକ ମୋହରା ହୋଇଛି। ଏକପକ୍ଷରେ ଭାରତରୁ ଆମଦାନୀ ସାମଗ୍ରୀ ଉପରେ ଟ୍ରମ୍ପ ୨୫% ଆମଦାନୀ ଶୁଳ୍କ ଲାଗୁ କରିଥିବା ବେଳେ ପାକିସ୍ତାନର ତୈଳ ଉତ୍ତୋଳନ, ଭଣ୍ଡାରଣ ଓ ରପ୍ତାନୀ ପାଇଁ ଅକୁଣ୍ଠ ଆର୍ଥିକ ସହାୟତା ଘୋଷଣା କରିଛନ୍ତି। ଏପରିକି ପାକିସ୍ତାନକୁ ତୈଳ ରପ୍ତାନୀକାରୀ ରାଷ୍ଟ୍ର ଭଳି ସ୍ତରକୁ ଉନ୍ନୀତ କରିବା ପାଇଁ ଟ୍ରମ୍ପ ଏକ ଅବାନ୍ତର ଘୋଷଣା ମଧ୍ୟ କରିବାକୁ ପଛାଇ ନାହାନ୍ତି।

ରୁଷ୍‌ରୁ ପ୍ରାକୃତିକ ବାଷ୍ପ ଆମଦାନୀ ବନ୍ଦ ହେବା ପରେ ରୁଷ୍‌ର ବାଣିଜ୍ୟ ଅର୍ଥନୀତି ସ୍ୱାଭାବିକ ଭାବେ ପ୍ରଭାବିତ ହୋଇଛି। ତା'ସହିତ ନରୱେ ଓ ଆମେରିକା କମ୍ପାନୀଙ୍କ ଏକଚାଟିଆ କାରବାରର ସିଧାସଳଖ ପ୍ରଭାବ ୟୁରୋପୀୟ ଅର୍ଥନୀତି ଉପରେ ପଡ଼ିଛି। ଗତ ୨୯ ତାରିଖରେ ପ୍ରକାଶିତ 'ୱାର୍ଲ୍ଡ ଇକୋନୋମିକ୍ ଆଉଟ୍‌ଲୁକ୍' ରିପୋର୍ଟରେ ଆଇଏମ୍ଏଫ୍ ଦର୍ଶାଇଛି ଯେ ଟ୍ରମ୍ପଙ୍କ ତାରିଫ୍ ଆଭିମୁଖ୍ୟ ଯୋଗୁଁ ୟୁରୋପୀୟ ସଂଘର ଅଭିବୃଦ୍ଧି ହାର ଗୁରୁତର ପ୍ରଭାବିତ ହେବ। ଆମେରିକାର ଏକଚାଟିଆ କାରବାରରେ ପ୍ରାକୃତିକ ବାଷ୍ପ ମୂଲ୍ୟ ମହଙ୍ଗା ହେଲେ ତାହାର ପରୋକ୍ଷ ଓ ପ୍ରତିକୂଳ ପ୍ରଭାବ କୃଷି କ୍ଷେତ୍ର ଉପରେ ମଧ୍ୟ ପଡ଼ିବ। ୟୁରିଆ ଉତ୍ପାଦନରେ ପ୍ରାକୃତିକ ବାଷ୍ପର ଏକ ପ୍ରମୁଖ ଅବଦାନ ଥିବାରୁ ସାର ଦର ବଢ଼ିବ ଏବଂ କୃଷି ଉତ୍ପାଦ ଆହୁରି ମହଙ୍ଗା ହେବ। ଏହାର ପ୍ରତ୍ୟକ୍ଷ ପ୍ରଭାବ ଭାରତ ପରି କୃଷିପ୍ରଧାନ ଦେଶର କୃଷିବଜାର ଉପରେ ପଡ଼ିବ ଏବଂ ଖାଦ୍ୟ ଶସ୍ୟ ଉତ୍ପାଦନ ଓ ବଜାର ଆହୁରି ମହଙ୍ଗା ହେବ।

ଅପରପକ୍ଷରେ ଟ୍ରମ୍ପଙ୍କ ଇନ୍ଧନ-କୂଟରେ ସବୁଠାରୁ ଉପକୃତ ହେବ ଆମେରିକା ଅର୍ଥନୀତି। ୨୦୧୬ ପର୍ଯ୍ୟନ୍ତ ପ୍ରାକୃତିକ ବାଷ୍ପ ପାଇଁ ଆମଦାନୀ ଉପରେ ନିର୍ଭରଶୀଳ ଥିବା ଏହି ରାଷ୍ଟ୍ର ସେଲ୍‌ଫ ଫୁଏଲ୍ ଉତ୍ତୋଳନରେ ସଫଳ ହେବା ପରେ ଏବେ ବିଶ୍ୱର ସର୍ବାଧିକ ପ୍ରାକୃତିକ ବାଷ୍ପ ରପ୍ତାନିକାରୀ ରାଷ୍ଟ୍ର ଭାବେ ଉଭା ହୋଇଛି। ଦେବାଳିଆ ହୋଇଯାଇଥିବା ଆମେରିକାର ତୈଳ ଓ ଗ୍ୟାସ୍ କମ୍ପାନୀମାନଙ୍କ ପାଇଁ ଟ୍ରମ୍ପଙ୍କ ଇନ୍ଧନ-କୂଟ ଏକପ୍ରକାର ବରଦାନ ସାବ୍ୟସ୍ତ ହୋଇଛି। ବିଶ୍ୱ ଇନ୍ଧନ ବଜାରରୁ ରୁଷ୍‌କୁ ଦୀର୍ଘସମୟ ପର୍ଯ୍ୟନ୍ତ ହଟାଇ ଆମେରିକା ଏକଚାଟିଆ ଅଧିକାର ସହିତ ୟୁରୋପକୁ ବଶମ୍ବଦ କରି ରଖିବାର ଯୋଜନା ମଧ୍ୟ ଟ୍ରମ୍ପ କରିଛନ୍ତି। ସର୍ବୋପରି ଇନ୍ଧନ-କୂଟ ଜରିଆରେ ଟ୍ରମ୍ପ ବିଶ୍ୱ ଭୂରାଜନୀତି ଏବଂ କୃଷି-ବାଣିଜ୍ୟ-ଅର୍ଥନୀତିକୁ କରାୟତ୍ତ କରି 'ମାଗା'କୁ ସଫଳ କରିବାର ସୁଚିନ୍ତିତ ରଣନୀତି ପ୍ରସ୍ତୁତ କରିଛନ୍ତି।

## ବୃକ୍ଷ, ବିପ୍ରାତ ଓ ଜୀବନ

ଅନନ୍ତ ସାହୁ

ପ୍ରତିବର୍ଷ ଜୁନ ୫ ତାରିଖରେ ପାଳନ ହେଉଛି ବିଶ୍ୱ ପରିବେଶ ଦିବସ। ଏହିଦିନରେ ଅନେକ ଆତ୍ମଘୋଷିତ ବୃକ୍ଷପ୍ରେମୀ, ସ୍ୱେଚ୍ଛାସେବୀ, ସମାଜସେବୀ, ରାଜନେତା ଓ ପରିବେଶବିତ୍‌ମାନଙ୍କର ଆର୍ବିଭାବ ହୁଏ। ପୂର୍ବପ୍ରସ୍ତୁତି ଅନୁସାରେ କିଛି ସ୍ଥାନ ଚିହ୍ନଟ କରି ଗଛ ଲଗାଯିବା ସହ ଚାଲେ ଫଟୋଉଠା ପ୍ରତିଯୋଗିତା। ସେଗୁଡ଼ିକୁ ବିଭିନ୍ନ ଗଣମାଧ୍ୟମରେ ପ୍ରଚାର ପ୍ରସାର କରାଯାଏ। ଏହା ସହ ଶେଷ ହୁଏ ପରିବେଶ ଦିବସ। ପରେ ସେ ସ୍ଥାନରେ ଲାଗିଥିବା ଗଛ ମଲା କି ବଞ୍ଚିଲା ତା'କୁ ଦେଖିବାକୁ ଆଖି ଯାଏନି। ପରିବେଶ ଦିବସ କହିଲେ ଏହା ବୁଝାଯାଏ କି? ଦେଖିଲେ ଲାଗେ ଏହା ଏକ ପ୍ରହସନ! ଗଛ ଲଗାଯାଏ, ପରେ ତା'କୁ ବଳି ପକାଯାଏ। ଗୋଟିଏ ଦିନ ପରିବେଶ ଦିବସ ନାମରେ ପରିବେଶ କଥା ଚିନ୍ତାକରି ସବୁଦିନ ତା'ର ବସ୍ତ୍ରହରଣ କରାଯାଉଛି।

ପ୍ରକୃତି ଓ ପରିବେଶ ମଣିଷକୁ ଜନ୍ମଠାରୁ ମୃତ୍ୟୁ ପର୍ଯ୍ୟନ୍ତ ସବୁକିଛି ଯୋଗାଇଛି। ଜୀବନ ଜିଇଁବାର ରାହା ଦେଖାଇଛି। କିନ୍ତୁ ତା'କୁ ଛଳ ଓ କପଟତା ସହ ଧ୍ୱଂସ କରିବାରେ ସମାଜ ମାତିଛି। ଗଛ ପ୍ରତିମୁହୂର୍ତ୍ତରେ ମଣିଷକୁ ଅମୃତ ସ୍ୱରୂପ ଅମ୍ଳଜାନ ଯୋଗାଇଥାଏ ଏବଂ ବିଷ ରୂପକ ଅଙ୍ଗାରକାମ୍ଳ ଶୋଷିନିଏ। ଏହାର ପ୍ରତିବଦଳରେ ବୃକ୍ଷ ପାଉଛି କ'ଣ?

କୁହାଯାଏ ଗୋଟିଏ ଗୋଟିଏ ବିନ୍ଦୁ ମିଶି ସିନ୍ଧୁରେ ପରିଣତ ହୁଏ। ଯାହାକୁ ପ୍ରମାଣିତ କରିଛି ୧୨ ବର୍ଷ ବୟସର ଜଣେ କୁନି ଝିଅ। ରାଜସ୍ଥାନର ଏକ ଛୋଟ ଗାଁ ରାମଗଡ଼। ଯେଉଁଠି ତାପମାତ୍ରା ସାଧାରଣତଃ ୪୫ ଡିଗ୍ରୀ ଉପରେ ଥାଏ। ପ୍ରଥମେ ଦେଖିଲେ, ଏହା ସାଧରଣତଃ ମରୁଭୂମି ଭଳି ଲାଗିପାରେ। ଯେଉଁଠି ଦୂର ଦୂର ପର୍ଯ୍ୟନ୍ତ ଖାଲି ମାଟିଘର ଏବଂ ଏକର ଏକର ଶୁଖିଲା ଜମି। ଯେତେବେଳେ କୁନିଝିଅଟି ଜାଣିଲା ଯେ ସେ ପଢୁଥିବା ବିଦ୍ୟାଳୟ ପାଖରେ ଥିବା ନିମ ଓ ପିପ୍ପଳ ଗଛ ଧୀରେ ଧୀରେ ଶୁଖିଯାଉଛି, ସେ ଅଞ୍ଚଳର ମାଟି ଫାଟି ଯାଉଛି ଏବଂ ଗଛରେ ବସାବାନ୍ଧିଥିବା ପକ୍ଷୀ ସବୁ ଦୂର ସ୍ଥାନକୁ ଉଡ଼ିବାକୁ ଅରମ୍ଭ କଲେଣି, ସେ ଓ ତା'ର ସହପାଠୀ କିଛି କରିବା ପାଇଁ ଚିନ୍ତାକଲେ। ସେମାନେ ତାଙ୍କର ବିଜ୍ଞାନ ଶିକ୍ଷକଙ୍କ ସହଯୋଗରେ ଏକ 'ଗ୍ରୀନ କ୍ଲବ' ଗଠନ କରି ପ୍ରତିଦିନ ବିଦ୍ୟାଳୟ ପାଠପଢ଼ା ସରିବା ପରେ ଚାରାରୋପଣ କରୁଥିଲେ। ସେମାନେ ବର୍ଷାଜଳ ସଂଗ୍ରହ କରିବା ସହ ଘରର ବଳକା ପଦାର୍ଥରେ ଖତ ପ୍ରସ୍ତୁତ କରି ଚାରାମୂଳରେ ଦେଉଥିଲେ। ପିଲାଙ୍କ ଏ ଭଳି ପ୍ରୟାସ ଦେଖି ଗ୍ରାମର ବୟସ୍କ ଲୋକମାନେ ମଧ୍ୟ ଏଥିରେ ଅଂଶଗ୍ରହଣ କରିବାକୁ ଲାଗିଲେ। ଜାଳେଣି କାଠ ବ୍ୟବହାର କରୁଥିବା ଗ୍ରାମବାସୀ ପ୍ରତିଜ୍ଞା କରିଛନ୍ତି ଅତ୍ୟାବଶ୍ୟକ ଭାବେ ଗଛ କାଟିବେ ନାହିଁ। ଏହାର ଫଳସ୍ୱରୂପ ସେ ଅଞ୍ଚଳ ଆଜି ମରୁଭୂମିରୁ ଏକ ସବୁଜ ଜଙ୍ଗଲରେ ପରିବର୍ତ୍ତନ ହୋଇଛି। ସେଠାରେ ପଶୁପକ୍ଷୀ ସ୍ୱଚ୍ଛନ୍ଦରେ ରହୁଛନ୍ତି। ଏହାଠାରୁ ବଡ଼ ଉପଲବ୍ଧି ଆଉ କ'ଣ ହୋଇପାରେ!

ବିଡ଼ମ୍ବନା ଆଜିର ସମାଜ ବୃକ୍ଷକୁ ବିଭିନ୍ନ ଆଳ ଦେଖାଇ କାଟି କୁଟି ନଷ୍ଟ କରିବାରେ ମାତିଛି। ସମ୍ପ୍ରତି ଯେଉଁମାତ୍ରାରେ ବୃକ୍ଷ ଓ ଜଙ୍ଗଲ କଟାଯାଉଛି, ସେହି ଅନୁପାତରେ ଚାରାରୋପଣ ହେଉନାହିଁ। ବୃକ୍ଷ ସ୍ଥାନାନ୍ତରଣ ପାଇଁ ବିକଳ୍ପ ଥାଇ ମଧ୍ୟ କୋଠାବାଡ଼ି ଓ ରାସ୍ତା ନିର୍ମାଣ ସମୟରେ ଗଛକୁ ହସି ହସି କାଟିଦିଆଯାଏ। ଅନ୍ୟପକ୍ଷେ ଖଣିଜ ସମ୍ପଦ ଉତ୍ତୋଳନ ପାଇଁ ମନଇଚ୍ଛା ଗଛ କଟାଯାଏ। ବହୁ ସମୟରେ ଶିଳ୍ପ ଓ କଳକାରଖାନା ନିର୍ମାଣ ସହ ବିକାଶର ଗୋଲାପୀ ଚିତ୍ର ଦେଖାଇ ଅନେକ ଜଙ୍ଗଲ ନଷ୍ଟ କରାଯାଏ। ଏହାସହ ଜଙ୍ଗଲ ଉପରେ ନିର୍ଭର କରୁଥିବା ଅନେକ ଆଦିବାସୀ ଓ ସ୍ଥାନୀୟ ଲୋକଙ୍କୁ ବାସହରା କରିଦିଆଯାଉଛି। ଜୀବଜନ୍ତୁମାନଙ୍କୁ ଶିକାର କରିବା ପାଇଁ ମନୁଷ୍ୟକୃତ ନିଆଁ ଏବଂ ଗ୍ରୀଷ୍ମପ୍ରବାହ କାରଣରୁ ହେକ୍ଟର ହେକ୍ଟର ଜଙ୍ଗଲ ପୋଡ଼ିଜଳି ପାଉଁଶ ହୋଇଯାଏ। ସେହିଭଳି ବନ୍ୟା ଓ ବାତ୍ୟାରେ ମଧ୍ୟ ଅନେକ ବୃକ୍ଷ ଓ ଜଙ୍ଗଲ ନଷ୍ଟ ହୋଇଯାଏ।

ସାମ୍ପ୍ରତିକ ଅତ୍ୟଧିକ ଜଙ୍ଗଲ କ୍ଷୟ ଯୋଗୁଁ ବିଶ୍ୱ ପ୍ରତି ମିନିଟ୍‌ରେ ୩୦ଟି ଫୁଟବଲ ପଡ଼ିଆ ଆୟତନ ସଦୃଶ୍ୟ ଜଙ୍ଗଲ ହରାଇ ବସୁଛି। ଏହିଧାରା ଯଦି ଜାରି ରହିବ ତେବେ ଆଗାମୀ ୮୦ ବର୍ଷ ପରେ ଆମ ସବୁଜଗ୍ରହ ଜଙ୍ଗଲଶୂନ୍ୟ ହୋଇଯିବ। କିଛିଦିନ ତଳେ ପ୍ରକାଶିତ 'ଗ୍ଲୋବାଲ ଫରେଷ୍ଟ ୱାଚ୍ ସର୍ଭେ'ର ରିପୋର୍ଟ ଅନୁଯାୟୀ ୨୦୨୪ ମସିହାରେ ଭାରତ ୧୮ ହଜାର ୨୦୦ ହେକ୍ଟର ପ୍ରାକୃତିକ ଜଙ୍ଗଲ ହରାଇଛି ଏବଂ ୨୦୨୩ ମସିହାରେ ୧୭ ହଜାର ୭୦୦ ହେକ୍ଟର ଜଙ୍ଗଲ ହରାଇଥିଲା। ସେହିପରି ୨୦୦୧ରୁ ଅଦ୍ୟାବଧି ଦେଶରେ ୨.୩୧ ନିୟୁତ ହେକ୍ଟର ଜଙ୍ଗଲ ନଷ୍ଟ ହୋଇଛି। ଏହା ମଧ୍ୟରେ ୨୦୦୨ ରୁ ୨୦୨୪ ମଧ୍ୟରେ ଦେଶରେ ୩ ଲକ୍ଷ ୪୮ ହଜାର ହେକ୍ଟରର ଆର୍ଦ୍ର ପ୍ରାକୃତିକ ଜଙ୍ଗଲ ନଷ୍ଟ ହୋଇଛି। ସରକାରଙ୍କ ତଥ୍ୟ ଅନୁଯାୟୀ ବିଗତ ୧୦ ବର୍ଷ ମଧ୍ୟରେ ରାଜ୍ୟରେ ସଡ଼କ ନିର୍ମାଣ ଏବଂ ସମ୍ପ୍ରସାରଣ ପାଇଁ ୧ କୋଟି ୮୫ ଲକ୍ଷ ଗଛ କଟାଯାଇଥିବା ଦର୍ଶାଯାଇଛି। କିନ୍ତୁ ଏହାର ସଂଖ୍ୟା ଅଧିକ ହୋଇପାରେ। ସେହିଭଳି ଗ୍ରୀଷ୍ମ ପ୍ରବାହ ଓ ବନାଗ୍ନି କାରଣରୁ ଓଡ଼ିଶାରେ ସର୍ବାଧିକ ବର୍ଷକୁ ହାରାହାରି ୨୩୮ ହେକ୍ଟର ଜଙ୍ଗଲ ପୋଡ଼ି ପାଉଁଶ ହୋଇଯାଏ। ଏକ ତଥ୍ୟ ଅନୁଯାୟୀ ଜଙ୍ଗଲ ନିଆଁ ଯୋଗୁଁ ଓଡ଼ିଶାର ୧୮୦ ବର୍ଗ କି.ମି ଜଙ୍ଗଲ ନଷ୍ଟ ହୋଇସାରିଛି। ସେହିଭଳି ଜଙ୍ଗଲ ଜମି ଜବରଦଖଲରେ ମଧ୍ୟ ଓଡ଼ିଶା ଦେଶରେ ଚତୁର୍ଥ ସ୍ଥାନ ହାସଲ କରିଛି। ରାଜ୍ୟସଭାରେ ଜଙ୍ଗଲ ଓ ପରିବେଶ ମନ୍ତ୍ରୀ ଦେଇଥିବା ତଥ୍ୟ ଅନୁସାରେ ଓଡ଼ିଶାରେ ୪୦ ହଜାର ୫୦୭.୫୬ ହେକ୍ଟର ଜଙ୍ଗଲ ଜମି ଜବରଦଖଲ କରାଯାଇଛି।

ସାଧାରଣ ଭାବେ ଗୋଟିଏ ମଣିଷ ବଞ୍ଚିବା ପାଇଁ ଦୈନିକ ୫୫୦ ଲିଟର ଅମ୍ଳଜାନ ଆବଶ୍ୟକ, ଯାହାକି ଡାକ୍ତରଖାନାର ତିନୋଟି ଅମ୍ଳଜାନ ସିଲିଣ୍ଡର ଥଳି ସହ ସମାନ। ଏହାକୁ ଉତ୍ପାଦନ କରନ୍ତି ୩୨ ଫୁଟ ଉଚ୍ଚତା ବିଶିଷ୍ଟ ଦୁଇଟି ଗଛ। ଗୋଟିଏ ବିଶାଳ ବରଗଛ ବର୍ଷକୁ ପାଖାପାଖି ୨ ହଜାର ୭ଶହ କିଲୋଗ୍ରାମ ଅମ୍ଳଜାନ ବାୟୁମଣ୍ଡଳକୁ ଛାଡ଼େ ଏବଂ ୫୦ କିଲୋଗ୍ରାମ ଅଙ୍ଗାରକାମ୍ଳ ଟାଣିନିଏ। ସେହିପରି ଅଶ୍ୱତ୍ଥ ଗଛର ବିଶେଷତ୍ୱ ହେଲା ଦିବାରାତ୍ର୨୪ ଘଣ୍ଟା ଅମ୍ଳଜାନ ବାୟୁମଣ୍ଡଳକୁ ଯୋଗାଏ। ଅନୁରୂପ ଭାବେ ନିମ୍ବ, ବାଉଁଶ, ଅର୍ଜୁନ ଓ ବେଲ ଗଛ ମଧ୍ୟ ଦିବାରାତ୍ର ଅମ୍ଳଜାନ ନିର୍ଗମନ କରିଥା'ନ୍ତି। ଏକ ରିପୋର୍ଟ ଅନୁସାରେ ଏକ ପରିମିତ ଭୂମିରେ ଥିବା ବୃକ୍ଷରାଜି ବା ଅରଣ୍ୟ ୫ ଟନ୍ ସବୁଜବାଷ୍ପ ଶୋଷଣ କରେ ଏବଂ ୪ ଟନ୍ ଅମ୍ଳଜାନ ନିର୍ଗମନ୍ କରେ, ଯାହା ୧୮ ଜଣ ଲୋକଙ୍କ ଶ୍ୱାସକ୍ରିୟା ପାଇଁ ଯଥେଷ୍ଟ। ଏକ ଆନ୍ତର୍ଜାତିକ ଅଧ୍ୟୟନ ଅନୁଯାୟୀ ଭାରତରେ ଥିବା ବିଭିନ୍ନ ଜଙ୍ଗଲରେ ୧୭ ହଜାର ୫୧୦ କିସମର ବୃକ୍ଷ ଏବେ ବିଲୁପ୍ତ ଅବସ୍ଥାରେ। ତଥ୍ୟକୁହେ ଗତ ୫୦ ବର୍ଷ ମଧ୍ୟରେ ସର୍ବାଧିକ ପ୍ରଜାତିର ଗଛ ବିଲୁପ୍ତ ହୋଇଛି। ଏହାର ମୁଖ୍ୟ କାରଣ ହେଉଛି - ବିକାଶ, ବନାଗ୍ନି ଓ ବାତ୍ୟା।

ଏ ସବୁ ମଧ୍ୟରେ କିଛିମାସ ତଳେ ସାମାଜିକ ଗଣମାଧ୍ୟମରେ ଛାଇଯାଇଥିଲା ଏକ ହୃଦୟ ବିଦାରକ ଭିଡିଓ, ଯେଉଁଥିରେ ତେଲେଙ୍ଗାନାର ହାଇଦ୍ରାବାଦ ସହରର ଏକ ବିଶ୍ୱବିଦ୍ୟାଳୟ ପରିସରରେ ଆଇଟି ପାର୍କ ନାମରେ ରାତିଅଧିଆ କଟାଯାଉଥିଲା ୪୦୦ ଏକର ଜଙ୍ଗଲ, ଯେଉଁଥିରେ ଥିଲେ ଅନେକ ହରିଣ, ମୟୂର, ହାତୀ ଓ ବାନର ଭଳି ଅନେକ ନିରୀହ ଜୀବଜନ୍ତୁ। ଶେଷରେ ଛାତ୍ରମାନଙ୍କ ଆନ୍ଦୋଳନ ଏବଂ ସର୍ବୋଚ୍ଚ ନ୍ୟାୟାଳୟଙ୍କ ହସ୍ତକ୍ଷେପ ପରେ ତାହା ବନ୍ଦ ହୋଇଥିଲା। ଏହାକୁ ଲକ୍ଷ୍ୟ କଲେ ମନକୁ ଆସେ ୧୭୩୦ ମସିହାର ଗୋଟିଏ ଶବ୍ଦ 'କଟା ବୃକ୍ଷଠୁ କଟା ମୁଣ୍ଡ ଶସ୍ତା'। ଏହାଥିଲା ରାଜସ୍ଥାନର ବିଷ୍ଣୋଇ ସମୁଦାୟର ସଦସ୍ୟ ଅମୃତାଦେବୀଙ୍କର। ଏକ ଖେଜରି ଗଛକୁ ବଞ୍ଚାଇବାକୁ ଯାଇ ଅମୃତା ଦେବୀଙ୍କ ସହ ପ୍ରାୟ ୩୬୩ ଜଣ ପୁରୁଷ, ମହିଳା ଓ ଶିଶୁ କୁରାଢ଼ି ଆଗରେ ନିଜ ଜୀବନକୁ ଉତ୍ସର୍ଗ କରିଦେଇଥିଲେ। ଏହି ଘଟଣା ପ୍ରକୃତି ଓ ପରିବେଶକୁ ବଞ୍ଚାଇବା ପାଇଁ ବିଷ୍ଣୋଇ ସମୁଦାୟର ଉଚ୍ଚବିଚାରକୁ ଦର୍ଶାଏ। ୧୯୭୦ ମସିହାର ଚିପକୋ ଆନ୍ଦୋଳନକୁ ଏହା ମଧ୍ୟ ପ୍ରେରିତ କରିଥିଲା, ଯାହା ଖେଜରୀ ଗଣହତ୍ୟାର ପ୍ରାୟ ୨୪୫ ବର୍ଷ ପରେ ହୋଇଥିଲା।

ବୃକ୍ଷ କାଟିବା ଏବଂ ଜଙ୍ଗଲ ନଷ୍ଟ କରିବା ମଣିଷ ପାଇଁ କିଞ୍ଚିତ ମାତ୍ର ହୋଇଥାଇପାରେ। ହେଲେ ଏହାର ଫଳାଫଳ ଭବିଷ୍ୟତରେ ଭୟାବହ ହୋବକୁ ଯାଉଛି ଏଥିରେ ଦ୍ୱିରୁକ୍ତି ନାହିଁ। ଏଥିରୁ କେବଳ ସମାଜକୁ ବୁଝିବାକୁ ପଡ଼ିବ ଗଛ ଓ ଜଙ୍ଗଲ ବଞ୍ଚିଲେ ସମଗ୍ର ମାନବ ସମାଜ ତିଷ୍ଠି ରହିବ। କିଛିଟା ସ୍ୱାର୍ଥ ଓ ଲାଳସା ଭଳି ହୀନ ମାନସିକତାରୁ ଦୂରେଇ ରହି ଚାରାରୋପଣ କରିବା ସହ ବୃକ୍ଷମାନଙ୍କୁ ସୁରକ୍ଷା ଦେବା ଏବଂ ସମଗ୍ର ମଣିଷ ସମାଜ ଓ ଜୀବଜଗତକୁ ଧ୍ୱଂସ ହେବାରୁ ବଞ୍ଚାଇବା। ନଚେତ୍ ସମୟ ଆସିବ ଯେଉଁ ବୃକ୍ଷଠାରୁ ଆମେ ଅମ୍ଳଜାନ ବୁନ୍ଦାଏ ପାଇ ବଞ୍ଚିଛେ, ସେହି ବୃକ୍ଷ ହିଁ ମାନବ ସମାଜର ବିନାଶର କାରଣ ପାଲଟିଯିବ।

ଇଟାମାଟି(ନୟାଗଡ଼),
ମୋ: ୭୩୭୨୫୯୪୦୪୧

## ବିଶ୍ୱାସରେ ସଙ୍କଟ!

ଅଶୋକ ମହାରଣା

ରୋମ ସମ୍ରାଟ ଡାଇନୋସିୟସ ସମୟରେ ଦୁଇ ବନ୍ଧୁ ଡାମନ ଓ ବିଥିୟସଙ୍କ ମଧ୍ୟରେ ଥିଲା ଅଭେଦ୍ୟ ବନ୍ଧୁତା। କୌଣସି କାରଣରୁ ସମ୍ରାଟ ଡାଇନୋସିୟସ ଡାମନଙ୍କୁ ମୃତ୍ୟୁଦଣ୍ଡରେ ଦଣ୍ଡିତ କରନ୍ତି। ଡାମନ ଦୁଃଖରେ ମ୍ରିୟମାଣ ହୋଇପଡ଼ନ୍ତି ଏହି କାରଣରୁ ଯେ ସେ ଫାଶୀ ପାଇବେ, କିନ୍ତୁ ପରିବାରବର୍ଗ ଜାଣିପାରିବେ ନାହିଁ। ଡାମନ ସମ୍ରାଟଙ୍କୁ ଅନୁନୟ କରନ୍ତି ତାଙ୍କୁ ସାତ ଦିନ ସମୟ ଦେବା ପାଇଁ, ଯାହା ଫଳରେ ସେ ପରିବାରବର୍ଗଙ୍କୁ ସେ ବିଷୟରେ ଜଣାଇ ପାରିବେ। ଡାଇନୋସିୟସ ଗୋଟିଏ ସର୍ତ୍ତରେ ଡାମନ୍‌ଙ୍କୁ ଅନୁମତି ଦିଅନ୍ତି। ସେ ସର୍ତ୍ତଟି ହେଲା ଯଦି ଆଉଜଣେ ବ୍ୟକ୍ତି ଡାମନ୍‌ଙ୍କ ବଦଳରେ କାରାଗାରରେ ରହିବେ। ଯଦି ଡାମନ୍ ନ ଫେରନ୍ତି ସେହି ପ୍ରତିନିଧି ପ୍ରାଣଦଣ୍ଡ ଭୋଗିବେ। କିଏ ସେହି ବନ୍ଧୁ, ଯିଏ ଜାଣି ଜାଣି ନିଜ ମୃତ୍ୟୁଦଣ୍ଡକୁ ସ୍ୱୀକାର କରିନେବ? କିନ୍ତୁ ଡାମନ୍‌ଙ୍କ ପ୍ରତିନିଧି ଭାବେ କାରାଗାରରେ ରହିବା ପାଇଁ ବିଥିୟସ ଆଗେଇ ଆସିଲେ।

ଇତିମଧ୍ୟରେ ସାତଦିନ ବିତି ଯାଇଛି, କିନ୍ତୁ ଡାମନ ଫେରିବାର କୌଣସି ସୂଚନା ନାହିଁ। ରାଜାଙ୍କ ସର୍ତ୍ତ ଅନୁସାରେ ବିଥିୟସଙ୍କୁ ଫାଶୀଖୁଣ୍ଟ ପାଖକୁ ନିଆଯାଇଛି। ମୁହଁରେ କଳାକପଡ଼ା ବାନ୍ଧିବା ପୂର୍ବରୁ ତାଙ୍କୁ ଚିରାଚରିତ ଯେତେବେଳେ ପଚରାଯାଇଛି 'ତୁମର ଶେଷ ଇଚ୍ଛା କ'ଣ?' ବିଥିୟସ କିଛି ଉତ୍ତର ନ ଦେଇ କେବଳ ଅଶ୍ରୁ ବିସର୍ଜନ କରିଛନ୍ତି। ରାଜା ହସିହସି କହିଛନ୍ତି, 'ହେ ମୂଢ଼! ତୁମେ କ'ଣ ଜାଣି ନଥିଲ ଯେ ଫାଶୀଦଣ୍ଡ ପାଇଥିବା ଜଣେ ବ୍ୟକ୍ତି କେବେ ମଧ୍ୟ ଫେରିଆସିବ ନାହିଁ? ଏଭଳି ବିଶ୍ୱାସ କରିବା ମସ୍ତବଡ଼ ଭୁଲ। ଏବେ କାନ୍ଦିଲେ କ'ଣ ମୁକ୍ତି ପାଇଯିବ?' ବିଥିୟସ ସ୍ମିତ ହସି ଉତ୍ତର ଦେଲେ, 'ହେ ରାଜନ! ମୋର ଏ ଅଶ୍ରୁଧାର ଭଗବାନଙ୍କ ନିକଟରେ କୃତଜ୍ଞତା ପାଇଁ। ସେ ମୋର ପ୍ରାର୍ଥନା ଶୁଣିଛନ୍ତି ଯେ ଆଜି ମୋ ଜୀବନ ପାଇଁ ମୋ ବନ୍ଧୁର ଜୀବନ ରକ୍ଷା ହୋଇପାରୁଛି। ଭଗବାନ ମୋତେ ଆଶୀର୍ବାଦ କରିଛନ୍ତି।' ଏହି ସମୟରେ ଦୂରରୁ କେହି ଜଣେ ଦୌଡ଼ି ଦୌଡ଼ି ଆସୁଥିବାର ଦେଖିବାକୁ ମିଳିଲା। ସେ ବ୍ୟକ୍ତିଜଣକ 'ଫାଶୀ ବନ୍ଦ କର' ବୋଲି ଚିତ୍କାର କରୁଥିଲେ। ସେ ବ୍ୟକ୍ତିଜଣକ ଥିଲେ ଡାମନ୍। କିଛି ସମୟ ପରେ ଫାଶୀ ଖୁଣ୍ଟ ନିକଟରେ ପହଞ୍ଚି ଡାମନ୍ କହିଲେ, 'ହେ ଭଗବାନ! ଆପଣ କେତେ ମହାନ। ଟିକିଏ ବିଳମ୍ବ ହୋଇ ଯାଇଥିଲେ ମୋର ବନ୍ଧୁର ଜୀବନ ଚାଲି ଯାଇଥା'ନ୍ତା।' ସମ୍ରାଟ ଡାଇନିଓସିସ ହତଚକିତ। ଏଭଳି ବନ୍ଧୁତାକୁ ଦେଖି ତାଙ୍କ ଆଖିରେ ବି ଲୋତକର ଧାର। ତାଙ୍କ ମୁଖରୁ ବାହାରି ଆସିଛି - 'ଏଭଳି ବନ୍ଧୁତା ଓ ବିଶ୍ୱାସ ବିଶ୍ୱରେ ବିରଳ। ଡାମନ ତୁମକୁ ମୁଁ ମୁକ୍ତି କରିଦେଉଛି। ଏବେ ମୁଁ ହେଉଛି ତୁମର ତୃତୀୟ ବନ୍ଧୁ। ମୋତେ ତୁମେ ବନ୍ଧୁ ଭାବରେ ଗ୍ରହଣ କର।'

ସେକସପିୟରଙ୍କ ଜୁଲିୟସ ସିଜର ନାଟକ ବିଶ୍ୱାସରେ ପଡ଼ିଥିବା କଳଙ୍କିତ ଛିଟାକୁ ପ୍ରତିବେଦନ କରେ। ଏକଛତ୍ରବାଦୀ ହେଲେ ମଧ୍ୟ ଜୁଲିୟସ ସିଜର ଥିଲେ ସୁଶାସକ। ତାଙ୍କୁ ଷଡ଼ଯନ୍ତ୍ର କରି ରାସ୍ତାରୁ ହଟାଇବା ପାଇଁ ପ୍ରିୟବନ୍ଧୁ ବ୍ରୁଟସଙ୍କ ସାହାରା ନିଆଗଲା। ସିଜରଙ୍କୁ ସଂସଦ ଭିତରକୁ ଛଳନାରେ ନିଆଯାଇ ହତ୍ୟା କରିବା ପାଇଁ ସିନେଟରମାନେ ଯେତେବେଳେ ଛୁରିକା ଘାତ କଲେ, ସିଜର ଚିତ୍କାର କଲେ 'ବ୍ରୁଟସ ମୋର ବନ୍ଧୁ ମୋତେ ରକ୍ଷାକର!' ସିଜର ପଛକୁ ଫେରିଚାହିଁବା ବେଳକୁ ବ୍ରୁଟସଙ୍କ ହାତରେ ମଧ୍ୟ ଥିଲା ଛୁରୀ। ସ୍ତବଧ ହୋଇଗଲେ ସିଜର। କହିଲେ, 'ଶେଷରେ ତୁମେ ବି ବ୍ରୁଟସ! ଦୁଇ ଘଟଣା ମଧ୍ୟରେ ସାମଞ୍ଜସ୍ୟ ଥାଇ ନ ପାରେ। କିନ୍ତୁ ଗୋଟିଏ ମାତ୍ର ନିର୍ଣ୍ଣାୟକ ସତ୍ୟ ବିଶ୍ୱାସରେ ସଙ୍କଟ।

ଆଜି ମଣିଷ ମଣିଷକୁ ବିଶ୍ୱାସ କରିବାକୁ ପଶ୍ଚାତପଦ। କିନ୍ତୁ କାହିଁକି ଏବଂ କ'ଣ ପାଇଁ, ତା'ର ଉତ୍ତର ଅନେକ। ଦୁଇଟି ଘଟଣା ମାନବ-ମାନବ ଭିତରେ ଥିବା ବିଶ୍ୱାସର ଗୋଟିଏ ଗୋଟିଏ ଉଦାହରଣ ମାତ୍ର। ସତରେ ମଣିଷ କେତେ ଅସହାୟ ହୋଇପଡ଼ିଛି। ବିଶ୍ୱାସ ଗୋଟିଏ ଏମିତି ଛୋଟ ଶବ୍ଦ, ଯାହାକୁ ପଢ଼ିବାକୁ ଲାଗେ ଗୋଟେ ମିନିଟ, ଭାବିବାକୁ କିଛି ସମୟ, ବୁଝେଇବାକୁ କିଛି ଦିନ ଏବଂ ପାଳନ କରିବାକୁ ସାରାଜୀବନ। ବିଶ୍ୱାସ ଏବେ ସଙ୍କଟରେ। ପୃଥିବୀ ପୃଷ୍ଠରେ ଅସଂଖ୍ୟ ଶକ୍ତି ମନୁଷ୍ୟକୁ କବଳିତ କରି ରଖିଛି। ଏଆଇ ବା କୃତ୍ରିମ ବୁଦ୍ଧିମତ୍ତା ବିଜ୍ଞାନର ଅବଦାନ। ବିଜ୍ଞାନ କିନ୍ତୁ ଆମକୁ ଭୟଭୀତ କରାଉଛି। ଫଳରେ ମାନବ-ମାନବ ଭିତରେ ସମ୍ପର୍କ ସ୍ଥାୟୀ ହୋଇ ରହୁନାହିଁ।

ବିଶ୍ୱାସ ଏକ ସ୍ୱତଃପ୍ରବୃତ୍ତ ଚିନ୍ତନ। ଶିଶୁଟିଏ ଜନ୍ମ ଗ୍ରହଣ କଲେ ଚିତ୍କାର କରି କାନ୍ଦେ। ତା'ର କାନ୍ଦ ହେଉଛି ବିଶ୍ୱାସ। ଅସଚେତନ ଥିଲେ ମଧ୍ୟ ତା'ର ବିଶ୍ୱାସ ଯେ ମୋର କ୍ରନ୍ଦନ ଶୁଣିବାକୁ ମାଆ ସଚେତନ ଅଛି। ସେହି ବିଶ୍ୱାସ ହିଁ ଜୀବନର ସତ୍ତା। ବିଶ୍ୱାସ ହିଁ ଜନ୍ମଜନ୍ମାନ୍ତର ସମ୍ପର୍କ। ଯେପରି ମାଟି ପାତ୍ରର ଛୋଟ ଛିଦ୍ରଟିଏ ପାଣିକୁ ଧରି ରଖିପାରେ ନାହିଁ, ଠିକ ସେମିତି ସମ୍ପର୍କରେ ଲେଶମାତ୍ର ଅବିଶ୍ୱାସ ସାରା ଜୀବନ ପାଇଁ ଏକ ରେଖା ଟାଣିଦିଏ। ତାହା ହେଉଛି ଅବିଶ୍ୱାସ। ବିଶ୍ୱାସ ଅଛି ବୋଲି ତ ରାସ୍ତାପାର୍ଶ୍ୱରେ ବିକ୍ରି ହେଉଥିବା ଖାଦ୍ୟ ଆମେ ସାଦରେ ଗ୍ରହଣ କରୁଛୁ। କିନ୍ତୁ ସେହି ବିଶ୍ୱାସରେ ଏବେ ବିରାଟ ପ୍ରଶ୍ନବାଚୀ। ପ୍ରତି ହୃତ୍‌ସ୍ପନ୍ଦନରେ ସୃଷ୍ଟି ହେଉଛି ଅସମାହିତ ପ୍ରଶ୍ନଚିହ୍ନ। କାହିଁକି ବିଶ୍ୱାସରେ ସଙ୍କଟ? ସ୍ୱାର୍ଥ ନା ପରିବର୍ତ୍ତିତ ପରିବେଶ ନା ସମୟ? ନା ଜ୍ଞାନର ପ୍ରକୃତ ପରିଭାଷାକୁ ବ୍ୟାପ୍ତ କରିବାର ଦୁର୍ବଳତା? ବିଶ୍ୱାସ ନଥିଲେ ଜୀବନ ବି ନାହିଁ। ବିଶ୍ୱାସ ନଥିଲେ ଆତ୍ମିୟତାବୋଧ କାହିଁ? ବିଶ୍ୱାସହୀନତା ହିଁ ଆଜନ୍ମ ଦୁଃଖର କାରଣ। ଅନ୍ତତଃ ବିଶ୍ୱାସକୁ ସଜାଗ କରିବା ସମସ୍ତଙ୍କର କର୍ତବ୍ୟ।

ସିମିନଈ(ଢେଙ୍କାନାଳ), ମୋ: ୯୪୩୭୨୯୦୧୮୧

## ରାବଣ ମନ୍ଦିର

### ବିଚିତ୍ର ବିଶ୍ୱାସ

ଓଜସ୍ୱିନୀ

ପୂର୍ବପ୍ରକାଶିତ ଉତ୍ତାରୁ...

ରାବଣଙ୍କୁ ସମର୍ପିତ ଦ୍ୱିତୀୟ ମୁଖ୍ୟ ମନ୍ଦିରଟି ହେଉଛି ରାଜସ୍ଥାନର ଉଦୟପୁରଠାରେ ଥିବା କମଳନାଥ ମହାଦେବ ମନ୍ଦିର। ଏହି ମନ୍ଦିରର ବୈଚିତ୍ର ହେଉଛି, ଏଠାରେ ମହାଦେବଙ୍କ ପୂର୍ବରୁ ଅସୁରରାଜ ରାବଣଙ୍କ ପୂଜାର୍ଚ୍ଚନା କରାଯାଏ। ଭକ୍ତମାନେ ପ୍ରଥମେ ରାବଣଙ୍କୁ ଦର୍ଶନ କରିବା ପରେ ମହାଦେବଙ୍କୁ ଦର୍ଶନ କରନ୍ତି। କମଳନାଥ ମହାଦେବ ନାମରେ ପ୍ରସିଦ୍ଧ ଏହି ମନ୍ଦିର ଉଦୟପୁରଠାରୁ ପ୍ରାୟ ୭୦ କି.ମି. ଦୂର ଝାଡୋଲ୍ ଅଞ୍ଚଳର ଆୱରଗଡ଼ ପାର୍ବତ୍ୟାଞ୍ଚଳରେ ରହିଛି। ସ୍ଥାନୀୟ ଲୋକକଥା ଅନୁସାରେ ଏଠାରେ ରାବଣ ଶିବଙ୍କୁ ପ୍ରସନ୍ନ କରିବା ପାଇଁ ତପସ୍ୟା କରିଥିଲେ। ତପସ୍ୟା ସମୟରେ ରାବଣ ପ୍ରତିଦିନ ୧୦୮ ଟି ପଦ୍ମ ଶିବଙ୍କୁ ଅର୍ପଣ କରୁଥିଲେ। ଏକଦା ସୃଷ୍ଟିକର୍ତ୍ତା ବ୍ରହ୍ମା ରାବଣଙ୍କ ଭକ୍ତି ପରୀକ୍ଷା ନେବା ପାଇଁ ଗୋଟିଏ ପଦ୍ମପୁଷ୍ପ ଅଦୃଶ୍ୟ କରିଦେଲେ। କମଳ ପୁଷ୍ପର ଅଭାବକୁ ପୂରଣ କରିବା ପାଇଁ ରାବଣ ନିଜ ମସ୍ତକ ଛେଦନ କରି ମହାଦେବଙ୍କୁ ଅର୍ପଣ କଲେ। ରାବଣଙ୍କ ଭକ୍ତିରେ ପ୍ରସନ୍ନ ହୋଇ ସ୍ୱୟଂ ମହାଦେବ ପ୍ରକଟ ହୋଇ ରାବଣଙ୍କ ନାଭିରେ ଅମୃତକୁଣ୍ଡ ସ୍ଥାପନାର ବରଦାନ ଦେବା ସହିତ ଦଶାନନ ହେବାର ସୌଭାଗ୍ୟ ପ୍ରଦାନ କଲେ। ଏହି ସ୍ଥାନରେ ରାବଣ କମଳପୁଷ୍ପ ସ୍ଥାନରେ ନିଜର ମସ୍ତକ ଅର୍ପଣ କରି ଶିବଙ୍କୁ ପ୍ରସନ୍ନ କରିଥିବାରୁ ଏହି ଶିବଲିଙ୍ଗ କମଳନାଥ ନାମରେ ନାମିତ ହୋଇଛନ୍ତି। ଏଠାରେ ରାବଣଙ୍କ ପୂଜାର୍ଚ୍ଚନା ବିନା ଶିବ ଦର୍ଶନ ବ୍ୟର୍ଥ ବୋଲି କୁହାଯାଉଛି। ତେଣୁ ସ୍ଥାନୀୟ ବିଶ୍ୱାସ ଅନୁସାରେ ମହାଦେବଙ୍କୁ ପ୍ରସନ୍ନ କରି ମନୋବାଞ୍ଛିତ ବରଦାନ ପ୍ରାପ୍ତି କରିବାକୁ ହେଲେ ପ୍ରଥମେ ରାବଣଙ୍କୁ ପୂଜା କରାଯାଉଛି। ରାବଣଙ୍କ ପୂଜା କରିବା ଦ୍ୱାରା ମହାଦେବଙ୍କ ବିଶେଷ କୃପା ଲାଭ ହୋଇଛି ବୋଲି ଶ୍ରଦ୍ଧାଳୁମାନେ ସେମାନଙ୍କର ଅଭିଜ୍ଞତା ଓ ଅନୁଭବରୁ କହିଥା'ନ୍ତି।

ଦେବଭୂମି ଉତ୍ତରାଖଣ୍ଡର ଚମୋଲି ଜିଲ୍ଲାର ବୈରାସକୁଣ୍ଡଠାରେ ମହାଦେବଙ୍କର ଏକ ପ୍ରାଚୀନ ମନ୍ଦିର ଅଛି, ଯାହା ନିକଟରେ ରହିଛି ରାବଣ ଶିଳା। ଏଠାରେ ରାବଣ ଶିବଙ୍କୁ ପ୍ରସନ୍ନ କରିବା ପାଇଁ ଗୋଟିଏ ଗୋଡ଼ରେ ଠିଆ ହୋଇ ୧୦ ହଜାର ବର୍ଷ କଠୋର ତପସ୍ୟା କରିଥିଲେ। ତପସ୍ୟା ଫଳପ୍ରସୂ ନହେବାର ଆଶଙ୍କା କରି ରାବଣ ଏଠାରେ ତାଙ୍କର ଶିର ଛେଦନ କରି ମହାଦେବଙ୍କୁ ଅର୍ପଣ କରିଥିଲେ ବୋଲି ଲୋକକଥା ଅଛି। ନଅଟି ଶିର ଛେଦନ ପରେ ଦଶମ ଶିର ଛେଦନ କରିବା ସମୟରେ ସ୍ୱୟଂ ଶିବ ରାବଣଙ୍କ ସମ୍ମୁଖରେ ପ୍ରକଟ ହେଲେ ଏବଂ ବର ଯାଚନା କରିବାକୁ କହିଲେ। ମହାଦେବ ସବୁଦିନ ପାଇଁ ସେହି ସ୍ଥାନରେ ଅବସ୍ଥାନ କରନ୍ତୁ ବୋଲି ରାବଣ ବର ମାଗିବାରୁ ମହାଦେବ ସନ୍ତୁଷ୍ଟ ହୋଇ ଶିବଲିଙ୍ଗ ଭାବେ ସେଠାରେ ରହିଲେ। ବୈରାସକୁଣ୍ଡ ମହାଦେବ ସ୍ୱୟଂମ୍ଭୂ ବୋଲି କୁହାଯାଏ। 'ସ୍କନ୍ଦପୁରାଣ'ର 'କେଦାରଖଣ୍ଡ'ରେ ମଧ୍ୟ ଏହି ଅଞ୍ଚଳକୁ ଏକ ପବିତ୍ରଭୂମି ଭାବେ ବର୍ଣ୍ଣନା କରାଯାଇଛି। ଉତ୍ତରାଖଣ୍ଡର ଚମୋଲି ଜିଲ୍ଲାରେ ଦଶୋଲି ନାମକ ଗୋଟିଏ ଗାଁର ଅଛି। ଦଶାନନ ନାମର ଅପଭ୍ରଂଶ ହୋଇ ଏହା ଦଶୋଲି ହୋଇଥାଇପାରେ ବୋଲି ଐତିହାସିକମାନେ ମତ ଦିଅନ୍ତି। 'ରାବଣ ସଂହିତା'ରେ ଉଲ୍ଲେଖ ଅଛି ଯେ, ଏହି ସ୍ଥାନରେ ରାବଣ 'ନାଡ଼ି ବିଜ୍ଞାନ' ରଚନା କରିଥିଲେ। ରାବଣ ଶିଳାକୁ ଶ୍ରଦ୍ଧାଳୁମାନେ ରାବଣଙ୍କ ପ୍ରତୀକ ଭାବେ ପୂଜାର୍ଚ୍ଚନା କରିଥା'ନ୍ତି।

ଭାରତର ଆଉ କେତେକ ମନ୍ଦିର ମଧ୍ୟ ରାବଣଙ୍କୁ ସମର୍ପିତ। ଯଥା - ଉତ୍ତରପ୍ରଦେଶର ଗୌତମବୁଦ୍ଧ ନଗରରୁ ପ୍ରାୟ ୧୫ କିଲୋମିଟର ଦୂର ବିସରଖ ଗାଁରେ ଥିବା ରାବଣ ମନ୍ଦିର, ଯାହାକୁ ରାବଣଙ୍କ ଜନ୍ମସ୍ଥାନ ବୋଲି କୁହାଯାଉଛି। ଏଠାରେ ରାବଣଙ୍କ ଏକ ସୁନ୍ଦର ମନ୍ଦିର ସହିତ ତାଙ୍କର ପିତା ବିଶ୍ରବାଙ୍କ ମଧ୍ୟ ଗୋଟିଏ ମନ୍ଦିର ଅଛି। ରାବଣ ମନ୍ଦିର ପରିସର ଭିତରେ ଗୋଟିଏ ପ୍ରାଚୀନ ଶିବ ମନ୍ଦିର ରହିଛି। ଏହି ଶିବଲିଙ୍ଗଙ୍କୁ ରାବଣ ପୂଜା କରୁଥିଲେ ବୋଲି କୁହାଯାଏ। ଏଠାରେ ଦଶହରା ଦିନ ରାବଣଙ୍କୁ ବିଶେଷ ପୂଜାର୍ଚ୍ଚନା କରାଯାଇ ସ୍ୱାଦିଷ୍ଟ ଭୋଗ ଅର୍ପଣ କରାଯାଇଥାଏ। ଜନଶ୍ରୁତି କହେ ଯେ, ଅନେକ ବର୍ଷ ପୂର୍ବରୁ ଏହି ଗ୍ରାମରେ ମଧ୍ୟ ଦଶହରା ପାଳନ ପୂର୍ବକ ରାବଣଙ୍କ ପୁତ୍ତଳିକାକୁ ଦହନ କରାଯାଇଥିଲା। ପରିଣାମ ସ୍ୱରୂପ ଗ୍ରାମରେ ଅନେକ ଲୋକ ମୃତାହତ ହେଲେ। ଏହାପରେ ଅନେକ ଯଜ୍ଞ ଏବଂ ରାବଣଙ୍କ ଉଦ୍ଦେଶ୍ୟରେ ମନ୍ତ୍ରୋଚାରଣ ଦ୍ୱାରା ଶୁଭଫଳ ଲାଭ ହେଲା। ଏହା ପରଠାରୁ କେବେ ମଧ୍ୟ ଏହି ଗ୍ରାମରେ ରାବଣପୋଡ଼ି କରାଯାଏନାହିଁ। କାନପୁରରେ ଥିବା ରାବଣ ମନ୍ଦିର, ଯାହାକି କେବଳ ଦଶହରା ଦିନ ଖୋଲାଯାଏ ଏବଂ ଏହିଦିନ ରାବଣଙ୍କୁ ଦୁଗ୍ଧରେ ଅଭିଷେକ କରାଇ ଶୃଙ୍ଗାର କରାଯାଇ ଆଳତି ଓ ପୂଜାର୍ଚ୍ଚନା କରାଯାଏ। ମଧ୍ୟପ୍ରଦେଶର ବିଦିସାଠାରେ ଥିବା ରାବଣ ମନ୍ଦିରରେ କାନ୍ୟକୁବ୍‌ଜ ବ୍ରାହ୍ମଣ ସମୁଦାୟର ବରବଧୂ ରାବଣଙ୍କ ଆଶୀର୍ବାଦ ନେବା ପାଇଁ ଆସନ୍ତି। ଆନ୍ଧ୍ରପ୍ରଦେଶର କାକିନାଡ଼ାରେ ଥିବା ଶିବ ମନ୍ଦିରରେ ପ୍ରାୟ ୩୦ଫୁଟ ଉଚ୍ଚର ରାବଣଙ୍କ ମୂର୍ତ୍ତି ରହିଛି। ଏହି ମନ୍ଦିରରେ ପୂଜା ପାଉଥିବା ଶିବଲିଙ୍ଗଙ୍କୁ ରାବଣ ନିଜେ ପ୍ରତିଷ୍ଠା କରାଇଥିଲେ ବୋଲି ଲୋକକଥା ଅଛି।(ସମାପ୍ତ)

ଭୁବନେଶ୍ୱର, ମୋ: ୯୦୯୦୧୯୪୯୪୩

ସକାଳ
THE SAKALA
ଯୋଗାଯୋଗ ଠିକଣା
NEWS & INFO
news@thesakala.com
CIRCULATION
circulation@thesakala.com
ADVERTISEMENT
advt@thesakala.com
THE SAKALA
(A Unit of Nandighosha Network Pvt. Ltd.)
At: IDCO Plot No. 90 & 91, Bhagabanpur I/E, BBSR-751019
Ph.: 0674-2954342 | 2955342



ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ। ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ।

## 'ସୁଭଦ୍ରା'ର ରାଜ୍ୟସ୍ତରୀୟ ପରିଚାଳନା ଓ ତଦାରଖ କମିଟି ବୈଠକ

# ହିତାଧିକାରୀମାନଙ୍କ ସାମଗ୍ରିକ ଆର୍ଥିକ ସଶକ୍ତୀକରଣ ଉପରେ ଗୁରୁତ୍ୱ

ଭୁବନେଶ୍ୱର,୩୧।୭ (ସମିସ): ଲୋକସେବା ଭବନ ସମ୍ମିଳନୀ କକ୍ଷରେ "ସୁଭଦ୍ରା' ରାଜ୍ୟସ୍ତରୀୟ ପରିଚାଳନା ଓ ତଦାରଖ କମିଟି ବୈଠକ ଅନୁଷ୍ଠିତ ହୋଇଯାଇଛି। ମୁଖ୍ୟ ଶାସନ ସଚିବ ମନୋଜ ଆହୁଜା ଅଧ୍ୟକ୍ଷତା କରି ସୁଭଦ୍ରା ଯୋଜନାର ପ୍ରଭାବୀ କାର୍ଯ୍ୟକାରିତା ସମ୍ପର୍କରେ ସମୀକ୍ଷା ଓ ତଦାରଖ କରିବା ସହ ଯୋଜନାର ଆଗାମୀ କାର୍ଯ୍ୟାନ୍ୱୟନ ଉପରେ ପରାମର୍ଶ ପ୍ରଦାନ କରିଥିଲେ। ସୁଭଦ୍ରା ହିତାଧିକାରୀମାନେ ସରକାରଙ୍କ ଅନ୍ୟ ବିଭିନ୍ନ ଯୋଜନାରୁ ଲାଭ ଉଠାଇ କିପରି ସାମଗ୍ରିକ ଆର୍ଥିକ ସଶକ୍ତିକରଣ ହୋଇପାରିବେ ସେ ସମ୍ପର୍କରେ ଶ୍ରୀ ଆହୁଜା ଆଲୋକପାତ କରିଥିଲେ। କାର୍ଯ୍ୟକ୍ରମରେ ମହିଳା ଓ ଶିଶୁ ବିକାଶ ନିର୍ଦ୍ଦେଶିକା ମୋନିଷା ବାନାର୍ଜୀ ସୁଭଦ୍ରା ଯୋଜନାରେ ଅବଲମ୍ବନ କରାଯାଇଥିବା ଉତ୍ତମ ଅଭ୍ୟାସ ଓ ଅଭିନବତ୍ୱ ସମ୍ପର୍କରେ ବକ୍ତବ୍ୟ ରଖିଥିଲେ। ବିଭାଗୀୟ ନିର୍ଦ୍ଦେଶିକା ମୋନିଷା ବାନାର୍ଜୀ ସୁଭଦ୍ରା ଯୋଜନା ସମ୍ବନ୍ଧୀୟ ଖର୍ଚ୍ଚ ବାବଦରେ ଆଲୋଚନା କରିଥିଲେ। ସେହିପରି ଅଭିଯୋଗ ଶୁଣାଣି ପ୍ରକ୍ରିୟାରେ ସୁଭଦ୍ରା ପୋର୍ଟାଲରେ ଏଯାବତ୍ ୩ ଲକ୍ଷ ୫୧ ହଜାର ୪୯୨ ଅଭିଯୋଗ ମଧ୍ୟରୁ ୧ଲକ୍ଷ ୮୩ହଜାର ୬୮୧ ଅଭିଯୋଗର ସମାଧାନ ହୋଇପାରିଛି। କେବଳ ମହିଳାମାନଙ୍କ ଦ୍ୱାରା ଚାଲୁଥିବା 'କୁହ ସୁଭଦ୍ରା' ଅଭିଯୋଗ ସମାଧାନ କେନ୍ଦ୍ରରେ ଏପର୍ଯ୍ୟନ୍ତ ଦିନକୁ ପ୍ରାୟ ୨୦ ହଜାରରୁ ଅଧିକ କଲ୍ ଗ୍ରହଣ କରାଯାଇ ସେସବୁର ଉତ୍ତର ଦିଆଯାଇଥିବା ମହିଳା ଓ ଶିଶୁ ବିକାଶ ବିଭାଗ ପ୍ରମୁଖ ଶାସନ ସଚିବ ଶୁଭା ଶର୍ମା ଉଲ୍ଲେଖ କରିଥିଲେ। କ୍ୟାବିନେଟ ଅନୁମୋଦନର ମାତ୍ର ୧୦୦ ଦିନରେ ଏହି ଯୋଜନା କାର୍ଯ୍ୟକାରୀ କରାଯିବା ସହ ଦୁଇଟି କିସ୍ତିରେ ହିତାଧିକାରୀଙ୍କୁ ସୁବିଧାରେ ଆର୍ଥିକ ସହାୟତା ସ୍ଥାନାନ୍ତର କରିବାରେ ସାମୂହିକ ସରକାରୀ ବ୍ୟବସ୍ଥା ସହ ମହିଳା ଓ ଶିଶୁ ବିକାଶ ବିଭାଗର ସୁସମନ୍ୱୟ ନିମନ୍ତେ ମୁଖ୍ୟ ଶାସନ ସଚିବ ମହିଳା ଓ ଶିଶୁ ବିଭାଗକୁ ପ୍ରଶଂସା କରିଛନ୍ତି। ବୈଠକରେ ମହିଳା ଓ ଶିଶୁ ବିକାଶ ବିଭାଗ ସମେତ ସମ୍ପୃକ୍ତ ବିଭିନ୍ନ ବିଭାଗର ବରିଷ୍ଠ ଅଧିକାରୀ ତଥା କମିଟିର ଅନ୍ୟ ସଦସ୍ୟମାନେ ଉପସ୍ଥିତ ଥିଲେ।

# ଆଇଏଏସ୍ ସ୍ତରରେ ଅଦଳବଦଳ

## ୪ ଉନ୍ନୟନ କର୍ତ୍ତୃପକ୍ଷରେ ଉପାଧ୍ୟକ୍ଷ ନିଯୁକ୍ତି

ଭୁବନେଶ୍ୱର,୩୧।୭ (ସମିସ): ରାଜ୍ୟ ସରକାର ଗୁରୁବାର ଆଇଏଏସ୍ ସ୍ତରରେ ଏକ ଛୋଟଧରଣର ଅଦଳବଦଳ କରିଛନ୍ତି। ଏନେଇ ସାଧାରଣ ପ୍ରଶାସନ ବିଭାଗ ପକ୍ଷରୁ ଏକ ବିଜ୍ଞପ୍ତି ପ୍ରକାଶ ପାଇଛି।

ବିଜ୍ଞପ୍ତି ଅନୁଯାୟୀ, ୨୦୧୫ ମସିହା ବ୍ୟାଚ୍ ଆଇଏଏସ ଆବୋଲି ସୁନିଲ ନରଭଣେଙ୍କୁ ଓଡ଼ିଶା ରାଜ୍ୟ କ୍ଷୁଦ୍ର ଶିଳ୍ପ ନିଗମ ଓ ଓଡ଼ିଶା ରାଜ୍ୟ ଅର୍ଥ ନିଗମର ପରିଚାଳନା ନିର୍ଦ୍ଦେଶକ ଭାବେ ଅତିରିକ୍ତ ଦାୟିତ୍ୱ ଦିଆଯାଇଛି। ୨୦୨୧ ବ୍ୟାଚ୍ ଆଇଏଏସ୍ ଧିନା ଦସ୍ତାଗିରଙ୍କୁ ରାଉରକେଲା ମହାନଗର ନିଗମର କମିଶନର, ରାଉରକେଲା ସ୍ମାର୍ଟ ସିଟି ଲିମିଟେଡର ମୁଖ୍ୟ କାର୍ଯ୍ୟନିର୍ବାହୀ ଅଧିକାରୀ ଏବଂ ରାଉରକେଲା ଉନ୍ନୟନ କର୍ତ୍ତୃପକ୍ଷର ସଚିବ ଭାବେ ଅତିରିକ୍ତ ଦାୟିତ୍ୱ ପ୍ରଦାନ କରାଯାଇଛି। ୨୦୨୧ ବ୍ୟାଚ୍ ଆଇଏଏସ ରେହାନ ଖତ୍ରୀଙ୍କୁ ସମ୍ବଲପୁର ଉନ୍ନୟନ କର୍ତ୍ତୃପକ୍ଷର ଉପାଧ୍ୟକ୍ଷ ଭାବେ ଅତିରିକ୍ତ ଦାୟିତ୍ୱ ମିଳିଥିବା ବେଳେ ସମାନ ବ୍ୟାଚ୍‌ର କିରଣଦୀପ କୌର ସାହୋତାଙ୍କୁ କଟକ ଉନ୍ନୟନ କର୍ତ୍ତୃପକ୍ଷର ଉପାଧ୍ୟକ୍ଷ ଭାବେ ଅତିରିକ୍ତ ଦାୟିତ୍ୱ ମିଳିଛି। ସେହିପରି ଆଇଏଏସ ପ୍ରଥମେଶ ଅରବିନ୍ଦ ରାଜସିର୍କେଙ୍କୁ ବ୍ରହ୍ମପୁର ଉନ୍ନୟନ କର୍ତ୍ତୃପକ୍ଷର ଉପାଧ୍ୟକ୍ଷ ଭାବେ ଅତିରିକ୍ତ ଦାୟିତ୍ୱ ମିଳିଛି।

■ ହାଇକୋର୍ଟରେ ରୋଜଭ୍ୟାଲି ଚିଟ୍‌ଫଣ୍ଡ ଠକେଇ ଘଟଣା

# ଗୌତମ କୁଣ୍ଡୁଙ୍କ ଜାମିନ ଆବେଦନ ପୁଣି ଖାରଜ

କଟକ, ୩୧।୭ (ସମିସ): ବହୁଚର୍ଚ୍ଚିତ ରୋଜଭ୍ୟାଲି ଚିଟଫଣ୍ଡ ଠକେଇ ଘଟଣାର ମୁଖ୍ୟ ଅଭିଯୁକ୍ତ ତଥା ଏହି ଚିଟ୍‌ଫଣ୍ଡ ସଂସ୍ଥାର ଅଧ୍ୟକ୍ଷ ଗୌତମ କୁଣ୍ଡୁଙ୍କ ପକ୍ଷରୁ ଦାୟର ଜାମିନ ଆବେଦନକୁ ତୃତୀୟଥର ପାଇଁ ଖାରଜ କରିଦେଇଛନ୍ତି ହାଇକୋର୍ଟ। ୧୭ ହଜାର ୩୬୭କୋଟିର ଏହି ବଡ଼ ଠକେଇ ଘଟଣାରେ ଅଦ୍ୟାବଧି ଜମାକାରୀଙ୍କୁ ୯ହଜାର କୋଟି ଟଙ୍କା ଜମାକାରୀଙ୍କୁ ପଇଠ ହୋଇପାରିନାହିଁ। ବହୁସଂଖ୍ୟାରେ ଜମାକାରୀ ବିପୁଳ ପରିମାଣର ଠକେଇର ଶିକାର ହୋଇଥିବାକୁ ଦୃଷ୍ଟି ରଖି ହାଇକୋର୍ଟ ଜାମିନ ଆବେଦନକୁ ଅଗ୍ରାହ୍ୟ କରିଦେଇଛନ୍ତି। ଜଷ୍ଟିସ୍ ଗୌରୀଶଙ୍କର ଶତପଥୀ ଏପରି ନିର୍ଦ୍ଦେଶ ପ୍ରଦାନ କରିଛନ୍ତି। ଏଥିପୂର୍ବରୁ ଶ୍ରୀ କୁଣ୍ଡୁଙ୍କ ଜାମିନ ଆବେଦନକୁ ଗତ ୨୦୨୪ ଅଗଷ୍ଟ ୨୧ ଓ ୨୦୨୪ ଡିସେମ୍ବର୨୪ରେ ଦୁଇ ଥର ପାଇଁ ହାଇକୋର୍ଟ ଖାରଜ କରିଛନ୍ତି। ଏପରିକି,ଏହା ବିରୋଧରେ ସେ ଦାୟର କରିଥିବା ଆବେଦନକୁ ମଧ୍ୟ ଗତ ୨୦୨୫ ଫେବୃଆରି ୩ରେ ସର୍ବୋଚ୍ଚ ଅଦାଲତରେ ଖାରଜ ହୋଇଥିବା ନେଇ ଶୁଣାଣି ବେଳେ ସ୍ପଷ୍ଟ ହୋଇଥିଲା। ଆବେଦନକାରୀଙ୍କ ତରଫରୁ ଏହି ତଥ୍ୟ ଲୁଚାଯାଇଥିବା ନେଇ ଅଦାଲତ ମଧ୍ୟ ଅସନ୍ତୋଷ ପ୍ରକାଶ କରିଥିଲେ। ମାମଲାରୁ ପ୍ରକାଶ ଯେ ରୋଜଭ୍ୟାଲି ଗ୍ରୁପ ଲକ୍ଷାଧିକ ଜମାକାରୀଙ୍କଠାରୁ ୧୭ହଜାର କୋଟି ଟଙ୍କା ଠକେଇ ଅଭିଯୋଗ ହୋଇଥିଲା। ସୁପ୍ରିମକୋର୍ଟଙ୍କ ନିର୍ଦ୍ଦେଶ କ୍ରମେ ସିବିଆଇ ଏହାର ତଦନ୍ତ କରିଥିଲା। ୨୦୧୫ରେ ଇଡି ଓ ସିବିଆଇଏହି ମାମଲାର ତଦନ୍ତ କରି ସଂସ୍ଥାର ଅଧ୍ୟକ୍ଷ ଶ୍ରୀ କୁଣ୍ଡୁ ଓ ତାଙ୍କ ପତ୍ନୀ ଶୁଭ୍ରା କୁଣ୍ଡୁଙ୍କୁ ଗିରଫ କରିଥିଲା। ଭୁବନେଶ୍ୱର ସ୍ୱତନ୍ତ୍ର ସିବିଆଇ ଅଦାଲତରେ ଏବେ ଏହି ମାମଲା ବିଚାରାଧିନ ରହିଛି। ଖୋର୍ଦ୍ଧା ଦୌରା ଅଦାଲତ ୨୦୧୭ନଭେମ୍ବର୨୪ରେ ଶ୍ରୀ କୁଣ୍ଡୁଙ୍କ ଜାମିନ ଆବେଦନ ଖାରଜ କରିଥିଲେ। ବର୍ତ୍ତମାନ ସମୟ ମଧ୍ୟରେ ଏହି ମାମଲାରେ ଅନେକ ଅଗ୍ରଗତି ହୋଇଛି। ବିଶେଷକରି ଅତିରିକ୍ତ ଚାର୍ଜସିଟ ଦାଖଲ କରାଯାଇଛି ଓ ଅନ୍ୟ କେତେକସହ ଅଭିଯୁକ୍ତ ମାନଙ୍କୁ ଜାମିନ ମିଳିସାରିଛି।

# ଛାତ୍ରୀଙ୍କୁ ଅସଦାଚରଣ; ଟ୍ୟୁସନ୍ ଶିକ୍ଷକ ଗିରଫ

ପାତ୍ରପୁର,୩୧।୭ (ସମିସ): ଜରଡ଼ା ଥାନା ଅଞ୍ଚଳର ଏକ ଗାଁର ଜଣେ ଛାତ୍ରୀକୁ ଅସଦାଚରଣ ଅଭିଯୋଗରେ ଗିରଫ ହୋଇଛନ୍ତି ଟ୍ୟୁସନ୍ ଶିକ୍ଷକ। ଅଭିଯୁକ୍ତ ଟ୍ୟୁସନ୍ ଶିକ୍ଷକ ହେଲେ, ସେହି ଗାଁର ଗଣେଶ ପ୍ରଧାନ(୨୩)। ଗଣେଶ ବୁଧବାର ଷଷ୍ଠ ଶ୍ରେଣୀ ପାଠ ପଢୁଥିବା ଜଣେ ଛାତ୍ରୀଙ୍କୁ ଗାଁ ଶେଷ ମୁଣ୍ଡରେ ଥିବା ବିଦ୍ୟାଳୟ ନିକଟକୁ ଡ଼ାକି ଅସଦାଚରଣ କରିଥିଲେ। ଛାତ୍ରୀଜଣଙ୍କ ପାଟି କରିବାରୁ ଗଣେଶ ସେଠାରୁ ଦୌଡ଼ି ପଳାଇଥିଲେ। ଛାତ୍ରୀଜଣଙ୍କ ଏ ସଂପର୍କରେ ପରିବାରଲୋକଙ୍କୁ ଜଣାଇବା ପରେ ପରିବାର ପକ୍ଷରୁ ଜରଡ଼ା ଥାନାରେ ଅଭିଯୋଗ ହୋଇଥିଲା। ଏନେଇ ପୁଲିସ ନଂ୨୬୩/୨୫ରେ ଏକ ମାମଲା ରୁଜୁ କରି ଅଭିଯୁକ୍ତ ଗଣେଶଙ୍କୁ ଗିରଫ କରି କୋର୍ଟଚାଲାଣ କରିଥିବା ଜରଡ଼ା ଥାନା ଅଧିକାରୀ ଟୁନା ସାସମଲ କହିଛନ୍ତି।

## ପ୍ରଥମ ପୃଷ୍ଠାର ଅବଶିଷ୍ଟାଂଶ

### ରୁଷ ସହ...

କାରବାର ହେଉଛି ଓ ୨୦୩୦ ସୁଦ୍ଧା ଏହାକୁ ୫୦୦ ଆରବ ଡଲାରରେ ପହଞ୍ଚାଇବାକୁ ଆଲୋଚନା ଚାଲିଛି। ମାତ୍ର ଏହି ସମୟରେ ୨୫% ଶୁଳ୍କ ଲାଗୁ ଭାରତୀୟ ବ୍ୟବସାୟୀଙ୍କୁ ଆଶ୍ଚର୍ଯ୍ୟଚକିତ କରିଛି । ଆସନ୍ତା ଅଗଷ୍ଟ ୨୬ ତାରିଖରେ ଆମେରିକାର ଏକ ପ୍ରତିନିଧିଦଳ ବ୍ୟବସାୟିକ ଆଲୋଚନା ନିମନ୍ତେ ପୁଣି ଭାରତ ଗସ୍ତରେ ଆସିବେ ଓ ଅକ୍ଟୋବର-ନଭେମ୍ବର ମାସ ମଧ୍ୟରେ ଏକ ଦ୍ୱିପାକ୍ଷିକ ବୁଝାମଣା କରାଯିବାକୁ ଉଭୟ ଦେଶ ଲକ୍ଷ୍ୟ ରଖିଥିବାବେଳେ ଆସନ୍ତାକାଲିଠାରୁ ନୂଆ ଟିକସ ଲାଗୁ ଭବିଷ୍ୟତରେ ବ୍ୟବସାୟିକ ସମ୍ପର୍କକୁ ବାଧାପ୍ରାପ୍ତ କରିବାର ଆଶଙ୍କା ରହିଛି । ଅପରପକ୍ଷେ ରୁଷ ସହ ଭାରତର ବନ୍ଧୁତା ଟ୍ରମ୍ପଙ୍କ ଗାତ୍ରଦାହର କାରଣ ହୋଇଛି । ଏଥିପାଇଁ ଭାରତକୁ ବହୁମୂଲ୍ୟ ଦେବାକୁ ପଡ଼ିବ ବୋଲି ଟ୍ରମ୍ପ ଖୋଲାଖୋଲି ଚେତାବନୀ ଦେଇଛନ୍ତି। ଟ୍ରମ୍ପ ତାଙ୍କର ସୋସିଆଲ ମିଡିଆ ଟ୍ରୁଥ୍‌ରେ ଲେଖିଛନ୍ତି ଯେ, ଆମେ ଭାରତ ସହିତ ବହୁତ କମ୍ ବାଣିଜ୍ୟ କାରବାର କରୁଛୁ। ଭାରତ ଆମେରିକା ଉପରେ ଲାଗୁ କରୁଥିବା ଶୁଳ୍କ ବହୁତ ଅଧିକ। ଆମେରିକୀୟ ସାମଗ୍ରୀ ଉପରେ ଭାରତ ବହୁତ ଅଧିକ ଶୁଳ୍କ ଲଗାଉଛି। ତେଣୁ ସେ ତାଙ୍କର "ପାରସ୍ପରିକ ଶୁଳ୍କ" ନୀତି ଅନୁଯାୟୀ ଭାରତ ଉପରେ ୨୫% ଶୁଳ୍କ ଲାଗୁ କରିବାକୁ ଘୋଷଣା କରିଛନ୍ତି। ଭାରତ ତାଙ୍କ ସାମଗ୍ରୀ ଉପରେ ଉଚ୍ଚ ଟିକସ ଲଗାଇବ, ତେବେ ଏବେ ସେ ଭାରତୀୟ ସାମଗ୍ରୀ ଉପରେ ମଧ୍ୟ ଭାରି ଶୁଳ୍କ ଲଗାଇବେବୋଲି ଚେତାବନୀ ଦେଇଛନ୍ତି । ଏହା ସହ ଭାରତର ଅର୍ଥନୀତିକୁ ଏକ ମୃତ ଅର୍ଥନୀତି ବୋଲି ଟ୍ରମ୍ପ କଟାକ୍ଷ କରିଛନ୍ତି। ଉଭୟ ଭାରତ ଓ ରୁଷ ନିଜର ମୃତ ଅର୍ଥନୀତିକୁ ନେଇ ବୁଡିବେ ବୋଲି ଟ୍ରମ୍ପ କହିଛନ୍ତି।

### ସରକାରଙ୍କ ଆଭିମୁଖ୍ୟକୁ...

ହେବାକୁଥିବା ଶୁଣାଣିରେ ରାଜ୍ୟ ସରକାର କେଉଁ ତଥ୍ୟ ରଖିବେ ଓ କେଉଁ ଆଭିମୁଖ୍ୟ ପୋଷଣ କରିବେ ତାହା ଉପରେ ରାଜ୍ୟବାସୀଙ୍କର ନଜର ରହିଛି। ଗତ ୨୩ ତାରିଖରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ମହାନଦୀ ଜଳବିବାଦକୁ ସଂକ୍ରାନ୍ତରେ ଏକ ସମୀକ୍ଷା ବୈଠକ କରିଥିଲେ। କେନ୍ଦ୍ରୀୟ ଜଳ କମିଶନରେ ସମସ୍ୟା ସମାଧାନ ପାଇଁ ହେଉଥିବା ଉଦ୍ୟମ ମନ୍ଥର ଗତିରେ ଚାଲିଥିବାରୁ କେନ୍ଦ୍ର ସରକାରଙ୍କ ସହଯୋଗରେ ଉଭୟ ରାଜ୍ୟ ମଧ୍ୟରେ ଆପୋଷ ଆଲୋଚନା କରାଯାଇ ଏହି ସମସ୍ୟାର ସମାଧାନ କରାଯାଇପାରିବ ବୋଲି ସେ ମତବ୍ୟକ୍ତ କରିଥିଲେ। ଏପରିକି ଦୁଇରାଜ୍ୟ ମଧ୍ୟରେ ଉଚ୍ଚସ୍ତରୀୟ ପଦାଧିକାରୀ ମାନେ ଏ ନେଇ ଆଲୋଚନାରତ ଥିବା ବୈଠକରୁ ଜଣା ପଡ଼ିଥିଲା। ଏହାପୂର୍ବରୁ ମୁଖ୍ୟମନ୍ତ୍ରୀ ଏକାଧିକ ଧର ଛତିଶଗଡ଼ ମୁଖ୍ୟମନ୍ତ୍ରୀ ବିଷ୍ଣୁଦେବ ସାଏଙ୍କ ସହ ବିବାଦ ସମ୍ପର୍କରେ ଆଲୋଚନା କରିଛନ୍ତି। ତାଙ୍କ ସହ କଣ ଆଲୋଚନା ହୋଇଛି, ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ସର୍ବସାଧାରଣରେ ପ୍ରକାଶ କରିନାହାନ୍ତି। ମହାନଦୀ ଓଡ଼ିଶାର ଜୀବନରେଖା। ଏହାକୁ ନେଇ ସରକାର କୌଣସି ନିଷ୍କର୍ଷରେ ପହଞ୍ଚିବା ପୂର୍ବରୁ ସମସ୍ତଙ୍କୁ ବିଶ୍ୱାସକୁ ନେବା ଆବଶ୍ୟକ। ତେଣୁ ଛତିଶଗଡ଼ ସହ କେଉଁପ୍ରକାର ବୁଝାମଣା ହେଉଛି, ତାହା ମୁଖ୍ୟମନ୍ତ୍ରୀ କିମ୍ବା ରାଜ୍ୟ ସରକାର ସାର୍ବଜନୀନ କରନ୍ତୁ ବୋଲି ମହାନଦୀ ଆନ୍ଦୋଳନ ସହ ଜଡ଼ିତ ବିଭିନ୍ନ ସଂଗଠନ ଦାବି କରିଛନ୍ତି।

ସୂଚନା ଅନୁଯାୟୀ ଛତିଶଗଡ଼ ସହ ଓଡ଼ିଶା ସମସ୍ୟାର ସମାଧାନ ପାଇଁ ଆଲୋଚନା ରତ ବୋଲି ନିଜେ ମୁଖ୍ୟମନ୍ତ୍ରୀ ଓ ଏଜି କହୁଥିଲେ ହେଁ, ପ୍ରତିପକ୍ଷ ଛତିଶଗଡ଼ର ଏଜି ଏହାକୁ ଖଣ୍ଡନ କରୁଛନ୍ତି। ତେଣୁ ସତ କଣ ତାହା ଜାଣିବାର ଅଧିକାର ସମସ୍ତଙ୍କର ରହିଛି ବୋଲି ମହାନଦୀ ବଞ୍ଚାଅ ଆନ୍ଦୋଳନ ପକ୍ଷରୁ ଦାବି କରାଯାଇଛି। ସେହିପରି ବିରୋଧୀ ଦଳ ନେତା ନବୀନ ପଟ୍ଟନାୟକ ମଧ୍ୟ ଏନେଇ ନିଜର କ୍ଷୋଭ ପ୍ରକାଶ କରିବା ସହ ଛତିଶଗଡ଼ ସହ ରାଜ୍ୟ ସରକାର କଣ ଆଲୋଚନା କରୁଛନ୍ତି, ତାହା ସାର୍ବଜନୀନ କରିବାକୁ ଦାବି କରିଛନ୍ତି। ଏହା ସହ ରାଜ୍ୟ ସରକାର ଏନେଇ ସର୍ବଦଳୀୟ ବୈଠକ ଡକନ୍ତୁ ବୋଲି ନବୀନ ଦାବି କରିଥିଲେ। ତେବେ ନବୀନଙ୍କ ଦାବି ଏବଂ ପ୍ରସ୍ତାବକୁ ନେଇ ରାଜ୍ୟ ସରକାର କୌଣସି ଆଗ୍ରହ ଦେଖାଇନଥିବା ବେଳେ ମହାନଦୀକୁ ନେଇ ନିରବତା ଅବଲମ୍ବନ କରୁଛନ୍ତି। ଯାହା ରାଜ୍ୟ ସ୍ୱାର୍ଥ ଦୃଷ୍ଟିରୁ ଆଦୌ ଭଲ ନୁହେଁ। ମହାନଦୀ ବଞ୍ଚାଅ ଆନ୍ଦୋଳନ ପକ୍ଷରୁ କୁହାଯାଇଛି ଯେ ସରକାରୀ ସ୍ତରରେ ଆପୋଷ ଆଲୋଚନାକୁ ଯିବା ପୂର୍ବରୁ ଏହି ପ୍ରସଙ୍ଗକୁ ନେଇ ଓଡ଼ିଶାର ରାଜନୈତିକ ଦଳ, ସାମାଜିକ ସଂଗଠନ, ନଦୀ ଆନ୍ଦୋଳନ ତଥା ବିଶେଷଜ୍ଞମାନଙ୍କ ସହିତ ପରାମର୍ଶ କରାଯିବା ଜରୁରୀ ଅଟେ। ସରକାର ଏନେଇ ପଦକ୍ଷେପ ନିଅନ୍ତୁ ବୋଲି ସଂଗଠନ ପକ୍ଷରୁ ଦାବି ହୋଇଛି।

### ଉତ୍କଳକୁ ସଂକଟ...

ଗଠନ କରିଛି। ଛାତ୍ରଛାତ୍ରୀ ଅନୁପାତକୁ ନେଇ ଶିକ୍ଷକ ପଦ ସୃଷ୍ଟି କରାଯାଇଥିଲା। ବର୍ଷବର୍ଷ ଧରି ୫୫ ପ୍ରତିଶତରୁ ଅଧିକ ପଦ ଖାଲି ପଡ଼ିଛି। ଏହାସତ୍ତ୍ୱେ ପଦ ହ୍ରାସ ପାଇଁ ସୁପାରିଶ କରିବାକୁ ଏହି ୪ ଜଣିଆ କମିଟି କିପରି ପ୍ରସ୍ତାବ ଦେଉଛି ବୋଲି ପ୍ରଶ୍ନବାଚୀ ସୃଷ୍ଟି ହୋଇଛି। ଏହି କମିଟି ଗୋଟିଏ ପିଜି ବିଭାଗ ପାଇଁ ଜଣେ ପ୍ରାଧ୍ୟାପକ, ୨ଜଣ ସହଯୋଗୀ ପ୍ରାଧ୍ୟାପକ ଓ ୨ଜଣ ସହକାରୀ ପ୍ରାଧ୍ୟାପକ ପଦ ନିୟମ ଲାଗୁ କରୁଛନ୍ତି। ଫଳରେ କୌଣସି ସ୍ପେସିଆଲାଇଜେସନ୍ ପେପର୍ ନେବାର ସୁଯୋଗ ପାଇବେ ନାହିଁ ଛାତ୍ରଛାତ୍ରୀ। ଅନୁରୂପ ଭାବେ ସ୍ନାତକ (ୟୁଜି) ପାଠ୍ୟକ୍ରମ ପଢ଼ାଇବାକୁ କେବଳ ୩ଜଣ ସହକାରୀ ପ୍ରାଧ୍ୟାପକ ରହିବାର ପ୍ରାବଧାନ କରାଯାଉଛି। ବିଶ୍ୱବିଦ୍ୟାଳୟରେ ସମ୍ପ୍ରତି ୪୬ଟି ମଞ୍ଜୁରୀପ୍ରାପ୍ତ ପ୍ରାଧ୍ୟାପକ ପଦ ରହିଛି। ବିଧାନସଭା ତଥ୍ୟ ଅନୁଯାୟୀ, ମାତ୍ର ୧୦ ଜଣ ପ୍ରାଧ୍ୟାପକ କାର୍ଯ୍ୟରତ ଅଛନ୍ତି। ହେଲେ ସଂଗତୀକରଣ ପ୍ରକ୍ରିୟାରେ ପ୍ରାଧ୍ୟାପକ ପଦ ୨୯କୁ କମାଇବା ପାଇଁ ସୁପାରିଶ କରାଯାଇଥିବା ଜଣାପଡ଼ିଛି। ସେହିପରି ୭୫ଟି ମଞ୍ଜୁରୀପ୍ରାପ୍ତ ସହଯୋଗୀ ପ୍ରାଧ୍ୟାପକ ପଦ ମଧ୍ୟରୁ ମାତ୍ର ୩୦ଜଣ କାର୍ଯ୍ୟରତ ଅଛନ୍ତି। ଏହି ପଦ ସଂଖ୍ୟା ମଧ୍ୟ ୫୧କୁ କମାଇବାକୁ ପ୍ରସ୍ତାବ ରହିଛି। ସଂଗତୀକରଣ ପ୍ରକ୍ରିୟା ଛାତ୍ର-ଶିକ୍ଷକ ଅନୁପାତକୁ ଗୁରୁତର ଭାବେ ପ୍ରଭାବିତ କରିବ ବୋଲି ଶିକ୍ଷାବିତ୍ ଡ. ମାନସ ବେହେରା କହିଛନ୍ତି। ସେ କହିଛନ୍ତି, ଜାତୀୟ ଶିକ୍ଷାନୀତି ଲାଗୁ ହେବା ପରେ ସ୍ନାତକରେ ୨୬ ଶହ ନମ୍ବର ବଦଳରେ ୩୬ ଶହ ମାର୍କର ପରୀକ୍ଷା ଦେବେ ଛାତ୍ରଛାତ୍ରୀ। ସଂଗତୀକରଣ ପ୍ରକ୍ରିୟା ଦ୍ୱାରା ଅଧ୍ୟାପକ ପଦ କମୁଥିବାରୁ ଶିକ୍ଷାର ଗୁଣାତ୍ମକମାନ ହ୍ରାସ ପାଇବ। ଅଧ୍ୟାପକଙ୍କ ଉପରେ କାର୍ଯ୍ୟଭାର ମଧ୍ୟ ବଢ଼ିବ। ଏଣୁ ଛାତ୍ର-ଶିକ୍ଷକଙ୍କ ଅନୁପାତକୁ ପ୍ରାଥମିକତା ଦେବା ଆବଶ୍ୟକ ବୋଲି ସେ କହିଛନ୍ତି। ଉତ୍କଳ ବିଶ୍ୱବିଦ୍ୟାଳୟ ଭାରପ୍ରାପ୍ତ କୁଳପତି ପ୍ରଫେସର ଯଜ୍ଞେଶ୍ୱର ଦଣ୍ଡପାଟ କହିଛନ୍ତି ଯେ ସଂଗତୀକରଣ ପ୍ରକ୍ରିୟା ନେଇ ବିଶ୍ୱବିଦ୍ୟାଳୟର ପଦ ସଂଖ୍ୟା ବଢ଼ିବା ବା କମିବା ନେଇ କୌଣସି ଚୂଡ଼ାନ୍ତ ନିଷ୍ପତ୍ତି ହୋଇନାହିଁ। ସରକାର ଏନେଇ ନିଷ୍ପତ୍ତି ନେବେ ବୋଲି ସେ କହିଛନ୍ତି। ଅପରପକ୍ଷରେ ନାକ୍ ମାନ୍ୟତା ପାଇବାରେ ଉତ୍କଳ ବିଶ୍ୱବିଦ୍ୟାଳୟ ସମସ୍ୟାର ସମ୍ମୁଖୀନ ହେବ ବୋଲି ମଧ୍ୟ ଆଶଙ୍କା ପ୍ରକାଶ ପାଇଛି। ଛାତ୍ର-ଶିକ୍ଷକ ଅନୁପାତ କମିଲେ 'ଏ+' ମାନ୍ୟତା ଆହୁରି ନିମ୍ନଗାମୀ ହେବ ବୋଲି ଶିକ୍ଷାବିତ୍‌ମାନେ ଆଶଙ୍କାବ୍ୟକ୍ତ କରିଛନ୍ତି।

### ଟ୍ୱିନ୍ ସିଟିରୁ...

ପିଉଛନ୍ତି। ଏଥିରେ ଡ୍ରଗ୍ସ ମିଶୁଥିବାରୁ ନିଶା ପରିମାଣ ଢେର୍ ଅଧିକ ହେଉଛି। ଡାକ୍ତରଙ୍କ ଅନୁମତି ବିନା ଏହା ବିକ୍ରି କରିବା ବେଆଇନ୍। କିନ୍ତୁ ଅନେକ ଦୋକାନୀ ଦୁଇ ଗୁଣା ଟଙ୍କା ରୋଜଗାର କରିବା ଲୋଭରେ ବେଆଇନ୍ ଭାବେ ବିକ୍ରି କରୁଛନ୍ତି। ତେଣୁ ଏହିଭଳି ଚାଲାଣ କରୁଥିବା କୋରିୟର ସଂସ୍ଥା ଉପରେ ଏସ୍‌ଟିଏଫ ଏବଂ ଡ୍ରଗ୍ସ କଣ୍ଟ୍ରୋଲ ବିଭାଗ ଚଢ଼ଉ କରିଛି। ପୂର୍ବରୁ ଭୁବନେଶ୍ୱର ଷ୍ଟେସନ, ମଞ୍ଚେଶ୍ୱର, ଖଣ୍ଡଗିରି ପାହାଡ଼ ପାଦଦେଶରୁ ବିପୁଳ ପରିମାଣର କଫ୍ ସିରପ ବିକ୍ରି କରାଯାଉଥିବା ବେଳେ ଧରାପଡ଼ିଥିଲା।

### ମୁଖ୍ୟମନ୍ତ୍ରୀଙ୍କୁ ତଦନ୍ତ...

ମୃତ୍ୟୁ ଘଟିଥିଲା ବେଳେ ଆଉ କେତେଜଣ ଆହତ ମଧ୍ୟ ହୋଇଥିଲେ। ଏହି ଘଟଣାର ତଦନ୍ତ ପାଇଁ ରାଜ୍ୟ ସରକାର ଉନ୍ନୟନ କମିସନର ଅନୁ ଗର୍ଗଙ୍କ ଅଧ୍ୟକ୍ଷତାରେ ଏକ ସ୍ୱତନ୍ତ୍ର ଟିମ୍ ଗଠନ କରିଥିଲେ। ଉନ୍ନୟନ କମିସନରଙ୍କୁ ସହଯୋଗ କରିବା ପାଇଁ ୪ ଜଣ ଓଏଏସ ଅଧିକାରୀଙ୍କୁ ମଧ୍ୟ କମିଟିରେ ସ୍ଥାନ ମିଳିଥିଲା। ଉନ୍ନୟନ କମିଶନର ନିଜେ ଭୁବନେଶ୍ୱର ଏବଂ ପୁରୀରେ ଶୁଣାଣି କରିବା ସହ ପ୍ରତ୍ୟେକ୍ଷଦର୍ଶୀଙ୍କଠାରୁ ମତାମତ ଗ୍ରହଣ କରିଥିଲେ।

### ଆଖୁ ଚାଷର...

ସଂପୂର୍ଣ୍ଣ ରୂପେ ବନ୍ଦ ହୋଇଯାଇଛି। ବେସରକାରୀ ଉଦ୍ୟମରେ ଢେଙ୍କାନାଳ ଚିନି କାରଖାନାଟି କଷ୍ଟେମଷ୍ଟେ ଚାଲିଛି। ଚିନି କାରଖାନା ସବୁ ବନ୍ଦ ହୋଇଯିବା ଯୋଗୁଁ ଆଖୁ ବିକ୍ରି ସମସ୍ୟା ଓ ଆଖୁଚାଷ ପାଇଁ ପ୍ରୋତ୍ସାହନ ମିଳୁନି। ଫଳସ୍ୱରୂପ ଚାଷୀ ଆଖୁ ଚାଷରୁ ମୁହଁ ଫେରାଇ ନେଉଛି। ନବରଙ୍ଗପୁର, କୋରାପୁଟ ଆଦି ଜିଲ୍ଲାରେ ଭଲ ଆଖୁ ଉତ୍ପାଦନ ପାଇଁ ଅନୁକୂଳ ପରିବେଶ ଥିବା ସତ୍ତ୍ୱେ ଚାଷୀମାନେ ଆଖୁଚାଷ କରିବାକୁ ଆଗ୍ରହ ପ୍ରକାଶ କରୁନାହାନ୍ତି। ୨୦୦୦-୦୧ ବର୍ଷ ବେଳକୁ ଓଡ଼ିଶାରେ ଆଖୁଚାଷ ହେଉଥିବା ଜମିର ପରିମାଣ ପ୍ରାୟ ୩୧ହଜାର ହେକ୍ଟର ଥିଲା। ଏହି ବର୍ଷରେ ୨୧ଲକ୍ଷ ମେଟ୍ରିକ ଟନ୍ ଆଖୁ ଉତ୍ପାଦିତ ହୋଇଥିଲା। ୨୦୧୮-୧୯ ବର୍ଷରେ ଓଡ଼ିଶାରେ ୨୫ହଜାରରୁ ହେକ୍ଟରରୁ କମ୍ ଜମିରେ ପ୍ରାୟ ୧୮ ଲକ୍ଷ ମେଟ୍ରିକ ଟନ୍ ଆଖୁ ଉତ୍ପାଦିତ ହୋଇଥିବା ସ୍ଥଳେ ୨୦୧୯-୨୦ ବର୍ଷରେ ୧୯ହଜାର ହେକ୍ଟରରୁ କମ୍ ଜମିରେ ପ୍ରାୟ ୧୪ଲକ୍ଷ ମେଟ୍ରିକ ଟନ୍ ଆଖୁ ଉତ୍ପାଦିତ ହୋଇଥିଲା। ଗତବର୍ଷ ପାଖାପାଖି୧୫ ଲକ୍ଷ ହେକ୍ଟର ଚାଷ ଜମିରେ ୧୧ରୁ ୧୨ ଲକ୍ଷ ମେଟ୍ରିକ୍ ଟନ୍ ଆଖୁ ଉତ୍ପାଦନ ହୋଇଛି।

ଏ ସମ୍ପର୍କରେ କୃଷି ବିଶେଷଜ୍ଞ ଦେବବ୍ରତ ପାଣିଗ୍ରାହୀ କହିଛନ୍ତି, ବ୍ରିଟିଶ ସରକାର ସମୟରୁ ଆସିକାରେ ଚିନିକଳ ସ୍ଥାପିତ ହୋଇଥିଲା। ଚିନିକଳଗୁଡ଼ିକ ପକ୍ଷରୁ ଚାଷୀମାନଙ୍କୁ ଉନ୍ନତ କିସମର ଆଖୁ ବିହନ ସମେତ ସାର ଓ ଅନ୍ୟାନ୍ୟ ପ୍ରୋତ୍ସାହନ ଯୋଗାଇ ଦିଆଯାଉଥିଲା। ଚାଷୀମାନଙ୍କଠାରୁ ଆଖୁ ସଂଗ୍ରହ କରି କାରଖାନାରେ ଚିନି ଉତ୍ପାଦନ କରାଯାଉଥିଲା। ଏଥିଯୋଗୁଁ ଚାଷୀମାନେ ଅଧିକ ଲାଭ ପାଇବା ଆଶାରେ ଆଖୁଚାଷ କରୁଥିଲେ। କିନ୍ତୁ ଚିନିକଳଗୁଡିକ ଗୋଟିଏ ପରେ ଗୋଟିଏ ବନ୍ଦ ହୋଇଯିବା ଫଳରେ ଉତ୍ପାଦିତ ଆଖୁ ବିକ୍ରି ମୁଖ୍ୟ ସମସ୍ୟା ହେଉଛି। ବାରମ୍ବାର କ୍ଷତି ସହିବା ଫଳରେ ଚାଷୀମାନେ ଆଖୁଚାଷ ପାଇଁ ଆଗ୍ରହ ପ୍ରକାଶ କରୁନାହାନ୍ତି। ପୂର୍ବରୁ ଗାଁ ଗହଳରେ ଆଖୁ ପେଡି ଗୁଡ଼ ଉତ୍ପାଦନ କରି ଚାଷୀମାନେ ବିଶେଷ ଲାଭବାନ ହେଉଥିଲେ। ଚିନିକଳ ସ୍ଥାପନ ପରେ ସମ୍ପୃକ୍ତ ଅଞ୍ଚଳରେ ଗୁଡ ଉତ୍ପାଦନ ଉପରେ ପ୍ରତିବନ୍ଧକ ଲଗାଯିବାରୁ ଏବେ ଗୁଡ ପାଇଁ ବି ଆମକୁ ଅନ୍ୟ ରାଜ୍ୟ ଉପରେ ନିର୍ଭର କରିବାକୁ ପଡୁଛି ବୋଲି ସେ କହିଛନ୍ତି।

### ହାତୀ ଆକ୍ରମଣରେ...

ବେଳେ ଗୋଟିଏ ହାତୀ ତାଙ୍କୁ ଆକ୍ରମଣ କରିଥିଲା। ଫଳରେ ଘଟଣାସ୍ଥଳରେ ତାଙ୍କ ମୃତ୍ୟୁ ହୋଇଥିଲା। ଏହି ସମୟରେ ଝୁଲଣ ଦେହୁରୀ ନଳକୂଅରୁ ପାଣି ଆଣିବାକୁ ଯାଇଥିବା ବେଳେ ହାତୀ ତାଙ୍କୁ ଗାଁ ରାସ୍ତାରେ କଚାଡ଼ି ମାରି ଦେଇଥିଲା।

ଦିନକରେ ହାତୀ ଆକ୍ରମଣରେ ୩ଜଣଙ୍କ ମୃତ୍ୟୁକୁ ନେଇ ଗ୍ରାମରେ ତୀବ୍ର ଉତ୍ତେଜନା ପ୍ରକାଶ ପାଇଥିଲା। ଗ୍ରାମବାସୀଙ୍କ ସହ ଆଖପାଖ ଅଞ୍ଚଳବାସୀ ଏକତ୍ରିତ ହୋଇ ପୁରୁଣାକଟକ-ସମ୍ବଲପୁର ରାସ୍ତାର ସାତମାଇଲ ଛକ ନିକଟରେ ଶବ ରଖି ରାସ୍ତା ଅବରୋଧ କରିଥିଲେ।

ଗ୍ରାମବାସୀମାନେ ଅଭିଯୋଗ କରିଥିଲେ ଯେ ଗାଁ ନିକଟରେ ହାତୀପଲ ଥିବା ସମ୍ପର୍କରେ ଗ୍ରାମବାସୀ ପୂର୍ବ ଦିନ ବନ ବିଭାଗକୁ ଖବର ଦେଇଥିଲେ ମଧ୍ୟ ଏଥିପ୍ରତି ବିଭାଗ କର୍ଣ୍ଣପାତ ନକରି କୌଣସି ପଦକ୍ଷେପ ନେଇ ନଥିବାରୁ ହାତୀ ଆକ୍ରମଣରେ ତିନିଜଣଙ୍କ ମୃତ୍ୟୁ ହୋଇଥିବା ଗ୍ରାମବାସୀ ଅଭିଯୋଗ କରିଥିଲେ। ଏପରିକି, ହାତୀ ସ୍କ୍ୱାଡ୍‌ଙ୍କର ମଧ୍ୟ ଦେଖାନଥିଲା। ଅନ୍ୟପଟେ ହାତୀ ଆକ୍ରମଣରେ ଗ୍ରାମରେ ତିନିଜଣଙ୍କ ମୃତ୍ୟୁ ଖବର ଦିଆଯାଇଥିଲେ ମଧ୍ୟ ବହୁ ବିଳମ୍ବରେ ପୁଲିସ ଆସିବା ପରେ ବନ ବିଭାଗ କର୍ମଚାରୀ ପହଞ୍ଚିଥିଲେ। ଏହାର ଦୀର୍ଘ ସମୟ ପରେ ବନାଞ୍ଚଳ ଅଧିକାରୀ ଗୌତମ ପ୍ରଧାନ ପହଞ୍ଚିବାରେ ଗ୍ରାମବାସୀ ତାଙ୍କୁ ଘେରିଯାଇଥିଲେ। ଗ୍ରାମରେ ଲାଇଟ, ହାତୀ ଆସିବା ସୂଚନା ପାଇଁ ସାଇରନ ବ୍ୟବସ୍ଥା, ବିଭାଗ ଦ୍ୱାରା ହାତୀ ଘଉଡ଼ାଇବା ପାଇଁ ୨୪ ଘଣ୍ଟିଆ ପ୍ରହରା ଆଦି ଦାବି କରିଥିଲେ। ତେବେ ଏତେଗୁଡ଼ିଏ ଦାବି ଶୁଣି ବନାଞ୍ଚଳ ଅଧିକାରୀ ଉତ୍ତ୍ୟକ୍ତ ହୋଇ ଗ୍ରାମବାସୀଙ୍କୁ ଗାଳିଗୁଲଜ କରିଥିଲେ। ଏହାକୁ ନେଇ ପୁଣି କିଛି ସମୟ ଉତ୍ତେଜନା ପ୍ରକାଶ ପାଇଥିଲା।

ଖବର ପାଇ ଘଟଣାସ୍ଥଳରେ ହିନ୍ଦୋଳ ଉପଜିଲ୍ଲାପାଳ ପ୍ରଭାସ କୁମାର ବେହୁରା, ତହସିଲଦାର ଦିଲୀପ କୁମାର ସେଠୀ, ହିନ୍ଦୋଳ ଏସଡିପିଓ ସତ୍ୟକୁମାର ନନ୍ଦ ପହଞ୍ଚି ଗ୍ରାମବାସୀଙ୍କୁ ବୁଝାସୁଝା କରିଥିଲେ। ଗ୍ରାମରେ ଲାଇଟ୍ ଲଗାଇବା, ହିନ୍ଦୋଳରେ ଆତଙ୍କ ଚଳାଇଥିବା ଦନ୍ତାହାତୀକୁ ତୁରନ୍ତ ଟ୍ରାଙ୍କୁଲାଇଜ କରି ଅନ୍ୟତ୍ର ପଠାଇବା, ହାତୀ ଜଗୁଆଳିଙ୍କ ଦ୍ୱାରା ନିୟମିତ ପହରା ଆଦି ଦାବିଗୁଡ଼ିକୁ ଯଥାଶୀଘ୍ର ପୂରଣ କରାଯିବାକୁ ପ୍ରତିଶ୍ରୁତି ଦେବା ସହ ମୃତକଙ୍କ ପରିବାରକୁ ରେଡକ୍ରସ ପାଣ୍ଠିରୁ ୫ହଜାର ଟଙ୍କା ଲେଖାଏଁ ପ୍ରଦାନ କରିବା ପରେ ଉତ୍ତେଜନା ଥମିଥିଲା ଓ ପୁଲିସ ମୃତଦେହ ଜବତ କରି ବ୍ୟବଚ୍ଛେଦ ପାଇଁ ହିନ୍ଦୋଳ ଡାକ୍ତରଖାନା ପଠାଇଥିଲା। ପରେ ରାସ୍ତା ଅବରୋଧ ପ୍ରତ୍ୟାହୃତ ହୋଇଥିଲା। ପରେ ଏକ ଶୋକାକୁଳ ପରିବେଶରେ ଗାଁ ଶ୍ମଶାନରେ ୩ ଜଣଙ୍କର ଶବଦାହ କରାଯାଇଛି। ଅନ୍ୟପଟେ କର୍ତ୍ତବ୍ୟରେ ଅବହେଳା ପାଇଁ ରେଞ୍ଜର୍ ଗୌତମ ପ୍ରଧାନଙ୍କ ସମେତ ଫରେଷ୍ଟର୍ ଓ ଫରେଷ୍ଟଗାର୍ଡଙ୍କୁ କାର୍ଯ୍ୟରୁ ନିଲମ୍ବିତ କରାଯାଇଛି।


**AFFIDAVIT**

By the virtue of an affidavit sworn before the Notary Public, Daringibadi, Dated 31.07.2025. I, Radhika Deshmajhi, W/o- Binod Deshmajhi, Address Kalikia, Po: Kasabasa, Ps: Bamunigam, Dist: Kandhamal, State: Odisha-762021 declare that I have changed my minor daughter's name from ANJITA DESHMAJHI to MEGHA DESHMAJHI. Henceforth, She shall be known as **MEGHA DESHMAJHI** for all purposes.

**AFFIDAVIT**

I, Swornabala Jena W/o Samaresh Jena, Resident of Plot No-62, Lal Bahadur Colony, Old Station Square, PO - Budheswari, PS-Laxmisagar, Bhubaneswar, Dist-Khordha, Pin-751006, Odisha declare by this affidavit No.106 dated 30.07.2025 that now onwards I shall be known as **SWORNABALA PRADHAN** for all future purposes.

**AFFIDAVIT**

By virtue of an affidavit No.2094, dtd.28.07.2025 in the court of the Executive Magistrate, Sukinda, Jajpur, I, Jogesh Kumar Majhi, Vill- Kantira, Po- Atta, Ps- Sukinda, Jajpur-755018 have changed my minor son's name from Asian Majhi to **Ashish Kumar Majhi** for all purposes.

**Sd/- Jogesh Kumar Majhi**

**AFFIDAVIT**

By virtue of an affidavit No.2465, dtd.24.06.2025 in the court of the Executive Magistrate, Pipili, Puri, I, Rojalin Rath, Vill- Mahasingpatna, Po- Dandamukundapur, Ps- Pipili, Dist- Puri, Odisha have changed my name from Rosalin Dash (Dob-12.06.1987) to Rojalin Rath (correct Dob-12.06.1988) for all purposes.

**Sd/- Rojalin Rath**

**AFFIDAVIT**

I, Subhashree Das W/o Satyabrata Prusty, Resident of Plot No - 219/9379 , Chakeisihani, PO - Rasulgarh, PS- Mancheswar, Bhubaneswar, Dist - Khordha, Odisha - 751010, declare by this affidavit No.026 dated 06.01.2020 that now onwards I shall be known as **SUBHASHREE PRUSTY** for all future purposes.

**AFFIDAVIT**

I, Swapna Das W/o Saroj Kumar Tarasia, Resident of Plot No 361(P) , Saneigadia, PO- Rasulgarh, PS-Mancheswar, Bhubaneswar, Dist-Khordha, Odisha-751010, declare by this affidavit No.1465 dated 31.07.2025 that now onwards I shall be known as **SWAPNA TARASIA** forall future purposes.

**Notice(For Minor)**

By virtue of an affidavit sworn before The Executive Magistrate, Kaptipada, Udala, Mayurbhanj , dated 30-07-2025. I, Malati Tudu, Address At- Debala, Po- Gadigaon, Dist- Mayurbhanj, Pin- 757087 declare that I have changed the name of my Son from Suray Tudu to Mangal Tudu . Henceforth, he shall be known as Mangal Tudu for all purposes.

**Malati Tudu**

**NOTICE**

By virtue of an affidavit sworn before the Notary Public, Cuttack, dated 23.07.2025 I, Maguni Prasad Singh Samanta, resident of At- Kendubilwa, PO- Prataprudrapur, PS- Balianta, Dist- Khordha-752102, Odisha have changed my name from Maguni Pradhan to Maguni Prasad Singh Samanta. Henceforth, I shall be known as **Maguni Prasad Singh Samanta** for all purposes.

**Maguni Prasad Singh Samanta**

**AFFIDAVIT**

By virtue of an affidavit sworn before Notary Public Titilagarh, dated 30.07.2025 I, Kuma Bag , Address At- Dhatuk, Po- Barbahal, Ps- Patnagarh, Dist- Balangir, Odisha, Pin- 767027 declare that I have changed my name from Kumbha Bag to Kuma Bag. Henceforth, I shall be known as **Kuma Bag** for all purposes.

**Kuma Bag**

**AFFIDAVIT**

I ALAYANA DURGAMBA, W/o A THIRUPATI, resident of Bharat Nagar Colony 1st lane, Bell Road, Po- P.R.Peta, PS- JEYPORE, Dist- Koraput, Odisha -764003, Odisha declare by this Affidavit No.678, Dated - 31/07/2025, that now onwards I shall be known as A DURGAMBA for all future purpose.

**AFFIDAVIT**

By virtue of an affidavit No.356, dtd.10.07.2025 in the court of Executive Magistrate, Chatrapur, Ganjam, I, Tukuna Nahak have changed my son namely Aswini Kumar Nahak, Date of Birth from 14.09.2007 to 29.10.2008 vide his Birth certificate Regd. No. 236/2012 and Aadhar card no. 349739778541. Henceforth my son's actual and correct date of Birth is 29.10.2008 for all purposes.

**Sd/- Tukuna Nahak**

**AFFIDAVIT**

I, Olivia Parida, W/o-Manas Kumar Parida, resident of vill - Baligohiri, PO - Raj Nilgiri, Dist - Balasore, Pin -756040, Odisha, declare by this affidavit No -7354, dated- 30/07/2025, that now onwards I shall be known as **OLIVIA MAITY** for all future purposes.

**AFFIDAVIT**

By virtue of an affidavit Sl. No. 558, dtd. 10.07.2025 before the Notary, Bhubaneswar, I Payoja Priyadarsini Resident of At-Sanabankihati, Po- Bilasuni, Ps-Niali, Dist- Cuttack, Pin-754004, Odisha I have changed my name from Payaja Priyadarsini to Payoja Priyadarsini for all purposes.

**Sd/- Payoja Priyadarsini**

**CHANGE OF NAME**

By virtue of an affidavit sworn before Executive Magistrate, Nabarangpur dtd. 30th July 2025, I, N Vijay Nagendra (New Name), permanent resident of Gadabaguda, Nabarangpur, in the district of Nabarangpur, Odisha, Pin-764059, declare that I have changed my name from **Roshit Kumar** (Old Name) to **N Vijay Nagendra** (New Name). Henceforth, I shall be known as **N Vijay Nagendra** (New Name) for all purposes.

**N Vijay Nagendra**

**AFFIDAVIT**

By virtue of an affidavit before the Notary Public, dtd- 28/07/2025. I **Gumani Sahoo,** aged about 85 years, W/o- Late Rushinath Sahoo, At- Dadhapatna, PO/PS- Barang, Dist- Cuttack, Pin- 754005, Odisha have changed my name from **Guna Lata Sahoo** to **Gumani Sahoo.** Henceforth, both the names **Guna Lata Sahoo** and **Gumani Sahoo** is one and same person and I shall be known as **Gumani Sahoo** for all purposes.

**AFFIDAVIT**

By virtue of an affidavit Sl. No.- 2099, dtd.31.07.2025 in the court of the Executive Magistrate, Phulbani, Dist.- Kandhamal, I, Subhalata Kanhar, have changed my name from Subhalaxmi Kanhar to Subhalata Kanhar. Henceforth I shall be known as **Subhalata Kanhar** for all purposes.

**Sd/- Subhalata Kanhar**

**AFFIDAVIT**

I ALAYANA THIRUPATI, S/o ALAYANA ESWAR, resident of Bharat Nagar colony 1st lane, Bell Road, Po- P.R.Peta, PS- JEYPORE, Dt-Koraput, Odisha - 764 003 declare by this Affidavit No.677, Dated - 31/07/2025,that now onwards I shall be known as A THIRUPATI for all future purpose.

**AFFIDAVIT**

I, Mamata Rani Das, W/o- Snehasis Pattanaik, resident of Flat No. 204/A, Trident Galaxy, kalinga Nagar, Ghatikia, Ps- Chandaka, Bhubaneswar, Pin-751030, Dist- Khordha, Odisha declare by this affidavit No. 499, date- 30/07/2025, that now onwards I shall be known as **MAMATA DAS** for all future purposes.

**CHANGE OF NAME**

By virtue of an affidavit sworn before The Notary Public, Sunabeda dated 31/07/2025 I, Smt. Jashoda Majhi, W/o Keshaba Majhi, Village - Parata, PO. - Thuba, PS. - Nandapur, District - Koraput declare that I have changed my name from **Yasoda Majhi** to **Jashoda Majhi**. Henceforth, I shall be known as **Jashoda Majhi** for all purposes.

**Jashoda Majhi**

**AFFIDAVIT**

By virtue of an affidavit Sl. No. 547, dtd. 17.03.2025 before the Notary, Bhubaneswar,I Srabana Kumar Naik Resident of At-Ganikumpa, Po- Podasahi, Ps-Banigochha, Dist-Nayagarh, Pin- 752089,Odisha I have changed my name from Muna Sahu to Srabana Kumar Naik for all purposes.

**Sd/- Srabana Kumar Naik**

O-517 | Email:- rw_dharmagarh@yahoo.com

**GOVERNMENT OF ODISHA**
**OFFICE OF THE SUPERINTENDINGENGINEER**
**RURAL WORKS DIVISION, DHARMAGARH**

************************************************************

BID IDENTIFICATION NO. DMGH/Online-03 OF 2025-26 Dates:28.07.2025

**"e" PROCUREMENT NOTICE**

Bid documents consisting of Work, Estimate Cost, Cost of tender Paper, Bid Security, Time of Completion, Class of Contractor and the set of terms and conditions of contract and other necessary documents can be seen in Govt. website i.e. www.tendersorissa.gov.in

1.Name of the Work :Building works in the district of Kalahandi as mentioned in DTCN
2. Total No of Works : 02No.
3.Estimated Cost :Rs.12.60 lakhs to Rs.13.83 lakhs
4.Period of Completion: : 02 Calendar Month
5.Other Details:

| Availability of Tender online for bidding | | Last date & time seeking tender clarification | Date &timeof Opening of tender |
|---|---|---|---|
| From | To | | |
| 01.08.2025 At 10.00 AM | 14.08.2025 Up to 5.00 PM | 12.08.2025 Up to 5.00 PM | 16.08.2025 At 11.00 AM |

Further details can be seen from the website www.tendersorissa.gov.in

Superintending Engineer
Rural Works Division
Dharmagarh

OIPR-25100/11/0025/2526

**LOST**

I, **Sandip Kumar Beura,** S/o.: Sulekha Chandra Beura, Village: Raghunathpur, PO.: RK Patna, P.S.: Patkura, Dist.: Kendrapara, state that the Original Regd. Sale Deed No.: 10931204085 dt.10.1.2025 executed by Balaram Parida in favour of Dhaneswar Behera & original ROR Khata No.: 3537/7925 of Mouza: Samagudia favouring Dhaneswar Behera have been lost/ misplaced from my custody and my all attempt to trace/find the same fruitless despite of my best efforts. A Station Diary vide GD No.: 19 dt.2.7.2025 has been made at Kendrapara town police station in this respect on my report. No mortgage/charge/security has been created with any banks/Financial institutions by depositing the said Regd. sale deed & ROR in original for any advance till date. If no objection is received from any concerned within a period of **15 days** from the date of publication of this notice. it will be presumed that the property in question is free from all encumbrances by others.

**(Sri Sandip Kumar Beura)**
**Mob. No.7873759098**

## ଭାପୁର ବିଡିଓଙ୍କ ମନମୁଖୀ କାର୍ଯ୍ୟ

# ଜନପ୍ରତିନିଧିଙ୍କୁ ଭଣ୍ଡାଉଛି ଜିଲ୍ଲା ପ୍ରଶାସନ

ନୟାଗଡ଼,୩୧।୭ (ସମିସ)

ନୟାଗଡ଼ ଜିଲ୍ଲା ଭାପୁର ବ୍ଲକ୍‌ରେ ଚାଲିଛି ଅରାଜକତା। ସ୍ଥାନୀୟ ନେତୃତ୍ୱଙ୍କ ଆଶୀର୍ବାଦରେ ଭାପୁର ବିଡିଓଙ୍କ ମନମୁଖୀ କାର୍ଯ୍ୟ ସୀମା ଟପିଛି। ଜନସାଧାରଣଙ୍କଠାରୁ ଆରମ୍ଭ କରି ବ୍ଲକ୍ କର୍ମଚାରୀଙ୍କ ପର୍ଯ୍ୟନ୍ତ ଅସନ୍ତୋଷ ଦିନକୁ ଦିନ ବୃଦ୍ଧି ପାଉଛି। ଜାଣିଶୁଣି କଳାକୁ ଧଳା କରିବାକୁ ବ୍ଲକ୍‌ରେ କାର୍ଯ୍ୟରତ ତଳିଆ କର୍ମଚାରୀଙ୍କୁ ବାଧ କରାଯାଉଛି। ଯାହାକୁ ନେଇ ସରକାରୀ କର୍ମଚାରୀମାନେ ଭାପୁର ବ୍ଲକ୍‌ରେ କାର୍ଯ୍ୟ କରିବାକୁ ଭୟ କଲେଣି। ବ୍ଲକ୍‌ରୁ ଅନ୍ୟତ୍ର ବଦଳି ପାଇଁ ଅନେକ କର୍ମଚାରୀ ଭିତିରିଆ ଲବିରେ ରହିଥିବା ଶୁଣିବାକୁ ମିଳୁଛି। ଭାପୁର ବ୍ଲକ୍‌ରେ ବିଡିଓଙ୍କ ମନମୁଖୀ କାର୍ଯ୍ୟକୁ ନେଇ ଗତ ଜୁନ୍ ୨୩ ତାରିଖରେ ଭାପୁର ବ୍ଲକ୍‌ର ଜନପ୍ରତିନିଧିମାନେ ବ୍ଲକ୍ କାର୍ଯ୍ୟାଳୟରେ ଧାରଣା ଦେଇଥିଲେ। ଜନପ୍ରତିନିଧିଙ୍କୁ ବିଡିଓଙ୍କ ଅଣଦେଖା କରିବା, ଦଳୀୟ ଭିତ୍ତିରେ କାର୍ଯ୍ୟ କରିବା, ଅନ୍ତ୍ୟୋଦୟ ଗୃହ ଯୋଜନାରେ ଅନିୟମିତତା ଏବଂ ସର୍ବୋପରି ବ୍ଲକ୍ ସଭାଗୃହରେ ଶାସକ ଦଳର ଦଳୀୟ ବ୍ୟାନରରେ ପଟ୍ଟା ବଣ୍ଟନ ଭଳି ବେନିୟମ କାର୍ଯ୍ୟ ବିରୋଧରେ ବ୍ଲକ୍‌ର ୩୦ ଜଣ ଜନପ୍ରତିନିଧି ବ୍ଲକ୍ ପରିସରରେ ଥିବା ଗାନ୍ଧୀ ମୂର୍ତ୍ତି ନିକଟରେ ଧାରଣାରେ ବସିଥିଲେ। ଜିଲ୍ଲା ପ୍ରଶାସନ ପକ୍ଷରୁ ଉପଜିଲ୍ଲାପାଳ ଆସି ଧାରଣାରତ ଜନପ୍ରତିନିଧିଙ୍କ ସହ

- **ଆଲୋଚନା ପାଇଁ ପ୍ରତିଶ୍ରୁତି ଦେଇଥିଲେ ଉପଜିଲ୍ଲାପାଳ**
- **ଦୁର୍ନୀତି ପାଇଁ ବାଧ କରାଯାଉଛି; ଡରିଲେଣି କର୍ମଚାରୀ**

ଆଲୋଚନା କରି ସେମାନଙ୍କ ଦାବି ପୂରଣ କରାଯିବ ବୋଲି ପ୍ରତିଶ୍ରୁତି ପରେ ଧାରଣା ପ୍ରତ୍ୟାହୃତ ହୋଇଥିଲା। ଅଧ୍ୟକ୍ଷା ଓ ଉପାଧ୍ୟକ୍ଷଙ୍କ ଅଗୋଚରରେ ବିଡିଓ କାର୍ଯ୍ୟ କରିବାକୁ ଉପଜିଲ୍ଲାପାଳ ନାପସନ୍ଦ କରିଥିଲେ। ସମସ୍ତ ଜନପ୍ରତିନିଧିଙ୍କୁ ବିଡିଓ ସମ୍ମାନ କରିବାକୁ ବାଧ ଓ ଅନ୍ତ୍ୟୋଦୟ ଗୃହ ହିତାଧିକାରୀ ଚୟନରେ ହୋଇଥିବା ଅନିୟମିତତାକୁ ନଜରରେ ରଖି ଜିଲ୍ଲା ପ୍ରଶାସନ ପୁନର୍ବାର ଏକ ସ୍ୱଚ୍ଛ ତଦନ୍ତ କରିବାକୁ ବିଡିଓଙ୍କୁ ନିର୍ଦ୍ଦେଶ ଦେଇଥିଲେ। ଅଯୋଗ୍ୟଙ୍କୁ ବାଦ୍ ଦେଇ ଯୋଗ୍ୟଙ୍କୁ ପୁନଃଚୟନ କରିବାକୁ ନିଷ୍ପତ୍ତି ହୋଇଥିଲା। ସେହିପରି ଉନ୍ନୟନ କାର୍ଯ୍ୟ କରିବା ସମୟରେ ବିବାଦୀୟ କାର୍ଯ୍ୟ ବର୍ତ୍ତମାନ ବନ୍ଦ କରିବା ଓ ବିଲ୍ ପୈଠ ନ କରିବାକୁ ବିଡିଓଙ୍କୁ ଉପଜିଲ୍ଲାପାଳ ନିର୍ଦ୍ଦେଶ ଦେଇଛନ୍ତି। ପରବର୍ତ୍ତୀ ସମୟରେ ବ୍ଲକ୍ ଉନ୍ନୟନ କାର୍ଯ୍ୟ କିପରି ବିବାଦ ନ ହେବ ସେଥିପାଇଁ ଉଭୟ ପକ୍ଷ ଓ ବିଡିଓଙ୍କୁ ଡକାଇ ସିଡିଏ ଜିଲ୍ଲା ପରିଷଦ କାର୍ଯ୍ୟାଳୟରେ ଏକ ସମାଧାନ ସୂତ୍ର କାଢ଼ିବେ ବୋଲି ଉପଜିଲ୍ଲାପାଳ ପ୍ରତିଶ୍ରୁତି ଦେଇଥିଲେ। ଏହା ମଧ୍ୟରେ ଏକ ମାସରୁ ଊର୍ଦ୍ଧ୍ୱ ସମୟ ଅତିକ୍ରାନ୍ତ ହୋଇଥିଲେ ମଧ୍ୟ ଉପଜିଲ୍ଲାପାଳଙ୍କ ପ୍ରତିଶ୍ରୁତି ମଧ୍ୟରୁ ଗୋଟିଏ ପାଳନ ହୋଇନଥିବା ଜଣାପଡ଼ିଛି। ଅନ୍ତ୍ୟୋଦୟ ଗୃହ ଯୋଜନାରେ ଅଯୋଗ୍ୟ ହିତାଧିକାରୀଙ୍କୁ କାର୍ଯ୍ୟାଦେଶ ବଣ୍ଟା ଚାଲିଥିବାବେଳେ ବିଡିଓ ତାଙ୍କ ସ୍ୱଭାବରେ କୌଣସି ପରିବର୍ତ୍ତନ ଆଣିନାହାନ୍ତି। ଜୁଲାଇ ୮ରେ ବିଡିଓ ଜନପ୍ରତିନିଧିଙ୍କୁ ପୁନର୍ବାର ଦୁର୍ବ୍ୟବହାର କରିଥିବା ନେଇ ଜିଲ୍ଲାପାଳଙ୍କ ନିକଟରେ ଅଭିଯୋଗ ହୋଇଥିଲେ ବି ଜିଲ୍ଲା ପ୍ରଶାସନ କୌଣସି ପଦକ୍ଷେପ ଗ୍ରହଣ କରିନାହିଁ। ଏପରିକି ଉପଜିଲ୍ଲାପାଳଙ୍କ ପକ୍ଷରୁ ଆଲୋଚନା ପାଇଁ ଆଜି ପର୍ଯ୍ୟନ୍ତ ଡକାଯାଇନାହିଁ। ଯାହାକୁ ନେଇ ଭାପୁର ବ୍ଲକ୍‌ରେ ଜନପ୍ରତିନିଧି ଓ ବ୍ଲକ୍ କର୍ମଚାରୀଙ୍କ ମଧ୍ୟରେ ଅସନ୍ତୋଷ ବୃଦ୍ଧି ପାଉଥିବା ଦେଖିବାକୁ ମିଳିଛି। ଜନପ୍ରତିନିଧିମାନେ ପୁଣିଥରେ ଆନ୍ଦୋଳନ ପାଇଁ ସଜବାଜ ହେଉଥିବା ଦେଖାଯାଇଛି।

## ତଦନ୍ତ ହେବ କହି ଅଯୋଗ୍ୟଙ୍କୁ କାର୍ଯ୍ୟାଦେଶ ବଣ୍ଟନ

**ଭାପୁର,୩୧।୭ (ସମିସ):** ନୟାଗଡ଼ ଜିଲ୍ଲା ଭାପୁର ବ୍ଲକ୍‌ରେ ଦୁର୍ନୀତି ଓ ବିବାଦ ପିଛା ଛାଡୁନାହିଁ। ଅନ୍ତ୍ୟୋଦୟ ଗୃହ ହିତାଧିକାରୀ ଚୟନ ପ୍ରକ୍ରିୟାରେ ଦୁର୍ନୀତି ଓ ପ୍ରିୟାପ୍ରୀତି ହୋଇଥିବାରୁ ଜନପ୍ରତିନିଧିମାନେ ଅଭିଯୋଗ କରିବା ସହ ଶାସକ ଦଳର ପଞ୍ଚାୟତସ୍ତରର ନେତାଙ୍କ ସୁପାରିସ୍‌ରେ ବ୍ଲକ୍ ପ୍ରଶାସନ ହିତାଧିକାରୀଙ୍କ ତାଲିକା ପ୍ରସ୍ତୁତ କରିଥିବା ଅଭିଯୋଗ ବିରୋଧୀ ଦଳ କରି ଆସୁଛି। ଏନେଇ ଗତ ମାସରେ ବ୍ଲକ୍ ଅଧ୍ୟକ୍ଷାଙ୍କ ସହ ୩୦ ନିର୍ବାଚିତ ଜନପ୍ରତିନିଧି ବ୍ଲକ୍ ଗାନ୍ଧୀ ମୂର୍ତ୍ତି ନିକଟରେ ଧାରଣାରେ ବସିଥିଲେ। ଜିଲ୍ଲା ପ୍ରଶାସନ ଧାରଣାରତ ଜନପ୍ରତିନିଧିଙ୍କୁ ପୁନର୍ବାର ତଦନ୍ତ କରି ଯୋଗ୍ୟ ହିତାଧିକାରୀ ତାଲିକା ପ୍ରସ୍ତୁତ ହେବାରୁ ପ୍ରତିଶ୍ରୁତି ଦେବାପରେ ଧାରଣା ପ୍ରତ୍ୟାହୃତ ହୋଇଥିଲା। ମାତ୍ର ପ୍ରତିଶ୍ରୁତି ଦେବାର ୪୦ ଦିନ ପରେ ମଧ୍ୟ ତଦନ୍ତ କରା ନ ଯାଇ ହିତାଧିକାରୀଙ୍କୁ କାର୍ଯ୍ୟାଦେଶ ବଣ୍ଟନ ସରିଲାଣି। ପ୍ରଶାସନ ଏପରି ଧୋକା ଦେବାକୁ ନେଇ ଜନପ୍ରତିନିଧିଙ୍କ ମଧ୍ୟରେ ତୀବ୍ର ଅସନ୍ତୋଷ ସୃଷ୍ଟି ହୋଇଛି। ସମାଜର ଅସହାୟ ବିଧବା, ଭିନ୍ନକ୍ଷମ ଓ ଦୁରାରୋଗ୍ୟରେ ପୀଡ଼ିତ ପରିବାରକୁ ଅନ୍ତ୍ୟୋଦୟ ଗୃହ ଯୋଜନାରେ ସାମିଲ୍ କରି ସେମାନଙ୍କୁ

## ଅନ୍ତ୍ୟୋଦୟ ଗୃହ ଯୋଜନା

ପକ୍କା ଘର ଯୋଗାଇଦେବା ଭଳି ମହତ୍ ଉଦ୍ଦେଶ୍ୟ ଥିବା ଯୋଜନାକୁ କିଛି ଅସାଧୁ କର୍ମଚାରୀ ଓ ରାଜନୈତିକ ବ୍ୟକ୍ତିଙ୍କ ଯୋଗୁଁ ଏହି ଯୋଜନା ବାଟବଣା ହୋଇଛି। ନୟାଗଡ଼ ଜିଲ୍ଲା ଭାପୁର ବ୍ଲକ୍‌ରେ ପ୍ରଥମ ପର୍ଯ୍ୟାୟରେ ୮୪ ହିତାଧିକାରୀଙ୍କ ତାଲିକା ପ୍ରସ୍ତୁତ ହୋଇ କାର୍ଯ୍ୟାଦେଶ ବଣ୍ଟନ ହୋଇଥିଲା। ପରବର୍ତ୍ତୀ ସମୟରେ ଆଉ ୨୭୬ ହିତାଧିକାରୀ ଚୟନ ସମୟରେ ଯୋଗ୍ୟଙ୍କୁ ଅଗ୍ରାଧିକାର ନ ଦେଇ ଶାସକ ଦଳର ଦଲାଲଙ୍କ ସୁପାରିସ୍ ଆଧାରରେ ତାଲିକା ଚୟନକୁ ବ୍ଲକ୍‌ର ୩୦ ଜନପ୍ରତିନିଧି ବିରୋଧ କରିଥିଲେ। ଏହାର ସୁଫଳ ନ ପାଇ ଜୁନ୍ ୨୩ରେ ବ୍ଲକ୍ କାର୍ଯ୍ୟାଳୟ ଗାନ୍ଧୀ ମୂର୍ତ୍ତି ନିକଟରେ ବ୍ଲକ୍ ଅଧ୍ୟକ୍ଷାଙ୍କ ସହ ୩୦ ଜନପ୍ରତିନିଧି ଧାରଣାରେ ବସିଥିଲେ। ବ୍ଲକ୍ ପ୍ରଶାସନ ବୁଝାସୁଝା କରି ବିଫଳ ହେବାରୁ ଜିଲ୍ଲାପାଳଙ୍କ ନିର୍ଦ୍ଦେଶରେ ଉପଜିଲ୍ଲାପାଳ ଭାପୁର ଆସି ଧାରଣାରତ ଜନପ୍ରତିନିଧିଙ୍କୁ ପୁନର୍ବାର ଜିଲ୍ଲାସ୍ତରୀୟ ଏକ ତଦନ୍ତକାରୀ ଦଳ ତଦନ୍ତ କରି ଯୋଗ୍ୟ ତାଲିକା ପ୍ରସ୍ତୁତ କରିବାର ପ୍ରତିଶ୍ରୁତି ଦେଇଥିଲେ। ପ୍ରତିଶ୍ରୁତି ପରେ ଧାରଣା ଭଙ୍ଗ ହୋଇଥିଲା। ପ୍ରତିଶ୍ରୁତି ଦେବାର ଦୀର୍ଘ ୪୦ ଦିନ ହୋଇଥିଲେ ହେଁ ଜିଲ୍ଲା ପ୍ରଶାସନ ଦେଇଥିବା ପ୍ରତିଶ୍ରୁତି ରକ୍ଷା କଲାନାହିଁ ଓ ସମସ୍ତଙ୍କୁ କାର୍ଯ୍ୟାଦେଶ ମଧ୍ୟ ଦିଆସରିଛି। ଏପରି ଦୁର୍ନୀତି ଓ ପ୍ରଶାସନିକ ଧୋକା ବିରୁଦ୍ଧରେ କେତେକ ଆଶାୟୀ ଯୋଗ୍ୟ ହିତାଧିକାରୀ ଆଇନର ଆଶ୍ରୟ ନେବା ପାଇଁ ସଜବାଜ ହେଉଥିବା ଜଣାପଡ଼ିଛି।

## ନୟାଗଡ଼ରେ ମେଡିକାଲ କଲେଜ ଦାବି

# ଅଣ୍ଟା ଭିଡ଼ିଲା ଓକିଲ ସଂଘ

**ନୟାଗଡ଼,୩୧।୭ (ସମିସ):** ନୟାଗଡ଼ ଜିଲ୍ଲାରେ ମେଡିକାଲ କଲେଜ ନିର୍ମାଣ ପାଇଁ ବିଭିନ୍ନ ସଂଗଠନ ପକ୍ଷରୁ ଦାବିକୁ ଜୋର୍‌ଦାର କରାଯାଇଛି। ଜୟ ନୟାଗଡ଼ ଫାଉଣ୍ଡେସନ୍ ଆନୁକୂଲ୍ୟରେ ବିଭିନ୍ନ ସଂଗଠନ ଏବଂ ସମାଜର ବିଭିନ୍ନ ବର୍ଗର ବ୍ୟକ୍ତି ଏକାଠି ହୋଇ ଆନ୍ଦୋଳନ ପାଇଁ ସଜବାଜ ହେଉଥିବାବେଳେ ଗୁରୁବାର ଜିଲ୍ଲା ଓକିଲ ସଂଘ ମେଡିକାଲ କଲେଜ ଦାବିକୁ ଜୋର୍‌ଦାର୍ କରିବାକୁ ଘୋଷଣା କରିଛି। ନୟାଗଡ଼ ଜିଲ୍ଲାରେ ମେଡିକାଲ କଲେଜ ସ୍ଥାପନା ପାଇଁ ଗୁରୁବାର ସଂଘର ସାଧାରଣ ସଭାରେ ସର୍ବସମ୍ମତି ପ୍ରସ୍ତାବ ଗୃହୀତ ହୋଇଛି। ଜିଲ୍ଲା ଓକିଲ ସଂଘ ସଭାପତି ବରିଷ୍ଠ ଆଇନଜୀବୀ ରଣଜିତ ଦାଶଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ସାଧାରଣ ସଭା ବୈଠକରେ ଜିଲ୍ଲାରେ ମେଡିକାଲ କଲେଜ ପ୍ରତିଷ୍ଠା ପ୍ରସଙ୍ଗରେ ବିଭିନ୍ନ ବର୍ଗରୁ ଆଲୋଚନା ହେଉଥିବାବେଳେ ବିଧିବଦ୍ଧ ଭାବେ ଜିଲ୍ଲା ଓକିଲ ସଂଘ ନେତୃତ୍ୱରେ ମେଡିକାଲ କଲେଜ ସ୍ଥାପନା ଦାବିକୁ ତ୍ୱରାନ୍ୱିତ କରିବା ପାଇଁ ବରିଷ୍ଠ ଆଇନଜୀବୀ ଅମିୟ ପଟ୍ଟନାୟକଙ୍କ ପ୍ରସ୍ତାବକୁ ସଭାରେ ଗ୍ରହଣ କରାଯାଇ ପରବର୍ତ୍ତୀ କାର୍ଯ୍ୟପନ୍ଥା ନିର୍ଦ୍ଧାରଣ ପାଇଁ ନିଷ୍ପତ୍ତି ନିଆଯାଇଛି। ନୟାଗଡ଼ ଜିଲ୍ଲା ଗଠନ ଏବଂ ଜିଲ୍ଲା ଜଜ୍ କୋର୍ଟ ସ୍ଥାପନା ପ୍ରସଙ୍ଗରେ ଓକିଲ ସଙ୍ଘ ନେତୃତ୍ୱରେ ନିରନ୍ତର ଦାବି ଉପସ୍ଥାପନା କରାଯାଇଥିଲା। ନୟାଗଡ଼ ଜିଲ୍ଲା ସହ ନୂତନ ଜିଲ୍ଲା ଘୋଷଣା ହୋଇଥିବା ଅନେକ ଜିଲ୍ଲାରେ ରାଜ୍ୟ ସରକାର ମେଡିକାଲ କଲେଜ ସ୍ଥାପନ କରିସାରିବା ପରେ ନୟାଗଡ଼ ଜିଲ୍ଲାର ୧୩ ଲକ୍ଷ ଜିଲ୍ଲାବାସୀଙ୍କ ସର୍ବନିମ୍ନ ସ୍ୱାସ୍ଥ୍ୟସେବା ପାଇଁ ତା'ର ହକ୍ ପାଇଁ ଲଢ଼େଇ ଜାରି ରଖିବ ବୋଲି ସଙ୍ଘ ସଭାପତି ରଣଜିତ ଦାଶ ଏବଂ ସମ୍ପାଦକ ସ୍ୱଦେଶ ମିଶ୍ର ମିଳିତ ବିବୃତି ନୟାଗଡ଼ ଜିଲ୍ଲାରେ ମେଡିକାଲ କଲେଜ ଦାବି ଯଥାର୍ଥ ବୋଲି କହିଛନ୍ତି।

### ୩ରେ ଜିଲ୍ଲାସ୍ତରୀୟ ବୈଠକ

**ନୟାଗଡ଼,୩୧।୭ (ସମିସ):** ନୟାଗଡ଼ରେ ମେଡିକାଲ କଲେଜ ନିର୍ମାଣ ଦାବି ନେଇ ଜୟ ନୟାଗଡ଼ ଫାଉଣ୍ଡେସନ୍ ଆନୁକୂଲ୍ୟରେ ଆସନ୍ତା ୩ ତାରିଖରେ ଏକ ଜିଲ୍ଲାସ୍ତରୀୟ ବୈଠକ ଆହ୍ୱାନ କରାଯାଇଛି। ଏହି ବୈଠକରେ ବିଭିନ୍ନ ବର୍ଗର ଲୋକ ଯୋଗ ଦେବାକୁ ନିମନ୍ତ୍ରଣ କରାଯାଇଥିବା ଫାଉଣ୍ଡେସନ୍ ପ୍ରତିଷ୍ଠାତା ଶେଖ୍ ଅବଦୁଲ ଆହାଦ ସୂଚନା ଦେଇଛନ୍ତି। ନୟାଗଡ଼ ନୀଳମାଧବ କଲ୍ୟାଣ ମଣ୍ଡପଠାରେ ସକାଳ ୧୦ଟାରେ ବୈଠକ ଅନୁଷ୍ଠିତ ହେବ ବୋଲି ସୂଚନା ମିଳିଛି। ଏହି ବୈଠକର ନିଷ୍ପତ୍ତି ଅନୁଯାୟୀ ପରବର୍ତ୍ତୀ କାର୍ଯ୍ୟପନ୍ଥା ଗ୍ରହଣ କରାଯିବ।

## ଶିକ୍ଷକ ଅଭାବ ପ୍ରତିବାଦରେ ବିଦ୍ୟାଳୟରେ ତାଲା



**ଓଡ଼ଗାଁ/ଶରଣକୁଳ,୩୧।୭ (ସମିସ):** ନୟାଗଡ଼ ଜିଲ୍ଲା ଓଡ଼ଗାଁ ବ୍ଲକ୍ ବିନାୟକପୁର ସରକାରୀ ଉଚ୍ଚ ପ୍ରାଥମିକ ବିଦ୍ୟାଳୟରେ ପ୍ରାୟ ୮୦ ଜଣ ଛାତ୍ରଛାତ୍ରୀ ଅଧ୍ୟୟନ କରୁଥିବାବେଳେ ମାତ୍ର ୨ ଜଣ ଶିକ୍ଷକଙ୍କ ଦ୍ୱାରା ଶିକ୍ଷାଦାନ କରାଯାଇଥାଏ। ବାଲବାଟିକାଠାରୁ ଆରମ୍ଭ କରି ଅଷ୍ଟମ ଶ୍ରେଣୀ ପର୍ଯ୍ୟନ୍ତ ମୋଟ ୯ଟି ଶ୍ରେଣୀ ଚାଲିଥିବା ସତ୍ତ୍ୱେ ମାତ୍ର ଦୁଇଜଣ ଶିକ୍ଷୟିତ୍ରୀଙ୍କ ଦ୍ୱାରା ଶିକ୍ଷାଦାନ କରାଯାଇଥାଏ। ଫଳରେ ଶିକ୍ଷଣ କାର୍ଯ୍ୟ ସମ୍ପୂର୍ଣ୍ଣ ଭୁଶୁଡ଼ି ପଡ଼ିଛି। ତେଣୁ ଅଭିଭାବକ ମହଲରେ ତୀବ୍ର ଅସନ୍ତୋଷ ଦେଖାଯାଇଥିଲା। ବିଦ୍ୟାଳୟ ପରିଚାଳନା କମିଟିର ଅଧ୍ୟକ୍ଷ ଓ ସଭ୍ୟସଭ୍ୟା ଏ ସମ୍ପର୍କରେ ମଣ୍ଡଳ ଶିକ୍ଷା ଅଧିକାରୀଙ୍କ ଦୃଷ୍ଟି ଆକର୍ଷଣ କରିଥିଲେ ମଧ୍ୟ କୌଣସି ସୁଫଳ ମିଳିନଥିଲା। ଏଣୁ ଗୁରୁବାର ଉକ୍ତ ଘଟଣା ଉଗ୍ରରୂପ ଧାରଣ କରିଥିଲା। ଫଳରେ ସମସ୍ତ ଅଭିଭାବକ ଏକତ୍ରିତ ହୋଇ ବିଦ୍ୟାଳୟରେ ତାଲା ପକାଇ ଶିକ୍ଷୟିତ୍ରୀ ଓ ଛାତ୍ରଛାତ୍ରୀଙ୍କୁ ବିଦ୍ୟାଳୟ ମଧ୍ୟକୁ ପୂରାଇ ଦେଇ ନ ଥିଲେ। ସିଆର୍‌ସିସି ରାଜକିଶୋର ସେଠି ଖବର ପାଇ ବୁଝାଇବାକୁ ଯାଇ ସେଠାରେ ଅଟକ ରହିଥିଲେ। ପରେ ଅତିରିକ୍ତ ମଣ୍ଡଳ ଶିକ୍ଷା ଅଧିକାରୀ ରାଜକିଶୋର ସାହୁ, ସିଆର୍‌ସିସି ଶ୍ରୀଧର ପରିଡ଼ା ଓ ଜିଲ୍ଲା ପ୍ରାଥମିକ ଶିକ୍ଷକ ସଂଘ ସମ୍ପାଦକ ଭକ୍ତ ରଞ୍ଜନ ମିଶ୍ର ଘଟଣାସ୍ଥଳରେ ପହଞ୍ଚି ଆଲୋଚନା କରିବା ସହ ଯଥାଶୀଘ୍ର ଜଣେ ଶିକ୍ଷକ ପଠାଇବାକୁ ପ୍ରତିଶ୍ରୁତି ଦେଇଥିଲେ। ହେଲେ ଆନ୍ଦୋଳନକାରୀ ନିଜ ଜିଦିରେ ଅଟଳ ରହିଥିଲେ। ଶେଷରେ ସାମୟିକ ସମୟ ପାଇଁ ଜଣେ ଶିକ୍ଷକ ସେଠାକୁ ପଠାଇବା ପରେ ପରିସ୍ଥିତି ସ୍ୱାଭାବିକ ହୋଇଥିଲା।

ଏଭଳି ଭାବେ ଓଡ଼ଗାଁ ବ୍ଲକ୍‌ର ବିଭିନ୍ନ ସ୍କୁଲରେ ପ୍ରାୟ ୭ଟି ଶ୍ରେଣୀ ଜଣେ ଶିକ୍ଷକରେ ଚାଲୁଥିବାବେଳେ ସେଗୁଡ଼ିକର ଶିକ୍ଷକ ପଦ ଶୀଘ୍ର ପୂରଣ କରାନଗଲେ ଜନଅସନ୍ତୋଷ ତୀବ୍ର ରୂପ ନେବ ବୋଲି ଅଭିଭାବକ ମହଲରେ ଆଲୋଚନା ହେଉଥିବା ଶୁଣିବାକୁ ମିଳିଛି। ଜଣେ ନିୟମିତ ମଣ୍ଡଳ ଶିକ୍ଷା ଅଧିକାରୀଙ୍କୁ ଯଥାଶୀଘ୍ର ନିଯୁକ୍ତି କରାନଗଲେ ବ୍ଲକ୍ ପ୍ରାଥମିକ ଶିକ୍ଷା ବ୍ୟବସ୍ଥା ଭୁଶୁଡ଼ି ପଡ଼ିବା ନେଇ ସଂଶୟ ପ୍ରକାଶ ପାଇଛି।

## ମାମୁଁ ଯୌନାଙ୍ଗକୁ କାମୁଡ଼ିଲା ଭଣଜା

**ନୟାଗଡ଼,୩୧।୭ (ସମିସ):** ନୟାଗଡ଼ ଜିଲ୍ଲା ସଦର ଥାନା ଅନ୍ତର୍ଗତ କାଳିକାପ୍ରସାଦ ଗାଁରେ ଗୁରୁବାର ଏକ ଗଣ୍ଡଗୋଳ ଘଟଣା ଘଟିଛି। ମାମୁର ଯୌନାଙ୍ଗକୁ କାମୁଡ଼ିବା ସହ ମାଡ଼ ମାରିଛି ଭଣଜା। ମାମୁ ଗୁରୁତର ଅବସ୍ଥାରେ ନୟାଗଡ଼ ମୁଖ୍ୟ ଚିକିତ୍ସାଳୟରେ ଭର୍ତ୍ତି ହୋଇଛନ୍ତି। ଗୁରୁବାର ସକାଳୁ ନୟାଗଡ଼ ଜିଲ୍ଲା ସଦର ଥାନା ଅନ୍ତର୍ଗତ ମାନପୁର ଗାଁର ବୈକୁଣ୍ଠ ମହାନ୍ତି ବିଲକୁ କାମ କରିବାକୁ ଯାଇଥିଲେ। ବିଲ କାମ ସାରି ଘରକୁ ଫେରିବା ସମୟରେ ନିକଟସ୍ଥ ଗାଁ କାଳିକାପ୍ରସାଦରେ ଥିବା ଭଉଣୀ ଘରକୁ ଯାଇଥିଲେ। ଯିବା ସମୟରେ ଦେଖିଲେ ଭଉଣୀ-ଭିଣୋଇକୁ ଭଣଜା ମାଡ଼ ମାରୁଛି। ଏହା ବିରୋଧ କରିବାରୁ ଭଣଜା ପ୍ରକାଶ ମାମୁକୁ ମାଡ଼ ମାରିଥିଲା। ମାମୁ ଭଣଜାକୁ ମାଡ଼ ମାରିବାରୁ ଭଣଜା ମାମୁର ଯୌନାଙ୍ଗକୁ କାମୁଡ଼ି ଦେଇ ଫେରାର ହୋଇ ଯାଇଥିଲା। ମାମୁଙ୍କୁ ଗୁରୁତର ଅବସ୍ଥାରେ ନୟାଗଡ଼ ମୁଖ୍ୟ ଚିକିତ୍ସାଳୟରେ ଭର୍ତ୍ତି କରାଯାଇଛି। ମାମୁ ଏନେଇ ଭଣଜା ନାମରେ ସଦର ଥାନାରେ ଲିଖିତ ଅଭିଯୋଗ କରିଛନ୍ତି।

## ଅଜଣା ଗାଡ଼ି ଧକ୍କାରେ ଛାତ୍ରୀ ମୃତ

**ଦଶପଲ୍ଲା,୩୧।୭ (ସମିସ):** ଖୋର୍ଦ୍ଧା-ବଲାଙ୍ଗିର ଜାତୀୟ ରାଜପଥ ୫୭ରେ ଦୁର୍ଘଟଣା ଥମିବାର ନାଁ ଧରୁନି। ଗୁରୁବାର ସକାଳୁ ସ୍ଥାନୀୟ ନେଳିଗୁଡ଼ା ଗ୍ରାମ ବସ୍ ଷ୍ଟପ୍ ନିକଟରେ ଅଜଣା ଗାଡ଼ି ଧକ୍କାରେ ଜନୈକା ଛାତ୍ରୀ ବିଷ୍ଣୁପ୍ରିୟା ନାୟକଙ୍କର ମୃତ୍ୟୁ ଘଟିଛି। ମୃତକ ଜଣକ ସ୍ଥାନୀୟ ଦଶପଲ୍ଲା ବାଳିକା ହାଇସ୍କୁଲ ଦଶମ ଶ୍ରେଣୀର ମେଧାବୀ ଛାତ୍ରୀ ହୋଇଥିବାବେଳେ ସକାଳୁ ଟ୍ୟୁସନ ଯିବା ନିମନ୍ତେ ଆସୁଥିଲେ। ସେ ତାଙ୍କ ଦାଦା ଜୁନେଶ ନାୟକଙ୍କ ସହିତ ବାଇକ୍‌ରେ ଦଶପଲ୍ଲା ଆସୁଥିବାବେଳେ ବିପରୀତ ଦିଗରୁ ଏକ ଦ୍ରୁତ ଗତିରେ ଆସୁଥିବା ଚାରିଚକିଆ ଯାନ ଧକ୍କା ଦେଇ ନ ଅଟକି ଚାଲିଯାଇଥିଲା। ଗ୍ରାମବାସୀମାନେ ଉଭୟଙ୍କୁ ସ୍ଥାନୀୟ ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ରରେ ଭର୍ତ୍ତି କରିଥିଲେ ହେଁ ଛାତ୍ରୀଙ୍କୁ ମୃତ ଘୋଷଣା କରିବା ସହିତ ଗୁରୁତର ଆହତ ଦାଦାଙ୍କୁ ଚିକିତ୍ସା ନିମନ୍ତେ ଭୁବନେଶ୍ୱର ସ୍ଥାନାନ୍ତରିତ କରିଥିଲେ। ମୃତା ଛାତ୍ରୀ ଗତ ବର୍ଷ ନିଜ ପିତାଙ୍କୁ ହରାଇଥିଲେ। ମେଧାବୀ ଛାତ୍ରୀ ଜଣକ ବିୟୋଗରେ ସହପାଠୀ, ଶିକ୍ଷକ ଓ ସ୍ଥାନୀୟ ଅଞ୍ଚଳରେ ଶୋକର ଛାୟା ଖେଳିଯାଇଛି। ସେହିପରି ସ୍ଥାନୀୟ ଡାକ୍ତରଖାନା ଛକରେ ଅନ୍ୟ ଏକ ଅଜଣା ବୋଲେରୋ ଗାଡ଼ି ଜନୈକ ପଥଚାରୀଙ୍କୁ ଧକ୍କା ଦେଇ ଚାଲିଯିବା ସହିତ ଆହତଙ୍କୁ ନୟାଗଡ଼ ସ୍ଥାନାନ୍ତରିତ କରାଯାଇଛି।

## ସମର୍ପଣ ନୂତନ ପରିଚାଳନା କମିଟି ଗଠନ



**ନୟାଗଡ଼,୩୧।୭ (ସମିସ):** ନୟାଗଡ଼ ସହର ନିକଟସ୍ଥ ଲେଖନପୁରଠାରେ ଗଢ଼ି ଉଠିଥିବା ସମର୍ପଣ ବୃଦ୍ଧାଶ୍ରମ ହେଉଛି ଅସହାୟଙ୍କର ସହାୟ। ଅବହେଳିତ, ନିଷ୍ପେସିତ, ନିର୍ଯାତିତ, ଲାଞ୍ଛିତ ତଥା ନିଃସହାୟ ବୃଦ୍ଧବୃଦ୍ଧାଙ୍କ ପାଇଁ ସମର୍ପଣ ହେଉଛି ଏକ ନିରାପଦ ନିବାସ। ୨୦୧୯ରେ ଗଢ଼ି ଉଠିଥିବା ଏହି ସମର୍ପଣ ବୃଦ୍ଧାଶ୍ରମରେ ୨୫ ଜଣ ଅନ୍ତେବାସୀ ରହି ଆସୁଛନ୍ତି। ଏମାନଙ୍କର ଭଲମନ୍ଦ ବୁଝାବୁଝି କରିବା ପାଇଁ ୨୫ ଜଣ ସଦସ୍ୟଙ୍କୁ ନେଇ ଏକ ସାଧାରଣ ପରିଷଦ ଗଠନ ହୋଇଥିବାବେଳେ ସେମାନଙ୍କ ମଧ୍ୟରୁ ୭ ଜଣ ସଦସ୍ୟଙ୍କୁ ନେଇ ଏହାର ଗଭର୍ଣ୍ଣିଂ ବଡି ଗଠିତ। ଯେଉଁ ଗଭର୍ଣ୍ଣିଂ ବଡିରେ ଜିଲ୍ଲାପାଳ ସଭାପତି ଓ ଜିଲ୍ଲା ସାମାଜିକ ସୁରକ୍ଷା ଅଧିକାରୀ ହେଉଛନ୍ତି ସଦସ୍ୟ। ଏହି ଦୁଇ ଜଣ ସଦସ୍ୟ ଏକ୍ସଅଫିସିଓ ସଦସ୍ୟ ଭାବେ କାର୍ଯ୍ୟ କରୁଥିବାବେଳେ ଅନ୍ୟ ୫ ଜଣ ସଦସ୍ୟ ପ୍ରତି ୩ ବର୍ଷରେ ଥରେ ନିର୍ବାଚିତ ହୋଇଥା'ନ୍ତି। ଏହି ପରିପ୍ରେକ୍ଷୀରେ ସାଧାରଣ ପରିଷଦ ସଭା ଅନୁଷ୍ଠିତ ହୋଇଥିଲା। ଜିଲ୍ଲାପାଳଙ୍କ ପ୍ରତିନିଧି ଭାବେ ଅତିରିକ୍ତ ଜିଲ୍ଲାପାଳ ରୋଜିନା ଦାସଙ୍କ ସଭାପତିତ୍ୱରେ ଅନୁଷ୍ଠିତ ଏହି ସଭାରେ ସମର୍ପଣ ପରିଚାଳନା ଗତ ଅନେକ ଗୁରୁତ୍ୱପୂର୍ଣ୍ଣ ବିଷୟ ଆଲୋଚନା ହେବା ସହିତ ନୂତନ ପରିଚାଳନା କମିଟି ଗଠନ ହୋଇଥିଲା। କାର୍ଯ୍ୟକାରୀ ସଭାପତି ଭାବେ ଅରୁଣ କୁମାର ମହାନ୍ତି ମନୋନୀତ ହୋଇଥିଲାବେଳେ ସମ୍ପାଦକ ଭାବେ ଶ୍ରୀଧର ସାହୁ, କୋଷାଧ୍ୟକ୍ଷ ଭାବେ ସନ୍ତୋଷ ନାୟକ ଓ ସଦସ୍ୟ ଭାବେ ପ୍ରସନ୍ନ କୁମାର ବସନ୍ତିଆ ଏବଂ ପ୍ରଦୀପ ପୃଷ୍ଟି ମନୋନୀତ ହୋଇଥିଲେ।

### ● ରାଜନୈତିକ ଆକ୍ରୋଶ

## ମିଲେଟ୍ ମିଶନ ଟିଫିନ ସେଣ୍ଟର ସିଲ୍

**ଦଶପଲ୍ଲା,୩୧।୭ (ସମିସ):** ରାଜ୍ୟରେ ମାଣ୍ଡିଆ ପ୍ରସ୍ତୁତ ଖାଦ୍ୟ ସାମଗ୍ରୀ ଉପଯୋଗିତାକୁ ଲକ୍ଷ୍ୟ ରଖି ମିଲେଟ୍ ମିଶନକୁ ବିଗତ ସରକାର ଅମଳରେ ଯଥେଷ୍ଟ ପ୍ରାଧାନ୍ୟ ଦିଆଯାଇଥିଲା। ବ୍ୟତିକ୍ରମ ବଶତଃ ଗୁରୁବାର ଦଶପଲ୍ଲାରେ ଗତ ୧୪ ତାରିଖରେ ଉଦ୍‌ଘାଟିତ ମା' ତାରିଣୀ ସ୍ୱୟଂ ସହାୟିକା ଗୋଷ୍ଠୀ ପରିଚାଳିତ ଏକ ମାତ୍ର ମିଲେଟ୍ ଶକ୍ତି ଟିଫିନ ସେଣ୍ଟରକୁ ପ୍ରଶାସନ ସିଲ୍ କରିବା ନେଇ ସ୍ଥାନୀୟ ଅଞ୍ଚଳରେ ମିଶ୍ର ପ୍ରତିକ୍ରିୟା ଦେଖିବାକୁ ମିଳିଛି। ଗୁରୁବାର ଅପରାହ୍ଣରେ ସ୍ଥାନୀୟ ବିଜ୍ଞାପିତ ଅଞ୍ଚଳ ପରିଷଦ କର୍ତ୍ତୃପକ୍ଷ ପୁଲିସ ଓ ତହସିଲ୍ ପ୍ରଶାସନ ସହଯୋଗରେ ତାଲାପକା ଅଭିଯାନ ଆରମ୍ଭ କରଥିଲା। ଏହି କ୍ରମରେ ସାପ୍ତାହିକ ହାଟ, ତ୍ରିନାଥ ବଜାର ମାର୍କେଟ କମ୍ପ୍ଲେକ୍ସ ଓ ସ୍ୱୋର୍ଟିଭ୍ ସ୍ୱୋର୍ଟ୍ସ ସୋସାଇଟି ମାର୍କେଟ୍ ଅନ୍ତର୍ଭୁକ୍ତ ଥିଲା। ନିର୍ମାଣ ପରଠାରୁ ବର୍ଷ ବର୍ଷ ଧରି ବନ୍ଦ ଥାଇ ବିନା କାରଣରେ ଆବଣ୍ଟନ କରାଯାଉ ନ ଥିବା ଦୋକାନ ଗୃହ ମଧ୍ୟରୁ ଏହି ଗୋଟିକରେ ମିଲେଟ ଶକ୍ତି ଟିଫିନ ସେଣ୍ଟର ଖୋଲାଥିଲା।



ଅତଏବ ପ୍ରଶାସନ ଏହାକୁ ସିଲ୍ କରିଥିଲା। ଏନେଇ ଏସ୍‌ଏଚ୍‌ଜି ଗୋଷ୍ଠୀ ସଭାପତି ତଥା ବରିଷ୍ଠ ବିଜେଡି ନେତ୍ରୀ ସଂଯୁକ୍ତା ଦାଶଗୁପ୍ତାଙ୍କ ପ୍ରତିକ୍ରିୟା ନେବାରେ ସେ ଜିଲ୍ଲା ପ୍ରଶାସନଠାରୁ ବିଧିବଦ୍ଧ ଅନୁମତି ସହିତ ସଂସ୍ଥା ଖୋଲିବା ନିମନ୍ତେ ୫୦ହଜାର ଟଙ୍କା ପ୍ରୋତ୍ସାହନ ପାଇଥିବା ସହିତ ଶୁକ୍ରବାର ଜିଲ୍ଲାସ୍ତରରେ ଭାଗ ନେବାକୁ ପ୍ରସ୍ତୁତ ହେଉଥିବାବେଳେ ବିନା ନୋଟିସରେ ସିଲ୍ କରାଯିବାକୁ ରାଜନୈତିକ ପ୍ରତିଶୋଧ ବୋଲି ପ୍ରତିକ୍ରିୟା ପ୍ରକାଶ କରିଛନ୍ତି।

## ଜନମଙ୍ଗଳ ସମିତି ବୈଠକ

**ଗଣିଆ,୩୧।୭ (ସମିସ):** ଗଣିଆ ବ୍ଲକ୍ ବେଲପଡ଼ାପାଟଣା ଦଧିବାମନଜୀଉ ମନ୍ଦିର ପରିସରରେ ନୂତନ ଭାବେ ଗଠନ କରାଯାଇଥିବା ଜନମଙ୍ଗଳ ସମିତି ଅନୁଷ୍ଠାନ ଦ୍ୱିତୀୟ ବୈଠକ ଅନୁଷ୍ଠିତ ହୋଇଯାଇଛି। ଅନୁଷ୍ଠାନର ସଭାପତି ବାଙ୍କବିହାରୀ ରାଉତଙ୍କ ସଭାପତିତ୍ୱରେ ଉପସଭାପତି ପାଣ୍ଡବ ରଣା, ସାଧାରଣ ସମ୍ପାଦକ ସତ୍ୟ ସ୍ୱରୂପ ପଟ୍ଟନାୟକ, ସହ ସମ୍ପାଦକ ମହେନ୍ଦ୍ର କୁମାର ମହାରଣା, କୋଷାଧ୍ୟକ୍ଷ ଅରୁଣ ପ୍ରଧାନ, ଗୋକୁଳ ଜେନା, ସମୀକ୍ଷକ ଶରତ କୁମାର ସାହୁ ଓ ଭୁବନେଶ୍ୱର ବାଘଙ୍କ ସମେତ ପରିଚାଳନା କମିଟି ସଦସ୍ୟ ଉପସ୍ଥିତ ଥିଲେ। ଦଶିପୁର ଏବଂ ତଇଲା ଗାଁରେ ପରିମଳ ବ୍ୟବସ୍ଥାକୁ ସୁଦୃଢ଼ କରିବା ସହିତ ସ୍ୱାସ୍ଥ୍ୟାବସ୍ଥା ଅନୁଧ୍ୟାନ କରିବାକୁ ନିଷ୍ପତ୍ତି ନିଆଯାଇଥିଲା। ଏହି ସମିତି ଆଗାମୀ ଦିନରେ ବିଭିନ୍ନ ଜନହିତକର କାର୍ଯ୍ୟ କରିବାକୁ ଅଣ୍ଟା ଭିଡ଼ିଥିବା ସଭାପତି ପ୍ରକାଶ କରିଥିଲେ।

## ପରିବା ଦର ଆକାଶଛୁଆଁ; ଓଜନରେ ଠକେଇ

**ଖଣ୍ଡପଡ଼ା,୩୧।୭ (ସମିସ):** ଖଣ୍ଡପଡ଼ା, ବାହାଡ଼ା, ଖଲିସାହି, କଣ୍ଟିଲୋ ଓ ଏହାର ଆଖପାଖ ଅଞ୍ଚଳର ବଜାରରେ ପନିପରିବା ଦର ଏବେ ଆକାଶଛୁଆଁ ହୋଇଥିବା ଜଣାପଡ଼ିଛି। କିଛି ସ୍ଥାନରେ ବର୍ଷା ପ୍ରଭାବରେ ପନିପରିବା ଚାଷ କ୍ଷତିଗ୍ରସ୍ତ ହୋଇଥିବାବେଳେ ଏହାର ପ୍ରଭାବ ଏବେ ସାଧାରଣ ଖାଉଟିଙ୍କ ଉପରେ ପଡ଼ିଛି। ବଜାରରେ ଏବେ ଆଳୁ ଓ କଖାରୁକୁ ବାଦ୍ ଦେଲେ ସମସ୍ତ ପନିପରିବାର ଦର ୬୦ ଟଙ୍କାରୁ ଊର୍ଦ୍ଧ୍ୱ ରହିଥିବା ଜଣାପଡ଼ିଛି। ବିଶେଷ ଭାବେ ବାଇଗଣ ଓ ଟମାଟୋର ଦର କେଜି ପ୍ରତି ୬୦ରୁ ୮୦ ଟଙ୍କା ଦରରେ ବିକ୍ରି ମଧ୍ୟ ହେଉଛି। ପରିବାର ଅହେତୁକ ମୂଲ୍ୟବୃଦ୍ଧି ସାଙ୍ଗକୁ ଖଣ୍ଡପଡ଼ା, ବାହାଡ଼ା, କଣ୍ଟିଲୋ ଆଦି ପ୍ରମୁଖ ବଜାରଗୁଡ଼ିକରେ ପରିବା ବ୍ୟବସାୟୀମାନେ ଖାଉଟିଙ୍କୁ ଓଜନରେ ଠକି ବେଶ୍ ଅଧିକ ଲାଭବାନ ହେଉଥିବା ଅଭିଯୋଗ ହେଉଛି। ତେବେ ଅସାଧୁ ପରିବା ଦୋକାନୀ ପ୍ରତି ଜିଲ୍ଲା ମାପ ଓ ଓଜନ ବିଭାଗ ପକ୍ଷରୁ କୌଣସି ଦୃଷ୍ଟାନ୍ତମୂଳକ ପଦକ୍ଷେପ ନେଉ ନ ଥିବାରୁ ସାଧାରଣରେ ଅସନ୍ତୋଷ ଦେଖାଦେଇଛି। ବଜାରରେ ପ୍ରଥମେ ରାସନ ସାମଗ୍ରୀର ଦରବୃଦ୍ଧି ପରେ ଏବେ ପନିପରିବାର ଅହେତୁକ ଦର ବୃଦ୍ଧି ଯୋଗୁଁ ସାଧାରଣ ଖାଉଟି ହନ୍ତସନ୍ତ ହେଉଛନ୍ତି। ବିଶେଷ କରି ଗରିବ ଓ ମଧ୍ୟବିତ୍ତ ଶ୍ରେଣୀର ପରିବାର ବର୍ଗ ପାଇଁ ପନିପରିବାର ମହଙ୍ଗାଦର ବୋଝ ଉପରେ ନଳିତାବିଡ଼ା ସଦୃଶ ହୋଇଛି।



ଏ ଅଞ୍ଚଳର ଚାଷୀମାନେ ପ୍ରଚୁର ପରିମାଣର ବାଇଗଣ, ପୋଟଳ, କାକୁଡ଼ି, ଜହ୍ନି, ଝୁଡ଼ୁଙ୍ଗ, କଲରା ପ୍ରଭୃତି ଚାଷ କରିଥା'ନ୍ତି। ଖଣ୍ଡପଡ଼ା ଅଞ୍ଚଳରୁ କ୍ୱିଣ୍ଟାଲ କ୍ୱିଣ୍ଟାଲ ବାଇଗଣ ଓ ପୋଟଳ ଭୁବନେଶ୍ୱର, ଖୋର୍ଦ୍ଧା ଓ କଳାପଥର ବଜାରକୁ ପଠାଇ ଚାଷୀମାନେ ବେଶ୍ ଲାଭବାନ ହୋଇଥାନ୍ତି। ମାତ୍ର ଲଗାଣ ବର୍ଷା ହେଲେ ପନିପରିବା ଚାଷକୁ ଉଜାଡ଼ି ଦେଉଛି। ଚାଷୀ ପରିବାରଗୁଡ଼ିକ କ୍ଷତିଗ୍ରସ୍ତ ହୋଇଛନ୍ତି। କ୍ଷତିଗ୍ରସ୍ତ ଚାଷୀମାନଙ୍କୁ ଆନୁସଙ୍ଗିକ ସରକାରୀ ସହାୟତା ଯୋଗାଇଦେବାକୁ ବିଭିନ୍ନ ମହଲରୁ ଦାବି ହେଉଛି। ଏଥିପ୍ରତି କୃଷି ବିଭାଗ ଅଧିକାରୀ ଓ ଜିଲ୍ଲାପାଳ ଦୃଷ୍ଟି ଦେବାକୁ ଖଣ୍ଡପଡ଼ା ବ୍ଲକ୍ ଅଞ୍ଚଳର ଚାଷୀମାନେ ନିବେଦନ କରିଛନ୍ତି। ଅନ୍ୟପକ୍ଷରେ ଓଜନରେ ଠକୁଥିବା ବ୍ୟବସାୟୀଙ୍କ ପ୍ରତି ଦୃଢ଼ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବା ପାଇଁ ଜିଲ୍ଲା ପ୍ରଶାସନ ନିକଟରେ ସାଧାରଣ ଲୋକେ ଦାବି କରିଛନ୍ତି।

## ନୟାଗଡ଼ରେ ପୁଣି ଚିଟ୍‌ଫଣ୍ଡ

# ପ୍ରଲୋଭନ ଦେଖାଇ ୫୦ ଲକ୍ଷରୁ ଊର୍ଦ୍ଧ୍ୱ ଠକେଇ

ନୟାଗଡ଼,୩୧।୭ (ସମିସ)

ନୟାଗଡ଼ରେ ପୁଣି ଏକ ଚିଟ୍‌ଫଣ୍ଡ ଠକେଇ ସାମ୍ନାକୁ ଆସିଛି। ଓଡ଼ିଶା ଷ୍ଟେଟ୍ ଲେବର୍ କୋଅପରେଟିଭ୍ ନାମକ ସଂସ୍ଥା ଜରିଆରେ ଠକେଇ ହୋଇଥିବା ଅଭିଯୋଗ ହୋଇଛି। ଗୁରୁବାର ଶତାଧିକ ମହିଳା ଠକେଇ କରିଥିବା ବ୍ୟକ୍ତିଙ୍କ ଘର ସାମ୍ନାରେ ବସି ରହିଛନ୍ତି। ନୟାଗଡ଼ ଜିଲ୍ଲା ସଦର ଥାନା ଅନ୍ତର୍ଗତ ରାଜପାଟଣା ଗ୍ରାମର ସଞ୍ଜୟ ମହାପାତ୍ର ନାମକ ଜଣେ ବ୍ୟକ୍ତି ଏବଂ ଓଡ଼ଗାଁ ଅଞ୍ଚଳର ଭଗବାନ ଦାଶ ନାମକ ବ୍ୟକ୍ତି ଏହି ସଂସ୍ଥା ଜରିଆରେ ଠକେଇ କରିଥିବା ଅଭିଯୋଗ ହୋଇଛି। ଜଣଙ୍କ ପିଛା ୨୫୦ ଟଙ୍କା ଲେଖାଏଁ ଆଦାୟ କରାଯାଇ ସଂସ୍ଥାର ସଦସ୍ୟତା କରାଯାଇଥିଲା। ଉକ୍ତ ସଂସ୍ଥା ଜରିଆରେ କମ୍ ମୂଲ୍ୟରେ ନିତ୍ୟ ବ୍ୟବହାର୍ଯ୍ୟ ସାମଗ୍ରୀ ଯୋଗାଇ ଦିଆଯିବାକୁ ପ୍ରତିଶ୍ରୁତି ଦିଆଯାଇଥିଲା। ନୟାଗଡ଼ ସଦର ଥାନା ଅନ୍ତର୍ଗତ ବାଲୁଗାଁ ଚଣ୍ଡୀମନ୍ଦିରଠାରେ ଏକ ଦୋକାନ ମଧ୍ୟ ଖୋଲାଯାଇଥିଲା। ଉକ୍ତ ଦୋକାନରୁ



ସାମଗ୍ରୀ କିଣାବିକା ମଧ୍ୟ କିଛିଦିନ ଚାଲିଥିଲା। ଏବେ ସଂସ୍ଥା ବନ୍ଦ ହୋଇଯାଇଥିବା କହି ଲୋକଙ୍କୁ ଭୁଆଁ ବୁଲାଯାଉଥିବା ବେଳେ ଗୁରୁବାର ଶହ ଶହ ମହିଳା ରାଜପାଟଣା ସଞ୍ଜୟ ମହାପାତ୍ରଙ୍କ ଘର ଆଗରେ ଧାରଣା ଦେଇଛନ୍ତି। ମହିଳାମାନେ ଦୀର୍ଘ ସମୟ ଧରି ଧାରଣା ଦେଇଥିବାବେଳେ ପୁଲିସକୁ ବାରମ୍ବାର ଯୋଗାଯୋଗ କରିବା ପରେ ବି କୌଣସି ପଦକ୍ଷେପ ନେଇନଥିବା ମହିଳାମାନେ ଅଭିଯୋଗ କରିଛନ୍ତି। ଦୀର୍ଘ ସମୟ ପରେ ସଞ୍ଜୟ ଫେରାର୍ ହୋଇଯାଇଥିବା ସୂଚନା ମିଳିଛି। ମହିଳାମାନେ ଭଗବାନ ଦାଶଙ୍କୁ ଧରି ଇଟାମାଟି ଥାନାରେ ପହଞ୍ଚିଥିବା ସୂଚନା ମିଳିଛି। ଏହି ଚିଟ୍‌ଫଣ୍ଡ ଠକେଇରେ ଜଣେ ଜିଲ୍ଲା ପରିଷଦ ସଦସ୍ୟଙ୍କ ସମ୍ପୃକ୍ତି ଥିବା ଚର୍ଚ୍ଚା ହେଉଛି। ତାଙ୍କ ତତ୍ତ୍ୱାବଧାନରେ ବାଲୁଗାଁ ଅଞ୍ଚଳରେ ଦୋକାନ ଖୋଲାଯାଇଥିବା ଆଲୋଚନା ହେଉଛି। ଜିଲ୍ଲାରୁ ପ୍ରାୟ ୨୦ ହଜାର ଲୋକଙ୍କଠାରୁ ଠକେଇ ହୋଇଥିବା ଅନୁମାନ କରାଯାଉଛି। ନୟାଗଡ଼

### ବାଲୁଗାଁ ଚଣ୍ଡୀମନ୍ଦିର ନିକଟସ୍ଥ ଦୋକାନ ବନ୍ଦ

ଜିଲ୍ଲାର ବିଭିନ୍ନ ସ୍ଥାନରେ ଏହାର ଶାଖା ଖୋଲାଯାଇଥିଲା। ସେଠାରେ କର୍ମଚାରୀ ମଧ୍ୟ ନିଯୁକ୍ତି କରାଯାଇଥିଲା। କର୍ମଚାରୀଙ୍କୁ ମାସିକ ୭ ହଜାର ଟଙ୍କା ବେତନ ଦେବାକୁ ସଂସ୍ଥା ପକ୍ଷରୁ କୁହାଯାଇଥିଲା। ଜଣେ କର୍ମଚାରୀ ୩ ଶହ ସଦସ୍ୟ ପଞ୍ଜିକୃତ କରିବାକୁ ଟାର୍ଗେଟ ମଧ୍ୟ ଦିଆଯାଇଥିଲା। ଠକେଇ ଜଣାପଡ଼ିବା ପରେ ଗୁରୁବାର କାର୍ଯ୍ୟ କରୁଥିବା କର୍ମଚାରୀ ଏବଂ ଶହ ଶହ ମହିଳା ରାଜପାଟଣାସ୍ଥିତ ସଞ୍ଜୟଙ୍କ ଘର ସାମ୍ନାରେ ବସି ରହିବା ସହ ହୋ-ହଲ୍ଲା କରିଛନ୍ତି।

# ସ୍ୱାଧୀନତା ଦିବସ ପାଳନ ପାଇଁ ପ୍ରସ୍ତୁତି ବୈଠକ



ବେଗୁନିଆ, ୩୧।୭(ସମିସ): ବେଗୁନିଆ ବ୍ଲକ କାର୍ଯ୍ୟାଳୟ ସଭାଗୃହରେ ବ୍ଲକସ୍ତରୀୟ ସ୍ୱାଧୀନତା ଦିବସ ପାଳନ ପାଇଁ ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହୋଇଛି। ଏଥିରେ ବିଧାୟକ ପ୍ରଦୀପ କୁମାର ସାହୁଙ୍କ ଅଧ୍ୟକ୍ଷତାରେ ବ୍ଲକ ଅଧ୍ୟକ୍ଷ ଲକ୍ଷ୍ମୀଧର ସୁବୁଦ୍ଧି, ବିଡିଓ ସନ୍ତୋଷ କୁମାର ଜେନା, ତହସିଲ୍‌ଦାର ତାପସ ବିଶି, ଗୋଷ୍ଠୀ ଶିକ୍ଷା ଅଧିକାରୀ ଭାସ୍କର ଲେଙ୍କା, ବରିଷ୍ଠ ସାମ୍ବାଦିକ ତଥା ଶିକ୍ଷାବିତ୍ ଭଗବାନ ପଣ୍ଡା, ବ୍ଲକ ବିଜେଡି ସଭାପତି ପ୍ରଶାନ୍ତ କୁମାର ବେହେରା, ସରପଞ୍ଚ ସତ୍ୟନାରାୟଣ ପ୍ରଧାନ ଓ ସମାଜସେବୀ ଲକ୍ଷ୍ମୀକାନ୍ତ ମହାପାତ୍ରଙ୍କ ସମେତ ସରପଞ୍ଚ/ସମିତିସଭ୍ୟ ଯୋଗଦେଇ କାର୍ଯ୍ୟକ୍ରମ କିଭଳି ସଫଳ ହୋଇପାରିବ ସେଥିପାଇଁ ମତ ପ୍ରକାଶ କରିଥିଲେ।

# କ୍ରୀଡ଼ା ଶିକ୍ଷକଙ୍କୁ ଅବସରକାଳୀନ ସମ୍ବର୍ଦ୍ଧନା

ଟାଙ୍ଗୀ, ୩୧।୭(ସମିସ): ଟାଙ୍ଗୀ ଦୁର୍ଗା ଚରଣ ଚିଲିକା ଉଚ୍ଚ ମାଧ୍ୟମିକ ବିଦ୍ୟାଳୟର କ୍ରୀଡ଼ା ଶିକ୍ଷକ ଦିଲ୍ଲୀପ କୁମାର ମହାନ୍ତିଙ୍କୁ ଅବସରକାଳୀନ ସମ୍ବର୍ଦ୍ଧନା ଦିଆଯାଇଥିବା ଜଣାପଡ଼ିଛି।



ଏହି ଅବସରରେ ଉଚ୍ଚ ମାଧ୍ୟମିକ ବିଦ୍ୟାଳୟର ଅଧ୍ୟକ୍ଷ ମହେନ୍ଦ୍ର ପ୍ରଧାନଙ୍କ ସମେତ ସମସ୍ତ ଅଧ୍ୟାପକ, ଅଧ୍ୟାପିକା ଏବଂ କର୍ମଚାରୀ ବୃନ୍ଦ ଉପସ୍ଥିତ ରହିବା ସହ କ୍ରୀଡ଼ା ଶିକ୍ଷକଙ୍କୁ ପୁଷ୍ପଗୁଚ୍ଛ ଏବଂ ଉତ୍ତରୀୟ ପ୍ରଦାନ କରି ସମ୍ବର୍ଦ୍ଧିତ କରାଯାଇଥିଲା। ଶ୍ରୀ ମହାନ୍ତି ଛାତ୍ରଛାତ୍ରୀମାନଙ୍କ ମଧ୍ୟରେ କ୍ରୀଡ଼ା ପ୍ରତି ଆଗ୍ରହ ସୃଷ୍ଟି କରିବା ସହିତ ଯୋଗାଭ୍ୟାସ ଆଦିରେ ନିଜର ସ୍ୱତନ୍ତ୍ର ପରିଚୟ ସୃଷ୍ଟି କରିପାରିଥିଲେ। ତାଙ୍କର ଅକ୍ଳାନ୍ତ ପରିଶ୍ରମ ପାଇଁ ଏହି ବିଦ୍ୟାଳୟର ଛାତ୍ରଛାତ୍ରୀମାନେ ବ୍ଲକସ୍ତରରୁ ଆରମ୍ଭ କରି ରାଜ୍ୟସ୍ତରରେ ନିଜର କୃତିତ୍ୱ ଅର୍ଜନ କରିପାରିଛନ୍ତି।

# ଦିନକୁ ଦିନ ଦୁଃଖ ଦେଲାଣି ରାଜପଥ

## ■ ଖାଲଖମା ରାସ୍ତା ଯୋଗୁଁ ସାଧାରଣରେ ଅସନ୍ତୋଷ

ବେଗୁନିଆ, ୩୧।୭(ସମିସ): ବାଘମାରୀ-କଣ୍ଟିଲୋ ୪୮ ନମ୍ବର ରାଜପଥର ସିମୋର ଛକ ଉପରେ ବଡ଼ ଖାଲ ସୃଷ୍ଟି ହୋଇଥିବା ଯୋଗୁଁ ଯାନବାହନ ଚଳାଚଳରେ ବ୍ୟାଘାତ ସୃଷ୍ଟି ହେଉଛି। ଏଥିରେ ଦିନକୁ ଦିନ ଛୋଟ ବଡ଼ ଦୁର୍ଘଟଣା ଘଟୁଥିବାର ସାଧାରଣରେ ଅସନ୍ତୋଷ କୁହୁଳିବାରେ ଲାଗିଛି। ତେବେ ଏହି ରାସ୍ତା ଦେଇ ପ୍ରତ୍ୟହ ଦିବା ଓ ରାତ୍ରରେ ଯାତ୍ରୀବାହୀ



ବସ୍, ଟ୍ରକ୍, ମୋଟର ସାଇକଲ ଓ ପଥଚାରୀମାନେ ଯାତାୟାତ କରିଥା'ନ୍ତି। ବର୍ଷା ଯୋଗୁଁ ଖାଲରେ ପାଣି ଜମି ପୋଖରୀ ଭଳି ଦୃଶ୍ୟମାନ ହେଉଛି। ତେବେ ଗଣମାଧ୍ୟମରେ ଜରିଆରେ ପ୍ରଶାସନିକ ଅଧିକାରୀଙ୍କ ଦୃଷ୍ଟି ଆକର୍ଷଣ କରାଯାଇଥିଲେ ମଧ୍ୟ କେହି ଶୁଣିବାର ନାଁ ଧରୁନାହାନ୍ତି। ତେବେ ପ୍ରଶାସନ ପକ୍ଷରୁ ରାସ୍ତାଟିକୁ ତୁରନ୍ତ ମରାମତି କରିବା ପାଇଁ ସାଧାରଣରେ ଦାବି ହେଉଛି। ଏପରିକି ଗୋବିନ୍ଦପୁର ଛକଠାରେ ମଧ୍ୟ ରାସ୍ତାକୁ ଖୋଳି ପାନୀୟଜଳ ଯୋଗାଣ ପାଇଁ ପାଇପ୍ ବିଛାଯାଇଥିଲା। ସେହି ସ୍ଥାନରେ ସୃଷ୍ଟି ହୋଇଥିବା ଖାଲକୁ କାମଚଳା ଭାବେ କେବଳ ମାଟି ପକାଇ ସମତୁଲ କରାଯାଇଥିବା ବେଳେ ବର୍ତ୍ତମାନ ସୁଦ୍ଧା ଖାଲଢିପ ଅବସ୍ଥାରେ ରହିଛି। ସେଠାରେ ମଧ୍ୟ କାର୍ଯ୍ୟ ଅସମ୍ପୂର୍ଣ୍ଣ ଭାବେ ରହିଥିବାରୁ ସାଧାରଣରେ କ୍ଷୋଭ ପ୍ରକାଶ ପାଇଛି। ଏହାବାଦ୍ ଖୋର୍ଦ୍ଧା-ବଲାଙ୍ଗିର ୫୭ ନମ୍ବର ଜାତୀୟ ରାଜପଥର ବାଘମାରୀ ଓ ବେଗୁନିଆ ରାସ୍ତାର ମଧ୍ୟ ଖାଲଖମାରେ ଭର୍ତ୍ତି ହୋଇଛି। ପୂର୍ତ୍ତ ବିଭାଗ ଓ ଠିକାଦାର ମଧ୍ୟରେ ସଲାସୁତରା ଯୋଗୁଁ ଏଭଳି ହେଉଛି ବୋଲି ସାଧାରଣରେ ଚର୍ଚ୍ଚାର କେନ୍ଦ୍ରବିନ୍ଦୁ ପାଲଟିଛି।

# ୧୧ ଦଫା ଦାବି ନେଇ ଆମରଣ ଅନଶନ



ଜଟଣୀ, ୩୧।୭(ସମିସ): ୧୨୦ କି.ମି. ଅନ୍ୟୁନ ଦୈନିକ ମାଇଲେଜ୍ ଭତ୍ତା ପ୍ରଦାନ କରିବା, ୯ ଘଣ୍ଟା କାର୍ଯ୍ୟ ସମୟ ଲାଗୁ କରିବା, ବେନିୟମ୍ ଭାବେ କାର୍ଯ୍ୟ ସମୟରେ କଟ୍‌ନି ଛଟ୍‌ନି ବନ୍ଦ କରିବା, ଲଗାତାର ଦୁଇରାତି କାର୍ଯ୍ୟ ସୀମିତ ରଖିବା, ୩୬ ଘଣ୍ଟା ମଧ୍ୟରେ ମୁଖ୍ୟାଳୟକୁ ଫେରାଇ ଆଣିବା, ନୂତନ ରନିଂ ରୁମ୍ ଖୋଲିବା, ତ୍ରିକୋଣିଆ କାର୍ଯ୍ୟଶୈଳୀକୁ ବନ୍ଦ କରିବା, ଗାର୍ଡ ବ୍ରେକ୍ ଭ୍ୟାନ୍‌ର ସଠିକ୍ ମରାମତି କରିବା, ସମସ୍ତ ରେଳ ଇଞ୍ଜିନ୍‌ରେ ଏସି ପ୍ରଦାନ କରିବା, ସମସ୍ତ ରେଳ ଇଞ୍ଜିନ୍‌ରେ ଟୁଲ ବକ୍ସ ଓ ଲାଇନ୍ ବକ୍ସ ବ୍ୟବସ୍ଥା କରିବା ଭଳି ୧୧ଦଫା ଦାବି ନେଇ ପୂର୍ବତଟ ରେଳପଥ ଶ୍ରମିକ କଂଗ୍ରେସ, ଅଖିଳ ଭାରତୀୟ ରେଳ ଚାଳକ ସଂଘ ଓ ଅଖିଳ ଭାରତୀୟ ରେଳ (ଗାର୍ଡ) ପରିଚାଳକ ସଂଘର ନେତୃତ୍ୱରେ ଅନିର୍ଦ୍ଦିଷ୍ଟ କାଳ ପର୍ଯ୍ୟନ୍ତ ଆମରଣ ଅନଶନ କରାଯାଇଛି। ଦାବିଗୁଡ଼ିକ ପୂରଣ ନ ହେବା ପର୍ଯ୍ୟନ୍ତ ଆନ୍ଦୋଳନ ଜାରି ରହିବ ବୋଲି ଚେତାବନୀ ଦିଆଯାଇଛି। ଅନଶନରେ ଶ୍ରମିକ କଂଗ୍ରେସର ମଣ୍ଡଳ ସଂଯୋଜକ ସୁନିଲ ଭଞ୍ଜ, ସାଧାରଣ ସମ୍ପାଦକ ରମେଶ ଚନ୍ଦ୍ର ସାହୁ, ଚାଳକ ସଂଘ ମଣ୍ଡଳ ସଭାପତି ପ୍ରଫୁଲ୍ଲ ଦାଶ, ଜ୍ୟୋତିରଞ୍ଜନ ରାଉତ, ପ୍ରଦୀପ୍ତ ମହାନ୍ତି, ପ୍ରଫୁଲ୍ଲ ବେହେରା, ଦିଲ୍ଲୀପ ସାହୁ, କୁଞ୍ଜ ବିହାରୀ ପ୍ରଧାନଙ୍କ ନେତୃତ୍ୱରେ ସଦସ୍ୟମାନେ ସାମିଲ୍ ହୋଇଥିଲେ। ଗୁରୁବାର ଅନଶନବେଳେ ଜଣେ ଲୋକ ପାଇଲଟ୍ ବେହୋସ୍ ହୋଇଯାଇଥିଲେ। ତାଙ୍କୁ ଉଦ୍ଧାର କରି ହସ୍ପିଟାଲ୍‌ରେ ଭର୍ତ୍ତି କରାଯାଇଛି ବୋଲି ଏଲ୍‌ଡି ମହାନ୍ତି ସୂଚନା ଦେଇଛନ୍ତି।

# ମରଣଯନ୍ତା ପାଲଟିଛି ଖୋର୍ଦ୍ଧା ସହର; ରାସ୍ତାସାରା ଖାଲ

ଖୋର୍ଦ୍ଧା, ୩୧।୭(ସମିସ)

ଖୋର୍ଦ୍ଧା ସହର ରାସ୍ତାଘାଟ ବିପର୍ଯ୍ୟସ୍ତ ହୋଇପଡ଼ିଛି। ସହର ଦେଇ ଯାଇଥିବା ୫୭ ନମ୍ବର ଜାତୀୟ ରାଜପଥ ବିପଦସଙ୍କୁଳ ଅବସ୍ଥାରେ ରହିଛି। ପିତାପଲ୍ଲୀ ଛକ ନିକଟରୁ ମୁକୁନ୍ଦପ୍ରସାଦ, ଗୋଡ଼ିପୋଖରୀ, ଟ୍ରାଫିକ୍ ଛକ, ମେଡିକାଲ ଦେଇ ଏହି ରାସ୍ତା ନୟାଗଡ଼-ବଲାଙ୍ଗିରକୁ ସଂଯୋଗ କରୁଛି। ମୁକୁନ୍ଦପ୍ରସାଦଠାରୁ ମେଡିକାଲ ବଡ଼ଶଙ୍ଖ ପର୍ଯ୍ୟନ୍ତ ଅତ୍ୟନ୍ତ କଦର୍ଯ୍ୟ ହୋଇପଡ଼ିଛି।

## ■ ନିମ୍ନମାନର କାମ ଯୋଗୁଁ ନଷ୍ଟ ହେଉଛି ରାସ୍ତା



ଫଳରେ ଯାନବାହନ ଚଳାଚଳରେ ବାଧା ସୃଷ୍ଟି ହେଉଥିବାବେଳେ ଦୁଇଚକିଆ ଓ ଚାରିଚକିଆ ଯାନ ଗାତରେ ଭାରସାମ୍ୟ ହରାଇ ଦୁର୍ଘଟଣାଗ୍ରସ୍ତ ହେଉଛନ୍ତି। ଲଘୁଚାପ ବର୍ଷାରେ ପାଣି ଜମି ଲୋକେ ଜାଣି ନ ପାରି ଗାତରେ ପଡ଼ି ଆହତ ହେଉଥିବାବେଳେ ଟ୍ରାଫିକ୍ ସମସ୍ୟା ସୃଷ୍ଟି ହେଉଛି। ଚଣ୍ଡିଚୁଆ ଛକରେ ମଧ୍ୟ ସମାନ ସମସ୍ୟା ରହିଛି। ମେଡିକାଲ ଛକ ରାସ୍ତାରେ ବିରାଟ ଗାତ ସୃଷ୍ଟି ହୋଇଛି। ଏହି ରାସ୍ତା ଦେଇ ଦୈନିକ ଶହ ଶହ ମାଲ୍‌ବାହୀ ଟ୍ରକ୍, ଭାରୀଯାନ ଯାତାୟାତ ଯୋଗୁଁ ରାସ୍ତାର ଅବସ୍ଥା ଶୋଚନୀୟ ହୋଇପଡ଼ିଛି।

ଅନ୍ୟପଟେ ଦିବାରାତ୍ର ଘରୋଇ ବସ୍, ଦୁଇ ଚାରିଚକିଆ ଯାନ ଯାତାୟାତ କରୁଥିବାବେଳେ ଲୋକେ ନାହିଁ ନ ଥିବା ଅସୁବିଧାର ସମ୍ମୁଖୀନ ହେଉଛନ୍ତି। ଏପରିକି ମେଡିକାଲକୁ ଆସୁଥିବା ରୋଗୀ ହଇରାଣ ହେଉଛନ୍ତି। ଜାତୀୟ ରାଜପଥ କର୍ତ୍ତୃପକ୍ଷ କେବଳ ଗାତରେ ପିଚୁ ଢଳେଇ କରି ଛାଡ଼ି ଦେଉଛନ୍ତି। ଫଳରେ କିଛି ଦିନ ପରେ ପିଚୁ ତରଳି ପୁନଃ ଗାତ ସୃଷ୍ଟି ହେଉଛି। କେବଳ ଏହି ଗୋଟିଏ ରାସ୍ତା ନୁହେଁ, ସହରସାରା ରାସ୍ତା ଖାଲଖମାରେ ପରିଣତ ହୋଇଛି। ନୂଆ ବସ୍‌ଷ୍ଟାଣ୍ଡ ନିକଟ ପଲ୍ଲା ଛକ(ଗଜପତିଙ୍କ ପ୍ରତିମୂର୍ତ୍ତି) ନିକଟରେ ଏକ ବଡ଼ ସ୍ଥାନରେ ବହୁ ଖାଲ ସୃଷ୍ଟି ହୋଇଛି। ଏହି ରାସ୍ତା ଦେଇ ଘରୋଇ ବସ୍, ମାଲବାହୀ ଟ୍ରକ୍ ପ୍ରଭୃତି ଯାତାୟାତ କରୁଛନ୍ତି। ସହରର ଏକ ପ୍ରବେଶ ପଥ ହୋଇଥିବାରୁ ସବୁ ସମୟରେ ଟ୍ରାଫିକ୍ ସମସ୍ୟା ରହୁଛି। ଅସରାଏ ବର୍ଷା ହେଲେ ଗାତରେ ପାଣି ଜମି ଲୋକେ ଦୁର୍ଘଟଣାର ଶିକାର ହୋଇ ଖଣ୍ଡିଆଖାବରା ହେଉଛନ୍ତି। ଏହି ରାସ୍ତା ଦେଇ ପ୍ରତିଦିନ ଜିଲ୍ଲା ପ୍ରଶାସନିକ ଅଧିକାରୀମାନେ ଯାତାୟାତ କରୁଛନ୍ତି। ଗତବର୍ଷ ମଧ୍ୟ ସମାନ ଅବସ୍ଥା ରହିଥିଲା। ପୂର୍ତ୍ତ ବିଭାଗ ପକ୍ଷରୁ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟଠାରୁ ଚଣ୍ଡିଚୁଆ ଛକ ପର୍ଯ୍ୟନ୍ତ ପତଳାସ୍ତରରେ ପିଚୁ ଢଳେଇ କରି ଛାଡ଼ି ଦିଆଗଲା। ଅତି ନିମ୍ନମାନର କାମ ଯୋଗୁଁ ଏହି ସବୁ ପିଚୁ ଛାଡ଼ି ଯଥା ପୂର୍ବଂ ତଥା ପରଂ ଭଳି ପୁଣି ଗାତ ସୃଷ୍ଟି ହୋଇ ଟ୍ରାଫିକ୍ ସମସ୍ୟା ମୁଣ୍ଡବ୍ୟଥା କାରଣ ସାଜିଛି। ପଲ୍ଲା ଛକ ନିକଟରେ ବିରାଟ ଗାତ ଯୋଗୁଁ ସ୍କୁଲ ପିଲାଠାରୁ ବଡ଼ମାନେ ଗାତରେ ପଡ଼ି ଆହତ ହେଉଛନ୍ତି। ଅତି ନିମ୍ନମାନର କାମ ଯୋଗୁଁ ଏହି ରାସ୍ତା ଏକ ବର୍ଷ ନ ପୂରୁଣୁ ରାସ୍ତା ସମ୍ପୂର୍ଣ୍ଣ କଦର୍ଯ୍ୟ ହୋଇ ପଡ଼ିଥିବା ସ୍ଥାନୀୟ ଲୋକେ ଗଣମାଧ୍ୟମ ଆଗରେ କହିଛନ୍ତି।

ସେହିପରି ନୂଆ ବସ୍‌ଷ୍ଟାଣ୍ଡଠାରୁ ଚଣ୍ଡିଚୁଆ ଛକ ପର୍ଯ୍ୟନ୍ତ ଗତ ୫ ବର୍ଷ ମଧ୍ୟରେ ଏକାଧିକ ଥର ମରାମତି, ପିଚୁ ଢଳେଇ କରାଯାଇଛି। ମାତ୍ର କିଛି ମାସ ପରେ ରାସ୍ତାରୁ ପିଚୁ ଉଠି ପୁଣି ଗାତ ସୃଷ୍ଟି ହେଉଛି। ଏହି ରାସ୍ତା ମରାମତି ଆଳରେ ଲକ୍ଷାଧିକ ଟଙ୍କା ହଡ଼ପ କରାଯାଇଛି ବୋଲି ଜନୈକ ବିଭାଗୀୟ ଅଧିକାରୀ ସୂଚନା ଦେଇଛନ୍ତି। ତେବେ ପୂର୍ତ୍ତ ବିଭାଗ ଏବଂ ଠିକା ସଂସ୍ଥା ମଧ୍ୟରେ ସଲାସୁତରା ଯୋଗୁଁ ସହରର ପ୍ରମୁଖ ରାସ୍ତା ସବୁ ଦିନକୁ ଦିନ ମରଣଯନ୍ତା ପାଲଟିଛି। ରାସ୍ତା ନିର୍ମାଣରେ ବହୁ ଅର୍ଥ ଆତ୍ମସାତ୍ କରାଯାଇଥିବା ସାଧାରଣରେ ଅଭିଯୋଗ ହୋଇଛି। ବାରମ୍ବାର ଏହି ରାସ୍ତା ସବୁ ଖରାପ ହେଉଥିବାରୁ ଠିକାସଂସ୍ଥା ଏବଂ ବିଭାଗୀୟ କର୍ତ୍ତୃପକ୍ଷଙ୍କ ସ୍ୱଚ୍ଛତା ଉପରେ ଅଙ୍ଗୁଳି ଉଠିଛି। ଏହାର ଭିଜିଲାନ୍ସ ତଦନ୍ତ ପାଇଁ ସାଧାରଣରେ ଦାବି ହେଉଛି। ଅନ୍ୟପକ୍ଷରେ ବିଭାଗୀୟ କର୍ତ୍ତୃପକ୍ଷ ଏବଂ ଠିକାଦାରଙ୍କ ମଧ୍ୟରେ ସଲାସୁତରା ଯୋଗୁଁ ଏହି ରାସ୍ତା ପ୍ରତିବର୍ଷ ଖରାପ ହେଉଛି ବୋଲି କଂଗ୍ରେସ ମୁଖପାତ୍ର ଅମିତ ମହାନ୍ତି କହିଛନ୍ତି। ସେ କୁହନ୍ତି ଗତ ୩ବର୍ଷ ତଳେ ଅତି ନିମ୍ନମାନର ରାସ୍ତା ନିର୍ମାଣକୁ ନେଇ କଂଗ୍ରେସ ରାସ୍ତାକୁ ଓହ୍ଲାଇଥିଲା। ଏଠାରେ ପ୍ରଶାସନିକ ଅଧିକାରୀମାନେ ମାସିକିଆ ମୋଟା ଅଙ୍କର ପିସି ଖାଇ ଠିକାଦାରଙ୍କୁ ପୋଷୁଛନ୍ତି। ଏହାକୁ ବରଦାସ୍ତ କରାଯିବ ନାହିଁ, ଆଗାମୀ ଦିନରେ କଂଗ୍ରେସ ରାଜରାସ୍ତାକୁ ଓହ୍ଲାଇବ। ସେହିଭଳି ପଲ୍ଲା ଛକଠାରୁ ଇସ୍କନ ମନ୍ଦିର ରାସ୍ତା, ଡାକ୍ତର ସାହି ଗଳିଠାରୁ ଗୁରୁଜଙ୍ଗ ସମେତ ସହର ସାହିଗଳି କନ୍ଦି ରାସ୍ତା ଅବସ୍ଥା ଅତ୍ୟନ୍ତ କଦର୍ଯ୍ୟ ବୋଲି କହିଛନ୍ତି ସାମାଜିକ କର୍ମୀ ଜୟନ୍ତ ମହାନ୍ତି।

# ଗୋଚର ଜମିରେ କମ୍ପାନୀ ନିର୍ମାଣ କାର୍ଯ୍ୟ ବନ୍ଦ ଦାବି

ନିରାକାରପୁର, ୩୧।୭(ସମିସ): ଖୋର୍ଦ୍ଧା ଜିଲ୍ଲା ଜଂକିଆ ଥାନା ଅନ୍ତର୍ଗତ ମୁଣ୍ଡାଆମ୍ବ ନିକଟସ୍ଥ ଓଳସିଂହ ପଞ୍ଚାୟତ ଡମଣଭୂମି ଖଜୁରିଆ ମୌଜାରେ ଇଡ୍‌କୋ ଦ୍ୱାରା ପ୍ରଦତ୍ତ ଜମିରେ ଭାରତୀୟ ଗ୍ରୁପ୍, ରିଲାଏନ୍ସ କ୍ରୁମର ପ୍ରଡକ୍ଟ ଲିମିଟେଡ୍ ଓ ଭୁବନେଶ୍ୱରୀ ଫୁଡ୍ ଏଣ୍ଡ ବେଭରେଜ୍ ପ୍ରାଇଭେଟ୍ ଲିମିଟେଡ୍ ଦ୍ୱାରା ଜୁନ୍ ୫ରେ ଭିତ୍ତିପ୍ରସ୍ତର ସ୍ଥାପନ କରାଯାଇ କାମ୍ପା କମ୍ପାନୀ ନିର୍ମାଣ କାର୍ଯ୍ୟ ଆରମ୍ଭ ହୋଇଥିଲା। ଉକ୍ତ ଗ୍ରାମକୁ ପ୍ରସ୍ତାବିତ ରାସ୍ତା ଜମିକୁ କମ୍ପାନୀକୁ ଦିଆଯାଇଥିବା ବିରୋଧରେ ଶତାଧିକ ଲୋକ ସ୍ଥାନୀୟ ସରପଞ୍ଚଙ୍କ ନେତୃତ୍ୱରେ ପୂର୍ବରୁ କାର୍ଯ୍ୟକୁ ବନ୍ଦ କରିବାକୁ ବିକ୍ଷୋଭ କରିଥିବାବେଳେ ଉକ୍ତ ପ୍ରସ୍ତାବିତ ରାସ୍ତା ଜମି ଉପରେ ଚାଲୁଥିବା କାର୍ଯ୍ୟକୁ ସ୍ଥଗିତ ରଖିବା ପାଇଁ ହାଇକୋର୍ଟ ରହିତାଦେଶ ଜାରି କରିଥିବା ଜଣାପଡ଼ିଛି। ଆବେଦନକାରୀ ଓଳସିଂହ ସରପଞ୍ଚ ଶୁଭଦର୍ଶନୀ ଭୋଳ ଓ ଅନ୍ୟମାନେ ଥିବାବେଳେ ଇଡ୍‌କୋ ଜେନେରାଲ ମ୍ୟାନେଜର, ଆର୍‌ଡି କମିଶନର, ଟାଙ୍ଗୀ ତହସିଲ୍‌ଦାର, ବିଡିଓ, ଠିକାଦାର ଓ ନିର୍ମାଣାଧୀନ କାମ୍ପା କମ୍ପାନୀ କର୍ତ୍ତୃପକ୍ଷ ରହିଛନ୍ତି। ପୂର୍ବରୁ ଟାଙ୍ଗୀ ତହସିଲ ଜଂକିଆ ଥାନା ଅନ୍ତର୍ଗତ ଖଜୁରିଆ ମୌଜାର କିଛି ଗୋଚର ଜମିକୁ



କିସମ ପରିବର୍ତ୍ତନ କରାଯାଇ ଇଡ୍‌କୋ ନାମରେ ପଟ୍ଟା କରାଯିବା ପାଇଁ ସର୍ବସାଧାରଣଙ୍କ ଅବଗତି ନିମନ୍ତେ ନୋଟିସ କରାଯାଇଛି। ଅଣସଂରକ୍ଷିତ ମାମଲା ସଂଖ୍ୟା-୪/୨୫ ଖଜୁରିଆ ମୌଜାର ତଫସିଲ ବର୍ଣ୍ଣିତ ସରକାରୀ ଜମି ଖାତା ନଂ ୨୧୦ର ପ୍ଲଟ ନଂ ୪୫୨ର ୧ ଏକର ୭୦ ଡେସିମିଲ, ପ୍ଲଟ୍ ନଂ ୪୫୩ର ୨ଏକର ୮୦୦ ଡେସିମିଲ ଓ ପ୍ଲଟ୍ ନଂ ୪୬୫ର ୯୩୦ ଡେସିମିଲକୁ କିସମ ପରିବର୍ତ୍ତନ କରାଯାଇ ଇଡ୍‌କୋ ନାମରେ ପଟ୍ଟା କରାଯିବା ପାଇଁ ପ୍ରଶାସନ ପକ୍ଷରୁ ପ୍ରସ୍ତାବ ନିଆଯାଇଛି। ତେଣୁ ତହସିଲ୍ ପକ୍ଷରୁ ଏକ ସର୍ବସାଧାରଣ ନୋଟିସ ଜରିଆରେ ଇସ୍ତାହାର ଜାରି ହେବାର ୧୫ ଦିନ ମଧ୍ୟରେ ତହସିଲଦାରଙ୍କ ନିକଟରେ ହାଜର ହୋଇ ଲିଖିତ ଆକାରରେ ଅଭିଯୋଗ କରିବାକୁ ଦର୍ଶାଯାଇଥିଲା। ପରେ ଗ୍ରାମବାସୀଙ୍କ ତରଫରୁ ଅଭିଯୋଗ ଦାଖଲ କରାଯାଇଥିଲା। ଏହାର ଶୁଣାଣି ଜୁଲାଇ ୨୯ ତାରିଖରେ ରଖାଯାଇଥିବାବେଳେ ଡମଣଭୂମି ଗ୍ରାମବାସୀ ତହସିଲରେ ପହଞ୍ଚିବା ପରେ ହାଇକୋର୍ଟରେ ମାମଲା ଦାଖଲ କରିଥିବା ନିର୍ଦ୍ଦିଷ୍ଟ ବ୍ୟକ୍ତିମାନେ ଯାଇ ନ ଥିବାରୁ ପୁନର୍ବାର ତହସିଲ୍ ପକ୍ଷରୁ ମେମୋ ନଂ ୨୮୬୭/୨୯.୭.୨୫ ରେ ଏକ ନୋଟିସ ଜରିଆରେ ଅଗଷ୍ଟ ୫ ତାରିଖରେ ସେମାନଙ୍କୁ ସମସ୍ତ କାଗଜପତ୍ର ଧରି ପହଞ୍ଚିବାକୁ କୁହାଯାଇଥିବା ଜଣାପଡ଼ିଛି। ଏଣେ ଗୋଚର ଜମି କମ୍ପାନୀକୁ ହସ୍ତାନ୍ତର ନ ହୋଇ ମଧ୍ୟ ସେଠାରେ କାର୍ଯ୍ୟ ଚାଲୁଥିବାରୁ ଏହାକୁ ବନ୍ଦ କରିବାକୁ ଗ୍ରାମବାସୀ ଅଭିଯୋଗ କରିଛନ୍ତି।

# ଜୟ ମା' ଭଗବତୀ ହେଲ୍ଥ ଫାଉଣ୍ଡେସନର ରୋଗୀଙ୍କୁ ସହାୟତା

ବାଣପୁର, ୩୧।୭(ସମିସ): ବାଣପୁର ଥାନା ଅନ୍ତର୍ଗତ ବାଲିପଦର ଗ୍ରାମର ସୁଦାମ ନୟକଙ୍କ ବଡ଼ ପୁଅ ବିଶ୍ୱଜିତ ନାୟକ ଏକ ବାଇକ ଦୁର୍ଘଟଣାର ଶିକାର ହୋଇ ପ୍ରଥମେ ବାଣପୁର ଡାକ୍ତରଖାନାରେ ଚିକିତ୍ସା ପାଇଁ ଭର୍ତ୍ତି ହୋଇଥିଲେ। ଅବସ୍ଥା ଗୁରୁତର ଥିବାରୁ ତାଙ୍କୁ ବ୍ରହ୍ମପୁର ବଡ଼ ଡାକ୍ତରଖାନା ପରବର୍ତ୍ତୀ ସମୟରେ ଭୁବନେଶ୍ୱର ଘରୋଇ ହସ୍ପିଟାଲ ଓ ଶେଷରେ କଟକ ଏସ୍‌ସିବି ମେଡିକାଲକୁ ସ୍ଥାନାନ୍ତରିତ କରାଯାଇଛି। ବିଶ୍ୱଜିତ୍ ଜଣେ ଗରିବ ପରିବାରର ହୋଇଥିବାରୁ ବାଣପୁର ଅଞ୍ଚଳର ଜନୈକା ଯୁବତୀ ତଥା



ମା' ଭଗବତୀ ହେଲ୍ଥ ଫାଉଣ୍ଡେସନ ଓ ନାରୀ ସଶକ୍ତୀକରଣ ଓଡ଼ିଶାର ଚେୟାରମ୍ୟାନ ସମାଜସେବୀ ପାୟଲ ପ୍ରିୟଦର୍ଶିନୀ ନାୟକ କଟକ ଏସ୍‌ସିବିରେ ପହଞ୍ଚି ତାଙ୍କୁ ସହଯୋଗର ହାତ ବଢ଼ାଇଛନ୍ତି। ସମାଜସେବାରେ ବ୍ରତି ପାୟଲ ତାଙ୍କ ଅନୁଷ୍ଠାନ ତରଫରୁ ଗୋଟିଏ ଦିନରେ ୩୩ ଜଣ ରୋଗୀଙ୍କୁ ରକ୍ତଦାନ କରିବା ସହ ନମିତା ଦଳେଇ, ପଞ୍ଚୋଇ ରଥ, ଚିନ୍ମୟ ଦାସ ପ୍ରମୁଖ ବହୁ ରୋଗୀଙ୍କୁ କଟକ ଏସ୍‌ସିବିରେ ଆଡ୍‌ମିଶନ କରାଇବାରେ ସହଯୋଗ କରିଛନ୍ତି।

# ବଜ୍ରପାତରେ ୨ ଗୁରୁତର

ଜଟଣୀ, ୩୧।୭(ସମିସ): ଜଟଣୀ ଥାନା ଅନ୍ତର୍ଗତ ତରାବୋଇ ଗ୍ରାମରେ ଗୁରୁବାର ବଜ୍ରପାତରେ ୨ଜଣ ଗୁରୁତର ହୋଇଛନ୍ତି। ଉଭୟଙ୍କୁ ପ୍ରଥମେ ଜିଲ୍ଲା ହସ୍ପିଟାଲ୍ ଓ ପରେ ଏମ୍ସକୁ ନିଆଯାଇଥିବା ଖବରମିଳିଛି। ସୂଚନାଯୋଗ୍ୟ, ଗୁରୁବାର ଅପରାହ୍ଣରେ ତରାବୋଇ ଗ୍ରାମର ରାକେଶ କୁମାର ଭଟ୍ଟ ଟ୍ରାକ୍ଟର ନେଇ ପୋଡ଼ପଡ଼ା ଗ୍ରାମର ରାଜକିଶୋର ସାହୁଙ୍କ ଜମିରେ ହଳ ବୁଲାଉଥିବା ସମୟରେ ବର୍ଷା ପବନ ହେବା ସହ ବଜ୍ରପାତ ହୋଇଥିଲା। ଏଥିର ୨ଜଣଯାକ ଗୁରୁତର ହୋଇ ତଳେ ପଡ଼ିଯାଇଥିଲେ। ସ୍ଥାନୀୟ ଲୋକଙ୍କ ସହାୟତାରେ ପ୍ରଥମେ ଖୋର୍ଦ୍ଧା ଜିଲ୍ଲା ହସ୍ପିଟାଲ୍ ନିଆଯାଇଥିଲାବେଳେ ସେଠାରେ ଅବସ୍ଥା ସଙ୍କଟାପନ୍ନ ହେବାରୁ ତାଙ୍କୁ ଏମ୍ସ ହସ୍ପିଟାଲ୍‌କୁ ସ୍ଥାନାନ୍ତର କରାଯାଇଛି।

# ଯୁବ ରେଡ୍‌କ୍ରସର ଜିଲ୍ଲା କାର୍ଯ୍ୟକାରିଣୀ ବୈଠକ

ଖୋର୍ଦ୍ଧା, ୩୧।୭(ସମିସ): ସ୍ଥାନୀୟ ପ୍ରାଣନାଥ ସ୍ୱୟଂଶାସିତ ମହାବିଦ୍ୟାଳୟ ମୈତ୍ରୀଭବନ ପରିସରରେ ଯୁବ ରେଡ୍‌କ୍ରସର ଜିଲ୍ଲାସ୍ତରୀୟ କାର୍ଯ୍ୟକାରିଣୀ ବୈଠକ ଗୁରୁବାର ଅନୁଷ୍ଠିତ ହୋଇଯାଇଛି। ଏହି ବୈଠକରେ ଜିଲ୍ଲାର ୩୫ଟି ମହାବିଦ୍ୟାଳୟର ଅଧ୍ୟକ୍ଷ ଏବଂ ଯୁବ ପରାମର୍ଶଦାତା ପ୍ରମୁଖ ଯୋଗଦେଇଥିଲେ। ଜିଲ୍ଲା ଯୁବ ରେଡ୍‌କ୍ରସ ସଭାପତି ତଥା ମହାବିଦ୍ୟାଳୟ ଅଧ୍ୟକ୍ଷା ଡ. ବିଦୁଶ୍ରୀ ମିଶ୍ର ଅଧ୍ୟକ୍ଷତା କରିଥିଲେ। ପୂର୍ବତନ ବିଧାୟକ ଜ୍ୟୋତିରିନ୍ଦ୍ର ନାଥ ମିତ୍ର ଅତିଥି ଭାବେ ଯୋଗଦେଇ ପ୍ରଦୀପ ପ୍ରଜ୍ୱଳନ ପୂର୍ବକ ଉଦ୍‌ଘାଟନ କରିଥିଲେ। ରେଡ୍‌କ୍ରସର ରାଜ୍ୟ ମୁଖ୍ୟ ଅଧିକାରୀ ତଥା ଉଚ୍ଚଶିକ୍ଷା ବିଭାଗ ସଚିବ ଡ. ରମେଶ ଚନ୍ଦ୍ର ବେହେରା ମୁଖ୍ୟଅତିଥି ଭାବେ ଯୋଗଦେଇ ରେଡ୍‌କ୍ରସର ଆବଶ୍ୟକତା ଉପରେ କହିଥିଲେ। ପୂର୍ବତନ କୁଳପତି ମେଜର କ୍ଷୀରୋଦ ପ୍ରସାଦ ମହାନ୍ତି, ରାଜ୍ୟ କନିଷ୍ଠ ରେଡ୍‌କ୍ରସ ଅଧିକାରୀ ଲକ୍ଷ୍ମଣ କୁମାର ସ୍ୱାଇଁ ଛାତ୍ରଛାତ୍ରୀଙ୍କ ଯୋଗଦାନ ସେବା କାର୍ଯ୍ୟ ଉପରେ ଗୁରୁତ୍ୱ ଦେଇଥିଲେ। ମହାବିଦ୍ୟାଳୟର ପ୍ରଶାସନିକ ଅଧିକାରୀ ପ୍ରିୟବ୍ରତ ମହାନ୍ତି, ପ୍ରାଧ୍ୟାପକ ଗଦାଧର ସାହୁ, ଅଧ୍ୟାପକ ରବି ନାରାୟଣ ସ୍ୱାଇଁ, ଅଧ୍ୟାପିକା ପ୍ରାଚୀପ୍ରଭା ନାୟକ, ଅଧ୍ୟାପକ ସୁବୋଧ ଜଗଦେବଙ୍କ ସମେତ ଯୁବ ରେଡ୍‌କ୍ରସର ସ୍ୱେଚ୍ଛାସେବୀମାନେ ଯୋଗଦେଇଥିଲେ। ଜିଲ୍ଲା ଯୁବ ରେଡ୍‌କ୍ରସର ଆବାହକ ପ୍ରଫୁଲ୍ଲ କୁମାର ସାହୁ ବାର୍ଷିକ ବିବରଣୀ ପାଠ କରିଥିଲେ। ଅଧ୍ୟାପକ ଡ. ବାମଦେବ ମିଶ୍ର ଅତିଥି ପରିଚୟ ଓ ବୈଠକ ସଂଯୋଜନା, ଜିଲ୍ଲା ସଂଯୋଜକ ରଞ୍ଜନ କୁମାର ମହାପାତ୍ର ଧନ୍ୟବାଦ ଅର୍ପଣ କରିଥିଲେ।

# ବିପଦକୁ ଡାକୁଛି ମୁକୁଳା ଟ୍ରାନ୍ସଫର୍ମର

ଭୁଷଣ୍ଡପୁର, ୩୧।୭(ସମିସ)

ଖୋର୍ଦ୍ଧା ଜିଲ୍ଲାରେ ବିଦ୍ୟୁତ୍ ସଂସ୍କାର ପାଇଁ ଅନେକ ପଦକ୍ଷେପ ନିଆଯାଉଥିବା କୁହାଯାଉଥିଲେ ହେଁ ଏହାର ବାସ୍ତବତା ଜନସାଧାରଣ ଉପଲବ୍ଧି କରିପାରୁ ନ ଥିବା ଅଭିଯୋଗ ହେଉଛି। ବିଦ୍ୟୁତ୍ ବିତରଣ ପାଇଁ କମ୍ପାନୀ ପରେ କମ୍ପାନୀ ବଦଳିଲେ ସୁଦ୍ଧା ଅବସ୍ଥା ଯଥା ପୂର୍ବଂ ତଥା ପରଂ। ଯାହାର ସଦ୍ୟ ଉଦାହରଣ ଖୋର୍ଦ୍ଧା ସହର ଓ ଉପକଣ୍ଠ ସମେତ ବିଭିନ୍ନ ଅଞ୍ଚଳର ଅନେକ ସ୍ଥାନରେ ବିପଦସଙ୍କୁଳ ଅବସ୍ଥାରେ ବହୁ ଟ୍ରାନ୍ସଫର୍ମର ଖୋଲାମେଲାରେ ରହିଛି। ଅସୁରକ୍ଷିତଭାବେ ବିଦ୍ୟୁତ୍ ଟ୍ରାନ୍ସଫର୍ମର ରହିଥିବାରୁ ଯେକୌଣସି ସମୟରେ ଏହା ବିପଦକୁ ଆମନ୍ତ୍ରଣ କରୁଛି। ଏହି ଟ୍ରାନ୍ସଫର୍ମରଗୁଡ଼ିକରେ ଉଚ୍ଚଶକ୍ତିସମ୍ପନ୍ନ ବିଦ୍ୟୁତ୍ ପ୍ରବାହିତ ହେଉଥିବାରୁ ମଣିଷ ସମେତ ବୁଲା ପ୍ରାଣୀଙ୍କ ଜୀବନ ପ୍ରତି ବିପଦ ସୃଷ୍ଟି କରୁଛି। ପୂର୍ବରୁ ବୁଲା ଗୋରୁଗାଈ ଟ୍ରାନ୍ସଫର୍ମର ପରିସରକୁ ଘାସ ଚରିବାକୁ ଆସି ପ୍ରାଣ ହରାଇଥିବା ନଜିର ମଧ୍ୟ ରହିଛି। ବିପଦସଙ୍କୁଳ ଅବସ୍ଥାରେ ଥିବା ଟ୍ରାନ୍ସଫର୍ମର ଚାରିପଟେ ପାଚେରି ଅବା ତାରବାଡ଼



ବୁଲାଇବା ଲାଗି ବିଦ୍ୟୁତ୍ ବିଭାଗ ସେଭଳି ଗୁରୁତ୍ୱ ଦେଉ ନ ଥିବା ଦେଖାଯାଇଛି। ଯାହାକୁ ନେଇ ସାଧାରଣରେ ତୀବ୍ର ଅସନ୍ତୋଷ ପ୍ରକାଶ ପାଇଛି।

ପ୍ରକାଶଥାଉକି, ଖୋର୍ଦ୍ଧା ବ୍ଲକ ଅନ୍ତର୍ଗତ ଗୋଳବାଇ ମେଳଣ ପଡ଼ିଆ ନିକଟରେ ବିପଦସଙ୍କୁଳ ଅବସ୍ଥାରେ ଏକ ବିଦ୍ୟୁତ୍ ଟ୍ରାନ୍ସଫର୍ମର ରହିଛି। ଏହି ଟ୍ରାନ୍ସଫର୍ମରରୁ ଗ୍ରାମକୁ ବିଦ୍ୟୁତ୍ ଯୋଗାଣ କରାଯାଉଛି। ମାତ୍ର ଏହି ଟ୍ରାନ୍ସଫର୍ମରଟି ଦୀର୍ଘଦିନ ହେବ ମୁକୁଳା ପଡ଼ିଛି। ଏହା ନିକଟରେ ଏକ ବିଦ୍ୟାଳୟ, ମନ୍ଦିର ପ୍ରମୁଖ ରହିଛି। ଟ୍ରାନ୍ସଫର୍ମର ବସିଥିବା ସ୍ଥାନ ଦେଇ ଯାଇଥିବା ରାସ୍ତା ଲୋକଙ୍କ ନିତ୍ୟ ବ୍ୟବହୃତ ରାସ୍ତା। କେତେବେଳେ ଯେ ଅଘଟଣ ନ ଘଟିବ କହିବା ମୁସ୍କିଲ। ଗ୍ରାମର ସର୍ବସାଧାରଣ ରାସ୍ତା ପାର୍ଶ୍ୱରେ ଏଭଳି ମୁକୁଳା ଟ୍ରାନ୍ସଫର୍ମର ରହିଥିଲେ ସୁଦ୍ଧା ଏଥିପ୍ରତି ବିଭାଗର ଦୃଷ୍ଟି ନ ପଡ଼ିବା ସମସ୍ତଙ୍କୁ ଆଶ୍ଚର୍ଯ୍ୟ ଚକିତ କରିଛି। ଏହି ମୁକୁଳା ଟ୍ରାନ୍ସଫର୍ମର ପରିସରକୁ ଗୃହପାଳିତ ପଶୁ, ବୁଲା କୁକୁର ଅବାଧରେ ପ୍ରବେଶ କରୁଛନ୍ତି। ଏହା ସତ୍ତ୍ୱେ ବିଭାଗର ସେଭଳି ଆଖିଦୃଶିଆ ପଦକ୍ଷେପ ନାହିଁ। ସେହିଭଳି ଅନେକ ସ୍ଥାନରେ ଟ୍ରାନ୍ସଫର୍ମର ଖୋଲା ପଡ଼ିଥିବା ଦେଖିବାକୁ ମିଳିଛି। ତେବେ ଟ୍ରାନ୍ସଫର୍ମରଗୁଡ଼ିକ ଜନବସତିଠାରୁ ଦୂରରେ ସ୍ଥାପନ କରାଯିବା ସହିତ ଏହାର ଚତୁଃପାର୍ଶ୍ୱ ଆବଦ୍ଧ ପାଇଁ ନିୟମ ରହିଛି। ମାତ୍ର ଏହାକୁ ପାଳନ କରାଯାଉ ନ ଥିବା ଦେଖାଯାଇଛି। ସେହିପରି ଅନେକ ସ୍ଥାନରେ ବିଦ୍ୟୁତ୍ ଖୁଣ୍ଟଗୁଡ଼ିକ ମୂଳରୁ ହୁଗୁଳିଯିବା ସହ ତାର ଓହଳି ପଡ଼ିଲାଣି। ସହରାଞ୍ଚଳ କଥା ଛାଡ଼ ଗ୍ରାମାଞ୍ଚଳ କଥା ନ କହିଲେ ଭଲ। ଅଧିକାଂଶ ଗ୍ରାମରେ ଟ୍ରାନ୍ସଫର୍ମରଗୁଡ଼ିକ ମୁକୁଳା ପଡ଼ିଛି। ଏହା ସଂସ୍ପର୍ଶରେ ଆସି ବହୁ ସମୟରେ ଅଘଟଣ ଘଟୁଛି। ବିଦ୍ୟୁତ୍ ବିଭାଗର ଖାମଖିଆଲ ମନୋଭାବ ଯୋଗୁଁ ଟ୍ରାନ୍ସଫର୍ମରଗୁଡ଼ିକର ରକ୍ଷଣାବେକ୍ଷଣ ଠିକ୍‌ଭାବେ ହେଉନଥିବା ଅଭିଯୋଗ ହେଉଛି। କେଉଁଠି ଟ୍ରାନ୍ସଫର୍ମର ଉପରେ ଗଛ ମାଡ଼ିଗଲାଣି ତ ଆଉ କେଉଁଠି ଘେରାଯାଇଥିବା ତାର କଳଙ୍କି ଲାଗି ନଷ୍ଟ ହୋଇଗଲାଣି। ତେଣୁ କମ୍ ଉଚ୍ଚରେ ଥିବା ଟ୍ରାନ୍ସଫର୍ମର ଚତୁଃପାର୍ଶ୍ୱରେ ତୁରନ୍ତ ପାଚେରି ନିର୍ମାଣ ସହିତ ରକ୍ଷଣାବେକ୍ଷଣ ପ୍ରତି ଗୁରୁତ୍ୱ ଦେବାକୁ ସ୍ଥାନୀୟ ଗ୍ରାମବାସୀ ଦାବି କରିଛନ୍ତି।

# ଆଦର୍ଶ ପ୍ରଧାନଶିକ୍ଷୟିତ୍ରୀଙ୍କୁ ସେବାନିବୃତ ସମ୍ବର୍ଦ୍ଧନା

ଖୋର୍ଦ୍ଧା, ୩୧।୭(ସମିସ): ଖୋର୍ଦ୍ଧା ବ୍ଲକ ବଙ୍ଗିଦା ଗ୍ରାମପଞ୍ଚାୟତ ଅନ୍ତର୍ଗତ ଆଡ଼ଖଣ୍ଡିଆ ଉଚ୍ଚ ପ୍ରାଥମିକ ବିଦ୍ୟାଳୟର ପ୍ରଧାନଶିକ୍ଷୟିତ୍ରୀ ଟୁନୀ ଦେଇଙ୍କ ବିଦାୟକାଳୀନ ସମ୍ବର୍ଦ୍ଧନା ସଭା ରାଜ୍ୟ ପ୍ରାଥମିକ ବିଦ୍ୟାଳୟ ଶିକ୍ଷକ ସଂଘର ଉପ ସଭାପତି ଅଗାଧୁ ସେଠୀଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଯାଇଛି। ମୁଖ୍ୟ ଅତିଥିଭାବେ ଅତିରିକ୍ତ ଗୋଷ୍ଠୀ ଶିକ୍ଷା ଅଧିକାରୀ ଭରତ ଚନ୍ଦ୍ର ପ୍ରଧାନ ଯୋଗଦେଇଥିଲେ। ଛାତ୍ରଛାତ୍ରୀମାନେ ସ୍ୱାଗତ ସଙ୍ଗୀତ ପରିବେଷଣ ସହିତ ଅତିଥିମାନଙ୍କୁ ପୁଷ୍ପଗୁଚ୍ଛ ଓ ଉତ୍ତରୀୟ ପ୍ରଦାନ କରି ସ୍ୱାଗତ ଜଣାଇଥିଲେ। ପ୍ରାଥମିକ ବିଦ୍ୟାଳୟ ଶିକ୍ଷକ ସଂଘ ଖୋର୍ଦ୍ଧା ବ୍ଲକ ସମ୍ପାଦକ ମୃତ୍ୟୁଞ୍ଜୟ ମହାପାତ୍ର ଅତିଥି ପରିଚୟ ପ୍ରଦାନ କରିଥିଲେ। ସମ୍ମାନିତ ଅତିଥିଭାବେ ପୂର୍ବତନ ଗୋଷ୍ଠୀ ଶିକ୍ଷା ଅଧିକାରୀ ସୁରେନ୍ଦ୍ର କୁମାର ମଙ୍ଗରାଜ, ପ୍ରାକ୍ତନ ବିଆର୍‌ସିସି ଗୁଣନିଧି ମହାପାତ୍ର ଓ ରବୀନ୍ଦ୍ରନାଥ ଶତପଥି, ଶିକ୍ଷକ ନେତା ବଟକୃଷ୍ଣ ପରିଡ଼ା, ହୃଷୀକେଶ ମିଶ୍ର ଓ ନିଖିଳ ଉତ୍କଳ ଶିକ୍ଷକ ମହାସଂଘର ସଂଗଠନ ସମ୍ପାଦକ ସୁରେଶ ଚନ୍ଦ୍ର ବିଶ୍ୱାଳ,



କ୍ଲଷ୍ଟରର ସିଆର୍‌ସିସି ବାଗେଶ୍ରୀ ମହାପାତ୍ର ଟୁନୀ ଦେଇ କିପରି ଜଣେ ଆଦର୍ଶ ଶିକ୍ଷିକା ଥିଲେ ପ୍ରକାଶ କରିଥିଲେ। ମୁଖ୍ୟବକ୍ତା ଗୋପାଳ ଚନ୍ଦ୍ର ତ୍ରିପାଠୀ, ଗ୍ରାମ୍ୟ କମିଟିର ମୁଖ୍ୟ ବିପିନ ବିହାରୀ ହରିଚନ୍ଦନ, ବାଙ୍ଗିଦା ଉଚ୍ଚ ବିଦ୍ୟାଳୟର ପୂର୍ବତନ ପ୍ରଧାନଶିକ୍ଷକ ସୀତା ପ୍ରସାଦ ସାହୁ, ସରପଞ୍ଚ ଦିଲ୍ଲୀପ ମହାପାତ୍ର, ବିଦ୍ୟାଳୟ ପରିଚାଳନା କମିଟିର ଚେୟାରମ୍ୟାନ୍ ପୀତବାସ ବେହେରା, ଶିକ୍ଷକ ନେତା ପ୍ରସନ୍ନ କୁମାର ମହାପାତ୍ର, ଶିକ୍ଷକ ସତ୍ୟାନନ୍ଦ ବେହେରା, ତ୍ରିଲୋଚନ ବେହେରା, ବେଣୁଧର ମହାପାତ୍ର ଉଦ୍‌ବୋଧନ ଦେଇଥିବାବେଳେ ପ୍ରାରମ୍ଭରୁ ଛାତ୍ରଛାତ୍ରୀମାନେ ବିଦାୟୀ ଶିକ୍ଷୟିତ୍ରୀଙ୍କ ଗୁଣଗାନ କରିଥିଲେ। ବିଦ୍ୟାଳୟ ତରଫରୁ ମାନପତ୍ର ଓ ଉପଢୌକନ ପ୍ରଦାନ କରଯାଇଥିଲା। ଶେଷରେ ବରିଷ୍ଠ ଶିକ୍ଷକ ସତ୍ୟବ୍ରତ ହରିଚନ୍ଦନ ସମସ୍ତଙ୍କୁ ଧନ୍ୟବାଦ ଦେଇଥିଲେ।

ସକାଳ
THE SAKALA



# ତନ୍ତ୍ର ସାଧନାରୁ ଗୋଷ୍ଠୀ ସଂଘର୍ଷ; ୬ ଆହତ

**ଡେଲାଙ୍ଗ/ସାକ୍ଷୀଗୋପାଳ, ୩୧।୭ (ସମିସ):** ଡେଲାଙ୍ଗ ବ୍ଲକ୍ ଅଧୀନ ଧାନକେରା ପଞ୍ଚାୟତର ନଳୀବସନ୍ତ ଗ୍ରାମରେ ତନ୍ତ୍ର ସାଧନାକୁ କେନ୍ଦ୍ର କରି ଦୁଇଗୋଷ୍ଠୀ ମଧ୍ୟରେ ସଂଘର୍ଷ ଘଟିଛି। ପରସ୍ପର ମଧ୍ୟରେ ମାରପିଟ୍ ଓ ଖଣ୍ଡାରେ ଆକ୍ରମଣ ଯୋଗୁଁ ଏଥିରେ ଉଭୟ ପକ୍ଷରୁ ୬ ଜଣ ଗୁରୁତର ଆହତ ହୋଇଛନ୍ତି। ସେମାନେ ହେଲେ, ରଜନୀ ସ୍ୱାଇଁ (୫୨), ଜୀବନ ସ୍ୱାଇଁ (୨୮), ବିଷ୍ଣୁପ୍ରିୟା ସ୍ୱାଇଁ (୩୦), ଟୁନି ସ୍ୱାଇଁ(୫୨), ଚନ୍ଦନ ସ୍ୱାଇଁ (୨୮) ଓ ବାସନ୍ତୀ ସ୍ୱାଇଁ (୩୦)। ଆହତମାନଙ୍କୁ ପ୍ରଥମେ ସାକ୍ଷୀଗୋପାଳ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ଭର୍ତ୍ତି କରାଯାଇଥିଲା। ତେବେ ସେଠାରେ ରଜନୀଙ୍କ ଅବସ୍ଥା ସଙ୍କଟାପନ୍ନ ହେବାରୁ ତାଙ୍କୁ ପୁରୀ ବଡ଼ ଡାକ୍ତରଖାନାକୁ ସ୍ଥାନାନ୍ତର କରାଯାଇଥିବା ଜଣାପଡ଼ିଛି। ଏନେଇ ଉଭୟ ପକ୍ଷରୁ ସତ୍ୟବାଦୀ ଥାନାରେ ଅଭିଯୋଗ ହୋଇଥିବା ଜଣାପଡ଼ିଛି।

ଜୀବନଙ୍କ କହିବା ମୁତାବକ, ଟୁନୀଙ୍କ ପରିବାରରେ ଗତ କିଛି ଦିନ ହେବ ଆଶ୍ରୟ ନେଇ ରହୁଥିବା ଜନୈକ ବ୍ୟକ୍ତି ନାରୀରୂପ ଧାରଣ କରି ଘରେ ତନ୍ତ୍ରସାଧନା କରୁଥିଲେ। ବିଳମ୍ବିତ ରାତିରେ ପୂଜାର୍ଚ୍ଚନା କରିବା ଓ ବିଭିନ୍ନ ସମୟରେ ଭିନ୍ନଭିନ୍ନ ଲୋକେ ତାଙ୍କ ଘରକୁ ଯା'ଆସା କରିବା ଘଟଣାକୁ ରଜନୀଙ୍କ ପରିବାରଲୋକେ ବିରୋଧ କରିଆସୁଥିଲେ। ତେବେ ବିଭିନ୍ନ ରୋଗବ୍ୟାଧି ଭଲ କରାଇଦେବା, ସନ୍ତାନପ୍ରାପ୍ତି କରାଇଦେବା, ବାହାଘର କରାଇଦେବା, ଚାକିରି କରାଇଦେବା ଆଦି ବିଭିନ୍ନ ଆଳ ଦେଖାଉଥିବାରୁ ଦିନକୁ ଦିନ ସ୍ଥାନୀୟ ଅଞ୍ଚଳରେ ଜନୈକ ବ୍ୟକ୍ତିଙ୍କ ଖ୍ୟାତି ବଢ଼ିବା ସହିତ ଲୋକଙ୍କ ସଂଖ୍ୟା ବୃଦ୍ଧି ପାଇଥିଲା। ଏହି ଘଟଣାକୁ ବାରମ୍ବାର ବିରୋଧ କରୁଥିବାରୁ ଟୁନୀଙ୍କ ପରିବାର ଓ ରଜନୀଙ୍କ ପରିବାର ମଧ୍ୟରେ ପାଟିତୁଣ୍ଡ ଓ ଗଣ୍ଡଗୋଳ ଲାଗି ରହୁଥିବା ବେଳେ ଗତ ବୁଧବାର ଏହି ଗଣ୍ଡଗୋଳ ଉଗ୍ରରୂପ ଧାରଣ କରିଥିଲା। ଜନୈକ ବ୍ୟକ୍ତି ତନ୍ତ୍ରସାଧିକା ଜଣକ ବୋଉ ଓ ବିବାହିତା ଭଉଣୀକୁ ଆକ୍ରମଣ କରିଥିବା ଓ ବିରୋଧ କରିବାରୁ ଜୀବନଙ୍କୁ ମଧ୍ୟ ଆକ୍ରମଣ କରାଯାଇଥିବା ସେ ଭିଡିଓ ମାଧ୍ୟମରେ କହିଛନ୍ତି। ଏହି ଭିଡିଓ ଜରିଆରେ ନ୍ୟାୟଭିକ୍ଷା କରି ପୁଲିସକୁ ସଠିକ୍ ତଦନ୍ତ କରିବାକୁ ସେ ନିବେଦନ କରିଛନ୍ତି।

**ବଳଙ୍ଗା ନାବାଳିକା ପୋଡ଼ି ଘଟଣା**

# ପରିବାର ଉପସ୍ଥିତିରେ ପୀଡ଼ିତାଙ୍କ ବୟାନ ରେକର୍ଡ

**ବଳଙ୍ଗା, ୩୧।୭ (ସମିସ):** ବଳଙ୍ଗା ନାବାଳିକା ପୋଡ଼ି ଘଟଣାରେ ପୀଡ଼ିତାଙ୍କ ସୁସ୍ଥ ମାନସିକତା ଓ ସମ୍ପୂର୍ଣ୍ଣ ସହମତିରେ ବୟାନ ରେକର୍ଡ କରିଛି ପୁଲିସ। ବଳଙ୍ଗା ନାବାଳିକା ପୋଡ଼ି ଘଟଣାରେ ପୁଣି ଗୁରୁବାର ଦିଲ୍ଲୀ ଏମ୍ସରେ ବଳଙ୍ଗା ଥାନା ଅଧିକାରୀ, ପୁରୀ ହେଡ୍ କ୍ୱାର୍ଟର ମହିଳା ଡିଏସ୍‌ପି ଓ ସ୍ଥାନୀୟ ମାଜିଷ୍ଟ୍ରେଟ୍‌ଙ୍କ ଉପସ୍ଥିତିରେ ପୀଡ଼ିତାଙ୍କର ୪ର୍ଥ ଥର ବୟାନ ରେକର୍ଡ କରାଯାଇଛି। ବୟାନ ରେକର୍ଡ ସମୟରେ ପୀଡ଼ିତାଙ୍କ ପରିବାର ସଦସ୍ୟ ଉପସ୍ଥିତ ଥିଲେ। ଶେଷଥର ବୟାନ ରେକର୍ଡ ବେଳେ ଗୁରୁତ୍ୱପୂର୍ଣ୍ଣ ପ୍ରଶ୍ନର ଉତ୍ତର ଦେଇଛନ୍ତି ପୀଡ଼ିତା। ବୟାନ ରେକର୍ଡ ପରେ ଏମ୍ସ ନିକଟରେ ଥିବା କୋର୍ଟକୁ ଗଲେ ବୟାନ ରେକର୍ଡ କରୁଥିବା ଅଧିକାରୀ। ପୀଡ଼ିତାଙ୍କ ବୟାନ ରେକର୍ଡ କରି ସନ୍ଧ୍ୟା ସୁଦ୍ଧା ଫେରିବେ ଦିଲ୍ଲୀ ଏମ୍ସରୁ ବଳଙ୍ଗା ପୁଲିସ।

# ମାଓ ଅପରେସନ୍‌ରେ ବର୍ଷା ବାଧକ

**ଭୁବନେଶ୍ୱର,୩୧।୭(ସମିସ):** ୨୦୨୬ ମାର୍ଚ୍ଚ ସୁଦ୍ଧା ଦେଶରୁ ମାଓ କାର୍ଯ୍ୟାକଳାପ ବିଲୋପ କରିବାକୁ କେନ୍ଦ୍ର ଗୃହ ମନ୍ତ୍ରଣାଳୟ ନିର୍ଦ୍ଦେଶ ଦେଇଛି। ହେଲେ ଏବେ ଓଡ଼ିଶାରେ ମାଓ ଅପରେସନ୍‌ରେ ବାଧକ ସାଜିଛି ବର୍ଷା ଋତୁ। କାରଣ ବର୍ଷା ପାଇଁ ସୁରକ୍ଷାବାହିନୀ ଘଞ୍ଚ ଜଙ୍ଗଲ ଭିତରକୁ ଯାଇ ଅପରେସନ୍ କରିପାରୁ ନାହାନ୍ତି। ବର୍ଷା ହେବାଦ୍ୱାରା ସେମାନେ ଓଦା ହୋଇ ଦୀର୍ଘ ସମୟ ଜଙ୍ଗଲ ଭିତରେ ଅପରେସନ୍ କରିବା ସମ୍ଭବ ହେଉନାହିଁ। ପୂର୍ବରୁ ଯବାନମାନେ ଅପରେସନ୍ ପାଇଁ ଜଙ୍ଗଲ ଭିତରକୁ ଗଲେ ୬ରୁ ୭ ଦିନ ଜଙ୍ଗଲ ଭିତରେ ସର୍ଚ୍ଚ ଅପରେସନ୍ କରି ଫେରୁଥିଲେ। ହେଲେ ଏବେ ବର୍ଷା ଋତୁରେ ଜଙ୍ଗଲ ଭିତରେ ୨ଦିନ ସର୍ଚ୍ଚ ଅପରେସନ୍ କରି ଫେରି ଆସୁଛନ୍ତି। କାରଣ ଓଦା ପୋଷାକରେ କାନ୍ଧରେ ବ୍ୟାଗ୍ ପକାଇ ଯିବାରେ ସମସ୍ୟା ହେଉଛି। ଆହୁରି ମଧ୍ୟ ନିମୋନିଆ ହେବାର ଆଶଙ୍କା ରହିଥିବାରୁ ସୁରକ୍ଷାବାହିନୀ ୨ଦିନ ଜଙ୍ଗଲ ଭିତରେ ରହି ପଳାଇ ଆସୁଛନ୍ତି। ବର୍ଷା ପାଇଁ ଭରା ନଦୀରେ ପଶି ଯିବାରେ ସମସ୍ୟା ହେଉଛି। ସବୁ ସ୍ଥାନକୁ ଯିବା ପାଇଁ ବୋଟ୍‌ର ବ୍ୟବସ୍ଥା ନ ଥିବାରୁ ଯାଇ ହେଉନାହିଁ। ଆହୁରି ମଧ୍ୟ ଜଙ୍ଗଲ ଭିତରେ ଗଛ ବଢ଼ି ଯାଇଥିବାରୁ ଭିତରକୁ ପ୍ରବେଶ କରିବାରେ ମଧ୍ୟ ସମସ୍ୟା ହେଉଛି। ବଡ଼ କଥା ହେଲା, ବର୍ଷା ଦିନରେ ଜଙ୍ଗଲ ଭିତରେ ତମ୍ବୁ କରି ରହିବାରେ ମଧ୍ୟ ସମସ୍ୟା ହେଉଛି। କାରଣ ବର୍ଷାରେ ଅନେକ ସରୀସୃପ ତମ୍ବୁ ଭିତରକୁ ପଶି ଯାଉଥିବାରୁ ଜୀବନ ପ୍ରତି ବିପଦ

- ଜଙ୍ଗଲ ଭିତରେ ଭିଜି ଯାତାୟାତ କରିବାରେ ହେଉଛି ସମସ୍ୟା
- ୬ ଦିନ ବଦଳରେ ୨ ଦିନରେ ପଳାଇ ଆସୁଛନ୍ତି ସୁରକ୍ଷାକର୍ମୀ
- ଋତୁ ବଦଳିଲେ ପୁଣି ଜୋରଦାର୍ ହେବ ଅପରେସନ୍: ଏଡିଜି

ରହିଛି ବୋଲି ଜଣେ ଅଧିକାରୀ ସୂଚନା ଦେଇଛନ୍ତି। ଯେଉଁ ଇଲାକାରେ ମାଓବାଦୀ ସକ୍ରିୟ ନେଇ ସୂଚନା ଆସୁଛି, ସେଠାକୁ ସୁରକ୍ଷାକର୍ମୀ ଯାଇ ଅପରେସନ୍ କରୁଛନ୍ତି, ନ ହେଲେ ଏବେ ଜଙ୍ଗଲ ଭିତରେ ସବୁଜାଗାରେ ସର୍ଚ୍ଚ ଅପରେସନ୍ କରିବା କଷ୍ଟକର ହୋଇ ପଡୁଥିବା ଅଧିକାରୀ ସୂଚନା କହିଛନ୍ତି।

ଅନ୍ୟପଟରେ ପୁଲିସ ପାଇଁ ଚ୍ୟାଲେଞ୍ଜ ପାଲଟିଛି ମାଓବାଦୀମାନଙ୍କ ଦ୍ୱାରା ନୂଆ ଟେକ୍ନୋଲୋଜି ବ୍ୟବହାର। କାରଣ ଏବେ ମାଓବାଦୀମାନେ ପୁଲିସ ଭଳି ଡ୍ରୋନ୍ ବ୍ୟବହାର କରୁଛନ୍ତି। ଏକାଧିକ ଜଙ୍ଗଲରେ ସୁରକ୍ଷାବାହିନୀ ଉପରେ ନଜର ରଖିବା ପାଇଁ ମାଓବାଦୀମାନେ ଡ୍ରୋନ୍ ଉଡ଼ାଉଥିବା ଦେଖିବାକୁ ମିଳିଛି। ତେଣୁ ପୁଲିସ ଏହି ଡ୍ରୋନ୍ ଉପରେ କିଭଳି ଲଗାମ ଲଗାଇବ ତାହାକୁ ନେଇ ପ୍ରଶ୍ନ ଉଠୁଛି। ଶସ୍ତାରେ ଡ୍ରୋନ୍ ମିଳିଯାଉଥିବାରୁ ସେମାନେ କିଣି ଏହାକୁ ବ୍ୟବହାର କରୁଛନ୍ତି। ଯାହାଫଳରେ ଏହାଦ୍ୱାରା ସେମାନେ ସୁରକ୍ଷାକର୍ମୀଙ୍କ ଗତିବିଧି ଜାଣି ନିଜର କ୍ୟାମ୍ପ ବଦଳାଇ ଦେଉଛନ୍ତି। ଯାହାଫଳରେ ପୁଲିସ ସେମାନଙ୍କୁ ଧରିବା କଷ୍ଟକର ହେଉଛି।

ଏନେଇ ମାଓ ଅପରେସନ୍ ଏଡିଜି ସଞ୍ଜୀବ ପଣ୍ଡା କହିଛନ୍ତି ଯେ ବର୍ଷା ଦିନରେ ସର୍ଚ୍ଚ ଅପରେସନ୍‌ରେ ଟିକେ ସମସ୍ୟା ହେଉଛି। ବର୍ଷା ଋତୁ ଗଲାପରେ ଅପରେସନକୁ ଜୋର୍‌ଦାର୍ କରାଯିବ।

# ସଂଖ୍ୟାଲଘୁ ମହିଳାଙ୍କୁ ଧର୍ମଶାଳା ବିଧାୟକଙ୍କ ଅସଦାଚରଣ ଦୁର୍ଭାଗ୍ୟଜନକ: ବିଜେଡି

**ଭୁବନେଶ୍ୱର,୩୧।୭ (ସମିସ):** ରାଜ୍ୟରେ ମହିଳା ଓ ଶିଶୁ ବିରୋଧୀ ହିଂସା ଓ ଅପରାଧ ଉପରମୁହାଁ ସ୍ଥିତିରେ ରହିଥିବା ବେଳେ ରାଜ୍ୟ ସରକାର ଏକପ୍ରକାର ଉପାୟଶୂନ୍ୟ ହୋଇ ପଡ଼ିଛନ୍ତି। ଏପରିସ୍ଥିତିରେ ସଂଖ୍ୟାଲଘୁ ସମ୍ପ୍ରଦାୟର ଜଣେ ମହିଳାଙ୍କୁ ଧର୍ମଶାଳା

- ବିଜେପି ସଂଖ୍ୟାଲଘୁ ସେଲ୍ ସଭାପତିଙ୍କ ପତ୍ନୀ ବିଧାୟକଙ୍କ ଦ୍ୱାରା ନିର୍ଯାତିତ
- ପୀଡ଼ିତା ମହିଳା ଲିଖିତ ଅଭିଯୋଗ କରିଥିଲେ ହେଁ ଏତଲା ରଖୁନି ପୁଲିସ
- ଯାଜପୁର ଜିଲ୍ଲାରେ କର୍ତ୍ତବ୍ୟରତ ମହିଳା ପୁଲିସ କର୍ମଚାରୀ ମଧ୍ୟ ଅସୁରକ୍ଷିତ



ବିଧାୟକ ହିମାଂଶୁ ଶେଖର ସାହୁଙ୍କ ଅସଦାଚରଣ ଘଟଣାରେ ପୁଲିସ ଏତଲା ଗ୍ରହଣ ନ କରିବା ଉଦ୍‌ବେଗଜନକ ବୋଲି ବିଜୁ ଜନତା ଦଳର ୩ ମହିଳା ନେତ୍ରୀ ରାଜ୍ୟ ସରକାରଙ୍କ ଉପରେ ବର୍ଷିଛନ୍ତି।

ଗୁରୁବାର ଶଙ୍ଖ ଭବନରେ ଆୟୋଜିତ ସାମ୍ବାଦିକ ସମ୍ମିଳନୀରେ ପୂର୍ବତନ ମନ୍ତ୍ରୀ ତଥା ଦଳର ପିଏସି ସଦସ୍ୟା ଟୁକୁନି ସାହୁ କହିଛନ୍ତି ଯେ ବିଜେପି ସରକାରରେ ରାଜ୍ୟରେ ମହିଳାମାନେ କୌଣସି କ୍ଷେତ୍ରରେ ସୁରକ୍ଷିତ ନାହାନ୍ତି। ପ୍ରତିଦିନ ରାଜ୍ୟରେ ଘଟୁଥିବା ନାରୀ ନିର୍ଯାତନା ଘଟଣା ପାଇଁ ଓଡ଼ିଶା ଦେଶରେ ନିନ୍ଦିତ ହେଉଛି।

ସେହିପରି ଦଳର ମୁଖପାତ୍ର ଇପ୍‌ସିତା ସାହୁ କହିଥିଲେ ଯେ ବିଜେପି ସରକାରରେ ମହିଳା ଓ ଛାତ୍ରୀମାନେ ପ୍ରତ୍ୟେକ ଦିନ ନିର୍ଯାତନାର ଶିକାର ହେଉଥିବା ବେଳେ ଯାଜପୁର ଜିଲ୍ଲାରେ ଏକ ଅଭାବନୀୟ ନାରୀ ନିର୍ଯାତନାର ଖବର ସାମ୍ନାକୁ ଆସିଛି। ବିଜେପି ସଂଖ୍ୟାଲଘୁ ସେଲର ସଭାପତିଙ୍କ ପତ୍ନୀଙ୍କୁ ତାଙ୍କ ଝିଅ ସାମ୍ନାରେ ଧର୍ମଶାଳା ବିଧାୟକଙ୍କ ଦ୍ୱାରା ନିର୍ଯାତନାର ଶିକାର ହୋଇ ପୁଲିସର ଦ୍ୱାରସ୍ଥ ହୋଇଥିଲେ ମଧ୍ୟ ତାଙ୍କର ଏତଲାକୁ ପୁଲିସ ଏ ପର୍ଯ୍ୟନ୍ତ ଗ୍ରହଣ କରୁନାହିଁ। ତାଙ୍କ ସ୍ୱାମୀଙ୍କୁ ଧର୍ମଶାଳାରେ ବ୍ୟବସାୟ କରିବା ପାଇଁ ହେଲେ ମାସିକ ଦାଦାବାଟି ଦେବାକୁ ପଡ଼ିବ ବୋଲି ବିଧାୟକ ଧମକ ଦେଉଛନ୍ତି ବୋଲି ସେ ତାଙ୍କ ଏତଲାରେ ଦର୍ଶାଇଥିଲେ ମଧ୍ୟ ପୁଲିସ ଏପର୍ଯ୍ୟନ୍ତ ବିଧାୟକଙ୍କ ବିରୋଧରେ କୌଣସି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିନାହିଁ ବୋଲି ଶ୍ରୀମତି ସାହୁ ପ୍ରଶ୍ନ କରିଥିଲେ। ସେ ଆହୁରି ମଧ୍ୟ କହିଥିଲେ ଯେ ଯାଜପୁର ଜିଲ୍ଲାରେ ଜଣେ କର୍ତ୍ତବ୍ୟରତ ମହିଳା ଏଏସ୍‌ଆଇଙ୍କୁ ଥାନା ଭିତରେ ବିଜେପି ସମର୍ଥକମାନେ ଅସଭ୍ୟ ଭାଷାରେ ଗାଳିଗୁଲଜ ସହ ଅପମାନିତ କରିଥିଲେ। ଏହି ଘଟଣାକୁ ନେଇ ମହିଳା ଏଏସ୍‌ଆଇ ଯାଜପୁର ପୁଲିସ ପ୍ରଶାସନ ନିକଟରେ ଫେରାଦ ହୋଇଥିଲେ ମଧ୍ୟ ଏପର୍ଯ୍ୟନ୍ତ ଅଭିଯୁକ୍ତଙ୍କ ବିରୋଧରେ କୌଣସି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଇନାହିଁ। ଧର୍ମଶାଳା ବିଧାୟକଙ୍କ ଧନବଳ ଆଗରେ ରାଜ୍ୟ ବିଜେପି ସଭାପତି ଓ ମୁଖ୍ୟମନ୍ତ୍ରୀ ଯେ ଅସହାୟ ହୋଇପଡ଼ିଛନ୍ତି, ଏଥିରୁ ପ୍ରତୀୟମାନ ହେଉଛି।

ସେହିପରି ଦଳର ମୁଖପାତ୍ର ସୋଫିଆ ଆଲାମ କହିଥିଲେ ଯେ ରାଜ୍ୟରେ ସଂଖ୍ୟାଲଘୁ ସମ୍ପ୍ରଦାୟର ମହିଳାମାନେ ନିର୍ଯାତନାର ଶିକାର ହୋଇ ଥାନାର ଦ୍ୱାରସ୍ଥ ହେଉଥିଲେ ମଧ୍ୟ ଅଭିଯୁକ୍ତଙ୍କ ବିରୋଧରେ ପୁଲିସ କୌଣସି କାର୍ଯ୍ୟାନୁଷ୍ଠାନ ଗ୍ରହଣ ନ କରିବା ଦୁର୍ଭାଗ୍ୟଜନକ। ଏଠି ଅପରାଧୀ ଉପରମୁହାଁ ହୋଇଥିବା ବେଳେ ସରକାର ଉପାୟଶୂନ୍ୟ ହୋଇପଡ଼ିଛନ୍ତି ବୋଲି ସେ ସମାଲୋଚନା ଛଳରେ କହିଛନ୍ତି।

# ରାଜ୍ୟରେ 'ଭାବା'ର ସୀମିତ ଉପସ୍ଥିତିକୁ ନେଇ ସାଂସଦ ମାନସଙ୍କ ଉଦ୍‌ବେଗ

**ଭୁବନେଶ୍ୱର, ୩୧।୭ (ସମିସ):** ରାଜ୍ୟରେ ଭାବା ଆଟୋମିକ୍ ରିସର୍ଚ୍ଚ ସେଣ୍ଟର(ବିଏଆର୍‌ସି) ଭଳି ପ୍ରତିଷ୍ଠିତ ଗବେଷଣା ଭିତ୍ତିକ ପ୍ରତିଷ୍ଠାନର ଉପସ୍ଥିତି ସୀମିତ ରହିଛି। ଏହା ସହ ବହୁ ରାଜ୍ୟ ପାଇଁ ବହୁ କମ୍ ପରିମାଣରେ ଅର୍ଥ ମଞ୍ଜୁର କରାଯାଇଛି। ରାଜ୍ୟର ମାତ୍ର ୮ଟି ଅନୁଷ୍ଠାନ ଏବଂ ୧୧ଟି ଗବେଷଣା ଭିତ୍ତିକ ପ୍ରୋଜେକ୍ଟରେ 'ଭାବା' ସହ ସହଭାଗିତା ରହିଛି। ବିଗତ ୫ ବର୍ଷରେ ଓଡ଼ିଶାକୁ ଏଥିପାଇଁ ୩.୭୨ କୋଟି ମଞ୍ଜୁର କରାଯାଇଛି। ଯାହାର ପ୍ରଭାବ ସିଧାସଳଖ ଛାତ୍ର ଏବଂ ଯୁବ ଗବେଷକଙ୍କ ଉପରେ ପଡୁଛି। ରାଜ୍ୟର ବିଭିନ୍ନ ଶିକ୍ଷାନୁଷ୍ଠାନ, ଅନୁଷ୍ଠାନ ସହ ଭାବା ସହଭାଗିତାକୁ କ'ଣ ପାଇଁ ଅଧିକ ବ୍ୟାପକ କରାଯାଉ ନାହିଁ, ସେନେଇ ରାଜ୍ୟସଭା ସାଂସଦ ମାନସ ମଙ୍ଗରାଜ ଚିନ୍ତା ପ୍ରକଟ କରିଛନ୍ତି। ଭାବା ସହ ରାଜ୍ୟର କେଉଁସବୁ କ୍ଷେତ୍ରରେ କେତୋଟି ଅନୁଷ୍ଠାନ ଯୋଡ଼ି ହୋଇଛନ୍ତି, ଏଥିପାଇଁ କେତେ ପରିମାଣର ପାଣ୍ଠି ଯୋଗାଇ ଦିଆଯାଇଛି, ଭାବା ସହ ଯୋଡ଼ି ହେବାର କ'ଣ ଭବିଷ୍ୟତ ଯୋଜନା ରହିଛି ବୋଲି ଗୁରୁବାର ରାଜ୍ୟସଭାରେ ସାଂସଦ ଶ୍ରୀ ମଙ୍ଗରାଜ ପ୍ରଶ୍ନ କରିଛନ୍ତି।

ଏହାର ଉତ୍ତରରେ ପ୍ରଧାନମନ୍ତ୍ରୀଙ୍କ କାର୍ଯ୍ୟାଳୟ ପକ୍ଷରୁ ରାଷ୍ଟ୍ରମନ୍ତ୍ରୀ ଡଃ. ଜିତେନ୍ଦ୍ର ସିଂ କହିଛନ୍ତି ବିଏଆର୍‌ସି ଦ୍ୱାରା ଡିପାର୍ଟମେଣ୍ଟ ଅଫ୍ ଆଟମିକ୍ ଏନର୍ଜି(ଡିଏଇ) ନାମକ ଏହା ସଂସ୍ଥା ଗଠନ କରାଯାଇଛି। ଡିଏଇର ବୋର୍ଡ ଅଫ୍ ରିସର୍ଚ୍ଚ ଇନ୍ ନ୍ୟୁକ୍ଲିୟର ସାଇନ୍ସ (ବିଆର୍‌ଏନ୍‌ଏସ୍) ଜରିଆରେ ରାଜ୍ୟର ବିଭିନ୍ନ ଶିକ୍ଷାନୁଷ୍ଠାନ ସହ ଏକାଧିକ ଗବେଷଣାଭିତ୍ତିକ ପ୍ରୋଜେକ୍ଟରେ ସହଭାଗିତା ରହିଛି। ଗତ ୫ ବର୍ଷ ମଧ୍ୟରେ ଭାବା ପକ୍ଷରୁ ରାଜ୍ୟରେ ୧୧ ଗବେଷଣା ଭିତ୍ତିକ ପ୍ରକଳ୍ପକୁ

**ମାତ୍ର ୮ଟି ଅନୁଷ୍ଠାନ ଏବଂ ୧୧ ଗବେଷଣା ଭିତ୍ତିକ ପ୍ରକଳ୍ପରେ ସହଭାଗିତା**

**୫ ବର୍ଷରେ 'ଭାବା' ରାଜ୍ୟକୁ ମଞ୍ଜୁର କରିଛି ମାତ୍ର ୩.୭୨ କୋଟି ଟଙ୍କା**

ଅନୁମୋଦନ କରାଯାଇଛି। ଏଥିପାଇଁ ମାତ୍ର ୩.୭୨ କୋଟି ଟଙ୍କା ଖର୍ଚ୍ଚ କରାଯାଇଛି। ଗବେଷଣା କ୍ଷେତ୍ରରେ ରେଭେନ୍ସା ବିଶ୍ୱବିଦ୍ୟାଳୟ, ଏନ୍‌ଆଇଟି, ମହାରାଜା ଶ୍ରୀରାମ ଚନ୍ଦ୍ର ଭଞ୍ଜଦେଓ ବିଶ୍ୱବିଦ୍ୟାଳୟ, ସିଭି ରମଣ ଗ୍ଲୋବାଲ ବିଶ୍ୱବିଦ୍ୟାଳୟ, ଆଇସିଏଆର୍, ଫକୀର ମୋହନ ବିଶ୍ୱବିଦ୍ୟାଳୟ, ବ୍ରହ୍ମପୁର ବିଶ୍ୱବିଦ୍ୟାଳୟ, ନାଇଜର ଭଳି ପ୍ରତିଷ୍ଠିତ ୮ଟି ଶିକ୍ଷାନୁଷ୍ଠାନ ସହ ଭାବା ଜଡ଼ିତ। ଏହା ସହ ଡିଏଇର ଗ୍ରାମାଞ୍ଚଳ ଟେକ୍‌ନୋଲୋଜିର ଉପସ୍ଥାପନା ଓ ପ୍ରସାର ପାଇଁ ସମ୍ବଲପୁର ଜିଏମ୍ ବିଶ୍ୱବିଦ୍ୟାଳୟ ପରିସରରେ 'ଆକୃତି'ର ପ୍ରତିଷ୍ଠା କରାଯାଇଛି। ଏଥିରେ ସ୍ୱାସ୍ଥ୍ୟସେବା, କୃଷି ଓ ପରିବେଶ କ୍ଷେତ୍ରରେ ଗବେଷଣା କରାଯାଉଛି। ଲୁଣି ଏବଂ ମରୁଡି ପ୍ରତିରୋଧକ ଧାନ ଫସଲ ଗବେଷଣା ଏବଂ ଟ୍ରାଏଲ୍, ଭୂତଳ ଜଳରେ ଫ୍ଲୋରାଇଡ୍ ପ୍ରବେଶ, ବ୍ୟାଟେରି ଏବଂ ଉର୍ଜା ସଂରକ୍ଷଣର ନୂଆ ଟେକ୍‌ନୋଲୋଜି, ମ୍ୟାଲେରିଆ ରୋଗ ଚିହ୍ନଟ ଉପକରଣ ପ୍ରଭୃତି ଏହି ଗବେଷଣା ମଧ୍ୟରେ ରହିଛି। ଏହି ଗବେଷଣାଭିତ୍ତିକ ପ୍ରକଳ୍ପଗୁଡ଼ିକରୁ ଛାତ୍ର ଏବଂ ଯୁବ ଗବେଷକମାନେ ବହୁ କିଛି ଶିଖିବା ପାଇଁ ଲ୍ୟାବ୍‌ରେ ଗବେଷଣାର ଏକ ସୁଯୋଗ ସୃଷ୍ଟି କରୁଛି। ଏହାଦ୍ୱାରା ସେମାନେ ଭିନ୍ନ ଏକ ମାଇକ୍ରୋସ୍କୋପ୍‌ରେ କାମ କରିବା, ବିଭିନ୍ନ କେମିକାଲ୍‌କୁ ନେଇ ତର୍ଜମା କରିବା ଭଳି ଅନୁଭବ ହାସଲ କରି ପାରୁଛନ୍ତି। ଭବିଷ୍ୟତରେ ରାଜ୍ୟର କେଉଁ ଅନୁଷ୍ଠାନ ସହ 'ଭାବା'ର ଗବେଷଣାର ସହଯୋଗ ସ୍ଥାପନ ହେବ, ତାହା ଉଭୟଙ୍କ ମିଳିତ ଇଚ୍ଛାଶକ୍ତି ଉପରେ ନିର୍ଭର କରେ। ଆଗକୁ ନ୍ୟୁକ୍ଲିୟର ଏଗ୍ରିକଲ୍‌ଚର୍, ସ୍ୱାସ୍ଥ୍ୟସେବା ଏବଂ ଖାଦ୍ୟ ସଂରକ୍ଷଣ ଭଳି କ୍ଷେତ୍ରରେ ସହଭାଗିତା ହେବ ବୋଲି ଡଃ. ସିଂ ଉତ୍ତର ରଖିଛନ୍ତି।

**ବ୍ରାହ୍ମଣୀରେ ବନ୍ୟା**

# ରାସ୍ତା ଉପରେ କୁମ୍ଭୀର

**ଆଳି, ୩୧।୭ (ସମିସ):** ବ୍ରାହ୍ମଣୀ ନଦୀରେ ବନ୍ୟା ଯୋଗୁଁ କେନ୍ଦ୍ରାପଡ଼ା ଜିଲ୍ଲା ଆଳି ବ୍ଲକ୍ କୋଳିଡିହ ପଞ୍ଚାୟତର ବିଜୟନଗର, ତଅଁଳାଡିଆ, ଦିନିଆରୀ, ଇଚ୍ଛାପୁର, ଜାମୁଦଣ୍ଡା ଗ୍ରାମର ଲୋକେ ଜଳବନ୍ଦୀ ଅବସ୍ଥାରେ ରହିଛନ୍ତି। ଏପରି ଅବସ୍ଥାରେ ସେମାନଙ୍କୁ କୁମ୍ଭୀର ଭୟ ଘାରିବାରେ ଲାଗିଛି। ଆଜି ସଂଧ୍ୟାରେ କିଛି ଲୋକ ଇଚ୍ଛାପୁର ରାସ୍ତାର ମଙ୍ଗଳା ମନ୍ଦିର ନିକଟରେ ଏକ ବଉଳା କୁମ୍ଭୀର ଭାସୁଥିବା ଦେଖିବା ପରେ ସ୍ଥାନୀୟ ଅଞ୍ଚଳରେ ଆତଙ୍କର ବାତାବରଣ ଖେଳିଯାଇଛି। ଫଳରେ ଗ୍ରାମବାସୀ ଭୟରେ ପଦାକୁ ବାହାରୁ ନାହାନ୍ତି।



ସୂଚନାନୁଯାୟୀ, ଗ୍ରାମର ମୁଖ୍ୟ ରାସ୍ତା ଉପରେ ୫ଫୁଟ୍ ଉଚ୍ଚର ପାଣି ପ୍ରବାହିତ ହେଉଥିବା ବେଳେ ଗ୍ରାମବାସୀ ଇଚ୍ଛାପୁର ରାସ୍ତା ଦେଇ ଯାତାୟାତ କରୁଥିଲେ। ଜଳସ୍ତର ବୃଦ୍ଧି ପାଇବା ହେତୁ ଉକ୍ତ ରାସ୍ତାର କିଛି ସ୍ଥାନ ବୁଡ଼ିଯାଇ ରାସ୍ତା ଉପରେ ପାଣି ପ୍ରବାହିତ ହେଉଛି। ବୁଡ଼ିଯାଇଥିବା ସେହି ସ୍ଥାନ ମଧ୍ୟରୁ ମଙ୍ଗଳା ମନ୍ଦିର ନିକଟରେ ଆଜି ସନ୍ଧ୍ୟାରେ ଏକ ବଉଳା କୁମ୍ଭୀର ଭାସୁଥିବା କିଛି ଲୋକ ଦେଖିବାକୁ ପାଇଥିଲେ। ସାଧାରଣତଃ ବନ୍ୟାଜଳ ସହ କୁମ୍ଭୀର ଜନବସତି ଆଡ଼କୁ ଚାଲିଆସିବାର ପୂର୍ବରୁ ବହୁ ନଜିର ରହିଛି। ଉଲ୍ଲେଖଯୋଗ୍ୟ, ଗତ ମାସରେ ତଅଁଳାଡିହା ଗ୍ରାମର କୈଳାସ ମହାନ୍ତିଙ୍କ ପତ୍ନୀ କାଜଲ ମହାନ୍ତି (୪୦) ଖରସ୍ରୋତା ନଦୀ ସଂଲଗ୍ନ ତଅଁଳାଡିହା ପାନିଆଯୋରକୁ ଗାଧୋଇବାକୁ ଯାଇଥିବା ବେଳେ ତାଙ୍କୁ ଏକ କୁମ୍ଭୀର ଆକ୍ରମଣ କରିଥିଲା ଏବଂ ସେଥିରେ ତାଙ୍କର ମୃତ୍ୟୁ ହୋଇଯାଇଥିଲା।

**ଏକ୍ ପେଡ୍ ମା'କେ ନାମ୍-୨.୦**

# ପ୍ରଧାନମନ୍ତ୍ରୀଙ୍କ ଜନ୍ମଦିନରେ ଲାଗିବ ୭୫ ଲକ୍ଷ ଗଛ

**ଭୁବନେଶ୍ୱର, ୩୧।୭ (ସମିସ):** ଆସନ୍ତା ସେପ୍ଟେମ୍ବର ୧୭ ତାରିଖରେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କ ୭୫ତମ ଜନ୍ମଦିନରେ ରାଜ୍ୟ ସରକାର ୭୫ ଲକ୍ଷ ଗଛ ଲଗାଇବେ। 'ଏକ୍ ପେଡ୍ ମା କେ ନାମ୍' ଅଭିଯାନ ଅଧୀନରେ ଏହି ରେକର୍ଡ ସଂଖ୍ୟକ ଗଛ ଲାଗିବ ବୋଲି ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଘୋଷଣା କରିଛନ୍ତି।



**ଅଭିଯାନର ଦ୍ୱିତୀୟ ସଂସ୍କରଣରେ ୭.୫ କୋଟି ବୃକ୍ଷରୋପଣ ଲକ୍ଷ୍ୟ**

**ଜଳବାୟୁ ଉପଯୋଗୀ ବୃକ୍ଷ ରୋପଣ ପାଇଁ ମୁଖ୍ୟମନ୍ତ୍ରୀଙ୍କ ପରାମର୍ଶ**

ଗୁରବାର ଲୋକସେବା ଭବନରେ ଅଭିଯାନ ସମ୍ପର୍କରେ ଏକ ପ୍ରସ୍ତୁତି ବୈଠକରେ ଅଧ୍ୟକ୍ଷତା କରି ମୁଖ୍ୟମନ୍ତ୍ରୀ କହିଥିଲେ ଯେ 'ଏକ୍ ପେଡ୍ ମା କେ ନାମ୍' କାର୍ଯ୍ୟକ୍ରମ ଏକ ଜନଆନ୍ଦୋଳନରେ ପରିଣତ ହୋଇଛି। ଗତବର୍ଷ ଏହି କାର୍ଯ୍ୟକ୍ରମରେ ଓଡ଼ିଶା ତା'ର ଲକ୍ଷ୍ୟ ଅତିକ୍ରମ କରି ୬.୭୨ କୋଟି ଗଛ ଲଗାଇ ସାରା ଦେଶରେ ଚତୁର୍ଥ ସ୍ଥାନ ଅଧିକାର କରିଥିଲା। ଏ ବର୍ଷ ୭.୫ କୋଟି ଗଛ ଲଗାଇବାର ଲକ୍ଷ୍ୟ ରଖାଯାଇଛି। ଏବର୍ଷ କେବଳ ଗୋଟିଏ ଦିନ (ପ୍ରଧାନମନ୍ତ୍ରୀଙ୍କ ଜନ୍ମଦିନ)ରେ ୭୫ ଲକ୍ଷ ଗଛ ଲାଗିବ, ଯାହା ଏକ ରେକର୍ଡ ବୋଲି ମୁଖ୍ୟମନ୍ତ୍ରୀ କହିଥିଲେ। କେବଳ ଗଛ ଲଗାଇଦେଲେ ହେବ ନାହିଁ; ଏହି ଗଛକୁ କିଭଳି ଉତ୍ତମ ଭବିଷ୍ୟତ ମିଳିବ ତା'ର ମଧ୍ୟ ଦାୟିତ୍ୱ ନେବା ଆବଶ୍ୟକ ବୋଲି ମତ ଦେଇ ମୁଖ୍ୟମନ୍ତ୍ରୀ କହିଥିଲେ ଯେ ବୃକ୍ଷରୋପଣ ପରେ ଏହାର ରକ୍ଷଣାବେକ୍ଷଣ ଓ ଯତ୍ନ ପାଇଁ ପ୍ରତ୍ୟେକ ସରକାରୀ କର୍ମଚାରୀ ଏବଂ ଜନସାଧାରଣ ଦାୟିତ୍ୱବାନ ହେବା ଆବଶ୍ୟକ। ବିଶେଷକରି ଜିଲ୍ଲାମାନଙ୍କରେ ଜଳବାୟୁ ଉପଯୋଗୀ ବୃକ୍ଷରୋପଣ ଜରୁରୀ ଅଟେ। କାର୍ଯ୍ୟକ୍ରମର ବ୍ୟାପକ ପ୍ରଚାରପ୍ରସାର ପାଇଁ ମୁଖ୍ୟମନ୍ତ୍ରୀ ସୂଚନା ଓ ଲୋକସମ୍ପର୍କ ବିଭାଗକୁ ନିର୍ଦ୍ଦେଶ ଦେବା ସହ ଉତ୍ତମ ପ୍ରଦର୍ଶନ କ୍ଷେତ୍ରରେ ବ୍ୟକ୍ତିଗତ ଓ ଗୋଷ୍ଠୀଗତ ସ୍ତରରେ ପୁରସ୍କାର ବ୍ୟବସ୍ଥା କରାଯିବା ପାଇଁ ପରାମର୍ଶ ଦେଇଥିଲେ। ବୈଠକରେ ମୁଖ୍ୟ ଶାସନ ସଚିବ ମନୋଜ ଆହୁଜା, ଉନ୍ନୟନ କମିଶନର ଅନୁ ଗର୍ଗଙ୍କ ସମେତ ବିଭିନ୍ନ ବିଭାଗର ବହୁ ବରିଷ୍ଠ ଅଧିକାରୀ ଉପସ୍ଥିତ ଥିଲେ।

# ଡକାୟତି ଯୋଜନା ପଣ୍ଡ; ୫ କୁଖ୍ୟାତ ଅପରାଧୀ ଗିରଫ

**ରାଉରକେଲା,୩୧।୭ (ସମିସ):** ରାଉରକେଲା ପ୍ଲାଣ୍ଟସାଇଟ୍ ଥାନା ଅଞ୍ଚଳରେ ଏକ ନିର୍ଦ୍ଦିଷ୍ଟ ପେଟ୍ରୋଲ ପମ୍ପ ସମେତ କିଛି ଦୋକାନ ଓ ବାସଗୃହରୁ ଡକାୟତି କରିବାକୁ ଯୋଜନା ପାଇଁ ବିଳମ୍ବିତ ରାତିରେ ଏକତ୍ର ହୋଇଥିବା ଏକ ବଡ଼ଧରଣର ଡକାୟତ ଗ୍ୟାଙ୍ଗକୁ



ଆଜି ରାଉରକେଲା ପ୍ଲାଣ୍ଟସାଇଟ୍ ପୁଲିସ୍ ଗିରଫ କରି କୋର୍ଟଚାଲାଣ କରିଛି। ସେମାନଙ୍କ ନିକଟରୁ ଭୁଜାଲି, ଛୁରି ଏବଂ ଲୁହାଛଡ଼ ପରି ମାରଣାସ୍ତ୍ର ଜବତ କରାଯାଇଛି। ସମସ୍ତ ଅପରାଧୀ ଅନେକ ଗୁରୁତର ମାମଲାରେ ଜଡ଼ିତ ରହିଥିବା ପୁଲିସ୍ ପକ୍ଷରୁ ସୂଚନା ଦିଆଯାଇଛି। ଗିରଫ ଅପରାଧୀମାନେ ହେଉଛନ୍ତି, ଗୋପବନ୍ଧୁପାଲ୍ଲି ୱାର୍ଡ ନମ୍ବର ୩ର ଶେଖ ସଲମାନ୍ (୨୪), ରେଳବାଇ କଲୋନୀ ଇନ୍ଦିରାନଗରର ପବନ ସାହୁ (୧୯), ଲାଲ ବିଲ୍ଡିଂ ଲେନର ଆୟୁଷ ବାଡ଼ା (୧୯), ଲାଲ ବିଲ୍ଡିଂ ଲେନର ରୋହିତ ପ୍ରସାଦ ଓରଫ କାଲୁ(୨୦) ଏବଂ ମାଲଗୋଦାମ କାଳୀମନ୍ଦିର ଲେନର ମହମ୍ମଦ କୈଫ (୧୯)। ଅଭିଯୁକ୍ତଙ୍କଠାରୁ ତିନୋଟି ଲୁହା ରଡ୍, ଗୋଟିଏ ଭୁଜାଲି ଏବଂ ଗୋଟିଏ ଛୁରି ଜବତ କରାଯାଇଛି।

ପୁଲିସ ସୂଚନା ଅନୁଯାୟୀ, ଗିରଫ ଅଭିଯୁକ୍ତମାନେ ରେଲୱେ କଲୋନୀର ବଡ଼ ପାର୍କ ପରିସରରେ ଏକାଠି ହୋଇ ଡକାୟତି ପାଇଁ ଯୋଜନା କରୁଥିବା ନେଇ ସୂଚନା ମିଳିବା ପରେ ଏସ୍‌ପି ନିତେଶ ୱାଧୱାନୀଙ୍କ ନିର୍ଦ୍ଦେଶକ୍ରମେ ପ୍ଲାଣ୍ଟସାଇଟ୍ ଥାନା ଅଧିକାରୀ ବୀଭସ୍ୱ ପ୍ରଧାନଙ୍କ ନେତୃତ୍ୱରେ ପୁଲିସ ସଦଳବଳ ଘଟଣାସ୍ଥଳରେ ପହଞ୍ଚି ଉକ୍ତ ସ୍ଥାନରେ ଚଢ଼ଉ କରିଥିଲା। ସେଠାରୁ ୫ଜଣ ଦୁର୍ବୃତ୍ତଙ୍କୁ କାବୁ କରିବା ପରେ ମାରଣାସ୍ତ୍ର ଜବତ କରିଥିଲା। ସେମାନେ ନିକଟବର୍ତ୍ତୀ ଘର, ଦୋକାନ ଏବଂ କୌଣସି ଏକ ନିର୍ଦ୍ଦିଷ୍ଟ ପେଟ୍ରୋଲ ପମ୍ପରେ ଏକ ବଡ଼ଧରଣର ଡକାୟତି କରିବା ପାଇଁ ଯୋଜନା କରୁଥିଲେ ବୋଲି ପୁଲିସ ନିକଟରେ ସ୍ୱୀକାର କରିଥିବା ଜଣାପଡ଼ିଛି। ଗିରଫ ପାଞ୍ଚ ଅଭିଯୁକ୍ତ ବହୁ ଗୁରୁତର ଅପରାଧିକ ମାମଲାରେ ୱାଣ୍ଟେଡ୍ ଅଛନ୍ତି ବୋଲି ଜୋନାଲ ଡିଏସ୍‌ପି ଅମରେନ୍ଦ୍ରନାଥ ଷଣ୍ଢ ସୂଚନା ଦେଇଛନ୍ତି।

**ପୁଣି ଭତ୍ତା ଯନ୍ତ୍ରଣା**

# ବୃଦ୍ଧାଙ୍କୁ ଚୌକିରେ ଟେକିଟେକି ବୋହିଲେ ସମ୍ପର୍କୀୟ



**ପାଟଣାଗଡ଼, ୩୧।୭ (ସମିସ):** ପାଟଣାଗଡ଼ ବ୍ଲକ୍ ପାଣ୍ଡେସରା ଗାଁର ଜଣେ ବୃଦ୍ଧା ଗୁରୁଣ୍ଡିଗୁରୁଣ୍ଡି ବ୍ୟାଙ୍କକୁ ଭତ୍ତା ପାଇଁ ଯିବା ଘଟଣା ଲୋକଙ୍କ ମନରୁ ନ ଯାଉଣୁ, ବୁଧବାର ପୁଣି ଏଭଳି ଏକ ଅଭାବନୀୟ ଦୃଶ୍ୟ ଦେଖିବାକୁ ମିଳିଛି। ୭୦ ବର୍ଷୀୟ ଜଣେ ବୃଦ୍ଧାଙ୍କୁ ସଂପର୍କୀୟମାନେ ଚୌକିରେ ବୋହିବୋହି ପାଟଣାଗଡ଼ ଷ୍ଟେଟ୍‌ବ୍ୟାଙ୍କକୁ ନେଇଛନ୍ତି।

ବାଙ୍କିବାହାଲ ଗାଁର ଗଣେନ ବରିହା (୭୦) ତାଙ୍କ ବ୍ୟାଙ୍କ ଆକାଉଣ୍ଟରେ ଭତ୍ତା ଟଙ୍କା ପାଉଛନ୍ତି। କିନ୍ତୁ ତାଙ୍କ ଆକାଉଣ୍ଟର କେୱାଇସି ଅପଡେଟ୍ ହୋଇନଥିବାରୁ ସେ ଗତ କିଛି ମାସ ହେବ ଟଙ୍କା ଉଠାଇ ପାରୁନାହାନ୍ତି। ବୟସାଧିକ ଯୋଗୁଁ ସେ ଠିକ୍ ଭାବେ ଚାଲିବୁଲି ପାରୁନଥିବାରୁ ବ୍ୟାଙ୍କକୁ ମଧ୍ୟ ଯାଇ ପାରୁନାହାନ୍ତି। ତେବେ, ଗୁରୁବାର ଦୁଇଜଣ ସମ୍ପର୍କୀୟ ତାଙ୍କୁ ଏକ ଚୌକିରେ ବସାଇ ପାଟଣାଗଡ଼ ଷ୍ଟେଟ୍ ବ୍ୟାଙ୍କ ଶାଖାକୁ ଟେକିଟେକି ନେଇଥିଲେ। ସେଠାରେ ବୃଦ୍ଧାଙ୍କ କେୱାଇସି ହେବା ପରେ ସଂପର୍କୀୟମାନେ ପୁଣି ବୃଦ୍ଧାଙ୍କୁ ଟେକିଟେକି ନେଇ କିଓସ୍କ ସେଣ୍ଟର୍‌କୁ ଯାଇଥିଲେ। ଏହାର ଏକ ଭିଡିଓ ଏବେ ସାମାଜିକ ଗଣମାଧ୍ୟମରେ ଭାଇରାଲ ହେଉଛି। ଉକ୍ତ ଭିଡିଓରେ ବୃଦ୍ଧାଜଣଙ୍କ ତାଙ୍କୁ ହାତାହାତି ଭତ୍ତା ଟଙ୍କା ଦେବାକୁ ସରକାରଙ୍କୁ ଅନୁରୋଧ କରୁଥିବା ଦେଖିବାକୁ ମିଳୁଛି। ଏ ସଂପର୍କରେ ବିଡିଓ ସୁମନ ମିଞ୍ଜଙ୍କୁ ପଚାରିବାରୁ ସେ କହିଛନ୍ତି ଯେ ଘଟଣାର ତଦନ୍ତ କରାଯିବ। କିଭଳି ବୃଦ୍ଧଙ୍କୁ ତାଙ୍କ ଘରେ ଭତ୍ତା ଦିଆଯିବ, ସେନେଇ ଖୁବ୍‌ଶୀଘ୍ର ବ୍ୟବସ୍ଥା କରାଯିବ ବୋଲି ସେ ପ୍ରତିଶ୍ରୁତି ଦେଇଛନ୍ତି।

# ମିଳୁନି ଜଏନିଂ ଅର୍ଡର୍; ଆତ୍ମହତ୍ୟା ଧମକ ଦେଲେ ବିଇଓ

**ବଲାଙ୍ଗିର, ୩୧।୭ (ସମିସ):** ବଲାଙ୍ଗିର ଜିଲ୍ଲା ଶିକ୍ଷା ବିଭାଗ କାର୍ଯ୍ୟାଳୟରେ ଗୁରୁବାର ଏକ ଅଭାବନୀୟ ଦୃଶ୍ୟ ଦେଖିବାକୁ ମିଳିଛି। ବଲାଙ୍ଗିର ଜିଲ୍ଲାକୁ ବ୍ଲକ୍ ଶିକ୍ଷାଧିକାରୀ ଭାବେ ବଦଳି ହୋଇ ଆସିଥିବା ଜଣେ ଅଧିକାରୀଙ୍କୁ ଜଏନିଂ ଅର୍ଡର୍ ଦିଆଯାଉନଥିବାରୁ



ସେ ଆଜି ଜିଲ୍ଲା ଶିକ୍ଷାଧିକାରୀଙ୍କ କାର୍ଯ୍ୟାଳୟରେ ଆତ୍ମହତ୍ୟା ଧମକ ଚେତାବନୀ ଦେଇଛନ୍ତି। ସେ ହେଲେ, ରଞ୍ଜିତ ଭୋଇ।

ତାଙ୍କ ଅଭିଯୋଗ ଅନୁଯାୟୀ, ସେ ଦେବଗଡ଼ ଜିଲ୍ଲା ରିଆମାଳ ବ୍ଲକ୍ ଶିକ୍ଷା ଅଧିକାରୀ ଭାବେ କାର୍ଯ୍ୟରତ ଥିଲେ। କିଛି ଦିନ ତଳେ ତାଙ୍କର ବଲାଙ୍ଗିର ଜିଲ୍ଲାକୁ ବଦଳି ହୋଇଛି। ତାଙ୍କୁ ଜିଲ୍ଲାର ବେଲପଡା ବ୍ଲକ୍‌କୁ ବଦଳି କରାଯାଇଛି। କିନ୍ତୁ ଜିଲ୍ଲା ଶିକ୍ଷା ଅଧିକାରୀଙ୍କ କାର୍ଯ୍ୟାଳୟ ପକ୍ଷରୁ ତାଙ୍କୁ ଜଏନିଂ ଅର୍ଡର ଦିଆଯାଉନାହିଁ। ସେ ତାଙ୍କ ପଦବୀରେ ଯୋଗଦାନ କରିନଥିବାରୁ ତିନି ମାସ ହେଲା ଦରମା ମଧ୍ୟ ପାଇ ନାହାନ୍ତି। ବାରମ୍ବାର ଅଭିଯୋଗ ପରେ ବି ଜିଲ୍ଲା ଶିକ୍ଷା ଅଧିକାରୀ ତାଙ୍କ କଥା ଶୁଣୁନାହାନ୍ତି। ତେବେ ଶୀଘ୍ର ତାଙ୍କୁ ଅର୍ଡର୍ ପ୍ରଦାନ କରାନଗଲେ, ସେ ଜିଲ୍ଲା ଶିକ୍ଷା ଅଧିକାରୀଙ୍କ କାର୍ଯ୍ୟାଳୟ ସମ୍ମୁଖରେ ଆତ୍ମହତ୍ୟା କରିବେ ବୋଲି ଚେତାବନୀ ଦେଇଛନ୍ତି।

## ଆଜିର ରାଶିଫଳ

**ମେଷ:** ଗୁରୁଜନଙ୍କ ସହ ଉତ୍ତମ ବୁଝାମଣା ରହିବ। ଆର୍ଥିକ ଦୃଷ୍ଟିରୁ ଦିନଟି ଉତ୍ତମ। ରୋଜଗାର ବୃଦ୍ଧି ହେବ। ଜୀବନସାଥୀଙ୍କ ସହଯୋଗ ମିଳିପାରେ। ବ୍ୟବସାୟୀ କୌଣସି ଶୁଭ ଖବର ପାଇବେ।

**ବୃଷ:** କୌଣସି କାର୍ଯ୍ୟ ବିଗିଡ଼ିପାରେ। ଧାର୍ମିକ କାର୍ଯ୍ୟ ପ୍ରତି ଆଗ୍ରହ ବଢ଼ିବ। ସ୍ୱଭାବରେ ନିୟନ୍ତ୍ରଣ ରକ୍ଷା କରିବେ। ଆତ୍ମବିଶ୍ୱାସର ସହ କାର୍ଯ୍ୟ କରିବେ। ନିବେଶ ଲାଗି ଉପଯୁକ୍ତ ସମୟ। ଦୀର୍ଘ ଦିନର ଆଶା ପୂରଣ ହେବ।

**ମିଥୁନ:** ବିରୋଧୀଙ୍କ ସହ ମତାନ୍ତର ଦୂର ହେବ। ଭୁଲ୍ କାମରୁ ଦୂରେଇ ରହିବେ। ପାରିବାରିକ ଜୀବନରେ ସୁଖଶାନ୍ତି ରହିବ। ପ୍ରେମିକ ପ୍ରେମିକାଙ୍କ ପାଇଁ ଦିନଟି ଭଲ। କୌଣସି କଥାକୁ ନେଇ ମନ ଉଣା ହୋଇପାରେ।

**କର୍କଟ:** ଦାନଧର୍ମରେ ଦିନଟି ଅତିବାହିତ କରିବେ। ବିଦ୍ୟାର୍ଥୀ ବିଦେଶ ଯାତ୍ରା କରିପାରନ୍ତି। ଗରିବଙ୍କୁ ସାହାଯ୍ୟ କରିବେ। ମାନସିକ ଶାନ୍ତି ମିଳିବ। ଖର୍ଚ୍ଚରେ ନିୟନ୍ତ୍ରଣ ରକ୍ଷା କରିବେ। ଅତିଥି ସତ୍କାର କରିପାରନ୍ତି।

**ସିଂହ:** ଆର୍ଥିକ ସମସ୍ୟା ସୃଷ୍ଟି ହେବ। କାର୍ଯ୍ୟକ୍ଷେତ୍ରରେ ବିଶେଷ ଧ୍ୟାନ ଦେବେ। କାର୍ଯ୍ୟଧାରାରେ ପରିବର୍ତ୍ତନ ଆଣିବେ। ସ୍ୱାମୀ-ସ୍ତ୍ରୀଙ୍କ ମଧ୍ୟରେ ଉତ୍ତମ ବୁଝାମଣା ରହିବ। କଳା ଓ ସଙ୍ଗୀତ ପ୍ରତି ରୁଚି ବଢ଼ିବ।

**କନ୍ୟା:** ବନ୍ଧୁଙ୍କ ସହାୟତାରେ କାମ ପୂରା କରିବେ। ଛାତ୍ରଛାତ୍ରୀ ପଢ଼ାକୁ ନେଇ ଚିନ୍ତାରେ ରହିବେ। ସ୍ୱାସ୍ଥ୍ୟ ସମସ୍ୟା ଉପୁଜିବ। ଦାମ୍ପତ୍ୟ ଜୀବନ ସୁଖମୟ ହେବ। ଜୀବନସାଥୀଙ୍କଠାରୁ ଉପହାର ପାଇବେ।

**ତୁଳା:** ଦିନଟିରେ ସଫଳତା ମିଳିବ। ପୈତୃକ ବ୍ୟବସାୟରୁ ଲାଭବାନ ହେବେ। ସକାରାତ୍ମକ ଚିନ୍ତାଧାରାରେ ସମସ୍ତ କାର୍ଯ୍ୟ କରିବେ। ଆର୍ଥିକ ଲାଭ ମିଳିବ। ଆଣ୍ଠୁଗଣ୍ଠି ସମସ୍ୟା ଦେଖାଦେଇପାରେ।

**ବିଛା:** ବାଦବିବାଦରୁ ଦୂରେଇ ରହିବେ। କାମରୁ ସଫଳତା ମିଳିବ। ବ୍ୟବସାୟରେ ଦୂରସ୍ଥାନକୁ ଯାତ୍ରା କରିବେ। ପ୍ରେମ ସମ୍ପର୍କ ସୁଖମୟ ହେବ। ଜମିବାଡ଼ିକୁ ନେଇ ବିବାଦ ଦେଖା ଦେବ। ଆୟ ଓ ବ୍ୟୟ ସମାନ ରହିବ।

**ଧନୁ:** ଆତ୍ମବିଶ୍ୱାସ ବଢ଼ିବ। କାମ କରିବାରେ ସକ୍ଷମ ହେବେ ନାହିଁ। କୌଣସି ସମସ୍ୟାରେ ପଡ଼ିପାରନ୍ତି। ନକାରାତ୍ମକ ଚିନ୍ତାଧାର ଦୂର ହେବ। ଅଫିସ ସହକର୍ମୀଙ୍କ ସହଯୋଗରେ କାମ ପୂରା କରିବେ।

**ମକର:** ଧନଲାଭ ଯୋଗ ଅଛି। କୌଣସି କଥାକୁ ନେଇ ବିଚଳିତ ହେବା ବ୍ୟର୍ଥ। ପରିବାର ଲୋକଙ୍କ ସହ ହସ ଖୁସିରେ ଦିନ କାଟିବେ। ଡାକ୍ତରୀ ଛାତ୍ରଛାତ୍ରୀଙ୍କୁ ନିଯୁକ୍ତି ସୁଯୋଗ ମିଳିପାରେ।

**କୁମ୍ଭ:** ପରନିନ୍ଦାରୁ ଦୂରେଇ ରହିବେ। ପ୍ରେମିକ-ପ୍ରେମିକାଙ୍କ ମଧ୍ୟରେ ମତାନ୍ତର ଦେଖା ଦେବ। ରଣନୀତିରେ କାମ କରିବେ ଏବଂ ସଫଳତା ପ୍ରାପ୍ତି ହେବ। ସ୍ୱାସ୍ଥ୍ୟ ସମସ୍ୟା ପାଇଁ ଖର୍ଚ୍ଚାନ୍ତ ହେବେ। ବିବାହ ବିଳମ୍ବ ହେବ।

**ମୀନ:** ନୂଆ ଲୋକଙ୍କ ସଂସ୍ପର୍ଶରେ ଆସିବେ। କାମ ଆରମ୍ଭ ପୂର୍ବରୁ ଗୁରୁଜନଙ୍କ ପରାମର୍ଶ ନେବେ। ଛାତ୍ରଛାତ୍ରୀ ପ୍ରତିଯୋଗିତାମୂଳକ ପରୀକ୍ଷାରେ କୃତକାର୍ଯ୍ୟ ହେବେ। ଚକ୍ଷୁ ସମସ୍ୟା ଭୋଗିପାରନ୍ତି।

## ଆଜିର ଇତିହାସ

- ୧୮୮୩- ଗ୍ରେଟ୍ ବ୍ରିଟେନ୍‌ରେ ଅନ୍ତର୍ଦେଶୀୟ ଡାକ ସେବା ଆରମ୍ଭ ହେଲା।
- ୧୯୨୦- ମହାତ୍ମା ଗାନ୍ଧୀ ଅସହଯୋଗ ଆନ୍ଦୋଳନ ଆରମ୍ଭ କଲେ।
- ୧୯୩୩- ହିନ୍ଦୀ ଫିଲ୍ମ ଅଭିନେତ୍ରୀ ମୀନା କୁମାରୀଙ୍କ ଜନ୍ମ।
- ୧୯୫୭- ନ୍ୟାସନାଲ ବୁକ୍ ଟ୍ରଷ୍ଟ(ଏନ୍‌ବିଟି)ର ସ୍ଥାପନା।
- ୧୯୬୦- କରାଚୀ ପରିବର୍ତ୍ତେ ଇସ୍‌ଲାମାବାଦ ହେଲା ପାକିସ୍ତାନର ରାଜଧାନୀ।
- ୧୯୯୫- ହବଲ ଟେଲିସ୍କୋପ ଶନିର ଅନ୍ୟ ଏକ ଉପଗ୍ରହକୁ ଠାବ କଲା।


## 'ବର୍ଡର ୨'

# ବରୁଣଙ୍କ ନାୟିକା ହେବେ ମେଧା

ବଲିଉଡ୍ ଅଭିନେତା ସନ୍ନି ଦେଓ୍ୱଲ ଏବେ ତାଙ୍କ ଆଗାମୀ ଫିଲ୍ମ 'ବର୍ଡର ୨' ପାଇଁ ଚର୍ଚ୍ଚାରେ ଅଛନ୍ତି। ଏବେ ଏହି ଫିଲ୍ମକୁ ନେଇ ଏକ ଖବର ଆସିଛି। ଏଥିରେ ବରୁଣ ଧଓ୍ୱନ୍‌ଙ୍କ ବିପକ୍ଷରେ ମେଧା ରାଣା ନଜର ଆସିବେ। ନିକଟରେ ଫିଲ୍ମ ନିର୍ମାତା ଏସମ୍ପର୍କରେ ସାମାଜିକ ଗଣମାଧ୍ୟମରେ ଜଣାଇଛନ୍ତି। ମେଧା 'ବର୍ଡର ୨' ପୂର୍ବରୁ 'ଇସ୍କ ଇନ୍ ଦ ଏୟାର୍', 'ଫ୍ରାଇଡେ ନାଇଟ୍ ପ୍ଲାନ୍', 'ଲଣ୍ଡନ ଫାଇଲ୍‌ସ' ଆଦି ଫିଲ୍ମରେ ଦେଖାଯାଇଥିଲେ। 'ବର୍ଡର ୨'ରେ ମେଧାଙ୍କ ସହ ସୋନମ୍ ବାଜଓ୍ୱା, ମୌନି ରୟ, ଭିନାଲି ଭଟ୍ଟନାଗରଙ୍କୁ ମଧ୍ୟ ସ୍ଥାନ ମିଳିପାରେ ବୋଲି ଚର୍ଚ୍ଚା ହେଉଛି। 'ବର୍ଡର ୨' ଜାନୁଆରୀ ୨୩, ୨୦୨୬ରେ ରିଲିଜ୍ ହେବ। ଏଥିରେ ସନ୍ନି ଦେଓ୍ୱଲଙ୍କ ସହ ବରୁଣ ଧଓ୍ୱନ୍, ଦିଲଜିତ୍ ଦୋସାଞ୍ଜ, ଅହାନ୍ ସେଟ୍ଟି ପ୍ରମୁଖ ନଜର ଆସିବେ। ଏହାର ପ୍ରଯୋଜନା ଦାୟିତ୍ୱରେ ଭୂଷଣ କୁମାର, କୃଷ୍ଣ କୁମାର, ଜେପି ଦତ୍ତା ଓ ନିଧି ଦତ୍ତା ଅଛନ୍ତି। ଏହାର ନିର୍ଦ୍ଦେଶନା ଦାୟିତ୍ୱରେ ଅନୁରାଗ ସିଂହ ଅଛନ୍ତି। ଏଥିରେ ଦେଶପ୍ରେମ, ଆକ୍ସନ, ଭାବପ୍ରବଣତାର ଏକ ନିଆରା ମିଶ୍ରଣ ଦେଖିବାକୁ ମିଳିବ। ଏଠାରେ ପ୍ରକାଶ ଥାଉ କି, 'ବର୍ଡର ୨' ୧୯୯୭ରେ ଆସିଥିବା ଫିଲ୍ମ 'ବର୍ଡର'ର ସିକ୍ୱେଲ।



# ବିଶ୍ୱ ଫୁସ୍‌ଫୁସ୍ କର୍କଟ ଦିବସ



ଶରୀରର ଯେକୌଣସି ଅଙ୍ଗରେ କର୍କଟ ବିପଦପୂର୍ଣ୍ଣ ଏବଂ ସାଂଘାତିକ। ମାରାତ୍ମକ ଫୁସ୍‌ଫୁସ୍ କର୍କଟ ରୋଗ ବିଷୟରେ ସଚେତନତା ସୃଷ୍ଟି କରିବା ପାଇଁ ପ୍ରତିବର୍ଷ ଅଗଷ୍ଟ ୧ ତାରିଖକୁ ଫୁସ୍‌ଫୁସ୍ କର୍କଟ ଦିବସ ଭାବେ ପାଳନ କରାଯାଏ। ବିଶ୍ୱବ୍ୟାପୀ ପୁରୁଷ ଏବଂ ମହିଳାମାନଙ୍କଠାରେ ଦ୍ୱିତୀୟ ସାଧାରଣ ପ୍ରକାରର କର୍କଟ ଭାବରେ ଫୁସ୍‌ଫୁସ୍ କ୍ୟାନ୍ସର, ଏକ ପ୍ରମୁଖ ସମସ୍ୟା ଭାବରେ ଉଭା ହୋଇଛି। ଏହି କାରଣରୁ ଅଧିକାଂଶ ପୁରୁଷ ଏବଂ ମହିଳାଙ୍କର ଜୀବନ ମଧ୍ୟ ଯାଉଛି। ବିଶ୍ୱ ସ୍ୱାସ୍ଥ୍ୟ ସଂଗଠନର ରିପୋର୍ଟ ଅନୁସାରେ, ୨୦୨୦ ମସିହାରେ ଫୁସ୍‌ଫୁସ୍ କର୍କଟ ହେତୁ ସାରା ବିଶ୍ୱରେ ୧୮ ଲକ୍ଷ ଲୋକଙ୍କର ମୃତ୍ୟୁ ହୋଇଥିଲା। ୨୦୧୨ ମସିହାରେ ପ୍ରଥମ ଥର ଏହି କାର୍ଯ୍ୟକ୍ରମକୁ 'ଫୋରମ୍ ଅଫ୍ ଇଣ୍ଟରନ୍ୟାସନାଲ୍ ରେସପେରେଟୋରୀ ସୋସାଇଟିଜ୍' ଦ୍ୱାରା 'ଇଣ୍ଟରନ୍ୟାସନାଲ୍ ଆସୋସିଏସନ୍ ଫର ଲଙ୍ଗ କ୍ୟାନ୍ସର ଆଣ୍ଡ ଆମେରିକାନ୍ କଲେଜ ଅଫ୍ ଚେଷ୍ଟ ଫିଜିସିଆନ' ଙ୍କ ସହାୟତାରେ ଆୟୋଜିତ କରାଯାଇଥିଲା। ତମାଖୁ ସେବନ ଫୁସ୍‌ଫୁସ୍ କର୍କଟର ମୁଖ୍ୟ କାରଣ ହୋଇଥାଏ। ତାଛଡ଼ା ପ୍ରଦୂଷଣ କାରଣରୁ ଫୁସ୍‌ଫୁସ୍ କର୍କଟ ହୋଇଥାଏ। ପ୍ରଦୂଷଣ ଯୋଗୁଁ ବିଷାକ୍ତ ରାସାୟନିକ ଗ୍ୟାସ୍‌ଗୁଡ଼ିକ ଆମ ଫୁସ୍‌ଫୁସ୍‌ରେ ପ୍ରବେଶ କରି ଏହା କର୍କଟ ସୃଷ୍ଟି କରିଥାଏ। ଗୋବର ଘସି ଜାଳିବା ସହ ଯେଉଁମାନେ ଧୂଳି, ବାଲି, କୋଇଲାରେ ଅଧିକ ସମୟ କାମ କରୁଛନ୍ତି ସେମାନଙ୍କୁ ଏହି କର୍କଟ ହେବା ଆଶଙ୍କା ଅଧିକ ଥାଏ। ଫୁସ୍‌ଫୁସ୍ ଆମ ଶରୀରର ଅନ୍ୟତମ ଗୁରୁତ୍ୱପୂର୍ଣ୍ଣ ଅଙ୍ଗ, କାରଣ ଏହା ଶ୍ୱାସକ୍ରିୟା ଏବଂ ଶରୀରକୁ ଅମ୍ଳଜାନ ଯୋଗାଇବା ପାଇଁ କାମ କରେ। ତେଣୁ ଫୁସ୍‌ଫୁସ୍‌ର ଯତ୍ନ ନେବା ଅତ୍ୟନ୍ତ ଜରୁରି। କାରଣ ଖରାପ ଫୁସ୍‌ଫୁସ୍ କାରଣରୁ ଶ୍ୱାସକ୍ରିୟାରେ ବ୍ୟତିକ୍ରମ, ଆଜ୍‌ମା, କ୍ରନିକ ରୋଗ ଏବଂ ଫୁସ୍‌ଫୁସ୍ କର୍କଟ ମଧ୍ୟ ହୋଇପାରେ। ଫୁସ୍‌ଫୁସ୍‌ରେ କୌଣସି କୋଷ ଅନିୟନ୍ତ୍ରିତ ଭାବେ ବଢ଼ିଲେ ତାହା କର୍କଟର ରୂପ ନିଏ। ସେହି ଟ୍ୟୁମର୍ ପରବର୍ତ୍ତୀ ସମୟରେ କର୍କଟର କାରଣ ପାଲଟିଥାଏ। ଅଧିକ ଦିନ ଧରି କାଶ ଲାଗି ରହିବା, ଛାତି ଯନ୍ତ୍ରଣା ହେବା, ମୁଣ୍ଡ ବିନ୍ଧିବା ଆଦି ଏହାର ଲକ୍ଷଣ ହୋଇଥାଏ। ତେବେ ପ୍ରଥମ ଷ୍ଟେଜ୍‌ରୁ ଏହା ଚିହ୍ନଟ ହୋଇପାରିଲେ ଏହାର ଚିକିତ୍ସା ଫଳପ୍ରଦ ହୋଇଥାଏ। ତେବେ ଫୁସ୍‌ଫୁସ୍ କର୍କଟରୁ ରକ୍ଷା ପାଇବା ପାଇଁ ସୁସ୍ଥ ଜୀବନଶୈଳୀ ଆପଣାଇବା ସହ ଧୂମପାନରୁ ନିବୃତ୍ତ ରହିବା ଆବଶ୍ୟକ। ଏହାବାଦ୍ ବାରମ୍ବାର ସ୍କ୍ରିନିଂ ମାଧ୍ୟମରେ ବି ଫୁସ୍‌ଫୁସ୍ କର୍କଟ ପ୍ରାରମ୍ଭିକ ସ୍ତରରେ ଜଣାପଡ଼ିଯିବ। ଫଳରେ ବେଳ ଥାଉ ଥାଉ ଏହାର ଚିକିତ୍ସା କରାଯାଇ ପାରିବ।

# ଚାକିରି ପାଇଁ ଡିଜିଟାଲ ସ୍ନାନ

ଭଲ ଚାକିରିଟିଏ କିମ୍ବା ବଡ଼ କଲେଜରେ ପାଠ ପଢ଼ିବା ପାଇଁ ବିଦ୍ୟାର୍ଥୀମାନେ ପୂଜାପାଠ କରାଇଥାନ୍ତି। ଏହି କ୍ରମରେ ଏବେ ସାମାଜିକ ଗଣମାଧ୍ୟମରେ ଡିଜିଟାଲ ସ୍ନାନ ନାଁରେ ଏକ ନୂଆ ଟ୍ରେଣ୍ଡ ଭାଇରାଲ ହେଉଛି। ତେବେ ମହାକୁମ୍ଭରେ ଏହା ପ୍ରଥମେ ସମସ୍ତଙ୍କ ଦୃଷ୍ଟିଆକର୍ଷଣ କରିଥିଲା। ବିଶେଷକରି ବୁଡ଼ ପକାଇବାରୁ ବଞ୍ଚିତ ଥିବା ଲୋକଙ୍କ ଫଟୋକୁ ଗଙ୍ଗା ନଦୀରେ ବୁଡ଼ ପକାଯାଉଥିଲା। ଏହା ଥିଲା ପରମ୍ପରା ସହ ଯୋଡ଼ି ହେବାର ଆଧୁନିକ ଉପାୟ। ହେଲେ ଏବେ ପୁଣି ଥରେ ଏହି ଧାରା ଫେରିଥିବା ବେଳେ ଏଥର କିନ୍ତୁ ଚାକିରି ପାଇବା ଲାଗି ଏହା ଆରମ୍ଭ କରାଯାଇଥିବା ଦେଖାଯାଇଛି। ଏହାର ଏକ ଭିଡିଓକୁ ସାମାଜିକ ଗଣମାଧ୍ୟମରେ ସେୟାର୍ କରାଯିବା ପରେ ସମସ୍ତଙ୍କ ନଜରକୁ ଆସିଛି। ଏହାକୁ ଦୀପକ ଗୋୟଲ ନାମକ ଜଣେ ବ୍ୟକ୍ତି ସେୟାର୍ କରିଛନ୍ତି। ଭିଡିଓରେ ଦେଖିବାକୁ ମିଳିଛି, ଗୋଟିଏ ସାଦା କାଗଜରେ ହାଇଦ୍ରାବାଦର ଇଣ୍ଡିଆ ସ୍କୁଲ ଅଫ୍ ବିଜନେସ୍‌ର କିଛି ବିଦ୍ୟାର୍ଥୀଙ୍କ ଫଟୋ ରହିଛି। ଏହାପରେ ଦୀପକ କହୁଛନ୍ତି, ଏହି ପିଲାମାନଙ୍କୁ ଯେପରି ଭଲ ଚାକିରି ମିଳିପାରିବ, ସେଥିପାଇଁ ମୁଁ ସେମାନଙ୍କର ଫଟୋକୁ ପବିତ୍ର ଗଙ୍ଗା ନଦୀରେ ବୁଡ଼ାଉଛି। ଯେଉଁମାନେ ଏଭଳି ଗଙ୍ଗାରେ ବୁଡ଼ ପକାଇବାକୁ ଚାହୁଁଛନ୍ତି ସେମାନେ ହ୍ୱାଟସ୍‌ଆପ୍ ଦ୍ୱାରା ତାଙ୍କୁ ଫଟୋ ପଠାଇପାରିବେ। ଅବଶ୍ୟ ଏଥିପାଇଁ ତାଙ୍କୁ ୧୧୦୦ ଟଙ୍କା ଦେବାକୁ ପଡ଼ିବ। ଏହାପୂର୍ବରୁ ମଧ୍ୟ ଦୀପକ କୁମ୍ଭମେଳା ସମୟରେ ଏଭଳି ଡିଜିଟାଲ ସ୍ନାନ କରାଇ ଚର୍ଚ୍ଚାକୁ ଆସିଥିଲେ। ଏଥର ଡିଜିଟାଲ ସ୍ନାନ ବିଶ୍ୱାସର ଏକ ନୂଆ ପରମ୍ପରା ସୃଷ୍ଟି କରିଥିବା କୁହାଯାଉଛି। ଅନ୍ୟପଟେ ଲୋକେ ଏଥିରେ ଭିନ୍ନ ଭିନ୍ନ ପ୍ରତିକ୍ରିୟା ଦେଇଛନ୍ତି।






# ମାନସିକ ଶାନ୍ତି ପାଇଁ କଲର ୱାକିଂ



ଅଧୁନା ମେଦବହୁଳତା ସମସ୍ୟା ଦିନକୁ ଦିନ ବୃଦ୍ଧି ପାଉଛି। ମେଦବହୁଳତା ଯୋଗୁଁ ପ୍ରାୟତଃ ବସିବା, ଉଠିବା ଆଦିରେ ସମସ୍ୟା ହୋଇଥାଏ। ଏହା ବିଭିନ୍ନ ରୋଗକୁ ମଧ୍ୟ ଆମନ୍ତ୍ରିତ କରିଥାଏ। ତେଣୁ ପ୍ରତିଦିନ ଚାଲିବା ଦ୍ୱାରା ଓଜନ ନିୟନ୍ତ୍ରଣରେ ରହିବା ସହ ଶରୀର ଫିଟ୍ ଓ ନୀରୋଗ ରହିଥାଏ। ଏହାକୁ ଧ୍ୟାନ ଦେଲେ ଓଜନ ହ୍ରାସ ପାଇଁ ପାୱାର ୱାକିଂ, ବ୍ରିସ୍କ ୱାକିଂ, ଜଗିଙ୍ଗ, ରିଭର୍ସ ୱାକିଂ ଆଦି ଚାଲିବା ଟ୍ରେଣ୍ଡରେ ରହିଥିବାବେଳେ ଏବେ 'କଲର ୱାକିଂ'କୁ ନେଇ ଅନେକ ଚର୍ଚ୍ଚା।

ଏହି ନୂତନ ଚାଲିବା କୌଶଳରେ ଜଣେ ବ୍ୟକ୍ତିଙ୍କୁ ଚାଲିବା ପୂର୍ବରୁ ଗୋଟିଏ ନିର୍ଦ୍ଦିଷ୍ଟ ରଙ୍ଗ ବାଛିବାକୁ ପଡ଼ିଥାଏ। ଚାଲିବା ସମୟରେ ଉକ୍ତ ରଙ୍ଗର ବସ୍ତୁକୁ ଦେଖି ତାହାକୁ ଗଣିଥାନ୍ତି। ତେବେ ମନକୁ ଶାନ୍ତି ଓ ଖୁସି ରଖିବାକୁ କଲର ୱାକିଂ ସବୁଠୁ ପ୍ରଭାବୀ। ୱିଲିୟମ୍ ଏସ୍ ବରୋଜ ନିଜର ବିଦ୍ୟାର୍ଥୀଙ୍କୁ ପ୍ରେରିତ କରିବାକୁ କଲର ୱାକିଂ ଆରମ୍ଭ କରିଥିଲେ। ଏହି ବ୍ୟାୟାମ ମସ୍ତିଷ୍କକୁ ପ୍ରଭାବିତ କରି ରଚନାତ୍ମକତା ଚିନ୍ତାଧାରା, କଳ୍ପନା, କଳା, କୌଶଳ ଏବଂ ସମସ୍ୟାର ସମାଧାନ କରିବାର ଦକ୍ଷତାକୁ ବୃଦ୍ଧି କରାଏ।

ତେଣୁ କଲର ୱାକିଂ କେବଳ ମାନସିକ ସୁସ୍ଥତା ପାଇଁ ଭଲ ତାହା ନୁହେଁ, ଏହା ଦ୍ୱାରା ଶାରୀରିକ ସ୍ୱାସ୍ଥ୍ୟ ଠିକ୍ ରୁହେ। ଚିନ୍ତାରୁ ମୁକ୍ତି ମିଳେ। ସାଧାରଣତଃ ରଙ୍ଗ ଭାବନାକୁ ନିୟନ୍ତ୍ରିତ କରିବାରେ ସାହାଯ୍ୟ କରୁଥିବାରୁ ଏହି କୌଶଳରେ ଚାଲିବା ଦ୍ୱାରା ନୂତନ ଚିନ୍ତାଧାରା ସୃଷ୍ଟି ହେବା ସହିତ ଏକାଗ୍ରତା, ଆତ୍ମବିଶ୍ୱାସ, ସୃଜନଶୀଳତା ବୃଦ୍ଧି ପାଏ। ମାଂସପେଶୀ ଶକ୍ତ ହୁଏ। ବିଶେଷ କଥା ହେଉଛି, ଚାଲିବା ଦ୍ୱାରା ଏଣ୍ଡରଫିନ୍ ଏବଂ ସେରୋଟୋନିନ ହରମୋନ୍ ବୃଦ୍ଧି ପାଏ। ମନ ହାଲୁକା ହୋଇଯାଏ। ଖୁସି ରଖେ।

## 'ସକାଳ'ର ସ୍ୱାସ୍ଥ୍ୟ

# ଟିନିଟସ୍




**କିଛି ଲୋକଙ୍କ କାନରେ ସିଟି ବାଜିବା ପରି ଅନୁଭବ ହୁଏ। ଏହି ସମସ୍ୟାକୁ ଚିକିତ୍ସା ଭାଷାରେ ଟିନିଟସ୍ କୁହାଯାଏ। ଟିନିଟସ୍ ହେଉଛି ଶ୍ରବଣଶକ୍ତି ସମ୍ପର୍କିତ ଏକ ଲକ୍ଷଣ। ଏଥିରେ କାରଣ ନଥାଇ କାନରେ ଘଣ୍ଟି ବାଜିବା ପରି ଅନୁଭୂତ ହୋଇଥାଏ। ଦୀର୍ଘଦିନ ଟିନିଟସ୍ ମାମଲା କେତେକଙ୍କ କ୍ଷେତ୍ରରେ ମାନସିକ ରୋଗରେ ପରିଣତ ହୋଇଥାଏ। ଧୀରେ ଧୀରେ ଏହା ଶ୍ରବଣଶକ୍ତିକୁ ହ୍ରାସ କରିଦିଏ। ଯେକୌଣସି ବୟସରେ ଏହା ହୋଇପାରେ। ତେବେ ଏହାର କାରଣ, ଲକ୍ଷଣ ଓ ଚିକିତ୍ସା ବିଷୟରେ ଜାଣିବା...**

ଟିନିଟସ୍‌ର ପ୍ରକୃତ କାରଣ ଏଯାବତ୍ ଅସ୍ପଷ୍ଟ ରହିଛି। ହେଲେ ଲଗାତାର ଉଚ୍ଚଶକ୍ତି ସମ୍ପନ୍ନ ଶବ୍ଦ ଶୁଣିବା, କାନରେ ମଇଳା ଜମିଯିବା, କାନ ତଳ ସ୍ନାୟୁରେ କିଛି ସଂକ୍ରମଣ, କାନର ପର୍ଦ୍ଦା ସଂକ୍ରମଣ, ମସ୍ତିଷ୍କରେ ଆଘାତ ଲାଗିବା, ଉଚ୍ଚ ରକ୍ତଚାପ ଏବଂ ଥାଇରଏଡ ଆଦି ସମସ୍ୟା ଥିଲେ ଟିନିଟସ୍‌ର ଆଶଙ୍କା ବୃଦ୍ଧି ପାଇଥାଏ। ଟିନିଟସ୍‌ରେ ପୀଡ଼ିତ ବ୍ୟକ୍ତିଙ୍କ କାନକୁ ଜୋର ଶବ୍ଦ ଶୁଣାଯିବା ସହିତ ମୁଣ୍ଡ ବିନ୍ଧା ଲକ୍ଷଣ ଦେଖାଯାଏ। ଏହାସହିତ କାନକୁ ଜୋର କିମ୍ବା ବହୁତ ଧୀର ଶୁଣାଯିବା, କାନରେ ପବନ ପରି ଶବ୍ଦ ଆସିବା ଆଦି ଲକ୍ଷଣ ଦେଖାଯାଏ। ଗମ୍ଭୀର ସ୍ଥିତିରେ ଶାରୀରିକ ବ୍ୟବହାରରେ ପରିବର୍ତ୍ତନ ହୁଏ।

ତେଣୁ ଏପରି ସମସ୍ୟାରୁ ଆରୋଗ୍ୟ ଲାଭ ପାଇଁ ଇ.ଏନ୍.ଟି ତଥା ଗଳା, ନାସା ଓ କର୍ଣ୍ଣରୋଗ ବିଶେଷଜ୍ଞଙ୍କୁ ପରାମର୍ଶ କରିବା ଉଚିତ। କିଛି ଗୁରୁତ୍ୱପୂର୍ଣ୍ଣ ସ୍ୱାସ୍ଥ୍ୟପରୀକ୍ଷା ଦ୍ୱାରା ଏହି ରୋଗର କାରଣ ଜଣାପଡ଼ିବା ସହ ଲକ୍ଷଣ ଅନୁଯାୟୀ ଚିକିତ୍ସା କରାଯାଏ। ଏଥିପାଇଁ ରକ୍ତପରୀକ୍ଷା, ସିଟିସ୍କାନ ଓ ଏମ୍‌ଆର୍‌ଆଇ ମଧ୍ୟ ଆବଶ୍ୟକ ହୋଇଥାଏ। ଏଥିପାଇଁ ଶବଣ ଯନ୍ତ୍ର ଲଗାଇବାକୁ ହୁଏ। କିଛି ଗୁରୁତ୍ୱପୂର୍ଣ୍ଣ ଥେରାପି କରିବାକୁ ଡାକ୍ତର ମଧ୍ୟ ପରାମର୍ଶ ଦିଅନ୍ତି। ଏହାବ୍ୟତୀତ ସ୍ଥିତିରେ ସୁଧାର ନ ଆସିଲେ ଅସ୍ତ୍ରୋପଚାର କରିବାକୁ ପଡ଼ିଥାଏ। ସବୁଠୁ ଗୁରୁତ୍ୱପୂର୍ଣ୍ଣ କଥା ହେଉଛି, ସବୁବେଳେ ଇୟରଫୋନ୍ ବ୍ୟବହାର କରିବା ଅନୁଚିତ।

## ହେଲ୍ଥ ଟିପ୍ସ

# ଅଙ୍କୁରିତ ମେଥି



ମେଥିରେ ଭିଟାମିନ୍ ଏ, ବି ଓ ସି, ଲୌହସାର, ମ୍ୟାଗ୍ନେସିୟମ, କ୍ୟାଲସିୟମ, ପଟାସିୟମ, କାର୍ବୋହାଇଡ୍ରେଟ ଆଦି ପୋଷକତତ୍ତ୍ୱ ରହିଥାଏ। ଔଷଧୀୟ ଗୁଣରେ ଭରପୁର ମେଥିକୁ ସେବନ କଲେ ଶରୀରର ବିଭିନ୍ନ ରୋଗ ଦୂର ହୋଇଥାଏ। ତେବେ ବର୍ତ୍ତମାନ ସମୟରେ ଅଙ୍କୁରିତ ମେଥି ଖାଇବାର ଟ୍ରେଣ୍ଡ ବୃଦ୍ଧି ପାଇଛି। ଅଙ୍କୁରିତ ମେଥି ଖାଇବା ଦ୍ୱାରା କ'ଣ ଲାଭ ମିଳେ ଜାଣିବା ସେ ବିଷୟରେ...

- ନିୟମିତ ଉପଯୁକ୍ତ ମାତ୍ରା ଏବଂ ସମୟରେ ଅଙ୍କୁରିତ ମେଥି ସେବନ କଲେ, ପ୍ରମେହ ଏବଂ ସ୍ତ୍ରୀ ରୋଗ ଆଦିରେ ହିତକର ହୋଇଥାଏ। ଶରୀରରୁ ବିଷାକ୍ତ ପଦାର୍ଥ ବାହାର କରିବାରେ ଅଙ୍କୁରିତ ମେଥିର ଗୁରୁତ୍ୱପୂର୍ଣ୍ଣ ଭୂମିକା ରହିଛି। ଏଥିରେ ଥିବା ଫାଇବର ବଦହଜମୀ ଦୂର କରେ।
- ଅଙ୍କୁରିତ ମେଥି ଖାଇବା ଦ୍ୱାରା କୋଷ୍ଠକାଠିନ୍ୟ, ଗ୍ରହଣି ଦୂର ହୋଇଥାଏ। କୋଲେଷ୍ଟ୍ରଲ ମଧ୍ୟ ନିୟନ୍ତ୍ରଣ କରିବାରେ ଏହା ବେଶ୍ ଫଳପ୍ରଦ।
- ରୋଗପ୍ରତିରୋଧକ ଶକ୍ତି ବୃଦ୍ଧି ପାଇଁ ଅଙ୍କୁରିତ ମେଥି ଖାଇପାରିବେ। ତାସହିତ ଅଙ୍କୁରିତ ମେଥି ସର୍ଦ୍ଦି, କାଶ, ଥଣ୍ଡା ଓ ଜ୍ୱର ଦୂର କରିଥାଏ। ମେଥିରେ ଥିବା ଭିଟାମିନ୍ ସି ଓ ଆଣ୍ଟି ଅକ୍ସିଡାଣ୍ଟ ଯୋଗୁଁ ହୃଦ୍‌ରୋଗ ହେବାର ଆଶଙ୍କା ହ୍ରାସ ପାଇଥାଏ। ଅଙ୍କୁରିତ ମେଥି ଖାଇବା ପୂର୍ବରୁ ଚିକିତ୍ସକଙ୍କ ପରାମର୍ଶ ନେବା ଜରୁରି।

# ରକ୍ତପରୀକ୍ଷାର ନୂଆ ବିକଳ୍ପ



ରୋଗ ଚିହ୍ନଟର ପ୍ରଥମ ମାର୍ଗ ହେଉଛି ରକ୍ତ ପରୀକ୍ଷା। ହେଲେ ଏମିତି ଅନେକ ଅଛନ୍ତି, ରକ୍ତ ପରୀକ୍ଷା ପାଇଁ ବ୍ୟବହୃତ ଛୁଞ୍ଚିକୁ ନେଇ ଭୟ କରନ୍ତି। ଫଳରେ ରକ୍ତ ପରୀକ୍ଷାରୁ ବଞ୍ଚିତ ରୁହନ୍ତି। ହେଲେ ଏବେ କୃତ୍ରିମ ବୁଦ୍ଧିମତା ଜରିଆରେ ବିନା ଛୁଞ୍ଚି ପ୍ରୟୋଗରେ ବି ରକ୍ତ ପରୀକ୍ଷା ସମ୍ଭବ ହେବ। କେବଳ ଫେସ୍ ସ୍କାନ୍ କରିବା ଦ୍ୱାରା ରକ୍ତ ପରୀକ୍ଷା ହୋଇପାରିବ। କ୍ୱିକ ବାଇଟଲ ନାମକ ଏଆଇ ଆଧାରିତ ଆପ୍ ଜରିଆରେ ଫେସ୍ ସ୍କାନ ଦ୍ୱାରା ରକ୍ତ ପରୀକ୍ଷା ସହଜ ହୋଇପାରିବ। ଏହି ପରୀକ୍ଷାରେ ମାତ୍ର ୨୦ ସେକେଣ୍ଡରେ ସ୍ୱାସ୍ଥ୍ୟସ୍ଥିତି ବିଷୟରେ ଜଣାପଡ଼ିବ। ସର୍ବପ୍ରଥମେ ହାଇଦ୍ରାବାଦ୍ ସରକାରୀ ହସ୍ପିଟାଲ 'ନିଲୋଫର'ରେ ଗର୍ଭବତୀ ମହିଳାଙ୍କ ଶରୀରରେ ଆନେମିଆ ପରୀକ୍ଷା ପାଇଁ ଏହି କୌଶଳ ପ୍ରୟୋଗ କରାଯାଇଥିଲା। ଏଥିରୁ ଭଲ ଫଳ ମଧ୍ୟ ମିଳିଥିଲା। ଏହି ଟୁଲ୍‌ର କୌଶଳର ନାଁ ହେଉଛି ଫଟୋପ୍ଲେଥିସ୍ମୋଗ୍ରାଫି (ପିପିଜି)। ଯେତେବେଳେ ଉଜ୍ଜ୍ୱଳ ଆଲୋକରେ ଚେହେରା ସ୍କାନ୍ କରାଯାଏ, ଫୋନ୍‌ର କ୍ୟାମେରାରେ ପ୍ରତିଫଳିତ ଆଲୋକକୁ ଏହି ଆପ୍ ଧରିନିଏ। ଏଲଗୋରିଦମ ସାହାଯ୍ୟରେ ହୃଦ୍‌ସ୍ପନ୍ଦନ, ନିଶ୍ୱାସ ଓ ରକ୍ତ ପ୍ରବାହ ସହିତ ଜଡିତ ସଙ୍କେତକୁ ପଢ଼ି ସ୍ୱାସ୍ଥ୍ୟ ରିପୋର୍ଟ ପ୍ରସ୍ତୁତ କରେ। ଏପରିକି ୨୦ ସେକେଣ୍ଡରେ ସ୍ୱାସ୍ଥ୍ୟସମ୍ବନ୍ଧୀୟ ବହୁ ଗୁରୁତ୍ୱପୂର୍ଣ୍ଣ ସୂଚନା ସେୟାର କରିଥାଏ। ଗୁରୁତ୍ୱପୂର୍ଣ୍ଣ କଥା ହେଉଛି, ଏହି ଆପ୍ ରକ୍ତଚାପ, ହେମୋଗ୍ଲୋବିନ୍ ସ୍ତର, ହୃଦ୍‌ସ୍ପନ୍ଦନ, ଅକ୍ସିଜେନ୍ ସାଚୁରେଶନ (ଏସ୍‌ପିଓ୨), ଚିନ୍ତାସ୍ତର, କୋଲେଷ୍ଟ୍ରଲ, ଶ୍ୱାସକ୍ରିୟା, ଏଚ୍‌ଆର୍‌ଭି ସମେତ ବିଭିନ୍ନ ଗୁରୁତ୍ୱପୂର୍ଣ୍ଣ ବିଷୟରେ ସୂଚନା ପ୍ରଦାନ କରିପାରିବ। ସେହିପରି ଖୁବ୍‌ଶୀଘ୍ର ୫ବର୍ଷରୁ କମ୍ ବୟସର ହଜାର ପିଲାଙ୍କ ଉପରେ ଏହାର କ୍ଲିନିକାଲ ପରୀକ୍ଷଣ କରାଯିବା ସହିତ ଏହାର ଫଳାଫଳକୁ ପାରମ୍ପରିକ ରକ୍ତ ପରୀକ୍ଷା ସହିତ ତୁଳନା କରାଯିବ। ଫଳାଫଳ ସନ୍ତୋଷଜନକ ହେଲେ, ଏହି କୌଶଳ ସ୍ୱାସ୍ଥ୍ୟସେବାରେ ବୈପ୍ଳବିକ ପରିବର୍ତ୍ତନ ଆଣିପାରିବ।

## ଇଂଲଣ୍ଡ ବିପକ୍ଷ ପଞ୍ଚମ ଟେଷ୍ଟ

# ବିପର୍ଯ୍ୟୟରୁ ରକ୍ଷା କଲେ କରୁନ

ଓଭାଲ,୩୧।୭ (ଏଜେନ୍ସି):

ଭେଟେରାନ କରୁନ ନାୟାରଙ୍କ ସମୟପଯୋଗୀ ଲଢୁଆ ଅର୍ଦ୍ଧଶତକ ଭାରତକୁ ବିପର୍ଯ୍ୟୟରୁ ରକ୍ଷା କରିଦେଇଛି। ସ୍ଥାନୀୟ ଓଭାଲ ପିଚ୍‌ର ସୁଇଂ ଓ ବାଉନ୍ସର ମୁକାବିଲା କରି ନ ପାରି ଏଠାରେ ଗୁରୁବାର ଆରମ୍ଭ ହୋଇଥିବା ଇଂଲଣ୍ଡ ବିପକ୍ଷ ପଞ୍ଚମ ତଥା ଶେଷ ଟେଷ୍ଟରେ ଭାରତ ପ୍ରାରମ୍ଭିକ ବ୍ୟାଟିଂ ବିପର୍ଯ୍ୟୟର ସମ୍ମୁଖୀନ ହୋଇଥିଲା। ତେବେ କରୁନ ଅପରାଜିତ ଅର୍ଦ୍ଧଶତକୀୟ ପାଳି ଖେଳିବାରୁ ଭାରତ ଷ୍ଟମ୍ପ ସୁଦ୍ଧା ପ୍ରଥମ ଇନିଂସରେ ୬୪ ଓଭର ଖେଳି ୬ ୱିକେଟ ହରାଇ ୨୦୪ ରନ୍ ସଂଗ୍ରହ କରିନେଇଛି। ଏହି ସମୟରେ କରୁନ ୫୨ (୯୮ ବଲ, ୭ ଚୌକା) ଓ ଗତ ମ୍ୟାଚର ଶତକହାସଲକାରୀ ୱାଶିଂଟନ ସୁନ୍ଦର ୧୯ ରନ୍ କରି ଅପରାଜିତ ରହିଛନ୍ତି। ଉଭୟ ଅସମାପ୍ତ ୭ମ ୱିକେଟ୍ ଭାଗୀଦାରିରେ ୫୧ ରନ ସଂଗ୍ରହ କରି ଦଳୀୟ ସ୍କୋରକୁ ୨୦୦ ରନ ଅତିକ୍ରମ କରାଇବା ସହ ଦଳର ସମ୍ମାନ ରଖିଛନ୍ତି। ଦଳ ପକ୍ଷରୁ ଅନ୍ୟମାନଙ୍କ ମଧ୍ୟରେ ସାଇ ସୁଦର୍ଶନ ୩୮, ଅଧିନାୟକ ଶୁବମନ ଗିଲ୍ ୨୧, ଲୋକେଶ ରାହୁଲ ୧୪ ରନ୍‌ରେ ଆଉଟ ହୋଇଥିଲେ। ଓପନର ଯଶସ୍ୱୀ ଜୟସ୍ୱାଲ ୨ ଓ ଚତୁର୍ଥ ଟେଷ୍ଟ ହିରୋ ରବୀନ୍ଦ୍ର ଜାଡେଜା ୯ ରନ୍ କରି ନିରାଶ କରିଥିଲେ। ସେହିଭଳି ଆହତ ୱିକେଟ୍‌କିପର ଋଷଭ ପନ୍ତଙ୍କ ସ୍ଥାନରେ ଖେଳିବାର ସୁଯୋଗ ପାଇଥିବା ଧ୍ରୁବ ଜୁରେଲ ଭଲ ଆରମ୍ଭ କରିଥିଲେ। କିନ୍ତୁ ୧୯ ରନ କରିଥିବାବେଳେ ଗସ୍ ଆଟକିନସନଙ୍କୁ ବେପାରୁଆ ଭାବେ ଖେଳିବାକୁ ଯାଇ ଦ୍ୱିତୀୟ ସ୍ଲିପରେ ହ୍ୟାରୀ ବ୍ରୁକଙ୍କ ହାତରେ ଧରାପଡ଼ିଥିଲେ। ଘରୋଇ ଇଂଲଣ୍ଡ ପାଇଁ ଜୋଶ ଟଙ୍ଗ ଓ ଗସ୍ ଆଟକିନସନ ୨ଟି ଲେଖାଏ ଓ କ୍ରିସ୍ ଓକ୍ସ ଜଣେ ଲେଖାଏଁ ଖେଳାଳିଙ୍କୁ ଆଉଟ କରିଥିଲେ।



ଏହି ମ୍ୟାଚ୍‌ରେ ଉଭୟ ଦଳ ୪ଜଣ ଲେଖାଏଁ ଖେଳାଳିଙ୍କୁ ପରିବର୍ତ୍ତନ କରି ଖେଳିଥିଲେ। ଇଂଲଣ୍ଡ ଅଧିନାୟକ ବେନ୍ ଷ୍ଟୋକ୍ସ ଆହତ ହୋଇଥିବାରୁ ଓଲି ପୋପ୍ ତାଙ୍କ ସ୍ଥାନରେ ଦଳର ନେତୃତ୍ୱ ନେଇଥିଲେ। କିନ୍ତୁ ବର୍ଷା ଯୋଗୁ ୩ଥର ଖେଳକୁ ବନ୍ଦ ରଖାଯାଇଥିଲା। ଲଞ୍ଚ୍ ବେଳକୁ ୨୩ ଓଭର ଖେଳ ହୋଇଥିଲାବେଳେ ଭାରତ ୨ ୱିକେଟରେ ୭୨ ରନ୍ କରିଥିଲା। ଲଞ୍ଚ୍ ପରେ ଖେଳ ଆରମ୍ଭ ପୂର୍ବରୁ ହଠାତ୍ ବର୍ଷା ହେବାରୁ ଖେଳକୁ ପୁଣି ବନ୍ଦ ରଖାଯାଇଥିଲା। ଏହି ବର୍ଷାରେ ପିଚ୍ ଓଦା ହୋଇଯିବାରୁ ଅଧିକ ସମୟ ଖେଳ ବନ୍ଦ ହୋଇଥିଲା। ଅମ୍ପାୟାର ଖେଳ ଆରମ୍ଭ କରିବାର ନିଷ୍ପତ୍ତି ନେବା ପରେ ୬ ଓଭର ଖେଳ ସମ୍ଭବ ହୋଇଥିଲା। ଏଥିରେ ଭଲ ଖେଳୁଥିବା ଭାରତୀୟ ଅଧିନାୟକ ଗିଲ୍ ଷ୍ଟ୍ରାଇକ୍‌ରେ ଥାଇ ଏକ ଅନାବଶ୍ୟକ ରନ୍ ନେବାକୁ ଯାଇ ରନ୍ ଆଉଟ ହୋଇଥିଲେ। ଭାରତ ୩ ୱିକେଟରେ ୮୫ ରନ୍ କରିଥିଲାବେଳେ ଅମ୍ପାୟାର ଚା'ପାନ ବିରତି କରିଥିଲେ।

ଟସ୍ ହାରି ପ୍ରଥମେ ବ୍ୟାଟିଂ କରିଥିବା ଭାରତ ୦.୮ ମିଲିମିଟର ଘାସ ଥିବା ପିଚ୍‌ରେ ଇଂଲଣ୍ଡ ବୋଲରଙ୍କୁ ମୁକାବିଲା କରିବା କଷ୍ଟକର ହୋଇଥିଲା। ଏହି ମ୍ୟାଚ୍‌ରେ ସୁଯୋଗ ପାଇଥିବା ଆଟକିନସନ ଓ ଜେମି ଓଭରଟନ ପ୍ରଭାବ ବିସ୍ତାର କରି ଖେଳିଥିଲେ। ଆଟକିସନ ଓପନର ଜୟସ୍ୱାଲଙ୍କୁ ଏଲ୍‌ବିଡବ୍ଲ୍ୟୁ ଆଉଟ କରି ଘରୋଇ ଦଳକୁ ବ୍ରେକ୍ ଥ୍ରୁ ଦେଇଥିଲେ। ଏହାପରେ ଅନ୍ୟତମ ଓପନର ରାହୁଲ ମଧ୍ୟ ୧୪ ରନ କରି କ୍ରିସ୍ ୱକ୍ସଙ୍କ ବଲ୍‌ରେ ବୋଲ୍ଡ ହୋଇଥିଲେ। ଫଳରେ ୩୮ ରନ୍ ମଧ୍ୟରେ ଭାରତ ଦୁଇ ଓପନର ପାଭିଲିୟନ ଫେରିଯାଇଥିଲେ। ପରେ ସାଇ ସୁଦର୍ଶନଙ୍କ ସହ ଗିଲ ଯୋଗ ଦେଇ ଦଳୀୟ ଇନିଂସକୁ ଆଗକୁ ବଢ଼ାଇଥିଲେ।

### ସଂକ୍ଷିପ୍ତ ସ୍କୋର

**ଭାରତ ପ୍ରଥମ ଇନିଂସ: ୨୦୪/୬,୬୪ ଓଭର** (ସୁଦର୍ଶନ-୩୮, ଗିଲ୍-୨୧, ରାହୁଲ-୧୪, ଜୟସ୍ୱାଲ-୨, କରୁନ-୫୨*, ଜୁରେଲ୍-୧୯, ସୁନ୍ଦର-୧୯* ଜୋଶ୍ ଟଙ୍ଗ୍-୨/୪୭, ଆଟକିନସନ-୨/୩୧, ଓକ୍ସ-୧/୪୬)।

## ୮ ଖେଳାଳି ପରିବର୍ତ୍ତନ

ଭାରତ ଓ ଇଂଲଣ୍ଡ ମଧ୍ୟରେ ଏଠାରେ ଆଜି ଆରମ୍ଭ ହୋଇଥିବା ୫ମ ଟେଷ୍ଟରେ ଚତୁର୍ଥ ଟେଷ୍ଟ ଖେଳିଥିବା ୮ଜଣ ଖେଳାଳିଙ୍କୁ ପରିବର୍ତ୍ତନ କରାଯାଇଛି। ଉଭୟ ଦଳରେ ୪ଜଣ ଲେଖାଏଁ ବଦଳିଛନ୍ତି। ସେମାନଙ୍କ ମଧ୍ୟରେ ଭାରତୀୟ ଦଳରୁ ୩ ଫାଷ୍ଟ ବୋଲର ଯଶପ୍ରୀତ୍ ବୁମ୍ରା, ଶାର୍ଦ୍ଦୁଲ ଠାକୁର ଓ ଡେବ୍ୟୁଟାଣ୍ଟ ଅଂଶୁଲ କାମ୍ବୋଜ୍‌ଙ୍କ ସହ ଆହତ ୱିକେଟ ରକ୍ଷକ ଋଷଭ ପନ୍ତଙ୍କୁ ଏହି ଟେଷ୍ଟରୁ ବାଦ୍ ଦିଆଯାଇଥିଲା। ସେମାନଙ୍କ ସ୍ଥାନରେ ଫାଷ୍ଟ ବୋଲର ଆକାଶ ଦୀପ ଓ ପ୍ରସିଦ୍ଧ କ୍ରିଷ୍ଣା, ବ୍ୟାଟର କରୁନ ନାୟାର ଓ ୱିକେଟକିପର ଧ୍ରୁବ ଜୁରେଲଙ୍କୁ ସ୍ଥାନ ଦେଇଛି। ସେହିପରି ଇଂଲଣ୍ଡ ଦଳରୁ ଆହତ ଅଧିନାୟକ ବେନ୍ ଷ୍ଟୋକ୍ସ, ଫାଷ୍ଟ ବୋଲର ଜୋଫ୍ରା ଆର୍ଚରେ, ସ୍ପିନର ଲିଆମ ଡାୱସନ ଓ ବ୍ରାଇଡନ କାର୍ସଙ୍କୁ ଦଳ ବାଦ୍ ଦେଇଛି। ଏମାନଙ୍କ ସ୍ଥାନରେ ୩ ଫାଷ୍ଟ ବୋଲର ଗସ ଆଟକିନସନ, ଜୋଶ ଟଙ୍ଗ୍ ଓ ଜେମି ଓଭରଟନ, ଅଲରାଉଣ୍ଡର ଜ୍ୟାକବ ବେଥେଲଙ୍କୁ ସାମିଲ କରିଛି। ଷ୍ଟୋକ୍ସଙ୍କ ସ୍ଥାନରେ ଓଲି ପୋପ୍ ଦଳର ନେତୃତ୍ୱ ନେଉଛନ୍ତି।

### ପଦାର୍ପଣ ଲାଗି ୯୬୧ ଦିନର ଅପେକ୍ଷା



ଏହି ସିରିଜ୍‌ରେ ଯେଉଁ ୩ ଭାରତୀୟ ଖେଳିବାକୁ ସୁଯୋଗ ପାଇ ନାହାନ୍ତି ତାଙ୍କ ମଧ୍ୟରେ ବେଙ୍ଗଲ ରଣଜୀ ଦଳର ଅଧିନାୟକ ଅଭିମନ୍ୟୁ ଈଶ୍ୱରନ ଅନ୍ୟତମ। ଭାରତୀୟ ଟେଷ୍ଟ ଦଳରେ ୯୬୧ ଦିନ ହେଲା ସାମିଲ ହୋଇଥିଲେ ମଧ୍ୟ ତାଙ୍କୁ ଏ ପର୍ଯ୍ୟନ୍ତ ଡେବ୍ୟୁ କରିବାକୁ ସୁଯୋଗ ମିଳିପାରିଲାନି। ସେ ସାମିଲ ହେବା ପରଠାରୁ ୧୫ଜଣ ଖେଳାଳି ଭାରତ ପକ୍ଷରୁ ଡେବ୍ୟୁ କରିସାରିଲେଣି। ଅଷ୍ଟ୍ରେଲିଆ ଓ ଇଂଲଣ୍ଡ ବିପକ୍ଷ ସିରିଜ୍‌ରେ ତାଙ୍କୁ ଦଳରେ ସାମିଲ କରାଯାଇଥିଲେ ମଧ୍ୟ କେବଳ ରିଜର୍ଭ ଖେଳାଳି ଭାବେ ରହିଯାଇଛନ୍ତି। ୧୦୦ଟି ପ୍ରଥମ ଶ୍ରେଣୀ ମ୍ୟାଚ୍ ଖେଳିସାରିଥିବା ଈଶ୍ୱରନଙ୍କ ଭାଗ୍ୟ କେବେ ପରିବର୍ତ୍ତନ ହେବ ତାହା କିଏ କହିବ?

### ପ୍ରତିଟେଷ୍ଟରେ ଖେଳାଳି ବଦଳାଇଛି ଭାରତ, ୩ ସୁଯୋଗ ପାଇଲେନି

ଇଂଲଣ୍ଡ ସହ ଏଠାରେ ଦଳ ଖେଳିଥିବା ୫ଟି ଯାକ ଟେଷ୍ଟ ମ୍ୟାଚ୍‌ରେ ଭାରତ ଭିନ୍ନ ଭିନ୍ନ ଖେଳାଳିଙ୍କୁ ଚୂଡାନ୍ତ ଏକାଦଶରେ ସାମିଲ କରିଛି। କିନ୍ତୁ ଏହି ସିରିଜ୍ ଲାଗି ଆରମ୍ଭରୁ ଦଳରେ ସ୍ଥାନ ପାଇଥିବା ୩ଜଣ ଖେଳାଳିଙ୍କୁ ଆଦୌ ସୁଯୋଗ ମିଳିଲା ନାହିଁ। ଏମାନଙ୍କ ମଧ୍ୟରେ ଅଭିଜ୍ଞ ସ୍ପିନର କୁଲଦୀପ ଯାଦବଙ୍କୁ ଟିମ୍ ମ୍ୟାନେଜ୍‌ମେଣ୍ଟ ଚାହିଁଥିଲେ ମଧ୍ୟ ସମୀକରଣ ଯୋଗୁ ଖେଳାଇ ପାରି ନ ଥିଲା। କିନ୍ତୁ ବାମହାତୀ ଫାଷ୍ଟ ବୋଲର ଅର୍ଶଦୀପ ସିଂହ ଦୁଇଥର ଡେବ୍ୟୁ କରିବା ନିଶ୍ଚିତ ହୋଇଥିଲେ ମଧ୍ୟ ଶେଷ ମୁହୂର୍ତ୍ତରେ ବାଦ୍ ପଡ଼ିଥିଲେ। ବ୍ୟାଟର ଅଭିମନ୍ୟୁ ଈଶ୍ୱରନ ମଧ୍ୟ ସୁଯୋଗ ପାଇଲେନି।

### ଗାଭାସ୍କରଙ୍କ ୪୭ ବର୍ଷର ରେକର୍ଡ ଭାଙ୍ଗିଲେ ଗିଲ୍

ଇଂଲଣ୍ଡ ବିପକ୍ଷ ଟେଷ୍ଟ ସିରିଜ୍‌ରେ ଯେତେବେଳେ ଭାରତ ବିପଦରେ ପଡ଼ିଛି ସେହି ସମୟରେ ଦଳର ଅଧିନାୟକ ଶୁବମନ ଗିଲ ପାହାଡ ପରି ଛିଡ଼ା ହୋଇଛନ୍ତି। ଏହି କ୍ରମରେ ସେ ଗୋଟିଏ ଟେଷ୍ଟ ସିରିଜ୍‌ରେ ଜଣେ ଅଧିନାୟକ ଭାବେ ସୁନୀଲ ଗାଭାସ୍କରଙ୍କ ନାମରେ ଥିବା ୪୭ ବର୍ଷର ରେକର୍ଡକୁ ଭାଙ୍ଗିଦେଇଛନ୍ତି। ଗାଭାସ୍କର ୧୯୭୮ ୱେଷ୍ଟଇଣ୍ଡିଜ୍ ବିପକ୍ଷ ଟେଷ୍ଟ ସିରିଜ୍‌ରେ ୭୩୨ ରନ୍ କରିଥିଲେ। କିନ୍ତୁ ଗିଲ ଏହି ରେକର୍ଡକୁ ଅତିକ୍ରମ କରିଯାଇଥିଲେ। ଜଣେ ଅଧିନାୟକ ଭାବେ ୧୯୩୬ରେ ଅଷ୍ଟ୍ରେଲିଆର ଡନ୍ ବ୍ରାଡମ୍ୟାନ୍ ୮୧୦ ଓ ୧୯୯୦ରେ ଇଂଲଣ୍ଡ ଅଧିନାୟକ ଗ୍ରାହମ ଗୁଚ୍ ୭୫୨ ରନ୍ କରିଥିଲେ। ଶୁବମନ ଏହି ଟେଷ୍ଟରେ ୨୧ ରନ୍ କରି ଦୁର୍ଭାଗ୍ୟଜନକ ଭାବେ ରନ୍‌ଆଉଟ ହୋଇଥିଲେ। ସେ ୫ମ ଟେଷ୍ଟ ଖେଳି ୭୪୩ ରନ୍ କରିଛନ୍ତି। ଏହା ମଧ୍ୟରେ ୪ଟି ଶତକ ରହିଛି।

### ସିରିଜ୍‌ର ସମସ୍ତ ଟସ୍ ହାରିବାରେ ଗିଲ୍ ଚତୁର୍ଥ

ଇଂଲଣ୍ଡ ବିପକ୍ଷ ଟେଷ୍ଟ ସିରିଜ୍‌ରେ ଦଳର ନେତୃତ୍ୱ ନେଇଥିବା ଶୁବମନ ଗିଲ୍ ଏଠାରେ ଖେଳାଯାଇଥିବା ୫ଟି ଯାକ ଟେଷ୍ଟରେ ଟସ୍ ହାରିଛନ୍ତି। ଏହାକୁ ମିଶାଇ ଅନ୍ତର୍ଜାତୀୟ କ୍ରିକେଟରେ ଭାରତ କ୍ରମାଗତ ୧୫ଥର ଟସ୍ ହାରିସାରିଲାଣି। କିନ୍ତୁ କାମଚଳା ଅଧିନାୟକ ଓଲି ପୋପ୍ ପୂର୍ବରୁ ୧୪ଥର ଟସ୍ ହାରିଥିଲେ ମଧ୍ୟ ଏଠାରେ ଟସ୍ ଜିତିଛନ୍ତି। ବିଶ୍ୱରେ ୧୪ଥର ଜଣେ ଅଧିନାୟକ ସମସ୍ତ ୫ଟି ଯାକ ଟସ୍ ହାରିଛନ୍ତି। ୫ ମ୍ୟାଚ୍ ବିଶିଷ୍ଟ ଟେଷ୍ଟ ସିରିଜ୍‌ରେ ସମସ୍ତ ୫ଟି ଯାକ ଟସ୍ ହାରିଥିବା ଅନ୍ୟ ଭାରତୀୟ ଅଧିନାୟକମାନେ ହେଲେ ୧୯୪୮-୪୯ରେ ଲାଲା ଅମରନାଥ ଓ ୧୯୮୨-୮୩ରେ କପିଳ ଦେବ ବନାମ ୱେଷ୍ଟଇଣ୍ଡିଜ୍, ୨୦୧୮ ରେ ବିରାଟ କୋହଲି ବନାମ ଇଂଲଣ୍ଡ।

## ଏସିଆନ୍ ପେନଚାକ୍ ସିଲାଟ୍‌ରେ ପ୍ଲିଜାଲିନଙ୍କୁ ରୌପ୍ୟ ପଦକ

ଭୁବନେଶ୍ୱର, ୩୧।୭ (ସମିସ): ଏସିଆନ୍ ପେନଚାକ୍ ସିଲାଟ୍‌ର ୯ମ ସଂସ୍କରଣ ଭିଏତ୍‌ନାମରେ ଅନୁଷ୍ଠିତ ହୋଇଯାଇଛି। ଏଥିରେ ଓଡ଼ିଆ ଝିଅ ପ୍ଲିଜାଲିନ ତରାଇ ରୌପ୍ୟ ପଦକ ଜିତି ଦେଶ ଓ ରାଜ୍ୟ ପାଇଁ ଗୌରବ ଆଣିଛନ୍ତି। ଜୁଲାଇ ୨୪ରୁ ଆରମ୍ଭ ହୋଇଥିବା ଏହି ଇଣ୍ଡୋନେସିଆଭିତ୍ତିକ ମାର୍ଶାଲଆର୍ଟ କ୍ରୀଡ଼ାରେ ପ୍ଲିଜାଲିନ ୭୦-୭୫ କିଗ୍ରା ବିଭାଗରେ ଭାଗନେଇଥିଲେ। ଏଥିରେ ସେ ପୋଡିୟମର ଦ୍ୱିତୀୟ ସ୍ଥାନରେ ରହି ପଦକ ସଫଳତା ପାଇଥିଲେ। ସେହିଭଳି ଅନ୍ୟତମ ଓଡ଼ିଆ ଖେଳାଳି ରଞ୍ଜିତ ନାୟକ ଅଳ୍ପକେ ପୋଡିୟମ ଫିନିଶ କରିବାରୁ ବଞ୍ଚିତ ହୋଇଥିଲେ। ପ୍ଲିଜାଲିନଙ୍କ ଏହି ସଫଳତା ଲାଗି ରାଜ୍ୟ କ୍ରୀଡ଼ା ବିଭାଗର ନିର୍ଦ୍ଦେଶକ ୟେଦୁଲା ବିଜୟ, ଆଡିସନାଲ ସେକ୍ରେଟାରୀ ଅଶୋକ ପଣ୍ଡା, ସୋନାଲି ଚାନ୍ଦଙ୍କ ସମେତ ରାଜ୍ୟ ପେନଚାକ୍ ସଂଘର ସଭାପତି ତାପସ କୁମାର ରାୟ, ସମ୍ପାଦକ ସମ୍ପାଦକ ପ୍ରେମ ସିଂ ଥାପ୍ପା, ଉପସଭାପତି ମନୋରଞ୍ଜନ ଭଞ୍ଜ, ଖୋର୍ଦ୍ଧା ସଂଘ ସମ୍ପାଦକ ଜୀତେନ୍ଦ୍ର ରାଉତ ପ୍ରମୁଖ ଅଭିନନ୍ଦନ ଜଣାଇଛନ୍ତି।




## ପିତାଙ୍କୁ ପୁଣିଥରେ ପ୍ରଶିକ୍ଷକ ରଖିଲେ ସିତ୍‌ସିପାସ୍

ଏଥେନ୍ସ, ୩୧।୭ (ଏଜେନ୍ସି): ଗ୍ରୀକ୍ ଟେନିସ ତାରକା ଷ୍ଟିଫାନୋସ୍ ସିତ୍‌ସିପାସ୍ ପୁଣିଥରେ ତାଙ୍କ ପିତା ଆପୋଷ୍ଟୋଲୋସଙ୍କୁ ପ୍ରଶିକ୍ଷକ ଭାବେ କରିଛନ୍ତି। ଗତ ସପ୍ତାହରେ ପୂର୍ବତନ ପ୍ରଶିକ୍ଷକ ଗୋରାନ ଇଭାନିସେଭିସ୍‌ଙ୍କଠାରୁ ଅଲଗା ହେବାପରେ ୨୬ ବର୍ଷୀୟ ସିତ୍‌ସିପାସ୍ ପିତାଙ୍କୁ ନିଜର ଗୁରୁଭାବେ ପୁଣିଥରେ ରଖିବାକୁ ନିଷ୍ପତ୍ତି ନେଇଥିଲେ। ଏଥିପୂର୍ବରୁ ୨୦୨୪ ଅଗଷ୍ଟରେ ସିତ୍‌ସିପାସ୍ ତାଙ୍କ ପିତାଙ୍କୁ ପ୍ରଶିକ୍ଷକ ପଦରୁ ହଟାଇଦେଇଥିଲେ। ସେହି ସମୟରେ ସିତ୍‌ସିପାସ ଖରାପ ପ୍ରଦର୍ଶନ କରି ବିଶ୍ୱ ର୍‍ୟାଙ୍କିଂରେ ୩୦ତମ ସ୍ଥାନକୁ ଖସିଯାଇଥିଲେ। ତେଣୁ ସେ ପିତାଙ୍କୁ ହଟାଇ ଗୋରାନଙ୍କୁ ପ୍ରଶିକ୍ଷକ ଭାବେ ନିଯୁକ୍ତ କରିଥିଲେ। ନିକଟରେ କିନ୍ତୁ ୱିମ୍ବଲଡନ ଗ୍ରାଣ୍ଡସ୍ଲାମ ପ୍ରତିଯୋଗିତାରେ ସିତ୍‌ସିପାସ୍ ପ୍ରଥମ ରାଉଣ୍ଡରୁ ହାରି ବିଦାୟ ନେଇଥିଲେ। ଏଥିରେ ହତୋତ୍ସାହିତ ହୋଇ ତାଙ୍କ ପ୍ରଶିକ୍ଷକ ଗୋରାନ କହିଥିଲେ ଯେ, ସେ ତାଙ୍କ ଜୀବନରେ ଏଭଳି ଅପ୍ରସ୍ତୁତ ଖେଳାଳି କେବେ ଦେଖିନାହାନ୍ତି।' ଏହି ଘଟଣା ପରେ ସିତ୍‌ସିପାସ୍ ଓ ଗୋରାନ ଅଲଗା ହେବାକୁ ନିଷ୍ପତ୍ତି ନେଇଥିଲେ। ଏଠାରେ ଉଲ୍ଲେଖଯୋଗ୍ୟ, ପୂର୍ବତନ ୱିମ୍ବଲଡନ ଚାମ୍ପିଅନ ଗୋରାନ ପୂର୍ବରୁ ନୋଭାକ ଜୋକୋଭିଚ୍‌ଙ୍କ ପ୍ରଶିକ୍ଷକ ଭାବେ କାର୍ଯ୍ୟ କରିଥିଲେ। ତାଙ୍କ ପ୍ରଶିକ୍ଷଣ କାଳରେ ଜୋକୋଭିଚ୍ ୯ଟି ଗ୍ରାଣ୍ଡସ୍ଲାମ ଟାଇଟଲ୍ ଜିତିଥିଲେ।

## ପ୍ରଥମ ଟେଷ୍ଟ | ପାଳି ପରାଜୟ ଏଡ଼ାଇବାକୁ ଜିମ୍ବାୱେର ସଂଘର୍ଷ

ବୁଲାୱାୟୋ, ୩୧।୭ (ଏଜେନ୍ସି): ଭ୍ରମଣକାରୀ ନ୍ୟୁଜିଲାଣ୍ଡ ବିପକ୍ଷରେ ଏଠାରେ ଚାଲିଥିବା ପ୍ରଥମ ଟେଷ୍ଟ ମ୍ୟାଚରେ ଜିମ୍ବାୱେ ପାଳି ପରାଜୟ ଏଡ଼ାଇବାକୁ ସଂଘର୍ଷ କରୁଛି। ୧୫୮ ରନ ପଛରେ ଥାଇ ଦ୍ୱିତୀୟ ପାଳି ଆରମ୍ଭ କରିଥିବା ଜିମ୍ବାୱେ ଗୁରୁବାର ୨ୟ ଦିବସ ଷ୍ଟମ୍ପ ସୁଦ୍ଧା ୧୩ ଓଭରରେ ୨ ୱିକେଟ୍ ହରାଇ ୩୧ ରନ ସଂଗ୍ରହ କରିଛି। ପାଳି ପରାଜୟ ଏଡ଼ାଇବା ଲାଗି ଜିମ୍ବାୱେ ବଳକା ଥିବା ୮ ୱିକେଟ୍‌ରେ ଆଉ ୧୨୭ ରନ ଆବଶ୍ୟକ କରୁଛି। ପୂର୍ବରୁ ଡେଭନ କନୱେ ଓ ଡାରୀଲ ମିଚେଲ ଅର୍ଦ୍ଧଶତକ ବଳରେ ନ୍ୟୁଜିଲାଣ୍ଡ ପ୍ରଥମ ପାଳିରେ ୩୦୭ ରନ କରିପାରିଥିଲା। ଓପନିଂ ଆସିଥିବା କନୱେ ୮୮ ଓ ମିଚେଲ ୮୦ ରନ କରି ଆଉଟ୍ ହୋଇଥିଲେ। ଅନ୍ୟମାନଙ୍କ ମଧ୍ୟରେ ୱିଲ୍ ୟଙ୍ଗ୍ ୪୧, ହେନରୀ ନିକୋଲସ ୩୪, ଅଧିନାୟକ ମିଚେଲ ସାଣ୍ଟନର ୧୯ ଓ ନାଥନ ସ୍ମିଥ୍ ୨୨ ରନ କରିଥିଲେ। ବୋଲିଂରେ ଘରୋଇ ଜିମ୍ବାୱେ ଦଳର ବ୍ଲେସିଙ୍ଗ ମୁଜରବାନୀ ୩ ଓ ତନକା ଚିଭାଙ୍ଗା ୨ଟି ୱିକେଟ୍ ନେଇଛନ୍ତି। ଜିମ୍ବାୱେକୁ ପ୍ରଥମ ପାଳିରେ ୧୪୯ ରନରେ ସୀମିତ ରଖିଥିଲେ। ମ୍ୟାଟ୍ ହେନରୀଙ୍କୁ ୬ଟି ୱିକେଟ୍ ମିଳିଥିଲା।


ଡେଭନ କନୱେ

## କ୍ୱାର୍ଟରରେ ଲକ୍ଷ୍ୟ ସେନ୍

ନୂଆଦିଲ୍ଲୀ, ୩୧।୭ (ଏଜେନ୍ସି): ମାକାଉ ଓପନ୍ ବ୍ୟାଡ୍‌ମିଣ୍ଟନ ଟୁର୍ଣ୍ଣାମେଣ୍ଟରେ ଭାରତର ଲକ୍ଷ୍ୟ ସେନ୍ କ୍ୱାର୍ଟର ଫାଇନାଲରେ ପ୍ରବେଶ କରିଛନ୍ତି। ଗୁରୁବାର ଖେଳାଯାଇଥିବା ପୁରୁଷ ସିଙ୍ଗଲ୍ସ ରାଉଣ୍ଡ-୧୬ର ଏକ ମ୍ୟାଚରେ ଲକ୍ଷ୍ୟ ୨୧-୧୪, ୧୪-୨୧, ୨୧-୧୭ ଗେମ୍‌ରେ ଇଣ୍ଡୋନେସିଆର ସିଏ ୱାଡୋୟୋଙ୍କୁ ପରାସ୍ତ କରିଥିଲେ।

## ୱାଶିଂଟନରେ ୱାର୍ଲ୍ଡ ସ୍କୁଲ ଟିମ୍ ଚେସ୍ | ଅପରାଜିତା ଏଫ୍‌ପିଓ



ଭୁବନେଶ୍ୱର,୩୧।୭ (ସମିସ): ଭାରତ ଓ ଓଡ଼ିଶା ଲାଗି ଗୌରବର ବିଷୟ। ଓଡ଼ିଶାର ଅନ୍ତର୍ଜାତୀୟ ଚେସ୍ ଖେଳାଳି ଅପରାଜିତା ଗୋଛିକାର ଆମେରିକାର ୱାଶିଂଟନଠାରେ ହେବାକୁ ଥିବା ୱାର୍ଲ୍ଡ ଟିମ୍ ଚେସ୍ ଲାଗି ଏଫ୍‌ପିଓ (ଫେୟାର ପ୍ଲେ ଅଫିସର) ନିଯୁକ୍ତ ହୋଇଛନ୍ତି। ପୁରୁଷ ବିଭାଗରେ ଜର୍ମାନୀର ଜୁର୍ଗେନ କ୍ଲୁଏନର୍ସ ନିଯୁକ୍ତ ହୋଇଛନ୍ତି। ଅଗଷ୍ଟ ୨ରୁ ୭ ତାରିଖଯାଏ ହେବାକୁ ଥିବା ଏହି ପ୍ରତିଯୋଗିତାରେ ୪୮ଟି ଦେଶରୁ ୫୫ଟି ଦଳ ଅଂଶଗ୍ରହଣ କରିବେ। ଭାରତରୁ ଗୋଟିଏ ଦଳ ଭାଗ ନେଉଛି।

## ଏଚ୍‌ସିଏ ସଭାପତି, ସମ୍ପାଦକ ନିଲମ୍ବିତ

ହାଇଦରାବାଦ, ୩୧।୭ (ଏଜେନ୍ସି): ଏକ ଗୁରୁତ୍ୱପୂର୍ଣ୍ଣ ନିଷ୍ପତ୍ତିକ୍ରମେ ଗୁରୁବାର ହାଇଦରାବାଦ୍ କ୍ରିକେଟ୍ ସଂଘ (ଏଚ୍‌ସିଏ)ର ସଭାପତି ଏ. ଜଗନ ମୋହନ ରାଓଙ୍କ ସମେତ ସମ୍ପାଦକ ଆର୍. ଦେବରାଜ ଓ କୋଷାଧ୍ୟକ୍ଷ ସିଜେ ଶ୍ରୀନିବାସଙ୍କୁ ନିଲମ୍ବିତ କରାଯାଇଛି। ଏଚ୍‌ସିଏ ଆପେକ୍ସ କାଉନସିଲର ଜରୁରୀକାଳୀନ ବୈଠକରେ ନିଲମ୍ବନ ନେଇ ନିଷ୍ପତ୍ତି ହୋଇଥିଲା। ନିକଟରେ ଆଇପିଏଲ୍ ଫ୍ରାଞ୍ଚାଇଜ ସନ୍‌ରାଇଜର୍ସ ହାଇଦରାବାଦ୍ ପକ୍ଷରୁ ଏକ ଗୁରୁତର ଅଭିଯୋଗ କରାଯାଇଥିଲା। ଯେଉଁଥିରେ ସନରାଇଜର୍ସ ଫ୍ରାଞ୍ଚାଇଜ ପକ୍ଷରୁ କୁହାଯାଇଥିଲା ଯେ, ଗତ ଆଇପିଏଲ୍‌ରେ କମ୍ପ୍ଲିମେଣ୍ଟାରୀ ଓ କର୍ପୋରେଟ୍ ବକ୍ସ ପାସ୍ ପାଇଁ ଏଚ୍‌ସିଏର କର୍ମକର୍ତ୍ତା ବ୍ଲାକମେଲ୍ କରି ବଳପୂର୍ବକ ପାସ୍ ନେଇଥିଲା। ହାଇଦରାବାଦ୍ ଭିଜିଲାନ୍ସ ପକ୍ଷରୁ ତଦନ୍ତ କରି ସରକାରଙ୍କୁ ରିପୋର୍ଟ ପ୍ରଦାନ କରାଯିବା ପରେ ସଭାପତି, ସମ୍ପାଦକ ଓ କୋଷାଧ୍ୟକ୍ଷଙ୍କ ସମେତ ୫ଜଣଙ୍କୁ ଗିରଫ କରାଯାଇଥିଲା।

## ଅଗଷ୍ଟ ୨୯ରୁ ପ୍ରୋ-କବାଡ଼ି ଲିଗ୍-୧୨

### ଟାଇଟନ୍ସ-ଥଲାଇଭାସ୍ ଉଦ୍‌ଘାଟନୀ ଲଢ଼େଇ

ନୂଆଦିଲ୍ଲୀ, ୩୧।୭ (ଏଜେନ୍ସି): ଲୋକପ୍ରିୟ ପ୍ରୋ କବାଡ଼ି ଲିଗ୍ (ପିକେଏଲ୍)ର ଦ୍ୱାଦଶ ସଂସ୍କରଣ ଅଗଷ୍ଟ ୨୯ରୁ ଆରମ୍ଭ ହେବାକୁ ଯାଉଛି। ତେଲୁଗୁ ଟାଇଟନ୍ସ ଓ ତାମିଲ ଥଲାଇଭାସ୍ ମଧ୍ୟରେ ଉଦ୍‌ଘାଟନୀ ମ୍ୟାଚ୍ ଖେଳାଯିବ। ଭାଇଜାଗ୍‌ର ରାଜୀବ ଗାନ୍ଧୀ ଇଣ୍ଡୋର ଷ୍ଟାଡିୟମରେ ଏହି ହାଇଭୋଲ୍‌ଟେଜ ମ୍ୟାଚ୍ ଅନୁଷ୍ଠିତ ହେବ। ଉଦ୍‌ଘାଟନୀ ଦିବସରେ ଦ୍ୱିତୀୟ ମୁକାବିଲାରେ ବେଙ୍ଗାଲୁରୁ ବୁଲ୍ସ ଓ ପୁନେରୀ ପଲ୍‌ଟନ୍ସ ପରସ୍ପରକୁ ଭେଟିବେ। ପିକେଏଲ୍-୧୨ ଲାଗି ଗୁରୁବାର ଘୋଷଣା ହୋଇଥିବା କାର୍ଯ୍ୟସୂଚୀରୁ ଏହା ସ୍ପଷ୍ଟ ହୋଇଛି। ଚଳିତ ସଂସ୍କରଣରେ ୧୨ଟି ଦଳ ଟାଇଟଲ୍ ପାଇଁ ଲଢ଼େଇ କରିବେ। ସେହିଭଳି ଡିଫେଣ୍ଡିଂ ଚାମ୍ପିଅନ ହରିୟାଣା ଷ୍ଟିଲର୍ସ ଅଗଷ୍ଟ ୩୧ରେ ବେଙ୍ଗଲ୍ ୱାରିୟର୍ସ ବିପକ୍ଷରେ ଖେଳି ଅଭିଯାନ ଆରମ୍ଭ କରିବ।




ଏଥର ଦେଶର ୪ଟି ପ୍ରମୁଖ ସହର ଭାଇଜାଗ, ଜୟପୁର, ଚେନ୍ନଇ ଓ ଦିଲ୍ଲୀରେ ପର୍ଯ୍ୟାୟକ୍ରମେ ମ୍ୟାଚ୍ ଖେଳାଯିବ। ଦୀର୍ଘ ୭ ବର୍ଷ ପରେ ବନ୍ଦର ସହର ଭାଇଜାଗ୍‌କୁ ପ୍ରୋ କବାଡ଼ି ଲିଗ୍ ଫେରିଛି। ଏଠାରେ ଟୁର୍ଣ୍ଣାମେଣ୍ଟର ପ୍ରଥମ ୨୮ଟି ମ୍ୟାଚ୍ ଆୟୋଜିତ ହେବ। ଏହାପରେ ସେପ୍ଟେମ୍ବର ୧୨ରୁ ଜୟପୁରର ଏସ୍‌ଏମ୍‌ଏସ୍ ଷ୍ଟାଡିୟମରେ ଦ୍ୱିତୀୟ ଲେଗ୍, ସେପ୍ଟେମ୍ବର ୨୯ରୁ ଚେନ୍ନଇରେ ୩ୟ ଲେଗ୍ ଓ ଫାଇନାଲ ତଥା ୪ର୍ଥ ଲେଗ୍ ଅକ୍ଟୋବର ୧୩ରୁ ଦିଲ୍ଲୀରେ ଖେଳାଯିବ। ଟୁର୍ଣ୍ଣାମେଣ୍ଟର ପ୍ଲେ-ଅଫ୍ କାର୍ଯ୍ୟସୂଚୀ ପରବର୍ତ୍ତୀ ସମୟରେ ଘୋଷଣା କରାଯିବ।

### ଗ୍ରୀନ୍ ବେଜ୍ କ୍ଲାସିକ ଅଲ୍ ଓଡ଼ିଶା ସ୍ନୁକର୍

## କ୍ୱାର୍ଟରଫାଇନାଲ ଲାଇନଅପ୍ ଚୂଡ଼ାନ୍ତ

ଭୁବନେଶ୍ୱର, ୩୧।୭ (ସମିସ):

ଏଠାରେ ଚାଲିଥିବା ଗ୍ରୀନ ବେଜ୍ ଅଲ୍‌ଓଡ଼ିଶା ଓପନ୍ ୧୦-ରେଡ୍ ସ୍ନୁକର ଚାମ୍ପିଅନସିପ୍‌ର କ୍ୱାର୍ଟର ଫାଇନାଲ ଲାଇନଅପ୍ ଚୂଡ଼ାନ୍ତ ହୋଇଯାଇଛି। ଶୁକ୍ରବାର ରାକେଶ ପ୍ରଧାନ-କୁନାଲ ଅଗରୱାଲ, ଆକାଶ ମହାପାତ୍ର-ଆଶୁତୋଷ ପାଢ଼ୀ, ସିଦ୍ଧାର୍ଥ ସେନ-ଅବିନାଶ ମହାପାତ୍ରଙ୍କ ମଧ୍ୟରେ କ୍ୱାର୍ଟର ଫାଇନାଲ ଖେଳାଯିବ। ସେହିଭଳି ଚିରାଗ ଆରୋରା ଓ ସୁଦୀପ୍ତ ଦାସଙ୍କ ମଧ୍ୟରେ ଅନୁଷ୍ଠିତ ରାଉଣ୍ଡ-୧୬ ମ୍ୟାଚ୍‌ର ବିଜେତା କ୍ୱାର୍ଟରରେ ସୁବ୍ରତ ଦାସଙ୍କୁ ଭେଟିବେ। ଗୁରୁବାର ଖେଳାଯାଇଥିବା ପ୍ରି-କ୍ୱାର୍ଟର ମ୍ୟାଚ୍‌ଗୁଡ଼ିକରେ ସିଦ୍ଧାର୍ଥ ୪-୦ ଫ୍ରେମରେ ଅଲ୍‌ତାଫ୍ ଅଲିଙ୍କୁ, ରାକେଶ ୪-୦ରେ ବରୁଣ ପୂରବଙ୍କୁ, କୁନାଲ ୪-୩ରେ ନିଶାନ୍ତ ବିଶ୍ୱାଳଙ୍କୁ, ଅବିନାଶ ୪-୦ରେ ଚେତନ ଆନନ୍ଦଙ୍କୁ, ଆକାଶ ୪-୦ରେ ଶରଦ ବେହେରାଙ୍କୁ, ସୁବ୍ରତ ୪-୨ରେ ଜ୍ଞାନ ଦାସଙ୍କୁ ଓ ଆଶୁତୋଷ ୪-୦ ଫ୍ରେମରେ ରଞ୍ଜିତ ପତିଙ୍କୁ ହରାଇ ଅଗ୍ରଗତି କରିଛନ୍ତି।




### ■ ଜାତୀୟ ସବ୍‌ଜୁନିଅର ନ୍ୟାସ୍‌ନାଲ ହକି

## ଆଜି ମହାରାଷ୍ଟ୍ର-ଓଡ଼ିଶା ଲଢ଼େଇ



ଭୁବନେଶ୍ୱର, ୩୧।୭ (ସମିସ): ଜାତୀୟ ସବ୍‌ଜୁନିଅର ବାଳକ ହକି ଚାମ୍ପିଅନସିପ୍‌ର ୧୫ତମ ସଂସ୍କରଣ ଚେନ୍ନଇରେ ଚାଲିଛି। ଗ୍ରୁପ୍-ଡି'ରେ ସ୍ଥାନ ପାଇଥିବା ଓଡ଼ିଶା ଶୁକ୍ରବାର ମହାରାଷ୍ଟ୍ର ବିପକ୍ଷରେ ଖେଳି ଅଭିଯାନ ଆରମ୍ଭ କରିବ। ଏହି ପୁଲ୍‌ରେ ୩ୟ ଦଳ ଭାବେ ଚଣ୍ଡିଗଡ଼ ସ୍ଥାନ ପାଇଛି। ଅଗଷ୍ଟ ୨ରେ ଓଡ଼ିଶା ଶେଷ ପୁଲ୍ ମ୍ୟାଚରେ ଚଣ୍ଡିଗଡ଼କୁ ଭେଟିବ। ଚାରୋଟି ପୁଲ୍‌ର ଶ୍ରେଷ୍ଠ ଦୁଇଟି ଲେଖାଏ ଦଳ କ୍ୱାର୍ଟର ଫାଇନାଲକୁ ଯୋଗ୍ୟତା ଅର୍ଜନ କରିବେ। ଅଗଷ୍ଟ ୫ରେ କ୍ୱାର୍ଟର, ୬ରେ ସେମିଫାଇନାଲ ଓ ୮ ତାରିଖରେ ଫାଇନାଲ ଅନୁଷ୍ଠିତ ହେବ।

PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED IN ITS PRESS AT IDCO PLOT NO.90 & 91, BHAGABANPUR INDUSTRIAL ESTATE, BHUBANESWAR-751019, DIST: KHORDHA, ODISHA

କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦୁ ଦାସ
EXECUTIVE EDITOR: SAMARENDU DAS